RNI REGD NO: 42041/83
www.sakalaepaper.com
/sakalanews
/sakalanews
www.thesakala.in

# ସକାଳ THE SAKALA

PRINTED AT BHUBANESWAR ■ JEYPORE ■ SAMBALPUR ■ PANIKOILI

•VOLUME- 43 •ISSUE-108 •TUESDAY •14 OCTOBER 2025 •PAGE-12 •₹ 6.00 | BHUBANESWAR | •ବର୍ଷ-୪୩ •ସଂଖ୍ୟା-୧୦୮ •ମଙ୍ଗଳବାର •୧୪ ଅକ୍ଟୋବର ୨୦୨୫ •ପୃଷ୍ଠା-୧୨ •ଟ.୬.୦୦




'କାନ୍ତାରା ଚାପ୍ଟର ୧'
ସଫଳତାର ରାଜ୍ ଖୋଲିଲେ ରିଷବ

▶ପୃଷ୍ଠା ୧୧ ଦେଖନ୍ତୁ...

# ରାଜଧାନୀ ଅଶାନ୍ତ | ଦିନକରେ ଗଡ଼ିଲା ୨ ମୁଣ୍ଡ

## ଜମିବାଡ଼ି ବିବାଦରୁ ଭାଇକୁ ଗୁଳି କରି ହତ୍ୟା

- ଏମ୍ସ ଲ୍ୟାବ୍ ଆସିଷ୍ଟାଣ୍ଟ ମୃତ
- ହତ୍ୟାକାଣ୍ଡ ପରେ ହଣାକଟା
- ଗୋଟିଏ ପରିବାରର ୩ ଅଟକ
- ସରକନ୍ତରାରେ ଉତ୍ତେଜନା



■ ଭୁବନେଶ୍ୱର, ୧୩।୧୦(ସମିସ): ପୁଣି ଅଶାନ୍ତ ରାଜଧାନୀ ଉପକଣ୍ଠ। ଜମିବାଡ଼ି ବିବାଦରୁ ଜଣେ ଯୁବକଙ୍କୁ ଗୁଳି କରି ହତ୍ୟା କରାଯାଇଛି। ଆଉ କେହି ନୁହେଁ; ଖୋଦ୍ ଦାଦା ପୁଅ ଭାଇ ଏଭଳି ନାରକୀୟ ଘଟଣା ଘଟାଇଛି। ଖଣ୍ଡଗିରି ଥାନା ଅନ୍ତର୍ଗତ ସରକନ୍ତରାରେ ଏଭଳି ଘଟଣା ଘଟିଛି। ମୃତକ ହେଲେ, ସରକନ୍ତରା ଗାଁର ପଠାଣି ଖୁଣ୍ଟିଆଙ୍କ ବଡ଼ପୁଅ ସୁଧାଂଶୁ ଖୁଣ୍ଟିଆ ଓରଫ୍ ରବି (୨୫)। ସେ ଠିକା ସଂସ୍ଥା ଅଧୀନରେ ଭୁବନେଶ୍ୱର ଏମ୍ସରେ ଲ୍ୟାବ୍ ଆସିଷ୍ଟାଣ୍ଟ ଭାବେ କାମ କରୁଥିଲେ। ସ୍ୱଷ୍ଟ ଦିବାଲୋକରେ ଏଭଳି ହତ୍ୟାକାଣ୍ଡ ଘଟିଥିବା ବେଳେ ପୁଲିସ ମୁଖ୍ୟ ଅଭିଯୁକ୍ତ ତଥା ରବିଙ୍କ ଦାଦାପୁଅ ଭାଇ ଶିବାକୁ ଏଯାଏ ଧରି ପାରିନାହିଁ। ପୁଲିସ ଶିବାର ବାପା ସୁକାନ୍ତ, ମାଆ ଦ୍ରୌପଦୀ ଓ ସାନ ଭାଇ ଛବିକୁ ଅଟକ ରଖିଛି।

ସୂଚନାନୁସାରେ, ପଠାଣିଙ୍କ ସାନଭାଇ ସୁକାନ୍ତ ଗାଁରେ ବିବାହ କରିଥିବା ବେଳେ ଶଶୁର ଘରେ ରୁହନ୍ତି। ଡିହ ଜମିକୁ ପଠାଣିଙ୍କ ମାଆ ରବି ନାମରେ ପଞ୍ଜୀକରଣ କରିଦେଇଥିବାରୁ ତାକୁ ନେଇ ବିବାଦ ଆରମ୍ଭ ହୋଇଥିଲା। ସୁକାନ୍ତ ଉକ୍ତ ଜମିରୁ ଭାଗ ଦାବି କରି ଅଦାଲତର ଦ୍ୱାରସ୍ଥ ହୋଇଥିବା ବେଳେ ମାମଲା ଏବେ ବି ବିଚାରଧୀନ ରହିଛି। ହେଲେ ଡିହ ଜମି ମାଲିକାନାକୁ ନେଇ ପଠାଣି ଓ ସୁକାନ୍ତଙ୍କ ପରିବାର ମଧ୍ୟରେ ବିବାଦ ଲାଗି ରହିଥିଲା। ଅନେକ ସମୟରେ ଉଭୟ ପକ୍ଷଙ୍କ ମଧ୍ୟରେ ଉଚ୍ଚବାଚ ହେବା ସହ କଥା ହାତାହାତି ପର୍ଯ୍ୟନ୍ତ ଯାଉଥିଲା। ଗାଁ ଲୋକଙ୍କ ହସ୍ତକ୍ଷେପ ସତ୍ତ୍ୱେ ଏହି ବିବାଦ ଥମି ନଥିଲା।

ସବୁଦିନ ଭଳି ସୋମବାର ସକାଳୁ ରବି ବାଇକ୍ ଯୋଗେ ଘରୁ କାର୍ଯ୍ୟସ୍ଥଳ ଏମ୍ସକୁ ବାହାରି ଯାଇଥିଲେ। ସକାଳ ପ୍ରାୟ ୯ଟାରେ ସେ ସରକନ୍ତରା ମଙ୍ଗଳା ମନ୍ଦିର ଅତିକ୍ରମ କରୁଥିବା ବେଳେ ଶିବା ତାଙ୍କୁ ରାସ୍ତାରେ ଅଟକାଇଥିଲା। ରବି କିଛି ବୁଝିବା ଆଗରୁ ଶିବା ତାଙ୍କ ଉପରକୁ ଗୁଳି ଚଳାଇଥିଲା। ପ୍ରଥମ ଦୁଇଟି ଗୁଳି ରବିଙ୍କ ହାତରେ ବାଜିଥିଲା। ସେ ଭୟରେ ଗାଡ଼ି ଫୋପାଡ଼ି ଦେଇ ନିକଟସ୍ଥ ଏକ ବାଡ଼ି ଭିତରକୁ ପଶି ଯାଇଥିବା ବେଳେ ଶିବା ମଧ୍ୟ ତାଙ୍କୁ ପିଛା କରିଥିଲା। ଶରୀରରେ ଗୁଳି ବାଜିଥିବାରୁ ବେଶି ଭିତରକୁ ଯାଇ ନପାରି ପଡ଼ି ଯାଇଥିଲେ। ଶିବା ତାଙ୍କ ପାଖକୁ ଯାଇ ପଏଣ୍ଟ ବ୍ଲାଙ୍କରୁ ଛାତିକୁ ଗୁଳି କରିଥିଲା। ଛାତିରେ ଗୁଳି ବାଜିବା ପରେ ଟଳି ପଡ଼ିଥିଲେ ରବି। ସ୍ଥାନୀୟ ଲୋକେ ତାଙ୍କୁ ଏମ୍ସରେ ଭର୍ତ୍ତି କରିଥିଲେ ମଧ୍ୟ ଡାକ୍ତର ସେଠାରେ ତାଙ୍କୁ ମୃତ ଘୋଷଣା କରିଥିଲେ।

ଖବର ପାଇ ଖଣ୍ଡଗିରି ଥାନା ପୁଲିସ ଘଟଣାସ୍ଥଳରେ ପହଞ୍ଚି ଛାନଭିନ୍ ଆରମ୍ଭ କରିଥିଲା। ହତ୍ୟାକାଣ୍ଡ ପରେ ରବିଙ୍କ ସମ୍ପର୍କୀୟ ଦାଦା ଜ୍ଞାନରଞ୍ଜନ ଖୁଣ୍ଟିଆଙ୍କୁ ଖଣ୍ଡାରେ ଆକ୍ରମଣ ହୋଇଛି। ସୁକାନ୍ତ, ଦ୍ରୌପଦୀ ଓ ଛବି ମିଶି ଏହି କାଣ୍ଡ ଭିଆଇଛନ୍ତି। ଶିବା ହିଁ ଗୁଳି କରି ହତ୍ୟା କରିଥିବା ପ୍ରାଥମିକ ତଦନ୍ତରୁ ଜଣାପଡ଼ିଥିଲେ ମଧ୍ୟ ପୁଲିସ ତାକୁ ଧରିବାରେ ସଫଳ ହୋଇ ପାରିନାହିଁ। ଘଟଣାସ୍ଥଳରେ ସିସିଟିଭି ନଥିବାରୁ ଅନ୍ୟ ଅଭିଯୁକ୍ତଙ୍କୁ ଚିହ୍ନଟ କରିବା ପୁଲିସ ପାଇଁ କାଠିକର ପାଠ ହୋଇଛି।

## ପଥରରେ ଛେଚି ଯୁବକଙ୍କୁ ହତ୍ୟା

■ ଭୁବନେଶ୍ୱର, ୧୩।୧୦(ସମିସ): ଚନ୍ଦ୍ରଶେଖରପୁର ଥାନା ଅଧୀନ ଚୁନୁକୋଳି ବସ୍ତିରେ ଏକ ବୀଭତ୍ସ ହତ୍ୟାକାଣ୍ଡ ଘଟିଛି। କେହି ଦୁର୍ବୃତ୍ତ ପଥର ଛେଚି ଜଣେ ଯୁବକଙ୍କୁ ହତ୍ୟା କରିଛି। ମୃତ ଯୁବକର ପରିଚୟ ଯେମିତି ଜଣା ନପଡ଼ିବ, ସେଥିପାଇଁ ମୁହଁ ଏବଂ ମୁଣ୍ଡକୁ ବାରମ୍ବାର ଛେଚିଥିବା ଜଣାଯାଇଛି। ପୁଲିସ ଶବକୁ ଜବତ କରି ବ୍ୟବଚ୍ଛେଦ ପାଇଁ ପଠାଇବା ସହ ଏନେଇ ଏକ ମାମଲା ରୁଜୁ କରି ତଦନ୍ତ ଆରମ୍ଭ କରିଛି। ମୃତ ବ୍ୟକ୍ତିଜଣଙ୍କ କୌଣସି ଟ୍ରକ୍‌ର ଚାଳକ କିମ୍ବା ହେଲପର୍ ଭାବେ କାମ କରୁଥିବା ସନ୍ଦେହ କରାଯାଉଛି। ଅପରପକ୍ଷେ, ଅନ୍ୟତ୍ର ହତ୍ୟା କରିବା ପରେ ଶବକୁ ଟ୍ରକ୍‌ରେ ଆଣି ଏଠାରେ ଫିଙ୍ଗି ଦିଆଯାଇଥିବା ପୁଲିସ ସନ୍ଦେହ କରୁଛି। ତେଣୁ ପୁଲିସ ଆଖପାଖରେ ଲାଗିଥିବା ସିସିଟିଭି ଫୁଟେଜ୍ ଜବତ କରି ଉକ୍ତ ଟ୍ରକ୍‌କୁ ଅଣ୍ଡାଳୁଛି।



**ମୃତକଙ୍କ ପରିଚୟ ପାଇଁ ପୁଲିସ ନାକେଦମ**

**ଟ୍ରକ୍ ଡ୍ରାଇଭର ହୋଇଥିବା ସନ୍ଦେହ କରୁଛି ପୁଲିସ**

▶ପୃଷ୍ଠା-୭

## କ୍ଷୋଭ ପ୍ରକାଶ କଲେ ନବୀନ

## ଖୋଲାଖୋଲି ଆତଙ୍କରାଜ; ଲୋକଙ୍କୁ ସୁରକ୍ଷା ଦେବ କିଏ ?



**ଗୋଟିଏ ଦିନରେ ଭୁବନେଶ୍ୱରରେ ଘଟିଛି ଏକାଧିକ ଅପରାଧିକ ଘଟଣା**

**ବିପର୍ଯ୍ୟସ୍ତ ଆଇନଶୃଙ୍ଖଳାକୁ ନେଇ ସଜାଗ ନ ହେବା ଆଶ୍ଚର୍ଯ୍ୟର ବିଷୟ**

■ ଭୁବନେଶ୍ୱର,୧୩।୧୦(ସମିସ): ରାଜ୍ୟରେ ବିପର୍ଯ୍ୟସ୍ତ ଆଇନଶୃଙ୍ଖଳା ପରିସ୍ଥିତିକୁ ନେଇ ପୁଣି କ୍ଷୋଭ ପ୍ରକାଶ କରିଛନ୍ତି ବିରୋଧୀ ଦଳ ନେତା ନବୀନ ପଟ୍ଟନାୟକ। ରାଜ୍ୟ ରାଜଧାନୀ ଅଶାନ୍ତ ଥିବାବେଳେ ଆତଙ୍କରାଜ ଖୋଲାଖୋଲି ବୃଦ୍ଧି ପାଇଛି। ଏପରିସ୍ଥଳେ ସାଧାରଣ ଲୋକଙ୍କୁ କିଏ ସୁରକ୍ଷା ଦେବ ବୋଲି ନବୀନ ସାମାଜିକ ଗଣମାଧ୍ୟମରେ ପ୍ରଶ୍ନ କରିଛନ୍ତି।

ନବୀନ କହିଛନ୍ତି ଯେ ଗୋଟିଏ ଦିନରେ ରାଜଧାନୀ ଭୁବନେଶ୍ୱରରେ ଜଣେ ଏମ୍ସ କର୍ମଚାରୀଙ୍କୁ ଗୁଳି କରି ନିର୍ମମ ହତ୍ୟା, ଯୁବତୀଙ୍କୁ ବଳାତ୍କାର ଉଦ୍ୟମ, ଚନ୍ଦ୍ରଶେଖରପୁରରେ ବୀଭତ୍ସ ହତ୍ୟାକାଣ୍ଡ ସହ ରେଳ ଷ୍ଟେସନରେ ଜନୈକ ରାଷ୍ଟ୍ରପତି ସମ୍ମାନପ୍ରାପ୍ତ ଶିକ୍ଷକଙ୍କୁ ଗୋଡ଼ାଇ ଗୋଡ଼ାଇ ମରଣାନ୍ତକ ଆକ୍ରମଣ ଘଟଣା ସାଧାରଣ ଲୋକଙ୍କୁ ଆତଙ୍କିତ କରିଛି। କେବଳ ଘଟଣା ଘଟିବା ପରେ ବିଜେପି ସରକାରରେ ପୁଲିସ ପ୍ରଶାସନ କ୍ରିୟାଶୀଳ ହେବା ଅପରାଧୀଙ୍କୁ ଭୟଶୂନ୍ୟ କରିଦେଉଛି। କଥା କଥାକେ ଦିବାଲୋକରେ ଗୁଳି ଫୁଟୁଛି, ଅପରାଧୀ ଅବାଧ ଭାବେ ବୁଲୁଛନ୍ତି ବୋଲି ନବୀନ ଉଦବେଗ ପ୍ରକାଶ କରିଛନ୍ତି। ରାଜ୍ୟର ଆଇନଶୃଙ୍ଖଳା ବିପର୍ଯ୍ୟସ୍ତ ହୋଇପଡ଼ୁଥିବାବେଳେ ବିଜେପି ସରକାର ସଜାଗ ନ ହେବା ସବୁଠୁ ଆଶ୍ଚର୍ଯ୍ୟର ବିଷୟ। ଲୋକଙ୍କ ସୁରକ୍ଷାକୁ ଅଗ୍ରାଧିକାର ଦେଇ ଏକ ଭୟମୁକ୍ତ ପରିବେଶ ସୁନିଶ୍ଚିତ କରିବା ପାଇଁ ସରକାର କଠୋର କାର୍ଯ୍ୟାନୁଷ୍ଠାନ ଗ୍ରହଣ କରନ୍ତୁ ବୋଲି ନବୀନ ଦାବି କରିଛନ୍ତି।

## ଆଇଆରସିଟିସି ଦୁର୍ନୀତି ମାମଲା

## ଲାଲୁ, ରାବ୍ଡ଼ି, ତେଜସ୍ୱୀଙ୍କୁ ଝଟ୍କା

■ ପାଟନା, ୧୩।୧୦ (ଏଜେନ୍ସି): ଆସନ୍ତା ମାସ ବିହାରରେ ବିଧାନସଭା ନିର୍ବାଚନ ହେବାକୁ ଯାଉଥିବା ବେଳେ ଆରଜେଡି ମୁଖ୍ୟ ଲାଲୁ ପ୍ରସାଦ ଯାଦବ ଏବଂ ତାଙ୍କର ପୁତ୍ର ତେଜସ୍ୱୀ ଯାଦବଙ୍କୁ ଲାଗିଛି କୋର୍ଟ ଝଟକା। ଆଇଆର୍‌ସିଟିସି ଦୁର୍ନୀତି ମାମଲାରେ ଲାଲୁ, ତାଙ୍କର ପତ୍ନୀ ରାବଡ଼ି ଦେବୀ ଏବଂ ପୁଅ ତେଜସ୍ୱୀ ଯାଦବଙ୍କ ବିରୋଧରେ ଚାର୍ଜଫ୍ରେମ୍ କରିବା ଲାଗି ଦିଲ୍ଲୀର ଏକ ଅଦାଲତ ନିର୍ଦ୍ଦେଶ ଦେଇଛନ୍ତି। ଦିଲ୍ଲୀର ରାଉଜ ଆଭେନ୍ୟୁ କୋର୍ଟ ଆଜି ଏହି ୩ ଜଣଙ୍କୁ ଇଣ୍ଡିଆନ ରେଲୱେ କ୍ୟାଟରିଂ ଆଣ୍ଡ ଟୁରିଜିମ୍ କର୍ପୋରେସନ (ଆଇଆରସିଟିସି) ଦୁର୍ନୀତି ମାମଲାରେ ଅଭିଯୁକ୍ତ ବୋଲି ବିଚାର କରିଛି। ଏହି ମାମଲାରେ ଲାଲୁ ବଡ଼ ଧରଣର ଷଡ଼ଯନ୍ତ୍ର କରିବା ସହିତ ନିଜ ପଦବୀର ଦୁରୁପଯୋଗ କରିଥିବା କୋର୍ଟ କହିଛନ୍ତି। ଲାଲୁଙ୍କ ଜାଣତରେ ଏହି ଟେଣ୍ଡର ଦୁର୍ନୀତିର ପୂରା ଷଡ଼ଯନ୍ତ୍ର ରଚାଯାଇଥିଲା। ଟେଣ୍ଡର ପ୍ରକ୍ରିୟାରେ ଲାଲୁ ହସ୍ତକ୍ଷେପ କରିଥିଲେ। ଏହାଦ୍ୱାରା ଲାଲୁଙ୍କ ପରିବାର ପ୍ରତ୍ୟକ୍ଷ ଭାବେ ଯଥେଷ୍ଟ ଲାଭବାନ ହୋଇଥିଲା ବୋଲି କୋର୍ଟ କହିଛନ୍ତି। ଅପରପକ୍ଷରେ ଲାଲୁ ଏହି ଅଭିଯୋଗଗୁଡ଼ିକୁ ଖଣ୍ଡନ କରିଛନ୍ତି। ଏହି ମାମଲା ରାଞ୍ଚି ଓ ପୁରୀସ୍ଥିତ ଆଇଆର୍‌ସିଟିସିର ଦୁଇଟି ହୋଟେଲର ଟେଣ୍ଡର ସହିତ ଦୁର୍ନୀତି ସହିତ ଜଡ଼ିତ ରହିଛି।



**୩ ଜଣଙ୍କ ବିରୋଧରେ ଚାର୍ଜଫ୍ରେମ ପାଇଁ କୋର୍ଟ ନିର୍ଦ୍ଦେଶ**

୨୦୦୪ରୁ ୨୦୦୯ ମଧ୍ୟ ଲାଲୁ ଯାଦବ କେନ୍ଦ୍ରରେ ୟୁପିଏ ସରକାରରେ ରେଳମନ୍ତ୍ରୀ ଥିବା ବେଳେ ଏହି ଦୁର୍ନୀତି ହୋଇଥିଲା ବୋଲି କୁହାଯାଇଛି। ଆଗକୁ ବିହାର ବିଧାନସଭା ନିର୍ବାଚନ ହେବାକୁ ଯାଉଥିବା ବେଳେ ଏହି ମାମଲା ଲାଲୁ ପରିବାର ପାଇଁ ସମସ୍ୟା ସୃଷ୍ଟି କରିବ ବୋଲି ଅନୁମାନ କରାଯାଉଛି। ଯଦି ଆଇଆରସିଟିସି ମାମଲାରେ ୩ ଜଣଙ୍କ ବିରୋଧରେ ସବୁ ଅଭିଯୋଗ ପ୍ରମାଣିତ ହେଲା, ତେବେ ୩ ଜଣଙ୍କୁ ୭ ବର୍ଷ ପର୍ଯ୍ୟନ୍ତ ଜେଲ ଦଣ୍ଡାଦେଶ ହୋଇପାରେ।

▶ପୃଷ୍ଠା-୭

## ନୂଆପଡ଼ା ଉପନିର୍ବାଚନ ପାଇଁ ବିଜ୍ଞପ୍ତି ଜାରି

■ ଭୁବନେଶ୍ୱର, ୧୩।୧୦ (ସମିସ): ଆସନ୍ତା ନଭେମ୍ବର ୧୧ ତାରିଖରେ ହେବାକୁ ଥିବା ନୂଆପଡା ଉପନିର୍ବାଚନ ପାଇଁ ନିର୍ବାଚନ ଆୟୋଗ ପକ୍ଷରୁ ସୋମବାର ଗେଜେଟ୍ ବିଜ୍ଞପ୍ତି ପ୍ରକାଶ ପାଇଛି। ଏହାସହ ଆଜିଠାରୁ ବିଧିବଦ୍ଧ ଭାବେ ନାମାଙ୍କନ ପ୍ରକ୍ରିୟା ଆରମ୍ଭ ହୋଇଛି। ନାମାଙ୍କନର ଶେଷ ତାରିଖ ଅକ୍ଟୋବର ୨୦ ତାରିଖ ଧାର୍ଯ୍ୟ ହୋଇଥିବା ବେଳେ ୨୨ ତାରିଖରେ ନାମାଙ୍କନ ପତ୍ର ଯାଞ୍ଚ ହେବ। ସେହିପରି ୨୪ ତାରିଖ(ଶୁକ୍ରବାର) ନାମାଙ୍କନ ପତ୍ର ପ୍ରତ୍ୟାହାରର ଶେଷ ତାରିଖ ଧାର୍ଯ୍ୟ କରାଯାଇଛି। ତେବେ ନାମାଙ୍କନର ପ୍ରଥମ ଦିନରେ କୌଣସି ପ୍ରାର୍ଥୀ ନାମାଙ୍କନ କରିନଥିବା ମୁଖ୍ୟ ନିର୍ବାଚନ ଅଧିକାରୀଙ୍କ କାର୍ଯ୍ୟାଳୟ ସୂତ୍ରରୁ ଜଣାପଡ଼ିଛି।



ବିଜ୍ଞପ୍ତି ଅନୁଯାୟୀ ନଭେମ୍ବର ୧୧ ତାରିଖ ସକାଳ ୭ଟାରୁ ଅପରାହ୍ନ ୫ଟା ପର୍ଯ୍ୟନ୍ତ ଭୋଟଦାନ ପ୍ରକ୍ରିୟା ଚାଲିବ। ଅନ୍ୟପକ୍ଷରେ ବାମପନ୍ଥୀ ଉଗ୍ରବାଦୀ ପ୍ରବଣ ଅଞ୍ଚଳର ୪୭ଟି ବୁଥ୍‌ରେ ସକାଳ ୭ଟାରୁ ଅପରାହ୍ନ ୪ ଟା ପର୍ଯ୍ୟନ୍ତ ଭୋଟଦାନ ପ୍ରକ୍ରିୟା ଅନୁଷ୍ଠିତ ହେବ। ନଭେମ୍ବର ୧୬ ତାରିଖ ସୁଦ୍ଧା ନିର୍ବାଚନ ପ୍ରକ୍ରିୟା ସମ୍ପୂର୍ଣ୍ଣ ହେବ ବୋଲି ବିଜ୍ଞପ୍ତିରେ ଉଲ୍ଲେଖ ରହିଛି।

## ପାର୍ଟ ପ୍ଲଟ୍ ପଞ୍ଜୀକରଣ | ଏସ୍ଓପି ଜାରି; ଫିଟିଲା ବାଟ

■ ଭୁବନେଶ୍ୱର, ୧୩।୧୦ (ସମିସ): ଫିଟିଲା ପାର୍ଟ ପ୍ଲଟ ପଞ୍ଜୀକରଣ ବାଟ। ଏଥିପାଇଁ ଆଜି ନୂଆ ଏସଓପି ଜାରି କରିଛନ୍ତି ରାଜ୍ୟ ସରକାର। ରାଜସ୍ୱ ଏବଂ ବିପର୍ଯ୍ୟୟ ପରିଚାଳନା ବିଭାଗ ପକ୍ଷରୁ ସମଗ୍ର ରାଜ୍ୟରେ ପାର୍ଟ ପ୍ଲଟ୍ ପଞ୍ଜୀକରଣକୁ ସୁବ୍ୟବସ୍ଥିତ କରିବା ପାଇଁ ଏକ ନୂତନ ଏସ୍ଓପି ଅଣାଯାଇଛି।

ଏହି ନୂଆ ଏସ୍ଓପି ଦ୍ୱାରା ପୂର୍ବର ସମସ୍ତ ନିର୍ଦ୍ଦେଶାବଳୀକୁ ଅଗ୍ରାହ୍ୟ କରିଦିଆଯାଇଥିବା ବେଳେ ଜନସାଧାରଣଙ୍କ ପାଇଁ ସମାନତା, ସ୍ୱଚ୍ଛତା ଏବଂ ସହଜତା ସୁନିଶ୍ଚିତ କରିବାରେ ଏହି ଏସ୍ଓପି କାର୍ଯ୍ୟ କରିବ ବୋଲି କୁହାଯାଉଛି।

**ଗ୍ରାମାଞ୍ଚଳରେ ଜଳାଶୟ ବ୍ୟତୀତ ପାର୍ଟ ପ୍ଲଟ୍ ବିକ୍ରିକୁ ଅନୁମତି**


**ଘୋଷଣାନାମା ଦେଇ ହୋଇପାରିବ ଚାଷ ଜମି ପଞ୍ଜୀକରଣ**

**ସହରାଞ୍ଚଳରେ ପଞ୍ଜୀକରଣ ହୋଇପାରିବ ୫୦୦ ବର୍ଗ ମିଟର ପରିମିତିର ପ୍ଲଟ୍**



ପଞ୍ଜୀକରଣ ଅଧିକାରୀଙ୍କ ମଧ୍ୟରେ ଅସଙ୍ଗତି ଦୂର କରିବା ସହିତ ପଞ୍ଜୀକରଣ ଅଧିନିୟମ ୧୯୦୮ ଏବଂ ଓଡ଼ିଶା ପଞ୍ଜୀକରଣ (ସଂଶୋଧନ) ଅଧିନିୟମ ୨୦୧୩ ଅନୁଯାୟୀ ରହିଥିବା ସ୍ପଷ୍ଟ ନିର୍ଦ୍ଦେଶନାମାକୁ ଏସ୍ଓପିରେ ସ୍ପଷ୍ଟ କରାଯାଇଛି। ପାର୍ଟ ପ୍ଲଟ ପଞ୍ଜୀକରଣ ସମୟରେ ରାଜ୍ୟର ଅଧିକାରୀମାନେ ଆଇନ ଏବଂ ପ୍ରକ୍ରିୟା ବିଷୟରେ ଦ୍ୱନ୍ଦରେ ରହୁଥିଲେ; ଏଥିପାଇଁ ପ୍ଲଟ୍ ପଞ୍ଜୀକରଣରେ ସମାନତା ଆସିପାରୁ ନ ଥିଲା ଓ ଜନସାଧାରଣ ଅନେକ ଅସୁବିଧା ଭୋଗୁଥିଲେ। ଏହାକୁ ଦୃଷ୍ଟିରେ ରଖି ରାଜସ୍ୱ ମନ୍ତ୍ରୀଙ୍କ ନିର୍ଦ୍ଦେଶ କ୍ରମେ ଏହି ଏସଓପି ଆଣାଯାଇଛି। ଏଣିକି ଗ୍ରାମାଞ୍ଚଳରେ ଜଳଜମି କିସମ ପ୍ଲଟ୍ ବ୍ୟତୀତ ଗ୍ରାମାଞ୍ଚଳରେ ଆଂଶିକ ପ୍ଲଟ୍ ପଞ୍ଜୀକରଣ ପାଇଁ ଅନୁମତି ଦିଆଯାଇଛି। ବିନା ପୂର୍ବ ସର୍ତ୍ତରେ ଏହି ଅନୁମତି ଦିଆଯିବ। ଏହାକୁ ସମ୍ପୂର୍ଣ୍ଣ ପ୍ଲଟ୍ ଭାବରେ ସ୍ଥାନାନ୍ତର କରାଯିବ।

▶ପୃଷ୍ଠା-୭

## ପ୍ରଧାନମନ୍ତ୍ରୀଙ୍କୁ ଭେଟିଲେ କାନାଡ଼ା ବିଦେଶ ମନ୍ତ୍ରୀ ଅନୀତା ଆନନ୍ଦ

ନୂଆଦିଲ୍ଲୀ, ୧୩।୧୦(ଏଜେନ୍ସି): ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀଙ୍କୁ ସାକ୍ଷାତ କରିଛନ୍ତି କାନାଡ଼ା ବୈଦେଶିକ ମନ୍ତ୍ରୀ ଅନୀତା ଆନନ୍ଦ। ପ୍ରଧାନମନ୍ତ୍ରୀ ଦୁଇଦେଶ ମଧ୍ୟରେ ବେପାର ବାଣିଜ୍ୟ, ଶକ୍ତି, ଜ୍ଞାନକୌଶଳ, କୃଷି ଓ ସହଯୋଗ ନେଇ ଆଲୋଚନା କରିଥିଲେ। ମୋଦୀ ଏହି ଅବସରରେ କାନାଡ଼ା ପ୍ରଧାନମନ୍ତ୍ରୀ ମାର୍କ କାର୍ଣ୍ଣିଙ୍କୁ ଶୁଭେଚ୍ଛା ଜଣାଇଥିଲେ ଓ ଆଗାମୀ ବୈଠକଗୁଡ଼ିକ ପାଇଁ ଅପେକ୍ଷା କରିଥିବା କହିଥିଲେ। ଅନୀତାଙ୍କ ଏହି ଗସ୍ତ ଦ୍ୱାରା ଦୁଇ ଦେଶ ମଧ୍ୟରେ ଦ୍ୱିପାକ୍ଷିକ ସମ୍ପର୍କ ଆହୁରି ମଜବୁତ ହେବ ବୋଲି ପ୍ରଧାନମନ୍ତ୍ରୀଙ୍କ କାର୍ଯ୍ୟାଳୟ ତରଫରୁ କୁହାଯାଇଛି। ଏହାପୂର୍ବରୁ ଦୁଇଦେଶର ବୈଦେଶିକ ମନ୍ତ୍ରୀଙ୍କ ବୈଠକ ପରେ ଯୁଗ୍ମ ପ୍ରେସ ବିବୃତି ଜାରି କରାଯାଇଥିଲା। ବିଶ୍ୱରେ ଆର୍ଥିକ ଅନିଶ୍ଚିତତା ଓ ସଂଘର୍ଷ ଜାରି ରହିଥିବା ବେଳେ ଦୁଇଦେଶ ମଧ୍ୟରେ ଉତ୍ତମ ବୁଝାମଣା ଓ ସହଭାଗୀତା ଜରୁରୀ ବୋଲି କୁହାଯାଇଥିଲା।

## ଖାଇକୁ ଖସିଲା ବସ୍: ୭ ଶିଶୁ ସମେତ ୪୨ ମୃତ, ୪୯ ଆହତ

କେପ୍‌ଟାଉନ୍, ୧୩।୧୦(ଏଜେନ୍ସି): ଦକ୍ଷିଣ ଆଫ୍ରିକାର ଲିମ୍ପୋପୋ ରାଜ୍ୟରେ ଏକ ମର୍ମନ୍ତୁଦ ସଡ଼କ ଦୁର୍ଘଟଣା ଘଟିଛି। ରବିବାର ରାତିରେ ଲିମ୍ପୋପୋର ପାହାଡ଼ିଆ ଅଞ୍ଚଳ ଦେଇ ଯାଉଥିବା ଏକ ବସ୍ ନିୟନ୍ତ୍ରଣରେ ଖାଇକୁ ଖସିପଡ଼ିଥିଲା। ଏଥିରେ ୪୨ ଜଣ ମୃତ୍ୟୁବରଣ କରିଛନ୍ତି। ମୃତକଙ୍କ ମଧ୍ୟରେ ୭ ଶିଶୁ, ୧୮ ମହିଳା ଓ ୧୭ ପୁରୁଷ ସାମିଲ ଅଛନ୍ତି। ୪୯ ଜଣ ମଧ୍ୟ ଆହତ ହୋଇଛନ୍ତି। ଏହି ଦୁର୍ଘଟଣାର ଯାଞ୍ଚ ଆରମ୍ଭ ହୋଇଛି। ଦକ୍ଷିଣ ଆଫ୍ରିକା ରାଷ୍ଟ୍ରପତି ସିରିଲ ରାମାଫୋସା ଏ ନେଇ ଦୁଃଖ ପ୍ରକାଶ କରିଛନ୍ତି। ଏହି ବସ୍‌ରେ ଜିମ୍ବାୱେ ଓ ମାଲାୱିର ନାଗରିକ ଯାତ୍ରା କରୁଥିଲେ ବୋଲି କୁହାଯାଇଛି।

## ଜୈସାଲମେର୍‌ରେ ପଲଟିଲା ସେନା ଜିପ୍; ମେଜର ମୃତ

ଜୈସାଲମେର, ୧୩।୧୦(ଏଜେନ୍ସି): ରାଜସ୍ଥାନର ଜୈସାଲମେରରେ ଭାରତୀୟ ସେନାର ଏକ ଜିପ୍ ପଲଟି ଯାଇଛି। ଏଥିରେ ଜଣେ ମେଜର ପ୍ରାଣ ହରାଇଛନ୍ତି। ସେହିପରି ଜଣେ ଲେଫ୍ଟନାଣ୍ଟ କର୍ଣ୍ଣେଲ, ୨ ଜଣ ମେଜରଙ୍କ ସମେତ ମୋଟ ଉପରେ ୪ ଜଣ ଆହତ ହୋଇଛନ୍ତି। ତନୋଟ ଥାନ ଅନ୍ତର୍ଗତ ରାମଗଡ଼ରୁ ଲୋଙ୍ଗେୱାଲ ମଧ୍ୟରେ ଥିବା ଗମନେୱାଲା ଗାଁ ନିକଟରେ ରବିବାର ସନ୍ଧ୍ୟା ୫ଟାରେ ଏହି ଦୁର୍ଘଟଣା ଘଟିଥିଲା। ଆହତଙ୍କୁ ସେନା ହସ୍ପିଟାଲରେ ଭର୍ତ୍ତି କରାଯାଇଛି। ଦୁର୍ଘଟଣା ତଦନ୍ତ ଆରମ୍ଭ ହୋଇଛି। ପ୍ରାରମ୍ଭିକ ସୂଚନା ଅନୁଯାୟୀ ସଡ଼କ ଉପରେ ବାଙ୍କ ଥିଲା। କିନ୍ତୁ ଜିପ ବୁଲି ନପାରି ନିୟନ୍ତ୍ରଣ ହରାଇ ପଲଟି ଯାଇଥିଲା। ମେଜର ଟିସି ଭରଦ୍ୱାଜଙ୍କୁ ହସ୍ପିଟାଲରେ ଭର୍ତ୍ତି କରାଯାଇଥିଲା। ଚିକିତ୍ସା ଅବସରରେ ସେ ପ୍ରାଣ ହରାଇଥିଲେ।

## କୋଲ୍‌ଡ୍ରିଫ୍ ପ୍ରସ୍ତୁତ କରୁଥିବା ଶ୍ରୀସାନ୍ ଫାର୍ମା ବନ୍ଦ, ଲାଇସେନ୍ସ ରଦ୍ଦ

ନୂଆଦିଲ୍ଲୀ, ୧୩।୧୦(ଏଜେନ୍ସି): ତାମିଲନାଡୁ ସରକାର ସୋମବାର କୋଲ୍‌ଡ୍ରିଫ୍ କଫ୍ ସିରପ୍ ପ୍ରସ୍ତୁତ କରୁଥିବା ଶ୍ରୀସାନ ଫାର୍ମାସ୍ୟୁଟିକାଲ କମ୍ପାନୀ ବନ୍ଦ କରିବା ସହ ଉତ୍ପାଦନ ଲାଇସେନ୍ସକୁ ସମ୍ପୂର୍ଣ୍ଣ ଭାବେ ରଦ୍ଦ କରି ଦେଇଛନ୍ତି। ଏହି କମ୍ପାନୀକୁ ସବୁଦିନ ପାଇଁ ବନ୍ଦ କରିବାକୁ ସରକାର ଘୋଷଣା କରିଛନ୍ତି। ଏହି କମ୍ପାନୀର କାରଖାନାରେ ୩୫୦ରୁ ଊର୍ଦ୍ଧ୍ୱ ଗମ୍ଭୀର ଶ୍ରେଣୀର ତ୍ରୁଟିଥିବା ଜଣା ପଡ଼ିଥିଲା। ଏହି ସିରପ ସେବନ କରି ମଧ୍ୟପ୍ରଦେଶରେ ଏପର୍ଯ୍ୟନ୍ତ ୨୫ ଶିଶୁ ମୃତ୍ୟୁବରଣ କଲେଣି। ଚେନ୍ନଇରେ ପ୍ରବର୍ତ୍ତନ ନିର୍ଦ୍ଦେଶାଳୟ (ଇଡି) ଶ୍ରୀସାନ ଫାର୍ମା ସହିତ ଜଡିତ ୭ଟି ଠିକଣା ଉପରେ ଚଢ଼ାଉ କରିଥିଲା। ଏହି ଶିଶୁ ମୃତ୍ୟୁ ମାମଲାର ମୁଖ୍ୟ ଅଭିଯୁକ୍ତ ତଥା ଶ୍ରୀସାନ ଫାର୍ମାର ମାଲିକ ଗୋବିନ୍ଦନ ରଙ୍ଗନାଥନଙ୍କୁ ଅକ୍ଟୋବର ୯ରେ ଗିରଫ କରାଯାଇଥିଲା। ତାମିଲନାଡୁରେ ପ୍ରସ୍ତୁତ ହେଉଥିବା କୋଲଡ୍ରିଫ୍‌ରେ ୪୮ ପ୍ରତିଶତ ବିଷ ରହିଛି ବୋଲି କୁହାଯାଇଛି।

## ଆରଏସ୍‌ଏସ୍‌କୁ ତାଲିବାନ ସହ ତୁଳନା କଲେ ସିଦ୍ଧରମେୟାଙ୍କ ପୁଅ

ବେଙ୍ଗାଲୁରୁ, ୧୩।୧୦(ଏଜେନ୍ସି): କର୍ଣ୍ଣାଟକ ମୁଖ୍ୟମନ୍ତ୍ରୀ ସିଦ୍ଧରମେୟାଙ୍କ ପୁଅ ଯଥିନ୍ଦ୍ରା ସିଦ୍ଧରମେୟା ରାଷ୍ଟ୍ରୀୟ ସ୍ୱୟଂ ସେବକ ସଂଘ (ଆରଏସ୍‌ଏସ୍)କୁ ଆଫଗାନିସ୍ତାନର ତାଲିବାନ ସହ ତୁଳନା କରିଛନ୍ତି। ସେ ଆରଏସ୍‌ଏସ୍‌କୁ ନିଷିଦ୍ଧ କରିବାକୁ ମଧ୍ୟ ଦାବି କରିଛନ୍ତି। ପୂର୍ବରୁ ଆରଏସ୍‌ଏସ୍ ନିଜ ଶାଖା ପରିଚାଳନା କରିବାକୁ ସରକାରୀ ଅନୁଷ୍ଠାନଗୁଡ଼ିକର ପ୍ରାଙ୍ଗଣକୁ ବ୍ୟବହାର କରୁଛି ବୋଲି ସିଦ୍ଧରମେୟା କହିଥିଲେ। ତାଲିବାନ ଯେଉଁଭଳି ଭାବେ ଇସ୍‌ଲାମର ନିୟମ ଲୋକଙ୍କ ଉପରେ ଲାଗୁ କରୁଛି, ଆରଏସ୍‌ଏସ୍ ମଧ୍ୟ ସେହିପରି ଜନସାଧାରଣଙ୍କ ଉପରେ ହିନ୍ଦୁତ୍ୱ ଲଦି ଦେବାକୁ ପ୍ରୟାସ କରୁଛି। ପୂର୍ବରୁ କଂଗ୍ରେସ ଅଧ୍ୟକ୍ଷ ମଲ୍ଲିକାର୍ଜୁନ ଖଡ଼ଗେଙ୍କ ପୁଅ ତଥା କର୍ଣ୍ଣାଟକ ଆଇଟି ମନ୍ତ୍ରୀ ପ୍ରିୟାଙ୍କ ଖଡ଼ଗେ ମଧ୍ୟ ଆରଏସ୍‌ଏସ୍ ସରକାରୀ ଅନୁଷ୍ଠାନଗୁଡ଼ିକର ପ୍ରାଙ୍ଗଣ ବ୍ୟବହାର କରିବାକୁ ବିରୋଧ କରି ମୁଖ୍ୟମନ୍ତ୍ରୀଙ୍କୁ ଚିଠି ଲେଖିଥିଲେ। ଆରଏସ୍‌ଏସ୍‌ର ଏଭଳି ଆଚରଣକୁ ନିଷିଦ୍ଧ କରିବାକୁ ସେ ଦାବି କରିଛନ୍ତି।

## ବାଂଲାଦେଶରେ ୧୫ ସେନା ଅଧିକାରୀ ଅଟକ

ଢାକା, ୧୩।୧୦(ଏଜେନ୍ସି): ଶେଖ ହସିନାଙ୍କ ଶାସନରେ ବିଭିନ୍ନ ଅପରାଧ ଘଟାଇବା ଅଭିଯୋଗରେ ସେନାର ୧୫ ଜଣ ଅଧିକାରୀଙ୍କୁ ଅଟକ ରଖାଯାଇଛି। ଇଣ୍ଟରନ୍ୟାସନାଲ କ୍ରାଇମ୍ସ ଟ୍ରିବୁନାଲ (ଆଇସିଟି) ୩ଟି ମାମଲାରେ ୨୫ ଜଣ ସେନା ଅଧିକାରୀଙ୍କ ବିରୋଧରେ ଗିରଫ ପରୱାନା ଜାରି କରିବା ପରେ ଏହି ପଦକ୍ଷେପ ଗ୍ରହଣ କରାଯାଇଛି। ଅଟକ ଥିବା ସେନା ଅଧିକାରୀମାନଙ୍କୁ ସେନା କଷ୍ଟଡିରେ ରଖାଯାଇଛି। ଏହି ଅଧିକାରୀମାନେ ଶେଖ ହସିନାଙ୍କ ଶାସନ କାଳରେ ବିକ୍ଷୋଭକୁ ଭଣ୍ଡୁର କରିବାକୁ ପ୍ରୟାସ କରି ବିଭିନ୍ନ ଆପରାଧିକ ଘଟଣା ଘଟାଇଥିଲେ ବୋଲି କୁହାଯାଇଛି।

# ଶାନ୍ତ ପଡ଼ିଲା ଗାଜା

### ◆ଇସ୍ରାଏଲୀ ପଣବନ୍ଦୀଙ୍କୁ ଛାଡ଼ିଲା ହମାସ୍ ◆ପାଲେଷ୍ଟିନୀୟଙ୍କୁ ବି ମୁକ୍ତ କରୁଛି ଇସ୍ରାଏଲ



ତେଲ ଆଭିଭ, ୧୩।୧୦ (ଏଜେନ୍ସି): ଦୀର୍ଘ ବର୍ଷ ପ୍ରତୀକ୍ଷାର ଅନ୍ତ ହୋଇଛି। ଶେଷରେ ଗାଜାରେ ଶାନ୍ତି ପ୍ରତିଷ୍ଠା ପାଇଁ ବାଟ ଫିଟିଛି। ଶାନ୍ତି ବୁଝାମଣା ଅନୁଯାୟୀ ହମାସ କବଳରେ ଥିବା ଇସ୍ରାଏଲ ପଣବନ୍ଦୀ ସୋମବାର ମୁକ୍ତ ହୋଇଛନ୍ତି। ଇସ୍ରାଏଲ ମଧ୍ୟ ଶତାଧିକ ପାଲେଷ୍ଟାଇନ ବନ୍ଦୀଙ୍କୁ ମୁକ୍ତ କରିଛି। ଦୁଇ ବର୍ଷର ବ୍ୟବଧାନ ପରେ ଆମେରିକା ହସ୍ତକ୍ଷେପ ଯୋଗୁଁ ଏହା ସମ୍ଭବ ହୋଇପାରିଛି।

ରାଷ୍ଟ୍ରପତି ଡୋନାଲ୍ଡ ଟ୍ରମ୍ପ ଇସ୍ରାଏଲରେ ଥିବାବେଳେ ପ୍ରଥମ ପର୍ଯ୍ୟାୟରେ ୭ ଜଣ ଏବଂ ଦ୍ୱିତୀୟ ପର୍ଯ୍ୟାୟରେ ୧୩ ଜଣ ପଣବନ୍ଦୀଙ୍କୁ ହମାସ୍ ଛାଡ଼ିଛି। ଏମାନଙ୍କୁ ରେଡ୍ କ୍ରସ୍ ମାଧ୍ୟମରେ ଇସ୍ରାଏଲ ସେନା (ଆଇଡିଏଫ) କୁ ହସ୍ତାନ୍ତର କରାଯାଇଛି। ପ୍ରଥମ ପର୍ଯ୍ୟାୟରେ ହମାସ କବଳରୁ ମୁକ୍ତ ପଣବନ୍ଦୀଙ୍କୁ ରେମି ସ୍ଥିତ ଆଇଡିଏଫ କ୍ୟାମ୍ପକୁ ନିଆଯାଇଥିଲା। ଏଠାରେ ସମସ୍ତଙ୍କ ସ୍ୱାସ୍ଥ୍ୟ ପରୀକ୍ଷା କରାଯାଇଥିଲା। ପରେ ପରିବାର ସଦସ୍ୟଙ୍କୁ ଭେଟିବାକୁ ଦିଆଯାଇଥିଲା। ଦକ୍ଷିଣ ଗାଜା ଷ୍ଟ୍ରିପ୍‌ର ଖାନ୍ ୟୁନିସ ଅଞ୍ଚଳରେ ଅନ୍ୟ ୧୩ ପଣବନ୍ଦୀଙ୍କୁ ମୁକ୍ତ କରାଯାଇଥିଲା। ଏହାକୁ ନେଇ ଇସ୍ରାଏଲରେ ଆନନ୍ଦର ଲହରୀ ଖେଳି ଯାଇଛି। ଏମାନଙ୍କୁ ୧୦ ହଜାର ଇସ୍ରାଏଲ ନାଗରିକ ଉପସ୍ଥିତ ରହି ସ୍ୱାଗତ କରିଛନ୍ତି। ଅନେକ ଅନ୍‌ଲାଇନ ମାଧ୍ୟମରେ ଏହି ଦୃଶ୍ୟ ଦେଖିଛନ୍ତି। ସେହିପରି ହମାସ ୪ ପଣବନ୍ଦୀଙ୍କ ମୃତଦେହ ହସ୍ତାନ୍ତର କରିଛି। ଏମାନଙ୍କ ମଧ୍ୟରେ ନେପାଳର ବିପିନ ଯୋଶୀ ସାମିଲ ଅଛନ୍ତି। ପରେ ଆଉ ବାକି ପଣବନ୍ଦୀଙ୍କ ମୃତଦେହ ପ୍ରଦାନ କରାଯିବ। ସୁରକ୍ଷା ଦୃଷ୍ଟିରୁ ଇସ୍ରାଏଲ ଏହି କଫିନର ଯାଞ୍ଚ କରୁଛି। ଏଥିପାଇଁ ଫରେନସିକ ଅଧିକାର ମୁତୟନ ହୋଇଛନ୍ତି। ମୃତଦେହ ଚିହ୍ନଟ କରିବାକୁ ଦୁଇ ଦିନ ସମୟ ଲାଗିବ ବୋଲି ଆଇଡିଏଫ ପକ୍ଷରୁ କୁହାଯାଇଛି। ଏହାର ପ୍ରତିବଦଳରେ ଇସ୍ରାଏଲ ଆଜି ୨୫୦ ପାଲେଷ୍ଟିନୀୟ କଏଦୀଙ୍କୁ ମୁକ୍ତ କରିଛି।

ଏହି ଉଲ୍ଲେଖନୀୟ ଅଗ୍ରଗତି ସହିତ ଇସ୍ରାଏଲ ପାଇଁ ନୂଆ ଅଧ୍ୟାୟ ଆରମ୍ଭ ହୋଇଛି। ଆମେରିକା ରାଷ୍ଟ୍ରପତି ଡୋନାଲ୍ଡ ଟ୍ରମ୍ପଙ୍କ ୩୦ ସୂତ୍ରୀ ଗାଜା ଶାନ୍ତି ଯୋଜନାକୁ କାର୍ଯ୍ୟକାରୀ କରାଯାଇଛି। ପରବର୍ତ୍ତୀ ପ୍ରକ୍ରିୟା ଏବଂ ଚୁକ୍ତି ପାଇଁ ସେ ଇସ୍ରାଏଲରେ ଅଛନ୍ତି। ଏଠାରୁ ସେ ଶାନ୍ତି ଚୁକ୍ତିରେ ଦସ୍ତଖତ ପାଇଁ ଇଜିପ୍ଟର ଶର୍ମ ଅଲ-ସେଖ ଗସ୍ତ କରିଛନ୍ତି। ଏଠାରେ ଟ୍ରମ୍ପ ଏବଂ ଇଜିପ୍ଟ ରାଷ୍ଟ୍ରପତି ଅବଦେଲ ଫତହ ଅଲ-ସିସିଙ୍କ ନେତୃତ୍ୱରେ ବ୍ରିଟେନ, ଫ୍ରାନ୍ସ ଜର୍ମାନୀ ଏବଂ କିଛି ଆରବ ରାଷ୍ଟ୍ରଙ୍କ ଉପସ୍ଥିତିରେ ଶାନ୍ତି ଆଲୋଚନା ହେବ।

### ସବୁ ଯୁଦ୍ଧ ମୁଁ ବନ୍ଦ କରିବି: ଟ୍ରମ୍ପ

### ଭାରତ-ପାକିସ୍ତାନ ପ୍ରସଙ୍ଗ ପୁଣି ଦୋହରାଇଲେ

ଏହା ପୂର୍ବରୁ ଇସ୍ରାଏଲରେ ପହଞ୍ଚିବା ମାତ୍ରେ ଆମେରିକା ରାଷ୍ଟ୍ରପତିଙ୍କୁ ଭବ୍ୟ ସ୍ୱାଗତ କରାଯାଇଥିଲା। ସେ ଇସ୍ରାଏଲ ସଂସଦକୁ ପ୍ରାୟ ୬୪ ମିନିଟ ପର୍ଯ୍ୟନ୍ତ ସମ୍ବୋଧନ କରିଥିଲେ। ମୁଁ ସବୁ ଯୁଦ୍ଧ ବନ୍ଦ କରିବି ବୋଲି କହିଥିଲେ। ଏହା ସହିତ ପୁଣି ଥରେ ଭାରତ-ପାକିସ୍ତାନ ସଂଘର୍ଷ ବନ୍ଦ କରିଥିବା ଉଲ୍ଲେଖ କରିଥିଲେ। ସେ କହିଥିଲେ ଯେ ନୂଆ ମଧ୍ୟ ପ୍ରାଚ୍ୟ ପାଇଁ ଏହା ଏକ ଐତିହାସିକ ଉପଲବ୍ଧି। ଏହା କହିବା ମାତ୍ରେ ଇସ୍ରାଏଲ ସଂସଦ ତାଳିରେ କମ୍ପି ଉଠିଥିଲା ଏବଂ ସମସ୍ତ ସାଂସଦ ଛିଡ଼ା ହୋଇ ଟ୍ରମ୍ପଙ୍କୁ ଅଭିବାଦନ ଜଣାଇ ଥିଲେ। ଏବେ ଆମେରିକା ଭଳି ଇସ୍ରାଏଲର ସୁବର୍ଣ୍ଣ ଯୁଗ ଆରମ୍ଭ ହେବ ବୋଲି ଟ୍ରମ୍ପ କହିଥିଲେ। 'କେବଳ ଯୁଦ୍ଧ ନୁହେଁ, ବରଂ ଆତଙ୍କର ଅନ୍ତ ହୋଇଛି। ଦୀର୍ଘ ଦିନର ଯୁଦ୍ଧ ପରେ ଆକାଶ ନିରବ ଏବଂ ବନ୍ଧୁକ ଶାନ୍ତ ରହିଛି। ପବିତ୍ର ମାଟିରେ ନୂଆ ସକାଳ ଆସିଛି। ଆଶା କରୁଛି ଆଗକୁ ମଧ୍ୟ ଏହା ବଜାୟ ରହିବ। ପଣବନ୍ଦୀ ମୁକ୍ତ ହୋଇଛନ୍ତି। ଏହା ଇସ୍ରାଏଲ ଏବଂ ବିଶ୍ୱ ପାଇଁ ବଡ଼ ବିଜୟ। ଅନେକ ଦେଶ ଶାନ୍ତି ପ୍ରତିଷ୍ଠା ପାଇଁ କାର୍ଯ୍ୟ କରିଥିଲେ। ଗାଜା ଚୁକ୍ତି ପାଇଁ ଟ୍ରମ୍ପ ଅରବ ଦେଶ ଏବଂ ମୁସଲିମ ନେତାଙ୍କ ପ୍ରଶଂସା କରିଥିଲେ। ଏହି ନେତାମାନେ ହମାସ ଉପରେ ଚାପ ପକାଇ ବନ୍ଦୀଙ୍କୁ ମୁକ୍ତ କରିବାରେ ସହାୟତା କରିଥିଲେ'।

ଟ୍ରମ୍ପ ପୁଣି ଥରେ ଆଠ ମାସରେ ୮ଟି ଯୁଦ୍ଧ ବନ୍ଦ କରାଇଥିବା ଦାବି କରିଥିଲେ। ସେ ଯୁଦ୍ଧକୁ ପସନ୍ଦ କରୁ ନ ଥିବା କହିଥିଲେ। ଟ୍ରମ୍ପ ଅଭିଭାଷଣରେ ପାଲେଷ୍ଟିନକୁ ରାଷ୍ଟ୍ର ମାନ୍ୟତା ଦେବା ପାଇଁ ଦାବି କରିଥିବା ଦୁଇ ସାଂସଦ ବାହାର କରିଦିଆଯାଇଥିଲା। ଏହା ପୂର୍ବରୁ ଇସ୍ରାଏଲ ପ୍ରଧାନମନ୍ତ୍ରୀ ସଂସଦଙ୍କୁ ସମ୍ବୋଧନ କରି ଟ୍ରମ୍ପଙ୍କୁ ଇସ୍ରାଏଲର ସର୍ବୋଚ୍ଚ ସମ୍ମାନ ଦେବାକୁ ଘୋଷଣା କରିଥିଲେ। ଟ୍ରମ୍ପ ହିଁ ଇସ୍ରାଏଲର ଘନିଷ୍ଠ ବନ୍ଧୁ ବୋଲି କହିଥିଲେ। ସେ ଟ୍ରମ୍ପଙ୍କ ପାଇଁ ନୋବେଲ ଶାନ୍ତି ଦାବି କରିଥିଲେ। ଅନ୍ୟପକ୍ଷରେ ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀ ପଣବନ୍ଦୀଙ୍କ ମୁକ୍ତିକୁ ସ୍ୱାଗତ କରିଛନ୍ତି। କ୍ଷେତ୍ରରେ ଶାନ୍ତି ପ୍ରତିଷ୍ଠା ପାଇଁ ନେତନ୍ୟାହୁ ଏବଂ ଟ୍ରମ୍ପ କରିଥିବା ପ୍ରୟାସକୁ ପ୍ରଶଂସା କରିଛନ୍ତି।

## ଅର୍ଥନୀତିରେ ତିନି ଅର୍ଥଶାସ୍ତ୍ରୀଙ୍କୁ ନୋବେଲ

ଷ୍ଟକ୍‌ହୋମ, ୧୩।୧୦ (ଏଜେନ୍ସି): ଚଳିତ ବର୍ଷ ପାଇଁ ଅର୍ଥନୀତିରେ ତିନି ଜଣ ଅର୍ଥଶାସ୍ତ୍ରୀଙ୍କୁ ନୋବେଲ ପୁରସ୍କାର ପାଇଁ ମନୋନୀତ ହୋଇଛନ୍ତି। ଆମେରିକାର ଜୋଏଲ ମୋକିର , ପିଟର ହାଉିଟ ଏବଂ ବ୍ରିଟେନର ଫିଲିପ ଏଘିୟାନଙ୍କୁ ଡିସେମ୍ବର ୧୦ରେ ଏହି ବଡ଼ ସମ୍ମାନ ଦିଆଯିବ। ନୋବେଲ କମିଟି ପକ୍ଷରୁ କୁହାଯାଇଛି ଯେ ନବୋନ୍ମେଷ ଦ୍ୱାରା କେମିତି ଆର୍ଥିକ ବିକାଶର ଦ୍ୱାର ଖୋଲିଥାଏ ତାହା ଏହି ଅର୍ଥଶାସ୍ତ୍ରୀମାନେ ଦର୍ଶାଇ ଥିଲେ। ପ୍ରଯୁକ୍ତିବିଦ୍ୟା ଦ୍ରୁତଗତିରେ ବଦଳି ଥାଏ। ଏହା ସମସ୍ତଙ୍କ ଉପରେ ପ୍ରଭାବ ପକାଇ ଥାଏ। ଉତ୍ପାଦ ଏବଂ ଉତ୍ପାଦନର ନୂଆ ଉଦ୍ଭାବନା ପୁରୁଣାକୁ ବଦଳାଇ ଦେଇଥାଏ। ଏହି ପ୍ରକ୍ରିୟା ଅନବରତ ଭାବେ ଜାରି ରହିଥାଏ। ଏହି ଧାରା କେବେ ବନ୍ଦ ନ ହୋଇ ଆର୍ଥିକ ବିକାଶର ଆଧାର ହୋଇ ରହିଛି। ଏହା ଦ୍ୱାରା ବିଶ୍ୱବାସୀଙ୍କ ଜୀବନର ଗୁଣବତ୍ତା, ସ୍ୱାସ୍ଥ୍ୟ ଏବଂ ଜୀବନଧାରଣର ସ୍ତର ବଦଳି ଥାଏ। ଏହି ନୋବେଲ ବିଜେତାଙ୍କୁ ୧୦ ମିଲିୟନ ସ୍ୱିଡିଶ କ୍ରୋନା ତଥା ୧୦.୩ କୋଟି ଟଙ୍କା, ସୁନା ମେଡାଲ, ଏବଂ ପ୍ରମାଣପତ୍ର ପ୍ରଦାନ କରାଯିବ।



ନୋବେଲ କମିଟି ଅନୁଯାୟୀ, କ୍ରମାଗତ ଭାବେ ଆର୍ଥିକ ବିକାଶ କାହିଁକି ହୋଇପାରିଛି ତାହା ଇତିହାସ ଦେଖି ଜୋଏଲ ମୋକିର ଦର୍ଶାଇ ଥିଲେ। ସେ କହିଥିଲେ ଯେ ନୂଆ ଆବିଷ୍କାର ଏବଂ ସୁଧାର କ୍ରମାଗତ ଭାବେ ଜାରି ରହିଥିଲେ, ତାହା କେବଳ କାମ କରୁଛି ବୋଲି ଜାଣିବା ଯଥେଷ୍ଟ ନୁହେଁ। ଏହା କାହିଁକି କାମ କରୁଛି ତାହା ବୁଝିବା ଜରୁରୀ। ଶିଳ୍ପ ବିପ୍ଳବ ପୂର୍ବରୁ ଲୋକେ ଏହା ବୁଝି ପାରୁ ନ ଥିଲେ। ଏଥିପାଇଁ ନୂଆ ସନ୍ଧାନ ଏବଂ ଆବିଷ୍କାରର ସଠିକ୍ ବ୍ୟବହାରରେ ସମସ୍ୟା ହେଉଥିଲା। ଏହା ବ୍ୟତୀତ ସମାଜ ମଧ୍ୟ ନୂଆ ବିଚାରକୁ ଗ୍ରହଣ କରିବା ପାଇଁ ମୁକ୍ତ ହେବା ଉଚିତ ଏବଂ ପରିବର୍ତ୍ତନକୁ ମଧ୍ୟ ସ୍ୱୀକାର କରିବା ଅତ୍ୟନ୍ତ ଜରୁରୀ।

### ଏନ୍‌ଡିଏରେ ଅସନ୍ତୋଷ ବଢୁଛି

## ଅଟକିଲା ପ୍ରାର୍ଥୀ ତାଲିକା

ପାଟନା, ୧୩।୧୦ (ଏଜେନ୍ସି): ବିହାର ବିଧାନସଭା ନିର୍ବାଚନ ପୂର୍ବରୁ କ୍ଷମତାସୀନ ଏନ୍‌ଡିଏ ମେଣ୍ଟରେ ଆସନ ବଣ୍ଟନ ଚୂଡ଼ାନ୍ତ ହୋଇଯାଇଛି। ପ୍ରତିଦ୍ୱନ୍ଦ୍ୱିତା ପାଇଁ ବିଜେପି, ଜେଡିୟୁକୁ ୧୦୧ ଲେଖାଏଁ, ଚିରାଗ ପାଶ୍ୱାନଙ୍କ ଦଳ ଏଲ୍‌ଜେପି (ଆର)କୁ ୧୯ , ଜିତନ ରାମ ମାନ୍‌ଝୀଙ୍କ ହାମ୍ ଏବଂ ଉପେନ୍ଦ୍ର କୁଶ୍ୱାହଙ୍କ ଆର୍‌ଏଲ୍‌ଏମ୍‌କୁ ୬ଟି ଲେଖାଏଁ ଆସନ ମିଳିଛି। ତେବେ ଏହାକୁ ନେଇ ମେଣ୍ଟରେ ବିବାଦ ଲାଗି ରହିଛି। ସେଥିପାଇଁ ଏନ୍‌ଡିଏର ପ୍ରଥମ ପ୍ରାର୍ଥୀ ତାଲିକା ଅଟକି ରହିଛି। ଯେତିକି ଆସନ ମିଳିଛି ତାହାକୁ ନେଇ ମାନ୍‌ଝୀ ଏବଂ କୁଶ୍ୱାହ ସନ୍ତୁଷ୍ଟ ନାହାନ୍ତି। ଉଭୟେ ଅଧିକ ଆସନ ଦାବି କରୁଛନ୍ତି। ପ୍ରଥମେ ମାନ୍‌ଝୀ ଏହି ଆସନକୁ ନେଇ ସନ୍ତୁଷ୍ଟ ଥିବା କହିଥିଲେ। ପରେ ଦଳର କ୍ଷମତାକୁ କମ୍ କରି ଆକଳନ କରାଯାଇଛି ଏବଂ ଏହାର ପରିଣାମ ଦେଖିବାକୁ ମିଳିବ ବୋଲି ଏକ ସାକ୍ଷାତକାରରେ ଉଲ୍ଲେଖ କରିଥିଲେ। ପୂର୍ବରୁ ଏ ନେଇ ମାନ୍‌ଝୀ ମଧ୍ୟ ମେଣ୍ଟକୁ ଧମକ ଦେଇଥିଲେ। ଲଢ଼ିବା ପାଇଁ ୧୦-୨୦ ଆସନ ନ ମିଳିଲେ ଏକାକୀ ସବୁ ସିଟ୍‌ରେ ପ୍ରତିଦ୍ୱନ୍ଦ୍ୱିତା କରିବାକୁ ଏକ କାର୍ଯ୍ୟକ୍ରମରେ କହିଥିଲେ।

ଏନ୍‌ଡିଏରେ କିଏ କେତେ ଆସନରେ ଲଢ଼ିବ ସ୍ଥିର ହୋଇଥିଲେ ବି କେଉଁ ଦଳ କେଉଁ ଆସନରୁ ପ୍ରତିଦ୍ୱନ୍ଦ୍ୱିତା କରିବ ତାହା ଏ ପର୍ଯ୍ୟନ୍ତ ସ୍ଥିର ହୋଇପାରି ନାହିଁ। ୨୪୩ ଆସନରୁ କାହାକୁ କୋଉଟା ଦିଆହେବ ତାହାକୁ ନେଇ ଦଳମାନଙ୍କ ମଧ୍ୟରେ ଟଣାଓଟରା ଲାଗି ରହିଛି। ସୋମବାର ସୁଦ୍ଧା ଏହାର କୌଣସି ନିଷ୍କର୍ଷ ବାହାରି ପାରି ନାହିଁ। ତେଣୁ ଏନ୍‌ଡିଏର ପ୍ରଥମ ପ୍ରାର୍ଥୀ ତାଲିକା ଘୋଷଣା ହୋଇପାରି ନାହିଁ। ପୂର୍ବରୁ ସୋମବାର ସନ୍ଧ୍ୟାରେ ପ୍ରଥମ ପ୍ରାର୍ଥୀ ତାଲିକା ଘୋଷଣା କରିବ ବୋଲି କୁହାଯାଉଥିଲା। ଏଥିପାଇଁ ସାମ୍ବାଦିକ ସମ୍ମିଳନୀ ଡକାଯାଇଥିଲା। ମାତ୍ର ବିବାଦ ଯୋଗୁଁ ବାଧ ହୋଇ ଏହାକୁ ସ୍ଥଗିତ ରଖା ଯାଇଥିଲା।

## ଭୋଟ ଚୋରି' ଅଭିଯୋଗର ଏସ୍‌ଆଇଟି ତଦନ୍ତ: ହସ୍ତକ୍ଷେପ କରିବାକୁ ମନାକଲେ ସୁପ୍ରିମକୋର୍ଟ

ନୂଆଦିଲ୍ଲୀ, ୧୩।୧୦ (ଏଜେନ୍ସି): ଗତ ଲୋକସଭା ନିର୍ବାଚନରେ 'ଭୋଟ ଚୋରି' ହୋଇଥିବା ନେଇ ବିରୋଧୀ ଅଭିଯୋଗ କରିଆସୁଛନ୍ତି। ଲୋକସଭା ବିରୋଧୀ ଦଳ ନେତା ତଥା କଂଗ୍ରେସ ସାଂସଦ ରାହୁଲ ଗାନ୍ଧୀ ଏ ନେଇ କ୍ଷମତାସୀନ ଦଳକୁ ଦୋଷ ଦେଉଛନ୍ତି। ବେଙ୍ଗାଲୁରୁ ସେଣ୍ଟ୍ରାଲ ଆସନର 'ଭୋଟ ଚୋରି' ମାମଲାର ଏସ୍‌ଆଇଟି ତଦନ୍ତ ଦାବିରେ ସୁପ୍ରିମକୋର୍ଟରେ ଆବେଦନ ଦାଏର ହୋଇଛି। ତେବେ ସୋମବାର ସୁପ୍ରିମକୋର୍ଟ ଏହା ଉପରେ ଶୁଣାଣି କରିବାକୁ ମନା କରିଦେଇଛନ୍ତି। ଏ ନେଇ ଭାରତୀୟ ନିର୍ବାଚନ କମିଶନଙ୍କ ଦ୍ୱାରସ୍ଥ ହେବାକୁ ଜଷ୍ଟିସ ସୂର୍ଯ୍ୟକାନ୍ତ, ଜଷ୍ଟିସ ଜୟମାଲ୍ୟ ବାଗ୍‌ଚୀଙ୍କ ଖଣ୍ଡପୀଠ ଆବେଦନକାରୀ ରୋହିତ ପାଣ୍ଡେଙ୍କୁ ପରାମର୍ଶ ଦେଇଛନ୍ତି। ଖଣ୍ଡପୀଠ କହିଥିଲେ ଯେ କୋର୍ଟ ଆବେଦନକାରୀ ଓକିଲଙ୍କ ତର୍କବିତର୍କ ଶୁଣିଛନ୍ତି। ଜନସ୍ୱାର୍ଥରେ ଆଗତ ଏହି ମାମଲାରେ ଉପରେ ଶୁଣାଣି କରିବାକୁ ସୁପ୍ରିମକୋର୍ଟ ଇଚ୍ଛୁକ ନାହାନ୍ତି। ପାଣ୍ଡେ କହିଥିଲେ ଯେ ରାହୁଲ କରିଥିବା ଅଭିଯୋଗର ସେ ଯାଞ୍ଚ କରିଥିଲେ। ଏ ନେଇ ସେ ଅନେକ ସ୍ପଷ୍ଟ ପ୍ରମାଣ ପାଇଛନ୍ତି। ଭୋଟ ଚୋରି ପାଇଁ ଏକ ବ୍ୟବସ୍ଥା ସୃଷ୍ଟି କରାଯାଇଥିଲା। ବୈଧ ଭୋଟକୁ ବିକୃତ କରାଯାଇଥିଲା। ତେଣୁ ସାମୂହିକ ସ୍ୱାର୍ଥ ଦୃଷ୍ଟିରୁ ସୁପ୍ରିମକୋର୍ଟ ଏହି ମାମଲାରେ ତୁରନ୍ତ ହସ୍ତକ୍ଷେପ କରିବା ଉଚିତ। ପ୍ରାଥମିକ ତଦନ୍ତରୁ ଜଣାପଡ଼ିଥିଲା ଯେ ଭୋଟର ତାଲିକାରେ ହଜାର ହଜାର ବେଆଇନ ଏବଂ ନକଲି ନାମ ସାମିଲ କରାଯାଇଥିଲା। ସାମ୍ବିଧାନିକ ଗ୍ୟାରେଣ୍ଟି ଉପରେ ଆକ୍ରମଣ କରାଯାଇଥିଲା। ଧାରା ୩୨୬ ଏବଂ ୩୨୪ର ଉଲ୍ଲଙ୍ଘନ କରାଯାଇଥିଲା। କୌଣସି ସ୍ୱାଧୀନ ସମୀକ୍ଷା ବିନା ଭୋଟର ତାଲିକା ସମୀକ୍ଷା କିମ୍ବା ଚୂଡ଼ାନ୍ତ ନ କରିବା ପାଇଁ ନିର୍ଦ୍ଦେଶ ଦେବାକୁ ଆବେଦନକାରୀ ଦାବି କରିଥିଲେ।

### ନିର୍ବାଚନ କମିସନଙ୍କ ଦ୍ୱାରସ୍ଥ ହେବାକୁ ପରାମର୍ଶ

## ମହୁଆରୁ ଲଢ଼ିବେ ତେଜପ୍ରତାପ

ପାଟନା, ୧୩।୧୦(ଏଜେନ୍ସି): ବିହାରରେ ବିଧାନସଭା ନିର୍ବାଚନ ପାଇଁ ଆରଜେଡି ସୁପ୍ରିମୋ ଲାଲୁ ପ୍ରସାଦ ଯାଦବଙ୍କ ବଡ଼ ପୁଅ ତେଜପ୍ରତାପ ଯାଦବ ନିଜ ପାର୍ଟି ଜନଶକ୍ତି ଜନତା ଦଳର ଏକ ୨୧ ଜଣିଆ ପ୍ରାର୍ଥୀ ତାଲିକା ଘୋଷଣା କରିଛନ୍ତି। ଏଥିରେ ସେ ନିଜେ ମହୁଆ ନିର୍ବାଚନମଣ୍ଡଳୀରେ ଲଢ଼େଇ କରିବେ ବୋଲି ଘୋଷଣା କରିଛନ୍ତି। ଫଳରେ ବିହାର ରାଜନୀତିରେ ହଟଚମଟ ସୃଷ୍ଟି ହୋଇଛି। ମହୁଆ ସିଟ୍‌ରୁ ତେଜପ୍ରତାପ ପୂର୍ବରୁ ମଧ୍ୟ ବିଧାୟକ ଭାବେ ନିର୍ବାଚିତ ହୋଇଛନ୍ତି। ଜାରି କରାଯାଇଥିବା ଏହି ପ୍ରାର୍ଥୀ ତାଲିକାରେ ଏକାଧିକ ନୂଆ ଓ ଯୁବ ଚେହେରାଙ୍କୁ ସାମିଲ କରାଯାଇଛି।

# ଗାଜା ଚୁକ୍ତି ବିରୋଧରେ ଜଳୁଛି ପାକିସ୍ତାନ

### ପୁଲିସ ଗୁଳିରେ ୨୦୦ ମୃତ, ୧୫୦୦ ଆହତ

**ଇସଲାମାବାଦ୍, ୧୩।୧୦ (ଏଜେନ୍ସି):** ପାକିସ୍ତାନରେ ଗାଜା ଶାନ୍ତି ଚୁକ୍ତି ଯୋଜନାକୁ ବିରୋଧ କରି ଗତ ୫ ଦିନ ହେବ ବିକ୍ଷୋଭ ପ୍ରଦର୍ଶନ ଜାରି ରହିଛି। ଏହି ବିକ୍ଷୋଭ ଏବେ ଉଗ୍ର ହିଂସାର ରୂପ ନେଇଛି। ପୁଲିସ ବିକ୍ଷୋଭକାରୀଙ୍କ ଉପରକୁ ଗୁଳି ଚଳାଇଛି। ଏଥରେ ୨୦୦ ଜଣ ମୃତ୍ୟୁବରଣ କରିଥିବା ବେଳେ ୧୫୦୦ ଲୋକ ଆହତ ହୋଇଛନ୍ତି।



ଆମେରିକାର ରାଷ୍ଟ୍ରପତି ଡୋନାଲ୍ଡ ଟ୍ରମ୍ପଙ୍କ ଗାଜା ଶାନ୍ତି ଯୋଜନାକୁ ପାକିସ୍ତାନ ପ୍ରଥମେ ସମର୍ଥନ କରିଥିଲା। ଏହାକୁ ନେଇ ପାକିସ୍ତାନରେ ବିଭିନ୍ନ ରାଜନୈତିକ ଦଳରେ ଅସନ୍ତୋଷ ପ୍ରକାଶ ପାଇଛି। ଏହାର ପ୍ରତିବାଦ ଜଣାଇ ତେହେରିକ-ଇ- ଲାବେକ ପାର୍ଟି (ଟିଏଲ୍‌ପି) ରାଜଧାନୀ ଇସଲାମାବାଦ ଘେରାଉ କରିଛି। ଏହାର ଲକ୍ଷାଧିକ ସମର୍ଥକ ଇସଲାମାବାଦରେ ଆମେରିକାର ଦୂତାବାସ ସମ୍ମୁଖରେ ବିକ୍ଷୋଭ କରିବାକୁ ଯୋଜନା କରିଥିଲେ। କିନ୍ତୁ ପ୍ରଶାସନ ଏଥିପାଇଁ ଅନୁମତି ନଦେବାରୁ ସେମାନେ ଇସଲାମାବାଦ ବାହାରେ ଅଟକି ରହିଛନ୍ତି। ବିକ୍ଷୋଭକାରୀ ହିଂସାରେ ମାତିଥିବାରୁ ସେମାନଙ୍କୁ ଅଟକାଇବାକୁ ଯାଇ ପୁଲିସ ପକ୍ଷରୁ ଗୁଳିମାଡ଼ କରାଯାଇଛି। ଏଥିରେ ୨୦୦ ଲୋକ ନିହତ ହୋଇଥିବା ଟିଏଲ୍‌ପି ଦାବି କରିଛି। ସଂଗଠନର ମୁଖ୍ୟ ସାଦ ହୁସେନ ରିଜ୍‌ଭି ମଧ୍ୟ ଗୁରୁତର ଆହତ ହୋଇଛନ୍ତି। ସେ ଲାହୋରରୁ ଇସ୍‌ଲାମାବାଦ୍ ପର୍ଯ୍ୟନ୍ତ ଇସ୍ରାଏଲ ବିରୋଧୀ ବିକ୍ଷୋଭର ନେତୃତ୍ୱ ନେଉଥିବା ବେଳେ ପୁଲିସ ଗୁଳିରେ ଆହତ ହୋଇଛନ୍ତି। ତାଙ୍କୁ ନିକଟସ୍ଥ ମେଡିକାଲ ସେଣ୍ଟରକୁ ନିଆଯାଇଛି ଓ ସେଠାରେ ତାଙ୍କର ଚିକିତ୍ସା ଜାରି ରହିଛି। ତେବେ ଏହି ଘଟଣା କେଉଁଠି ହୋଇଛି, କେତେ ସଂଖ୍ୟାରେ ଲୋକ ମରିଛନ୍ତି ସେ ନେଇ ଆନୁଷ୍ଠାନିକ ଭାବେ କିଛି କୁହାଯାଇନାହିଁ। ସଂଘର୍ଷରେ ଦୁଇଜଣ ପୁଲିସ ଅଧିକାରୀ ମଧ୍ୟ ମୃତ୍ୟୁବରଣ କରିଛନ୍ତି ବୋଲି କୁହାଯାଇଛି।

## ଗାଜାରେ ହମାସ୍-ଆଦିବାସୀ ସଂଘର୍ଷ

### ୬୪ ମୃତ, ପାଲେଷ୍ଟାଇନ୍ ସାମ୍ବାଦିକ ନିହତ

**ଗାଜା ସିଟି, ୧୩।୧୦(ଏଜେନ୍ସି):** ଗାଜାରେ ଇସ୍ରାଏଲ ଓ ହମାସ ମଧ୍ୟରେ ଅସ୍ତ୍ରବିରତି ଲାଗୁ ହେବା ପରେ ଶାନ୍ତି ପ୍ରତିଷ୍ଠାର ବାଟ ଫିଟିଛି। କିନ୍ତୁ ଏତିକିବେଳେ ଆଉ ଏକ ସଂଘର୍ଷର ସୂତ୍ରପାତ ହୋଇଛି। ଗାଜା ସିଟିରେ ରବିବାର ହମାସ ଓ ଦୋଘମୁଶ ଆଦିବାସୀଙ୍କ ମଧ୍ୟରେ ସଂଘର୍ଷ ଯୋଗୁଁ ୬୪ ଜଣ ମୃତ୍ୟୁବରଣ କରିଛନ୍ତି। ଏଥିରେ ୫୨ ଦୋଘମୁଶ ଓ ୧୨ ଜଣ ହମାସ ଯୋଦ୍ଧା ସାମିଲ ରହିଛନ୍ତି। ହମାସର ବରିଷ୍ଠ ଅଧିକାରୀ ବାସେମ ନାଇମ୍ ଏହି ସଂଘର୍ଷରେ ମୃତ୍ୟୁବରଣ କରିଛନ୍ତି। ପାଲେଷ୍ଟାଇନ୍ ସମ୍ବାଦିକ ସାଲେହ ଅଲଜାଫ୍ରାଇ ମଧ୍ୟ ଗୁଳିର ଶିକାର ହୋଇ ପ୍ରାଣ ହରାଇଛନ୍ତି। ଏଥିସହ ଗାଜା ଯୁଦ୍ଧରେ ଏପର୍ଯ୍ୟନ୍ତ ୨୭୦ ସାମ୍ବାଦିକ ପ୍ରାଣ ହରାଇଲେଣି। ସବ୍ରା ଅଞ୍ଚଳରେ ଥିବା ଦୋଘମୁଶ ଆଦିବାସୀଙ୍କ ଠିକଣା ଉପରେ ହମାସ ଆକ୍ରମଣ କରିବାର ଏହି ସଂଘର୍ଷର ସୂତ୍ରପାତ ହୋଇଥିଲା। ଅସ୍ତ୍ରବିରତି ଲାଗୁ ହେବାର ଫାଇଦା ଉଠାଇ ହମାସ ଯୋଜନାବଦ୍ଧ ଭାବେ ଏହି ଆକ୍ରମଣ କରିଥିଲା। ଯେଉଁ ମିଲିସିଆ ସଦସ୍ୟ ଓ ଅପରାଧୀ ଏହି ରକ୍ତପାତରେ ସାମିଲ ନାହାନ୍ତି ସେମାନେ ରବିବାର ସୁଦ୍ଧା ଆତ୍ମସର୍ମପଣ କରିବାକୁ ହମାସ ନିର୍ଦ୍ଦେଶ ଦେଇଛି।

## ପୁଲିସ ଏସ୍ଆଇ ଚାକିରି ବେପାର

# ବେନାମୀ ଆକାଉଣ୍ଟରେ କୋଟିକୋଟି ଟଙ୍କା କାରବାର

ଭୁବନେଶ୍ୱର,୧୩।୧୦(ସମିସ): ପୁଲିସ ଏସ୍ଆଇ ଚାକିରି ବେପାର ଘଟଣାର ତଦନ୍ତ ଯେତେ ଗହୀରକୁ ଯାଉଛି, ସେତେସେତେ ନୂଆ କେଳେଙ୍କାରୀ ଠାବ ହେଉଛି । ଏହି ସମଗ୍ର ଘଟଣାରେ ଶଙ୍କର ପୃଷ୍ଟି ଓ ତାର ସହଯୋଗୀ ମୁନ୍ନା ମହାନ୍ତିକୁ କାର୍ପଟଦାର କୁହାଯାଉଥିଲେ ହେଁ କିଛି ପ୍ରଭାବଶାଳୀଙ୍କ ସମ୍ପୃକ୍ତି ଏହି ଘଟଣାରେ ଥିବା କ୍ରମଶଃ ସ୍ପଷ୍ଟ ହେଉଛି । ଶଙ୍କର ଓ ମୁନ୍ନା ମହାନ୍ତି ତାଙ୍କ ଆକାଉଣ୍ଟରୁ ଦୁଇଟି ବେନାମୀ ଆକାଉଣ୍ଟକୁ କୋଟି କୋଟି ଠଙ୍କା ପଠାଇଥିବାର ତଥ୍ୟ କ୍ରାଇମବ୍ରାଞ୍ଚ ହାତରେ ଲାଗିଛି । ଉଭୟ ଦେଶ ଛାଡ଼ି ଚାଲିଯିବା ଆଶଙ୍କାରେ ଉଭୟଙ୍କ ନାମରେ ଲୁକଆଉଟ୍ ସର୍କୁଲାର ଜାରି ସହ ବ୍ୟୁରୋ ଅଫ୍ ଇମିଗ୍ରେସନକୁ ଅବଗତ କରିଛି କ୍ରାଇମବ୍ରାଞ୍ଚ । ଏହା ସହ ଦୁଇ ଅଭିଯୁକ୍ତଙ୍କ ଫଟୋ ରେଲୱେ ଷ୍ଟେସନ,ଏୟାରପୋର୍ଟ ଓ ଅନ୍ୟ ସ୍ଥାନରେ ଲଗାଯିବା ସହ ଦୁହିଁଙ୍କ ସମ୍ପର୍କରେ ଖବର ମିଳିଲେ କ୍ରାଇମ୍ବ୍ରାଞ୍ଚ ସହ ଯୋଗାଯୋଗ କରିବାକୁ କୁହାଯାଇଛି ।

୨ଟି ବ୍ୟାଙ୍କ ଆକାଉଣ୍ଟକୁ ମୁନ୍ନା ଓ ଶଙ୍କର କୋଟି କୋଟି ଟଙ୍କା ପଠାଇଥିବା ସୂଚନା ମିଳିବା ପରେ କ୍ରାଇମବ୍ରାଞ୍ଚ ଏ ସଂକ୍ରାନ୍ତ ତଦନ୍ତକୁ ଜୋରଦାର କରିଛି । ଏହି ଦୁଇ ବେନାମୀ ଆକାଉଣ୍ଟ କାହାର ଓ କଣ ପାଇଁ

- ଟଙ୍କା ପଠାଇଛନ୍ତି ପଞ୍ଚସଫ୍ଟ ମୁଖ୍ୟ ଶଙ୍କର ପୃଷ୍ଟି ଓ ତାଙ୍କ ସହଯୋଗୀ ମୁନ୍ନା
- ଶଙ୍କର ଓ ସହଯୋଗୀ ମୁନ୍ନା ନାମରେ ଲୁକ୍ ଆଉଟ୍ ଜାରିକଲା କ୍ରାଇମବ୍ରାଞ୍ଚ

ଏହି ଟଙ୍କ ପଠାଯାଇଛି ତାହାର ଖୋଳତାଡ଼ ଆରମ୍ଭ ହୋଇଛି । ଏଥିନିମନ୍ତେ ସଂପୃକ୍ତ ଆକାଉଣ୍ଟର ତଥ୍ୟ ଦେବା ପାଇଁ ବ୍ୟାଙ୍କକୁ ଚିଠି ଲେଖାଯାଇଛି । ପୁଲିସ ଏସ୍ଆଇ ଚାକିରି ବିକ୍ରି ଘଟଣାରେ ଆଶାୟୀଙ୍କଠାରୁ ଅଗ୍ରୀମ ୫ରୁ ୧୦ ଲକ୍ଷ ଟଙ୍କା ଲେଖାଏଁ ନିଆଯାଇଥିଲା । ପରୀକ୍ଷା ଫଳ ପ୍ରକାଶ ପରେ ଅବଶିଷ୍ଟ ଅର୍ଥ ପ୍ରଦାନ ପାଇଁ ସର୍ତ୍ତ ରହିଥିଲା । ୧୧୪ ଜଣ ଆଶାୟୀ ଧରା ପଡ଼ିଥିବାବେଳେ ପୂର୍ବରୁ ତାଲିମ ପାଇଁ ଯାଇଥିବା ୩୦୦ରୁ ଊର୍ଦ୍ଧ୍ୱ ଆଶାୟୀ ଧରାଛୁଆଁରୁ ବାହାରେ । ଏହିକ୍ରମରେ ପରୀକ୍ଷା ପୂର୍ବରୁ କେବଳ ଅଗ୍ରୀମ ବାବଦରେ ପ୍ରାୟ ୨୦ କୋଟିରୁ ୩୦ କୋଟି ଟଙ୍କା ଆଦାୟ କରାଯାଇଥିବା ଆଶଙ୍କା କରାଯାଉଛି । କିଛି ଅର୍ଥ ନଗଦ ସଂଗ୍ରହ ହୋଇଥିବାବେଳେ କିଛି ଅର୍ଥ ଅନଲାଇନ୍ ଓ ୟୁପିଆଇ ଯୋଗେ ଆଦାୟ ହୋଇଛି । ତେଣୁ ଏହାକୁ ଦୃଷ୍ଟିରେ ରଖି କ୍ରାଇମବ୍ରାଞ୍ଚ ତଦନ୍ତ ଚଳାଇଛି ।

ଅନ୍ୟପକ୍ଷରେ ଚାକିରିକୁ ନେଇ ଅର୍ଥ କାରବାର ହୋଇଥିବାରୁ ଘଟଣାର ତଦନ୍ତକୁ ତ୍ୱରାନ୍ୱିତ କରିବାକୁ କ୍ରାଇମବ୍ରାଞ୍ଚ ଇଡ଼ିକୁ ଚିଠି ଲେଖିବ ବୋଲି ସୂଚନା ମିଳିଛି । ଭବିଷ୍ୟତ ଓ ଚାକିରି ବାଜିରେ ଲାଗିବା ପରେ ଗିରଫ ପରୀକ୍ଷାର୍ଥୀଙ୍କ ମଧ୍ୟରୁ ଅନେକ ପ୍ରାର୍ଥୀ ଭୟରେ ପାଟି ଖୋଲୁ ନାହାନ୍ତି । ଦଲାଲ ମାଧ୍ୟମରେ ଦେଇଥିବା ଟଙ୍କା କେମିତି ଫେରି ପାଇବେ ତାହାକୁ ନେଇ ଚିନ୍ତାରେ ଅଛନ୍ତି । ତେବେ ଏହି ଘଟଣାରେ ଏଯାବତ୍ କ୍ରାଇମବ୍ରାଞ୍ଚ ପରୀକ୍ଷା ପରିଚାଳନା ନେଇଥିବା ଠିକା ସଂସ୍ଥା ଆଇଟିଆଇ ଲିଃ ଓ ସିଲିକନ୍ ନିକଟରେ ପହଞ୍ଚି ପାରିନାହିଁ । ଆଇଟିଆଇ ଲିମିଟେଡ୍ କାହିଁକି ବାରମ୍ବାର ନିଜର ପାର୍ଟନଜର ପରିବର୍ତ୍ତନ କରୁଥିଲା ଓ ଏଥିପାଇଁ କିଏ ଅନୁମତି ଦେଉଥିଲା ତାହା ମଧ୍ୟ ଖୋଳତାଡ଼ କରିନାହିଁ । ଏପରିକି ଓପିଆରବିର ଭୂମିକାକୁ ମଧ୍ୟ ନିଜର ତଦନ୍ତ ପରିସରକୁ ଆଣିପାରିନାହିଁ । ଏହି ପରୀକ୍ଷା କେଳେଙ୍କାରୀ ମାମଲାରେ ୫ ଲକ୍ଷରୁ ଊଦ୍ଧ୍ୱରୁ ଟଙ୍କା ଜବତ ହୋଇଥିବା ନେଇ ତଦନ୍ତକାରୀ ଟିମ୍ ସୂଚନା ଦେଇଛି । କ୍ରାଇମବ୍ରାଞ୍ଚର ଏକ ଟିମ୍ ଏବେବି ୭ଟି ରାଜ୍ୟକୁ ଯାଇ ଖୋଳତାଡ ଜାରି ରଖିଛି ।

## ପଶ୍ଚିମବଙ୍ଗରେ ଓଡ଼ିଶା ଛାତ୍ରୀଙ୍କୁ ଗଣଦୁଷ୍କର୍ମ

# ସମସ୍ତ ୫ ଅଭିଯୁକ୍ତ ଗିରଫ

କୋଲକାତା,୧୩।୧୦: ପଶ୍ଚିମ ବଙ୍ଗର ଦୁର୍ଗାପୁରରେ ଜଳେଶ୍ୱରର ମେଡିକାଲ ଛାତ୍ରୀଙ୍କୁ ଗଣଦୁଷ୍କର୍ମ ମାମଲାରେ ସମସ୍ତ ୫ ଜଣ ଅଭିଯୁକ୍ତଙ୍କୁ ଗିରଫ କରିଛି ପୁଲିସ । ଗତକାଲି ତିନି ଜଣ ଧରାପଡ଼ିଥିବା ବେଳେ ଆଜି ଆଉ ଦୁଇ ଜଣଙ୍କୁ ଗିରଫ କରାଯାଇଛି । ଏହି ଦୁଇ ଅଭିଯୁକ୍ତ ହେଲେ ସଦାମ ଏବଂ ସଫିକୁଲ । ସେମାନଙ୍କୁ କୋର୍ଟରେ ହାଜର କରାଯିବା ପରେ ଜେଲ ହାଜତକୁ ପଠାଇ ଦିଆଯାଇଛି । ଏହାସହିତ ଏହି ଜଘନ୍ୟ କାଣ୍ଡରେ ଲିପ୍ତ ଥିବା ସମସ୍ତ ୫ ଜଣ ଅଭିଯୁକ୍ତ ଗିରଫ

- ଦୁର୍ଗାପୁର ଗଲେ ଓଡ଼ିଶା ମହିଳା କମିସନ ଅଧ୍ୟକ୍ଷା
- ରିପୋର୍ଟ ମାଗିଲେ ଜାତୀୟ ମହିଳା କମିସନ

ହୋଇଛନ୍ତି ବୋଲି ଦୁର୍ଗାପୁର ପୁଲିସ ପକ୍ଷରୁ କୁହାଯାଇଛି । ତେବେ ସନ୍ଦେହ ଘେରରେ ଥିବା ପୀଡ଼ିତା ଛାତ୍ରୀଙ୍କ ପୁରୁଷ ବନ୍ଧୁଙ୍କୁ ଏବେ ବି ପୁଲିସ ଅଟକ ରଖି ପଚରାଉଚରା ଚଳାଇଛି । ଅଭିଯୁକ୍ତଙ୍କ ବିରୋଧରେ କଠୋର କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯିବ ବୋଲି ପୁଲିସ ଡିଜି କହିଛନ୍ତି ।

ଇତିମଧ୍ୟରେ ଓଡ଼ିଶା ମହିଳା କମିସନ ଅଧ୍ୟକ୍ଷା ଶୋଭନା ମହାନ୍ତି ଆଜି ଦୁର୍ଗାପୁର ଯାଇଛନ୍ତି । ସେ ପୀଡ଼ିତାଙ୍କ ପିତାମାତାଙ୍କୁ ଭେଟିବା ସହିତ ସ୍ଥାନୀୟ ପୁଲିସ ଅଧିକାରୀଙ୍କ ସହିତ ଆଲୋଚନା କରିଛନ୍ତି । ତେବେ ପୀଡ଼ିତା ଛାତ୍ରୀଙ୍କୁ ଭେଟିବା ଲାଗି ତାଙ୍କୁ ହସପିଟାଲ ଯିବାକୁ ଅନୁମତି ଦିଆଯାଇନଥିବା ଜଣାପଡ଼ିଛି । ଓଡ଼ିଶା ସରକାର ପଠାଇଥିବା ଏକ ପ୍ରତିନିଧି ଦଳ ମଧ୍ୟ ଦୁର୍ଗାପୁର ଯାଇଛନ୍ତି । କିନ୍ତୁ ସେମାନଙ୍କୁ ହସପିଟାଲ ଭିତରକୁ ଛାଡ଼ିବାକୁ ପୁଲିସ ମନା କରିଦେଇଛି । ପୀଡ଼ିତା ଛାତ୍ରୀଙ୍କର ଚିକିତ୍ସା ଚାଲିଥିବାରୁ ବାହାର ଲୋକଙ୍କୁ ଭେଟିବାଲାଗି ଅନୁମତି ଦିଆଯାଉ ନାହିଁ ବୋଲି ପୁଲିସ କହିଛି । ପୁଲିସ ପକ୍ଷରୁ କୁହାଯାଇଛି ଯେ ପୀଡ଼ିତା ଛାତ୍ରୀଙ୍କର ଡାକ୍ତରୀ ରିପୋର୍ଟ ଆସିଛି ଏବଂ ଦୁଷ୍କର୍ମର ଶିକାର ହୋଇଥିବା ରିପୋର୍ଟରେ ଦର୍ଶାଯାଇଛି ।

ଇତିମଧ୍ୟରେ ଛାତ୍ରୀଙ୍କ ପିତା କହିଛନ୍ତି ଯେ ତାଙ୍କ ଝିଅ ପଶ୍ଚିମ ବଙ୍ଗରେ ନିରାପଦ ନୁହେଁ । ମାଜିଷ୍ଟ୍ରେଟଙ୍କ ଆଗରେ ବୟାନ ଦେବାପରେ ସେ ତାଙ୍କୁ ଘରକୁ ନେଇଯିବେ । ଆଜି ସେ ବିଜେପି ନେତା ଶୁଭେନ୍ଦୁ ଅଧିକାରୀଙ୍କୁ ଭେଟି ଏସଂପର୍କରେ ଆଲୋଚନା କରିଛନ୍ତି । ରାଜ୍ୟପାଳ ମଧ୍ୟ ଆଜି ଦୁର୍ଗାପୁର ହସପିଟାଲ ଯାଇ ପୀଡ଼ିତାଙ୍କ ସ୍ୱାସ୍ଥ୍ୟାବସ୍ଥା ପଚାରି ବୁଝିଛନ୍ତି । ଅଭିଯୁକ୍ତମାନଙ୍କ ବିରୋଧରେ କଠୋର କାର୍ଯ୍ୟାନୁଷ୍ଠାନ ପାଇଁ ନିର୍ଦ୍ଦେଶ ଦେଇଛନ୍ତି । ଜାତୀୟ ମହିଳା କମିସନ ମଧ୍ୟ ଏହି ଘଟଣାରେ ପଶ୍ଚିମ ବଙ୍ଗ ପୁଲିସ ଡିଜିଙ୍କ ଠାରୁ ରିପୋର୍ଟ ତଲବ କରିଛନ୍ତି ।

ସୂଚନାଯୋଗ୍ୟ ଯେ ଗତ ଶୁକ୍ରବାର ରାତିରେ ଜଳେଶ୍ୱରର ଏହି ଏମବିବିଏସ୍ ଛାତ୍ରୀ ନିଜର ପୁରୁଷ ବନ୍ଧୁଙ୍କ ସହିତ କଲେଜ କ୍ୟାମ୍ପସ ବାହରରକୁ ଯାଇଥିବା ବେଳେ ୫ ଜଣ ଦୁର୍ବୃତ୍ତ ତାଙ୍କୁ ଟେକିନେଇ ଦୁଷ୍କର୍ମ କରିଥିଲେ ।

# ରତ୍ନଭଣ୍ଡାର ଗଣତିମଣତିକୁ ନେଇ ଭୂଆଁ ବୁଲାଉଛନ୍ତି ସରକାର: ବିଜେଡି

ଭୁବନେଶ୍ୱର,୧୩।୧୦(ସମିସ): ଶ୍ରୀମନ୍ଦିର ରତ୍ନଭଣ୍ଡାର ଗଣତି ମଣତିକୁ ନେଇ ନିର୍ବାଚନ ବେଳେ ବିଜେପି ଦେଇଥିବା ପ୍ରତିଶ୍ରୁତି ସରକାରକୁ ଆସିଲା ପରେ ଭୁଲି ଯାଇଛି । ତେଣୁ ଶ୍ରୀମନ୍ଦିର ରତ୍ନଭଣ୍ଡାରକୁ ନେଇ ରାଜ୍ୟ ବିଜେପି ସରକାରର ମନ୍ଦ ଉଦ୍ଦେଶ୍ୟ ସ୍ପଷ୍ଟ ହୋଇଛି ବୋଲି ଶଙ୍ଖ ଭବନ ଠାରେ ଆୟୋଜିତ ସାମ୍ବାଦିକ ସମ୍ମିଳନୀରେ ଅଭିଯୋଗ କରିଛନ୍ତି ଦଳର ସାଧାରଣ ସମ୍ପାଦକ ତଥା ରାଜ୍ୟସଭା ସାଂସଦ ଶୁଭାଶିଷ ଖୁଣ୍ଟିଆ ଓ ମୁଖପାତ୍ର ତଥା ମିଡିଆ ସଂଯୋଜକ ଡଃ ଲେନିନ ମହାନ୍ତି ।

- ରତ୍ନଭଣ୍ଡାରକୁ ନେଇ ରାଜ୍ୟ ସରକାରଙ୍କ ଉଦ୍ଦେଶ୍ୟ ମନ୍ଦ
- ସନ୍ଦେହ ଘେରରେ ମହାପ୍ରଭୁଙ୍କ ରତ୍ନ ସ୍ଥାନାନ୍ତରଣ ପ୍ରକ୍ରିୟା

ଶ୍ରୀ ଖୁଣ୍ଟିଆ କହିଛନ୍ତି ଯେ, ସରକାରକୁ ଆସିବାର ୧୬ ମାସ ପରେ ମଧ୍ୟ ରାଜ୍ୟ ବିଜେପି ସରକାର ରତ୍ନଭଣ୍ଡାର ଗଣତି ମଣତି ନେଇ ଲୋକଙ୍କୁ ଭୂଆଁ ବୁଲାଉଛନ୍ତି । ରତ୍ନଭଣ୍ଡାରକୁ ନେଇ ନିର୍ବାଚନ ସମୟରେ ରାଜ୍ୟ ବିଜେପି ବିଭିନ୍ନ ଅପପ୍ରଚାର କରିଥିଲା; ଇତିମଧ୍ୟରେ ୧୬ ମାସ ବିତିଥିଲେ ବି ବିଭିନ୍ନ ଆଳ ଦେଖାଇ ସରକାର ଆଜିଯାଏ ଗଣତି ମଣତି କରିପାରି ନାହାନ୍ତି । ରତ୍ନଭଣ୍ଡାର ମରାମତି ପାଇଁ ପୂର୍ବତନ ମୁଖ୍ୟମନ୍ତ୍ରୀ ନବୀନ ପଟ୍ଟନାୟକ ବାରମ୍ବାର କେନ୍ଦ୍ର ସରକାରଙ୍କୁ ଅନୁମତି ମାଗିଥିଲେ ମଧ୍ୟ, ଟାଳଟୁଳ ନୀତି ଅବଲମ୍ବନ କରି ପରିଶେଷରେ ୨୦୨୩ ମସିହାରେ କେନ୍ଦ୍ର ସରକାର ଏଏସ୍ଆଇକୁ ମରାମତି ପାଇଁ ଅନୁମତି ପ୍ରଦାନ କରିଥିଲେ । ତତ୍କାଳୀନ ବିଜେଡି ସରକାର ସୁପ୍ରିମକୋର୍ଟର ଅବସରପ୍ରାପ୍ତ ବିଚାରପତି ଜଷ୍ଟିସ୍ ଅରିଜିତ ପଶାୟତଙ୍କ ଅଧ୍ୟକ୍ଷତାରେ ଏକ କମିଟି ଗଠନ କରି ରତ୍ନଭଣ୍ଡାରର ମରାମତି ଓ ଗଣତି ମଣତି ପାଇଁ ପଦକ୍ଷେପ ନେଇଥିଲେ । ରାଜ୍ୟରେ ବିଜେପି ସରକାର ଆସିଲା ପରେ ଜଷ୍ଟିସ୍ ପଶାୟତଙ୍କ ସ୍ଥାନରେ ହାଇକୋର୍ଟର ଜଣେ ଅବସରପ୍ରାପ୍ତ ବିଚାରପତିଙ୍କୁ ନେଇ ପୁଣି କମିଟି ଗଠନ କଲେ; କିନ୍ତୁ ଏଯାଏଁ ଏହି କମିଟି କେବଳ ରତ୍ନଭଣ୍ଡାରର ସ୍ଥାନାନ୍ତରଣ ଛଡ଼ା ଗଣତି ମଣତି ପାଇଁ



କୌଣସି କାର୍ଯ୍ୟ କରିନାହାନ୍ତି । ଯେହେତୁ ସ୍ୱଚ୍ଛତାର ସହ ଏହି ରତ୍ନ ସ୍ଥାନାନ୍ତରଣ ପ୍ରକ୍ରିୟା ହୋଇନାହିଁ ଏବଂ ଏନେଇ ରାଜ୍ୟବାସୀ ଅନ୍ଧାରରେ ଅଛନ୍ତି, ଲୋକଙ୍କ ମନରେ ସ୍ୱାଭାବିକ ଭାବେ ଏହି ସ୍ଥାନାନ୍ତରଣ ପ୍ରକ୍ରିୟା ସମୟରେ ଶ୍ରୀଜୀଉଙ୍କ ବହୁମୂଲ୍ୟ ରତ୍ନ ଲୁଟ୍ ହୋଇଥିବା ସନ୍ଦେହ ଦୃଢ଼ୀଭୂତ ହୋଇଛି । ଅବିଳମ୍ବେ ସରକାର ରତ୍ନଭଣ୍ଡାରର ଗଣତି ମଣତି ସ୍ୱଚ୍ଛତାର ସହ ସମ୍ପାଦନ କରି ଜନସାଧାରଣଙ୍କ ନିକଟରେ ଏ ସମ୍ପର୍କିତ ସମସ୍ତ ତଥ୍ୟ ପ୍ରଦାନ କରନ୍ତୁ ବୋଲି ଦଳ ପକ୍ଷରୁ କୁହାଯାଇଛି ।

# ଭୁଜାଲିରେ ହାଣିଲେ, ବନ୍ଧୁକ ଦେଖାଇ ଲୁଟିଲେ

କପ୍ତିପଦା,୧୩।୧୦(ସମିସ): ଘରେ ପଶି ଭୁଜାଲିରେ ହାଣିଲେ ଏବଂ ବେକରେ ବନ୍ଧୁକ ଲଗାଇ ଘରୁ ଟଙ୍କା, ସୁନା ଅଳଙ୍କାର ଲୁଟିନେଲେ । ଗଲା ବେଳେ ବାହାରୁ ସ୍ୱାମୀ-ସ୍ତ୍ରୀଙ୍କୁ ତାଲା ପକାଇଦେଲେ । କପ୍ତିପଦା ଥାନା ଝିଙ୍କପଦା ଗ୍ରାମରେ ଗତକାଲି ସଂଧ୍ୟାରେ ଏଭଳି ଏକ ବଡ଼ ଧରଣର ଲୁଟ୍ ହୋଇଛି । ଲୁଟ୍ର ଶିକାର ହୋଇଛନ୍ତି ଗ୍ରାମର କାର୍ତ୍ତିକେଶ୍ୱର ସାହୁ । ଶ୍ରୀ ସାହୁ ଏ ସଂପର୍କରେ ଆଜି କପ୍ତିପଦା ଥାନାରେ ଅଭିଯୋଗ କରିବାରୁ ପୁଲିସ ତଦନ୍ତ ଆରମ୍ଭ କରିଛି ।

ଗତକାଲି ସଂଧ୍ୟାରେ କାର୍ତ୍ତିକେଶ୍ୱର ଓ ତାଙ୍କ ସ୍ତ୍ରୀ ଘରେ ଥିବା ବେଳେ ହଠାତ୍ ୪ଜଣ ମୁଖାପିନ୍ଧା ଦୁର୍ବୃତ୍ତ ଭୁଜାଲି ଏବଂ ବନ୍ଧୁକ ଧରି ଘର ଭିତରକୁ ପଶି ଆସିଥିଲେ । କେହି କିଛି ବୁଝିବା ପୂର୍ବରୁ ସେମାନେ ଟିଭି ଦେଖୁଥିବା କାର୍ତ୍ତିକେଶ୍ୱରଙ୍କ ହାତକୁ ଭୁଜାଲିରେ ହାଣିବା ସହ ବେକରେ ବନ୍ଧୁକ ଲଗାଇ ଦେଇଥିଲେ । ଆଉ ଦୁଇଜଣ ଦୁର୍ବୃତ୍ତ ରୋଷେଇ କରୁଥିବା କାର୍ତ୍ତିକେଶ୍ୱରଙ୍କ ସ୍ତ୍ରୀ ଅନ୍ନପୂର୍ଣ୍ଣାଙ୍କୁ ଭୁଜାଲିରେ ଆକ୍ରମଣ କରି ଲହୁଲୁହାଣ କରିଥିଲେ । ପରେ ସେମାନେ ଆଲମିରା, ଖଟ ଆଦି ଭାଙ୍ଗିବା ସହିତ ସେଥିରେ ଥିବା ଲକ୍ଷାଧିକ ଟଙ୍କାର ସୁନା ଅଳଙ୍କାର, ନଗଦ ୧୫ହଜାର ଟଙ୍କା ଓ ଅନ୍ନପୂର୍ଣ୍ଣା ପିନ୍ଧିଥିବା ସୁନାଚେନ୍ ମଧ୍ୟ ଲୁଟିନେଇ ପଳାଇଥିଲେ । ଲୁଟିବା ପରେ ଉଭୟ ସ୍ୱାମୀ-ସ୍ତ୍ରୀଙ୍କୁ ଦୁର୍ବୃତ୍ତମାନେ ଏକ ଘର ଭିତରେ ସେମାନଙ୍କୁ ବନ୍ଦ କରିଦେଇ ଫେରାର୍ ହୋଇଯାଇଥିଲେ ।

# ଓଡ଼ିଶା ଛାଡ଼ିଲା ମୌସୁମୀ

## ଆଣିଥିଲା ୧୬ଟି ଲଘୁଚାପ, ୫ ଅବପାତ

ଭୁବନେଶ୍ୱର,୧୩।୧୦(ସମିସ): ସାଧରଣ ଭାବେ ଓଡ଼ିଶାରୁ ଅକ୍ଟୋବର ୧୦-୧୫ ମଧ୍ୟରେ ମୌସୁମୀ ଅପସାରଣ ହୋଇଥାଏ । ଚଳିତ ବର୍ଷ ରାଜ୍ୟକୁ ସ୍ୱମୌସୁମୀ ଯଥେଷ୍ଟ ଆଗୁଆ ଆସିଥିଲେ ମଧ୍ୟ ରାଜ୍ୟରୁ ସ୍ୱାଭାବିକ ସମୟରେ ପ୍ରତ୍ୟାବର୍ତ୍ତନ କରିଛି । ପ୍ରଥମ ଦିନରେ ଉତ୍ତର ଓଡ଼ିଶା ସମେତ ପଶ୍ଚିମ ଓଡ଼ିଶାର କିଛି ଜିଲ୍ଲାରୁ ମୌସୁମୀ ବିଦାୟ ନେଇଛି । ପାଣିପାଗ କେନ୍ଦ୍ରର ସୂଚନା ଅନୁଯାୟୀ ଦକ୍ଷିଣ ପଶ୍ଚିମ ମୌସୁମୀ ବାୟୁ ସୁନ୍ଦରଗଡ଼, ଝାରସୁଗୁଡ଼ା, ବରଗଡ଼ ଆଦିରୁ ସମ୍ପୂର୍ଣ୍ଣ ଅପସାରଣ ହୋଇଯାଇଥିବା ବେଳେ ମୟୂରଭଞ୍ଜ, କେନ୍ଦୁଝର, ଦେବଗଡ଼, ସମ୍ବଲପୁର ଅଧିକାଂଶ ଅଞ୍ଚଳ ଏବଂ ନୂଆପଡ଼ା, ସୋନପୁର, ବରଗଡ଼ ଓ ବାଲେଶ୍ୱରର କିଛି ଅଞ୍ଚଳରୁ ଅପସାରଣ ହୋଇଛି । ମୌସୁମୀ ପ୍ରତ୍ୟାବର୍ତ୍ତନ ଯୋଗୁଁ ଏହି ସବୁ ଅଞ୍ଚଳରେ ଦୁଇ ଦିନ ହେବ ବର୍ଷା କମିଯାଇଥିବା ବେଳେ ଆଗକୁ ମଧ୍ୟ ଏଠାରେ ଶୁଖିଲା ପାଗ ଜାରି ରହିବାର ସମ୍ଭାବନା ରହିଛି । ଅନ୍ୟପଟେ ୨-୩ ଦିନ ମଧ୍ୟରେ ରାଜ୍ୟର ବାକି ଅଞ୍ଚଳରୁ ମୌସୁମୀ ପ୍ରତ୍ୟାବର୍ତ୍ତନ ହୋଇଯିବ ବୋଲି ପାଣିପାଗ କେନ୍ଦ୍ର ଆକଳନ କରିଛି ।

**ସଅଳ ଆସିଲା, ସ୍ୱାଭାବିକ ସମୟରେ ଫେରିଲା**

ଅନ୍ୟପଟେ ପାଣିପାଗ ବିଭାଗର ତଥ୍ୟକୁ ଦେଖିଲେ ଗଲା ୩ ବର୍ଷ ହେବ ରାଜ୍ୟରୁ ମୌସୁମୀ ୧୩ ଅକ୍ଟୋବରରେ ପ୍ରତ୍ୟାବର୍ତ୍ତନ ହେଉଥିବା ଦେଖାଯାଇଛି । ୧୦ ବର୍ଷ ମଧ୍ୟରେ ୨୦୧୮ ରେ ସବୁଠୁ ଆଗୁଆ ଅର୍ଥାତ ମୌସୁମୀ ୫ ଅକ୍ଟୋବରରେ ଓଡ଼ିଶା ଛାଡ଼ିଥିବା ବେଳେ ୨୦୨୦ରେ ସବୁଠୁ ବିଳମ୍ବ ଅର୍ଥାତ ୨୬ ଅକ୍ଟୋବରରେ ମୌସୁମୀ ଓଡ଼ିଶାରୁ ବିଦାୟ ନେଇଥିଲା । ସାଧାରଣ ଭାବେ ମୌସୁମୀ ପ୍ରତ୍ୟାବର୍ତ୍ତନ ଆରମ୍ଭ ହେବାର ୨-୩ ଦିନ ମଧ୍ୟରେ ସାରା ଓଡ଼ିଶାରୁ ଅପସାରଣ ହୋଇଯାଉଥିବାରୁ ଚଳିତ ବର୍ଷ ମଧ୍ୟ ୧୫ ସୁଦ୍ଧା ମୌସୁମୀ ସାରା ଓଡ଼ିଶାରୁ ବିଦାୟ ନେଇ ଯିବାର ସମ୍ଭାବନା ରହିଛି ।

ରାଜ୍ୟକୁ ଜୁନ୍ ଦ୍ୱିତୀୟ ସପ୍ତାହ ବେଳକୁ ମୌସୁମୀ ଅଗ୍ରସର ହୋଇଥାଏ । ହେଲେ ଚଳିତ ବର୍ଷ ସ୍ୱାଭାବିକ ସମୟର ଯଥେଷ୍ଟ ପୂର୍ବରୁ ଅର୍ଥାତ ମେ' ୨୬ରେ ଦକ୍ଷିଣ ପଶ୍ଚିମ ମୌସୁମୀ ଓଡ଼ିଶା ପ୍ରବେଶ କରିଥିଲା । ଏଥର ମୌସୁମୀ ୪ ମାସ ଅର୍ଥାତ ଜୁନ୍-ସେପ୍ଟେମ୍ବର ମଧ୍ୟରେ ୧୧୫୦.୯ ମିମି ବର୍ଷା ରେକର୍ଡ ହୋଇଛି । ଯାହାକି ରାଜ୍ୟରେ ସ୍ୱାଭାବିକ ବର୍ଷାକୁ ସୂଚାଉଛି । ମୌସୁମୀର ପ୍ରଭାବ ମଧ୍ୟରେ ବଙ୍ଗୋପସାଗର ଓଡ଼ିଶାକୁ ପ୍ରଭାବିତ କରିଥିବା ସ୍ଥଳଭାଗକୁ ମିଶାଇ ମୋଟ୍ ୧୬ ଟି ଲଘୁଚାପ ହୋଇଥିଲା । ଏଥି ମଧ୍ୟରୁ ୫ ଟି ଲଘୁଚାପ ଅଧିକ ଘନୀଭୂତ ହୋଇ ଅବପାତ/ଗଭୀର ଅବପାତରେ ମଧ୍ୟ ପରିଣତ ହୋଇଥିଲା । ଏହାଦ୍ୱାରା ଚଳିତ ବର୍ଷ ରାଜ୍ୟର ଉତ୍ତର ଓଡ଼ିଶାରେ ପ୍ରାୟ ୬ ଥର ବନ୍ୟା ସ୍ଥିତି ସୃଷ୍ଟି ହୋଇଥିବା ବେଳେ ମହାନଦୀରେ ମଧ୍ୟ ଦୁଇ ଥର ଛୋଟ ଧରଣର ବନ୍ୟା ଆସିଥିଲା ।

- ଜେଲ୍ ପାଚେରି ଡେଇଁ ୨ କଏଦୀ ଫେରାର୍ ଘଟଣା

# ବଦଳିଲେ ଚୌଦ୍ୱାର ସର୍କଲ ଜେଲର୍

କଟକ, ୧୩।୧୦ (ସମିସ): ଚୌଦ୍ୱାର ସର୍କଲ ଜେଲ୍ର ଜେଲର୍ ସନ୍ତୋଷିନୀ ଦାଶଙ୍କୁ କଣ୍ଟାବାଞ୍ଜି ସବ୍ଜେଲକୁ ବଦଳି କରାଯାଇଛି । ତାଙ୍କ ସ୍ଥାନରେ କଣ୍ଟାବାଞ୍ଜି ଜେଲର୍ ତଥା ଅଧୀକ୍ଷକ ଥିବା ରଘୁରାଜ ମାଝୀଙ୍କୁ ଅବସ୍ଥାପିତ କରାଯାଇଛି । ଏ ସଂକ୍ରାନ୍ତରେ ଜେଲ୍ ଡିଜିଙ୍କ ପକ୍ଷରୁ ଆଜି ଏକ ବଦଳି ନିର୍ଦ୍ଦେଶନାମା ଜାରି କରାଯାଇଛି । ଗତ ଅକ୍ଟୋବର ୨ ତାରିଖ ବିଳମ୍ବିତ ରାତିରେ କଡ଼ା ପହରା ସତ୍ତ୍ୱେ ଚୌଦ୍ୱାର ଜେଲରୁ ଦୁଇଜଣ କଏଦୀ ଫେରାର୍ ହୋଇଯାଇଥିଲେ । ଯାଜପୁର ଜିଲ୍ଲା ପାଣିକୋଇଲି ଅଞ୍ଚଳରେ ସୁନା ଅଳଙ୍କାର ଦୋକାନ ଚୋରି ଓ ହତ୍ୟା ମାମଲାରେ ଗିରଫ ଦୁଇ କୁଖ୍ୟାତ ଅପରାଧୀ ବିହାରର ରାଜା ସାହାଣୀ ଓ ମଧୁକାନ୍ତ କୁମାର ଗତ ୮ ମାସ ହେବ ଏହି ଜେଲ୍ରେ ବିଚାରାଧୀନ କଏଦୀ ଭାବେ ରହୁଥିଲେ । କିନ୍ତୁ ଦଶହରା ରାତିରେ ସେମାନେ ସମସ୍ତଙ୍କୁ ଚକ୍ମା ଦେଇ ରାଜ୍ୟର ଏହି ସର୍ବବୃହତ୍ ଜେଲର ସୁଉଚ୍ଚ ପାଚେରୀ ଡେଇଁ ଫେରାର୍ ହୋଇଯାଇଥିଲେ । ଏହି ଘଟଣା ଜେଲ୍ ସୁରକ୍ଷା ବ୍ୟବସ୍ଥା ଉପରେ ପ୍ରଶ୍ନବାଚୀ ସୃଷ୍ଟି କରିଛି । ଏହି ଘଟଣାରେ ତୁରନ୍ତ ୨ଜଣ ୱାର୍ଡରଙ୍କୁ ନିଲମ୍ବନ କରାଯାଇଥିଲେ ସୁଦ୍ଧା ଆଉ କାହା ବିରୋଧରେ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯାଇନଥିଲା । ଏହି ଘଟଣାର ଦୀର୍ଘ ୧୧ ଦିନ ପରେ ଜେଲର୍ଙ୍କୁ ବଦଳି କରାଯାଇଥିବା ଜଣାପଡ଼ିଛି ।

# ଗୁରୁତ୍ୱପୂର୍ଣ୍ଣ ପ୍ରକଳ୍ପରେ ବାଧକ ହେବନି ଜଙ୍ଗଲ ଜମି

ଭୁବନେଶ୍ୱର, ୧୩।୧୦ (ସମିସ): ଜଙ୍ଗଲ ଜମି କିସମ ପରିବର୍ତ୍ତନ ପ୍ରସ୍ତାବଗୁଡ଼ିକ ନିର୍ଦ୍ଧାରିତ ସମୟସୀମା ଭିତରେ ସରିବା ଦରକାର । ଏଥିପାଇଁ ଏ ସମ୍ପର୍କିତ ସମସ୍ତ ବିଭାଗ ଓ ସଂସ୍ଥାମାନଙ୍କ ସମନ୍ୱୟ ରହିବା ଆବଶ୍ୟକ । ବିଭାଗଗୁଡ଼ିକ ନିଜନିଜ କାମ କରି ସମୟୋପଯୋଗୀ ପ୍ରକଳ୍ପ କାର୍ଯ୍ୟନ୍ୱୟନ ସୁନିଶ୍ଚିତ କରିବା ଉପରେ ରାଜ୍ୟ ସରକାର ଗୁରୁତ୍ୱ ଦେଇଛନ୍ତି । ଏଥିପାଇଁ ରାଜ୍ୟ ଜଙ୍ଗଲ, ପରିବେଶ ଓ ଜଳବାୟୁ ପରିବର୍ତ୍ତନ ବିଭାଗର ଅତିରିକ୍ତ ମୁଖ୍ୟ ଶାସନସଚିବ ସତ୍ୟବ୍ରତ ସାହୁ ଏକ ଗୁରୁତ୍ୱପୂର୍ଣ୍ଣ ସମୀକ୍ଷା ବୈଠକ କରି ରାଜ୍ୟର ଗୁରୁତ୍ୱପୂର୍ଣ୍ଣ ପ୍ରକଳ୍ପ ପାଇଁ ଯେପରି ଜଙ୍ଗଲ ଜମି କିସମ ପରିବର୍ତ୍ତନ ବାଧକ ସାଜିବନି, ତାହା ସୁନିଶ୍ଚିତ କରିବାକୁ ନିର୍ଦ୍ଦେଶ ଦେଇଛନ୍ତି ।

ଏହାକୁ ଆଧାର କରି କେନ୍ଦ୍ର ଓ ରାଜ୍ୟ ସରକାରଙ୍କ ପିଏମଜି/ପ୍ରଗତି ପୋର୍ଟାଲରେ ଥିବା ମୁଖ୍ୟ ପ୍ରକଳ୍ପଗୁଡ଼ିକର ରାଜ୍ୟ ସରକାର ସ୍ଥିତି ସମୀକ୍ଷା କରିଛନ୍ତି । ଏହି କ୍ରମରେ ବର୍ତ୍ତମାନ ଭାରତୀୟ ଜାତୀୟ ରାଜପଥ ପ୍ରାଧିକରଣ (ଏନ୍ଏଚ୍ଏଆଇ), ଭାରତୀୟ ରେଳବାଇ, ଓପିଟିସିଏଲ, ଜିଏସଆଇ ଓ ରିଲାୟନ୍ସ ଜିଓ ଇନ୍ଫୋକମ୍ ଲିମିଟେଡ୍ର ମୁଖ୍ୟ ଅବସ୍ଥାପନା ପ୍ରକଳ୍ପଗଡ଼ିକ ପାଇଁ ଜଙ୍ଗଲ ଜମି କିସମ ପରିବର୍ତ୍ତନର ଅନୁମୋଦନ ପ୍ରକ୍ରିୟାକୁ ତ୍ୱରାନ୍ୱିତ କରିବା ଓ ଜଙ୍ଗଲ ସମ୍ବନ୍ଧୀୟ ସମସ୍ୟାଗୁଡ଼ିକ ନିରାକରଣ ପାଇଁ ସରକାର ଗୁରୁତ୍ୱ ଦେଇଛନ୍ତି । ଏହି ବିଭାଗଗୁଡ଼ିକର କ୍ୟାପିଟାଲ

**ତ୍ୱରିତ କିସମ ପରିବର୍ତ୍ତନ ପାଇଁ ବିଭାଗର ନିର୍ଦ୍ଦେଶ**

ରିଜିଅନ୍ ରିଙ୍ଗ ରୋଡ୍ ପ୍ରକଳ୍ପ, ଦକ୍ଷିଣ-ପୂର୍ବ ରେଳବାଇର ଗୋରୁ-ମହିଷାଣୀ ନୂତନ ରେଳ ଲାଇନ୍, ରିଲାୟନ୍ସ ଜିଓ ଇନ୍ଫୋକମ୍ ଲିମିଟେଡ୍ର ୪-ଜି ଭିତ୍ତିକ ମୋବାଇଲ ସେବା ପ୍ରକଳ୍ପ, ଜିଓଲଜିକାଲ ସର୍ଭେ ଅଫ୍ ଇଣ୍ଡିଆର ଖନନ ଅନୁସନ୍ଧାନ ପ୍ରସ୍ତାବ, ସେଲ୍ର କାଲ୍ଟା ଆଇରନ ଓର ଖଣି, ଓପିଟିସିଏଲର ଟ୍ରାନ୍ସମିସନ ଲାଇନ୍ ପ୍ରକଳ୍ପ, କଲ୍ୟାଣୀ ଷ୍ଟିଲ୍ର ଇଣ୍ଟିଗ୍ରେଟେଡ୍ ଷ୍ଟିଲ୍ ପ୍ଲାଣ୍ଟ ପ୍ରସ୍ତାବ ଆଦି ଅନ୍ତର୍ଭୁକ୍ତ ରହିଛି ।

ଅତିରିକ୍ତ ମୁଖ୍ୟ ସଚିବ ବୈଠକରେ ଅବଗତ କରାଇଛନ୍ତି ଯେ ରାଜ୍ୟ ଗୁରୁତ୍ୱପୂର୍ଣ୍ଣ ପ୍ରକଳ୍ପଗୁଡ଼ିକର ଜଙ୍ଗଲ ଜମିର କିସମ ପରିବର୍ତ୍ତନ ଅନୁମୋଦନ ପ୍ରକ୍ରିୟାକୁ ପ୍ରାଥମିକତା ଦିଆଯାଇଛି । ଏଥିପାଇଁ ଏହି ପ୍ରକଳ୍ପଗୁଡ଼ିକ ପାଇଁ କାର୍ଯ୍ୟ ତ୍ୱରାନ୍ୱିତ କରିବା ସହ ସମସ୍ତ କାର୍ଯ୍ୟ ସକ୍ରିୟ ଭାବେ ସମାଧାନ କରିବାକୁ ଶ୍ରୀ ସାହୁ ସମସ୍ତ ଆଞ୍ଚଳିକ ମୁଖ୍ୟ ବନ ସଂରକ୍ଷକ, ଡିଭିଜନ ବନାଞ୍ଚଳ ଅଧିକାରୀମାନଙ୍କୁ ନିର୍ଦ୍ଦେଶ ଦେଇଛନ୍ତି । ଏହାସହ ସମସ୍ତ ପର୍ଯ୍ୟାୟରେ ନିୟମିତ ନିରୀକ୍ଷଣ ଓ ସହଯୋଗ କରି ଅନାବଶ୍ୟକ ବିଳମ୍ବ ରୋକିବା ପାଇଁ ନୋଡାଲ୍ ଅଫିସରମାନଙ୍କୁ ଶ୍ରୀ ସାହୁ ନିର୍ଦ୍ଦେଶ ଦେଇଛନ୍ତି । ୟୁଜର୍ ଏଜେନ୍ସି ବା ଉପଭୋକ୍ତା ସଂସ୍ଥାମାନେ ମଧ୍ୟ ସେମାନଙ୍କର ସମସ୍ତ ଆବଶ୍ୟକ ଡକ୍ୟୁମେଣ୍ଟ, ମ୍ୟାପ ଓ ତତ୍ସମ୍ବନ୍ଧୀୟ ନଥି ଡିଏଫଓଙ୍କ ନିକଟରେ ତ୍ୱରିତ ଭାବେ ଦାଖଲ କରିବେ, ଯାହାଦ୍ୱାରା ପ୍ରକ୍ରିୟା ସମୟ କମିବ ବୋଲି ବିଭାଗ ଆଶା ପ୍ରକଟ କରିଛି ।

# ୩ ଆଇଏଏସଙ୍କୁ ଅତିରିକ୍ତ ଦାୟିତ୍ୱ

ଭୁବନେଶ୍ୱର,୧୩।୧୦(ସମିସ): ରାଜ୍ୟ ସରକାର ସୋମବାର ଆଇଏଏସ ସ୍ତରରେ ଛୋଟଧରଣର ଏକ ଅଦଳବଦଳ କରିଛନ୍ତି । ୩ଜଣ ଆଇଏଏସ୍ଙ୍କୁ ବିଭିନ୍ନ ବିଭାଗର ଅତିରିକ୍ତ ଦାୟିତ୍ୱ ପ୍ରଦାନ କରାଯାଇଛି । ଏନେଇ ସାଧାରଣ ପ୍ରଶାସନ ବିଭାଗ ପକ୍ଷରୁ ବିଜ୍ଞପ୍ତି ପ୍ରକାଶ ପାଇଛି । ବିଜ୍ଞପ୍ତି ଅନୁଯାୟୀ, ଆଇଏଏସ କେ.ସୁଦର୍ଶନ ଚକ୍ରବର୍ତ୍ତୀଙ୍କୁ ରାଜ୍ୟ କୃଷି ବିପଣନ, ନିର୍ଦ୍ଦେଶକ ଏବଂ ଓଏସଏଏମ୍ ବୋର୍ଡର ସଦସ୍ୟ ସଚିବ (ଏକ୍ସ-ଅଫିସିଓ) ଭାବେ ଅତିରିକ୍ତ ଦାୟିତ୍ୱ ପ୍ରଦାନ କରାଯାଇଛି । ସେହିପରି ଆଇଏଏସ ମୋନିକା ପ୍ରିୟଦର୍ଶିନୀଙ୍କୁ ଓରମାସ୍ର ମୁଖ୍ୟ କାର୍ଯ୍ୟନିର୍ବାହୀ ଅଧିକାରୀ ଭାବେ ଅତିରିକ୍ତ ଦାୟିତ୍ୱ ପ୍ରଦାନ କରାଯାଇଛି । ଆଇଏଏସ୍ ସଞ୍ଜୟ କୁମାର ବିଶ୍ୱାଲଙ୍କୁ କ୍ରୁଟ୍ର ପରିଚାଳନା ନିର୍ଦ୍ଦେଶକ ଭାବେ ଦାୟିତ୍ୱ ପ୍ରଦାନ କରାଯାଇଛି ।

## ନୂଆଦିଲ୍ଲୀରେ ମହାନଦୀ ସଂସଦ

# ପ୍ରଧାନମନ୍ତ୍ରୀଙ୍କ ହସ୍ତକ୍ଷେପ ଲୋଡ଼ିଲେ ଜଷ୍ଟିସ ଗୋପାଳ ଗୌଡ଼

ଭୁବନେଶ୍ୱର,୧୩।୧୦(ସମିସ): ମହାନଦୀ ଜଳକୁ ନେଇ ଓଡ଼ିଶା ଓ ଛତିଶଗଡ଼ ମଧ୍ୟରେ ଚାଲିଥିବା ବିବାଦର ସମାଧାନ ପାଇଁ ପ୍ରଧାନମନ୍ତ୍ରୀ ହସ୍ତକ୍ଷେପ କରିବା ଆବଶ୍ୟକ । ଟ୍ରିବ୍ୟୁନାଲ ନୁହେଁ, ମଧ୍ୟସ୍ଥତା ମାଧ୍ୟମରେ ଏହାର ସମାଧାନ ହେବା ଆବଶ୍ୟକ ବୋଲି ସୁପ୍ରିମକୋର୍ଟର ପୂର୍ବତନ ବିଚାରପତି ତଥା ଓଡ଼ିଶା ହାଇକୋର୍ଟର ପୂର୍ବତନ ମୁଖ୍ୟ ବିଚାରପତି ଜଷ୍ଟିସ୍ ଗୋପାଳ ଗୌଡ କହିଛନ୍ତି ।




ମହାନଦୀ ବଞ୍ଚାଅ ଆନ୍ଦୋଳନ ପକ୍ଷରୁ ନୂଆଦିଲ୍ଲୀରେ ଅନୁଷ୍ଠିତ ମହାନଦୀ ସଂସଦରେ ଯୋଗଦେଇ ଜଷ୍ଟିସ ଗୌଡ କହିଛନ୍ତି ଯେ ସୁପ୍ରିମକୋର୍ଟଙ୍କ ନିର୍ଦ୍ଦେଶକ୍ରମେ କେନ୍ଦ୍ର ସରକାରଙ୍କ ଦ୍ୱାରା ମାର୍ଚ୍ଚ ୨୦୧୮ ରେ ପ୍ରତିଷ୍ଠିତ ମହାନଦୀ ଟ୍ରିବ୍ୟୁନାଲ ବିବାଦର ସମାଧାନ ଦିଗରେ ଏ ପର୍ଯ୍ୟନ୍ତ କିଛି ପ୍ରଗତି ହୋଇନି । କାବେରୀ ସହ ଅନ୍ୟାନ୍ୟ ନଦୀ ବିବାଦର ଉଦାହରଣ ଦେଇ ଜଷ୍ଟିସ୍ ଗୌଡା କହିଛନ୍ତି ଯେ ଜଳ ବିବାଦର ବିଚାର ବର୍ଷ ବର୍ଷ ଧରି ଚାଲିପାରେ । ମଧ୍ୟସ୍ଥତା ମାର୍ଗରେ ଗଲେ ଦ୍ରୁତ ସମାଧାନ ପ୍ରଦାନ ହୋଇ ପାରିବ ଏବଂ ଉଭୟ ପକ୍ଷଙ୍କ ପାଇଁ ଲାଭଦାୟକ ସାବ୍ୟସ୍ତ ହୋଇପାରେ । ବର୍ତ୍ତମାନ ଓଡ଼ିଶା, ଛତିଶଗଡ ଓ କେନ୍ଦ୍ରରେ ଭାରତୀୟ ଜନତା ପାର୍ଟି ସରକାର ଅଛନ୍ତି । ତେଣୁ ମଧ୍ୟସ୍ଥତା ମାଧ୍ୟମରେ ସମାଧାନର ସମ୍ଭାବନା ଅଧିକ ହୋଇପାରେ ବୋଲି ସେ ମତବ୍ୟକ୍ତ କରିଥିଲେ । କାର୍ଯ୍ୟକ୍ରମରେ ଉଦବୋଧନ ଦେଇ ରାଜ୍ୟସଭା ସାଂସଦ ଏବଂ ସଂସଦର ପିଟିସନ୍ କମିଟିର ଅଧ୍ୟକ୍ଷ ଏନ ଡି ଗୁପ୍ତା କହିଥିଲେ ଯେ ମହାନଦୀ ପ୍ରସଙ୍ଗକୁ ଏକ ଛୋଟ ଜଳ ବିବାଦ ଭାବରେ ବିଚାର କରାଯିବା ଅନୁଚିତ୍ । ଏହାର ପ୍ରଭାବ ବହୁତ ବ୍ୟାପକ ଏବଂ ଏହାର ସମାଧାନ ଆନ୍ତରାଜ୍ୟ ଜଳ ବିବାଦର ସମାଧାନ କ୍ଷେତ୍ରରେ ଗୁରୁତ୍ୱପୂର୍ଣ୍ଣ ପ୍ରଭାବ ପକାଇବ ।

ଜଳ ପୁରୁଷ ରାଜେନ୍ଦ୍ର ସିଂ କହିଛନ୍ତି ଯେ ମହାନଦୀ ଆମ ମା' ସଦୃଶ । ମା'କୁ ପଣ୍ୟ ବସ୍ତୁ ଭଳି ବିକ୍ରି କରିବାର ମାନସିକତା ଅତ୍ୟନ୍ତ ଦୁର୍ଭାଗ୍ୟ ଜନକ । ମହାନଦୀକୁ ମାତ୍ର ୩୦ / ୩୫ଟି କର୍ପୋରେଟ ପରିବାର ନିଜ ଲାଭ ପାଇଁ ବ୍ୟବହାର କରି ୫ କୋଟି ଲୋକଙ୍କୁ ମରଣ ମୁହଁକୁ ଠେଲୁଛନ୍ତି ଓ ଭୟାନକ ପରିବେଶ ଅସନ୍ତୁଳନକୁ ଡାକି ଆଣୁଛନ୍ତି । ସରକାର କର୍ପୋରେଟ ପ୍ରୀତି ଛାଡି ଲୋକଙ୍କ ପ୍ରୀତି ପାଇଁ କାର୍ଯ୍ୟ କରିବା ଉଚିତ ବୋଲି ସେ ମତବ୍ୟକ୍ତ କରିଥିଲେ । ମହାନଦୀ ବଚାଓ ଆନ୍ଦୋଳନର ଆବାହକ ସୁଦର୍ଶନ ଦାସ କହିଥିଲେ ଯେ ସଂସଦ ଏହି ବିବାଦର ଶୀଘ୍ର ସମାଧାନ ପାଇଁ ବହୁମୁଖୀ ରଣନୀତି ଗ୍ରହଣ କରିବାକୁ ସଂକଳ୍ପ ନେଇଛି, ଯାହା ଦ୍ୱାରା ଓଡ଼ିଶାର ଲକ୍ଷ ଲକ୍ଷ ଲୋକଙ୍କ ସ୍ୱାର୍ଥ ରକ୍ଷା ହୋଇପାରିବ । ବିଧାୟକ ତଥା ପୂର୍ବତନ ମନ୍ତ୍ରୀ ଏଥିରେ ଯୋଗ ଦେଇ ମହାନଦୀର ସୁରକ୍ଷା ପାଇଁ ଆନ୍ଦୋଳନକୁ ଦିଲ୍ଲୀ ରୁ ପଲ୍ଲୀ ପର୍ଯ୍ୟନ୍ତ ନେବାକୁ ଆହ୍ୱାନ ଦେଇଥିଲେ । କାର୍ଯ୍ୟକ୍ରମରେ ଦେଶର ବିଭିନ୍ନ ସ୍ଥାନରୁ ନଦୀ ଅଧିକାର କର୍ମୀ, ଆଇନଜୀବୀ, ରାଜନେତା, ଚିନ୍ତାନାୟକ, ପୂର୍ବତନ ପ୍ରଶାସନ ଏବଂ ନାଗରିକ ସମାଜ ପ୍ରତିନିଧିମାନେ ମାନେ ଆଜିର ବୈଠକରେ ଯୋଗ ଦେଇଥିଲେ ଏବଂ ସେମାନଙ୍କର ସମର୍ଥନ ଜଣାଇଥିଲେ ।

# ଘାସିରାମଙ୍କ ରଥରେ ସାରଥି ଭକ୍ତ

ଭୁବନେଶ୍ୱର,୧୩।୧୦(ସମିସ): ନୂଆପଡ଼ା ଉପନିର୍ବାଚନ ପାଇଁ ପ୍ରାର୍ଥୀପତ୍ର ଦାଖଲ ଆରମ୍ଭ ହୋଇଯାଇଛି । କଂଗ୍ରେସକୁ ଛାଡ଼ି ଦେଲେ ଏହି ଆସନ ପାଇଁ ଅନ୍ୟ ଦୁଇ ପ୍ରମୁଖ ରାଜନୈତିକ ଦଳ ଏ ଯାଏଁ ପ୍ରାର୍ଥୀ ଘୋଷଣା କରି ନାହାନ୍ତି । ଏଦୃଷ୍ଟିରୁ ଆଗରେ ଥିବା ସତ୍ତ୍ୱେ କଂଗ୍ରେସ ବେଶ୍ ଚିନ୍ତିତ ରହିଛି । ବିଜେଡି ବିଧାୟକ ରାଜେନ୍ଦ୍ର ଢୋଲକିଆଙ୍କ ପରଲୋକ ପରେ ତାଙ୍କର ପୋଷ୍ୟପୁତ୍ର ଜୟଙ୍କୁ ବିଜେପି ଅତି ଚତୁରତାର ସହ ନିଜ ଶିବିରକୁ ଭିଡ଼ି ନେଇଛି । ଜୟ ବିଜେପିରେ ସାମିଲ ହେବା ପରେ କଂଗ୍ରେସ ନେତାମାନେ ବିଜେପିକୁ ଭୋଟ ଚୋର, ଚାକିରି ଚୋର ସହ ପ୍ରାର୍ଥୀ ଚୋର ବୋଲି ଅଭିହିତ କରିଛି ।

ଅପରପକ୍ଷରେ ଜୟଙ୍କୁ ଦଳରେ ସାମିଲ କରାଇବା ପରେ ସତ୍ତ୍ୱେ ବିଜେପିର ଚିନ୍ତା ଦୂର ହୋଇ ନାହିଁ । ଗତ ନିର୍ବାଚନରେ ସବୁ ଉଦ୍ୟମ ସତ୍ତ୍ୱେ ବିଜେପି ପ୍ରାର୍ଥୀ ନୂଆପଡ଼ାରେ ୩ ନମ୍ବର ସ୍ଥାନରେ ଥିଲେ । ବିଜେପି ଏବେ ସରକାରରେ ରହିଛି । ସରକାର ଗଠନ ପରେ ବିଜେପି ପାଇଁ ଏହା ପ୍ରଥମ ଉପନିର୍ବାଚନ । ସେ ଦୃଷ୍ଟିରୁ ଦଳ ଓ ସରକାରଙ୍କ ପାଇଁ ଏହା ସମ୍ମାନର ପ୍ରଶ୍ନ । ସମ୍ପ୍ରତି ଦେଶ ଓ ରାଜ୍ୟରେ ସାଧାରଣରେ ବିଜେପି ପ୍ରତି ଏକ ପ୍ରତିକୂଳ ମନୋଭାବ ସୃଷ୍ଟି ହୋଇଥିବା ଯୋଗୁଁ କୌଣସି ପ୍ରକାରେ ନୂଆପଡ଼ାରେ ବିଜୟୀ ହେବାକୁ ଦଳ ଉଦ୍ୟମ କରୁଛି । ତେଣୁ ବିଭିନ୍ନ ଦଳରୁ ନେତା ଆମଦାନୀ କରି ନିଜର ସମ୍ମାନ ରଖିବାକୁ ଚେଷ୍ଟା ଚଳାଇଛି ।

- ଚାରିଦିନିଆ ଗସ୍ତ ପରେ ଭକ୍ତ ପୁଣି ନୂଆପଡ଼ାରେ
- ପ୍ରାର୍ଥିପତ୍ର ଦାଖଲ ପର୍ଯ୍ୟନ୍ତ ନୂଆପଡ଼ାରେ ଡେରା

ଏହି ଆଧାରରେ ଗତ ନିର୍ବାଚନରେ ସ୍ୱାଧୀନ ପ୍ରାର୍ଥୀ ଭାବରେ ୫୦ ହଜାର ଭୋଟ୍ ପାଇଥିବା ଘାସିରାମ ମାଝୀଙ୍କୁ ବିଜେପି ନିଜ ଦଳରେ ସାମିଲ କରାଇବା ପାଇଁ ଅନେକ ପ୍ରଲୋଭନ ଦେଖାଇଥିବା କଂଗ୍ରେସ ଅଭିଯୋଗ କରିଛି । ଘାସିରାମ ମଧ୍ୟ କୌଣସି ପରିସ୍ଥିତିରେ ଲୋଭର ବଶବର୍ତ୍ତୀ ହୋଇ ବିଜେପିରେ ମିଶିବେ ନାହିଁ ବୋଲି ଦୃଢ଼ୋକ୍ତି ବାଢ଼ିଥିଲେ ମଧ୍ୟ ପିସିସି ସଭାପତି କୌଣସି ରିସ୍କ ନେବାକୁ ଚାହୁଁ ନାହାନ୍ତି । ତେଣୁ ନିକଟରେ ଭକ୍ତ ୪ ଦିନିଆ ନୂଆପଡ଼ା ଗସ୍ତରୁ ଫେରିଥିଲେ ମଧ୍ୟ ସେ ପୁଣି ଥରେ ନୂଆପଡ଼ା ଗସ୍ତରେ ଯାଇଛନ୍ତି । ସମ୍ଭବତଃ ଭକ୍ତ ଘାସିରାମଙ୍କ ପ୍ରାର୍ଥୀପତ୍ର ଦାଖଲ ପର୍ଯ୍ୟନ୍ତ ନୂଆପଡ଼ାରେ ରହିବେ ବୋଲି ସୂଚନା ମିଳିଛି ।

ଅନ୍ୟପଟେ ଘାସିରାମଙ୍କୁ ନିଜ ପକ୍ଷକୁ ନେବାକୁ ଶାସକ ବିଜେପି ଉଦ୍ୟମ ଚଳାଇଥିବା ଦଳର ଗଣମାଧ୍ୟମ ବିଭାଗ ମୁଖ୍ୟ ଅରବିନ୍ଦ ଦାସ ଅଭିଯୋଗକରିଛନ୍ତି । ସେକହିଛନ୍ତିଘାସିରାମମାଝୀ ଜଣେ ସ୍ୱାଭିମାନୀ କଂଗ୍ରେସ ନେତା । ସେ କଂଗ୍ରେସ ଦଳରୁ ନିର୍ବାଚନ ଲଢ଼ିବେ ଓ ବିଜୟୀ ହେବେ । ଶାସକ ଦଳ ତାଙ୍କୁ ପ୍ରଲୋଭନ ଦେଖାଇଲେ ମଧ୍ୟ ସେ ପ୍ରଭାବିତ ହେବେ ନାହିଁ । କଂଗ୍ରେସ ଦଳ ଏହି ଆସନରେ ସବୁଠୁ ଆଗରେ ରହିଛି । ତେଣୁ ଘାସିରାମଙ୍କ ବିଜୟ ସୁନିଶ୍ଚିତ ବୋଲି ସେ କହିଛନ୍ତି ।

# ଦିବ୍ୟାଙ୍ଗ ପ୍ରତି ପ୍ରଶାସନର ଅଣଦେଖା

ନିଶ୍ଚିନ୍ତକୋଇଲି,୧୩।୧୦(ସମିସ)

କେନ୍ଦ୍ର ଓ ରାଜ୍ୟ ସରକାରଙ୍କ ପକ୍ଷରୁ ଦିବ୍ୟାଙ୍ଗଙ୍କୁ ସମାଜର ମୁଖ୍ୟସ୍ରୋତରେ ସାମିଲ କରିବା ପାଇଁ ବିଭିନ୍ନ ଯୋଜନା କରିଛନ୍ତି। ଏହି ଯୋଜନାରେ ଦିବ୍ୟାଙ୍ଗଙ୍କୁ ୩ ଚକିଆ ଗାଡି, ଶ୍ରବଣ ଯନ୍ତ୍ର, ଆଶାବାଡି, ଦିବ୍ୟାଙ୍ଗ ଭତ୍ତା ଓ ରିହାତି ଋଣ ଯୋଗାଇ ଦିଆଯିବାର ବ୍ୟବସ୍ଥା ହୋଇଛି। ଏପରିସ୍ଥଳେ ନିଶ୍ଚିନ୍ତକୋଇଲି ବ୍ଲକ ପ୍ରଶାସନର ଦାୟିତ୍ୱହୀନତା ଓ କର୍ତ୍ତବ୍ୟରେ ଚରମ ଅବହେଳା କାରଣରୁ ଜଣେ ଦିବ୍ୟାଙ୍ଗ ବ୍ୟକ୍ତିଙ୍କ ପ୍ରତି ବାରମ୍ବାର ଅଣଦେଖା କରାଯାଉଥିବାର ଅଭିଯୋଗ ହୋଇଛି। ଫଳରେ ସମ୍ପୃକ୍ତ ଦିବ୍ୟାଙ୍ଗ ବ୍ୟକ୍ତି ଭତ୍ତା ପାଇବାରୁ ବଞ୍ଚିତ ହେଉଥିବା ଅଭିଯୋଗ କରିଛନ୍ତି। କଟକ ସଦର ନିର୍ବାଚନ ମଣ୍ଡଳୀ ତଥା ନିଶ୍ଚିନ୍ତକୋଇଲି ବ୍ଲକ ତିଳକଣା ଗ୍ରାମପଞ୍ଚାୟତ ଦେମାଣ୍ଡୋ ଗ୍ରାମର ଜୟନ୍ତ ପ୍ରସାଦ ମହାନ୍ତି (୬୨) ଜଣେ ଦିବ୍ୟାଙ୍ଗ ଅଟନ୍ତି। ତାଙ୍କର ହାତଗୋଡ ସମ୍ପୂର୍ଣ୍ଣ ଅଚଳ ହୋଇଯାଇଥିବା କାରଣରୁ ସେ ଯାଇ ଆସି ପାରୁନାହାନ୍ତି। ଭିନ୍ନକ୍ଷମ ପ୍ରମାଣପତ୍ର ପାଇବା ପାଇଁ ବହୁବାର ଭିନ୍ନକ୍ଷମ ସାମର୍ଥ ଶିବିରକୁ ଯାଇ ଆବେଦନ କରିଥିଲେ ମଧ୍ୟ ତାଙ୍କୁ ଏ ପର୍ଯ୍ୟନ୍ତ ଭିନ୍ନକ୍ଷମ ପ୍ରମାଣପତ୍ର ମିଳି ପାରୁନାହିଁ। ଅପରପକ୍ଷରେ ସଂପୃକ୍ତ ଦିବ୍ୟାଙ୍ଗ ବୃଦ୍ଧାଙ୍କୁ ୬୦ରୁ ଉଦ୍ଧ୍ୱର୍ ବର୍ଷ ହୋଇଥିଲେ ମଧ୍ୟ ବାର୍ଦ୍ଧକ୍ୟ ଭତ୍ତାରେ ମଧ୍ୟ ସାମିଲ କରାଯାଇ ନାହିଁ। ଜଣେ ଭିନ୍ନକ୍ଷମଙ୍କୁ ପ୍ରଶାସନ ପକ୍ଷରୁ ପ୍ରମାଣପତ୍ର ଦିଆ ନ ଯିବା ଏବଂ କୌଣସି ଭତ୍ତା ଯୋଜନାରେ ସାମିଲ ନ କରିବା ପଛରେ କି ରହସ୍ୟ ରହିଛି ତାହା ତଦନ୍ତସାପେକ୍ଷ। ଜୟନ୍ତଙ୍କର ତେଲ ଲୁଣର ସଂସାର ଚଳିଲେ ତାଙ୍କ ପତ୍ନୀ ଓ ଏକମାତ୍ର କନ୍ୟାକୁ ବୁଝାଏ। ତାଙ୍କର କୌଣସି ପୋଷଣହାରୀ ପୁତ୍ର ନାହାନ୍ତି। ଅପରପକ୍ଷରେ ନିଜେ ଚଳିବା ପାଇଁ ଏବଂ ପ୍ରତିମାସରେ ଔଷଧ ଖାଇବା ପାଇଁ ଅର୍ଥର ବହୁ ଅଭାବ ଦେଖାଦେଇଛି। ଏପରିସ୍ଥଳେ ତାଙ୍କୁ ଦିବ୍ୟାଙ୍ଗ ଭତ୍ତା ଯୋଗାଇଦେବା ନିମନ୍ତେ ଜୟନ୍ତ ନିଶ୍ଚିନ୍ତକୋଇଲି ବ୍ଲକ ପ୍ରଶାସନ ନିକଟରେ ଏକାଧିକବାର ଆବେଦନ କରିଥିଲେ ସୁଦ୍ଧା ତାଙ୍କୁ ଭତ୍ତା ମିଳିପାରୁ ନ ଥିବା ଜଣାଯାଇଛି। ଭତ୍ତା ପାଇଁ ବାରମ୍ବାର ବ୍ଲକ ପ୍ରଶାସନ ନିକଟକୁ ଯାଇ ଗୁହାରୀ କରୁଥିଲେ ମଧ୍ୟ ଏଥିପ୍ରତି ପ୍ରଶାସନ ତରଫରୁ କୌଣସି କର୍ଣ୍ଣପାତ କରାଯାଉନାହିଁ। ଫଳରେ ଜୟନ୍ତ ମାନସିକସ୍ତରରେ ସମ୍ପୂର୍ଣ୍ଣ ଭାଙ୍ଗିପଡିଛନ୍ତି। ଏହାଛଡା ବ୍ଲକ ପ୍ରଶାସନ ପକ୍ଷରୁ ତାଙ୍କୁ ଅଦ୍ୟାବଧି ଖଣ୍ଡେ ୩ ଚକିଆ ସାଇକଲ ପ୍ରଦାନ କରାଯାଇ ନ ଥିବା ମଧ୍ୟ ଜଣାଯାଇଛି। ତାଙ୍କ ଘରଟି ସ୍ଥାନୀୟ ଲୁଣାନଦୀ କୁଳରେ ଅବସ୍ଥିତ ହେତୁ ଗମନାଗମନ ନିମନ୍ତେ ଜୟନ୍ତ ନାହିଁ ନ ଥିବା ଦୁର୍ଦ୍ଦଶାର ସମ୍ମୁଖିନ ହେଉଛନ୍ତି। ଏହି ବ୍ଲକ ଅଞ୍ଚଳରେ ବହୁ ଥିଲା ବାଲା ଭତ୍ତା ହାତେଇଥିବାର ନଜିର ଥିଲା ବେଳେ ଜୟନ୍ତଙ୍କୁ କ'ଣ ପାଇଁ ପ୍ରଶାସନ ତରଫରୁ ଭତ୍ତା ପ୍ରଦାନରେ ଅବହେଳା କରାଯାଉଛି ତାହା ତଦନ୍ତସାପେକ୍ଷ ବୋଲି ସାଧାରଣରେ ମତ ପ୍ରକାଶ ପାଇଛି। ଏହା ବ୍ଲକ ପ୍ରଶାସନର ଦିବ୍ୟାଙ୍ଗଙ୍କ ପ୍ରତି ଏକ ଉପହାସ କହିଲେ ଅତ୍ୟୁକ୍ତି ହେବ ନାହିଁ। କଟକ ଜିଲ୍ଲାପାଳ ତୁରନ୍ତ ଏହି ଘଟଣାର ତଦନ୍ତ କରି ଦିବ୍ୟାଙ୍ଗ ଜୟନ୍ତଙ୍କୁ ଭତ୍ତା ପ୍ରଦାନ ନିମନ୍ତେ ଦୃଢ ପଦକ୍ଷେପ ଗ୍ରହଣ କରିବା ନିମନ୍ତେ ସାଧାରଣରେ ଦାବି ହୋଇଛି।



ବାରମ୍ବାର ଆବେଦନ ସତ୍ତ୍ୱେ ମିଳୁ ନାହିଁ ଭତ୍ତା

# ଖଣ୍ଡାୟତ ପଟକିରା କ୍ଲଷ୍ଟରସ୍ତରୀୟ ସୁରଭି କାର୍ଯ୍ୟକ୍ରମ

ନିଶ୍ଚିନ୍ତକୋଇଲି,୧୩।୧୦(ସମିସ): ନିଶ୍ଚିନ୍ତକୋଇଲି ବ୍ଲକ ଅଧୀନ ଓରତି ପଞ୍ଚାୟତରେ ଥିବା ଖଣ୍ଡାୟତ ପଟକିରା ଆଞ୍ଚଳିକ ସାଧନ କେନ୍ଦ୍ରସ୍ତରୀୟ ସୁରଭି କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଛି। ସିଆରସିସି ପ୍ରଭାତ କୁମାର ବେହେରାଙ୍କ ପ୍ରତ୍ୟେକ୍ଷ ତତ୍ତ୍ୱାବଧାନରେ ୯ଟି ବିଦ୍ୟାଳୟର ଶତାଧିକ ଛାତ୍ରଛାତ୍ରୀମାନେ ୧୪ଟି ପ୍ରତିଯୋଗିତାରେ ଅଂଶଗ୍ରହଣ କରି ବ୍ଲକସ୍ତରୀୟ ସୁରଭିରେ ଭାଗ ନେବା ପାଇଁ ମନୋନୀତ ହୋଇଛନ୍ତି। ଏହାର ପୁରସ୍କାର ବିତରଣୀ ଉତ୍ସବରେ ଶ୍ରୀ ବେହେରାଙ୍କ ପୌରୋହିତ୍ୟରେ ମୁଖ୍ୟଅତିଥି ଭାବେ ସରପଞ୍ଚ ସରୋଜିନୀ ବେହେରା, ସମ୍ମାନୀତ ଅତିଥି ଭାବେ ଅତିଥି ଶିକ୍ଷକ ଅକ୍ଷୟ ନନ୍ଦ, ଶିକ୍ଷାବିତ୍ ଶରତ ଷଡଙ୍ଗୀ, ବରିଷ୍ଠ ଶିକ୍ଷକ ରଜନୀକାନ୍ତ ନନ୍ଦ ପ୍ରମୁଖ ଯୋଗଦେଇ ସୁରଭି ମାଧ୍ୟମରେ ଛାତ୍ରଛାତ୍ରୀଙ୍କର ଅନ୍ତର୍ନିହିତ ଗୁଣାବଳୀର ବିକାଶ ହୋଇପାରୁଥିବା ସଂକ୍ରାନ୍ତରେ ଆଲୋଚନା କରିବା ସହ ଛାତ୍ରଛାତ୍ରୀଙ୍କୁ ପୁରସ୍କୃତ କରିଥିଲେ। ଶିକ୍ଷୟିତ୍ରୀ ଆରତୀ ସାହୁ, ପ୍ରମୋଦିନୀ ପଣ୍ଡା, ଅସୀମାଜ୍ୟୋତି ମୁଦୁଲି, ମାନସ ଲେଙ୍କା, ଦୀପକ ମଳିକ, ଶୁଭସ୍ମିତା ସୂତାର, ନିକୁଞ୍ଜ ତ୍ରିପାଠୀ, ତାପସ ଦାସ, ଭାନୁଶ୍ରୀ ଜେନା, ଅଙ୍କିତା ବାରିକ, ସୁଲୋଚନା ଜେନା, ଆରତୀ ପରିଡା, କୁନାଲ ପରିଡା, ଦୁର୍ଯ୍ୟୋଧନ ବେହେରା, ସୋନାଲୀ ବେହେରା, ଝରଣାବାଳା ସ୍ୱାଇଁ, ଅଜୟ ଦାସ, ରୋହିତ ମୁଣ୍ଡୁରୀ, ସୁନୀତା ଦାସ, ମାମାନୀ ମହାରଣା, ଲିତାଞ୍ଜଳି ମଳିକ ପ୍ରମୁଖ କାର୍ଯ୍ୟକ୍ରମ ପରିଚାଳନା କରିଥିଲେ। ଶେଷରେ ଶିକ୍ଷୟିତ୍ରୀ କମଳଲୋଚନ ସାହୁ ଧନ୍ୟବାଦ ଅର୍ପଣ କରିଥିଲେ।

# ଆଇସେକ୍ଟ ଓଡ଼ିଶା ଶାଖା ପକ୍ଷରୁ କୌଶଳ ବିକାଶ ଯାତ୍ରା





ନରସିଂହପୁର,୧୩।୧୦(ସମିସ): ଆଇସେକ୍ଟ ଓଡ଼ିଶା ଶାଖା ତରଫରୁ ସ୍ଥାନୀୟ ପି.ସି ୱାର୍ଲ୍ଡ କମ୍ପ୍ୟୁଟର ନରସିଂହପୁର ଠାରେ କୌଶଳ ବିକାଶ ଯାତ୍ରା, ଏଆଇ ସାକ୍ଷରତା ମିଶନ ସଫଳତାର ସହ ଆୟୋଜିତ ହୋଇଛି। ଦେଶର ଅଗ୍ରଣୀ ଦକ୍ଷତା ଏବଂ ଉଚ୍ଚଶିକ୍ଷା ସଂଗଠନ ଆଇସେକ୍ଟ ଦ୍ୱାରା ଆୟୋଜିତ କୌଶଳ ବିକାଶ ଯାତ୍ରା ୨୦୨୫ ସଫଳତାର ସହ ଆରମ୍ଭ ହୋଇଛି। ୬ ଅକ୍ଟୋବର ୨୦୨୫ରେ ଆରମ୍ଭ ହୋଇଥିବା ଏହି ଯାତ୍ରା ୨୦ଟି ରାଜ୍ୟର ୩୦୦ଟି ଜିଲ୍ଲାର ୫୦୦ରୁ ଊର୍ଦ୍ଧ୍ୱ ସ୍କୁଲ, କଲେଜ ଏବଂ ଶିକ୍ଷାନୁଷ୍ଠାନରେ ପହଞ୍ଚି ବହୁଳ ସଂଖ୍ୟାରେ ଛାତ୍ରଛାତ୍ରୀଙ୍କର ଦକ୍ଷତା ବିକାଶ ଏବଂ ଭବିଷ୍ୟତ ପ୍ରଯୁକ୍ତିବିଦ୍ୟା ବିଷୟରେ ଆଲୋଚନା କରୁଛନ୍ତି। ଯାତ୍ରା ସମୟରେ ମାଗଣା ଏଆଇ ସେମିନାର, କର୍ମଶାଳା, କ୍ୟାରିୟର ପରାମର୍ଶ ଅଧିବେଶନ ଏବଂ ବୈଷୟିକ ପ୍ରଦର୍ଶନ ଆୟୋଜନ କରାଯାଇଥିଲା। ଆଇସେକ୍ଟ ମୁଖପାତ୍ର ସନ୍ତୋଷ ଚୋବେ କହିଛନ୍ତି, ଦକ୍ଷତା ବିକାଶ ଯାତ୍ରା ୨୦୨୫ କେବଳ ଏକ ଶିକ୍ଷାଗତ ଅଭିଯାନ ନୁହେଁ, ବରଂ ଯୁବପିଢ଼ିଙ୍କୁ ଭବିଷ୍ୟତର ପ୍ରଯୁକ୍ତିବିଦ୍ୟା ସହିତ ସଂଯୋଗ କରିବା, ନିଯୁକ୍ତି-ମୁଖୀ ଶିକ୍ଷା ପ୍ରଦାନ କରିବା ଏବଂ ଭାରତକୁ ଏକ ବିକଶିତ ରାଷ୍ଟ୍ର କରିବା ପାଇଁ ଏକ ପଦକ୍ଷେପ। ଆୟୋଜିତ କାର୍ଯ୍ୟକ୍ରମରେ ପିସି ୱାର୍ଲ୍ଡ କମ୍ପ୍ୟୁଟର ସେଣ୍ଟରର ଅଧ୍ୟକ୍ଷ ରଶ୍ମି ରଞ୍ଜନ ରାଉତ ଆଇସେକ୍ଟ ଓଡ଼ିଶା କ୍ଷେତ୍ରୀୟ ସଂଯୋଜକ ରଞ୍ଜିତ ସାହୁ, ଅରୁଣ ସାହୁ ଓ ଅମିତ ସିୟ ଉପସ୍ଥିତ ରହି ଛାତ୍ରଛାତ୍ରୀଙ୍କୁ ଏଆଇର ଭବିଷ୍ୟତରେ ବ୍ୟବହାର ଓ ଆବଶ୍ୟକତା ଉପରେ ଆଲୋକପାତ କରିଥିଲେ। କାର୍ଯ୍ୟକ୍ରମରେ କୃତିବାସ ବେହେରା, ତ୍ରିଲୋଚନ ସାହୁ, ସ୍ୱପ୍ନେଶ୍ୱର ମହାପାତ୍ର, ଅନିମେଶ ଶତପଥୀ, ଶ୍ରୀକାନ୍ତ ବେହେରା, ରାଜିବ ଜେନା, ରଶ୍ମିତା ମହାରଣା, ସୁବାସିନୀ ସାହୁ, ମିତାଲୀ ସାହୁ, ଝରଣା ସାହୁ, ପୂଜାଶ୍ରୀ ବେହେରା ଓ ସୁଶାନ୍ତ ସାହୁ ପ୍ରମୁଖ ଉପସ୍ଥିତ ଥିଲେ।

# ପାରାବିଲରେ ମା' ଗଜଲକ୍ଷ୍ମୀଙ୍କ ଯାତ୍ରା ଉଦ୍‌ଯାପିତ

୯ଟି ମେଢ଼ ବିସର୍ଜନ

କିଶୋରନଗର,୧୩।୧୦(ସମିସ): ବିଗତ ସାତ ଦିନ ଧରି ପ୍ରସିଦ୍ଧ ମା' ଗଜଲକ୍ଷ୍ମୀଙ୍କ ପୂଜା ପାଇଁ କଟକ ସଦର ଅନ୍ତର୍ଗତ ପାରାବିଲ ଗ୍ରାମ ଉତ୍ସବମୁଖର ହୋଇ ଉଠିଥିଲା। ରବିବାର ଦିନ ପାରାବିଲରୁ ମା' ଗଜଲକ୍ଷ୍ମୀଙ୍କ ମେଲାଣି ସହିତ ଯାତ୍ରା ଉଦଯାପିତ ହୋଇଯାଇଛି। ଉକ୍ତ ଗ୍ରାମରେ ୯ଟି ମେଢ଼ ପୂଜା ମଣ୍ଡପରେ ପୂଜା ପାଉଥିଲେ। ରବିବାର ପୂର୍ବାହ୍ନ ୧୧ଟାରେ ପୂଜା କମିଟି ପକ୍ଷରୁ ଶୋଭାଯାତ୍ରାରେ ବାହାରିଥିଲେ। ପ୍ରତ୍ୟେକ ମେଢ଼ ଶାନ୍ତିଶୃଙ୍ଖଳାର ସହ କିଶନନଗର ପୁଲିସର ମାର୍ଗଦର୍ଶିକାକୁ ଅନୁପାଳନ ସହ ଶୋଭାଯାତ୍ରାରେ ସାହି ପରିକ୍ରମଣ କରି ଭସାଣି ମେଲଣ ପଡ଼ିଆରେ ଏକତ୍ରିତ ହେବା ପରେ କ୍ରମାନ୍ୱୟରେ ମାଳିକା ପ୍ରସିଦ୍ଧ ପୂଣ୍ୟତୋୟା ରତ୍ନଯୋରୀରେ ବିଳମ୍ବିତ ରାତ୍ରୀରେ ବିସର୍ଜିତ ହୋଇଥିଲେ। ଏହି ଅବସରରେ ପୂଜା କମିଟି ପକ୍ଷରୁ କିଶନନଗର ଥାନା ଅଧିକାରିଣୀ ଦୁର୍ଗେଶ ନନ୍ଦିନୀ ମହାନ୍ତିଙ୍କ ସମେତ ସାମ୍ବାଦିକଙ୍କୁ ସମ୍ବର୍ଦ୍ଧିତ କରାଯାଇଥିଲା। ଶାନ୍ତିଶୃଙ୍ଖଳା ରକ୍ଷା ଦିଗରେ ଗ୍ରାମ୍ୟ କମିଟି, ପୂଜା କମିଟି, ଶାନ୍ତି କମିଟି ସହ ପୁଲିସ ପକ୍ଷରୁ ବ୍ୟାପକ ସୁରକ୍ଷା ବ୍ୟବସ୍ଥା ଗ୍ରହଣ କରାଯାଇଥିଲା। ଭସାଣି ଉତ୍ସବ ଦେଖିବାକୁ ହଜାର ହଜାର ଲୋକମାନଙ୍କ ନାହିଁ ନ ଥିବା ଭିଡ଼ ପରିଲକ୍ଷିତ ହୋଇଥିଲା। ଏହି ଅବସରରେ ସାଲେପୁର ଉପଖଣ୍ଡ ପୁଲିସ ଅଧିକାରୀ ବିରଞ୍ଚି ନାରାୟଣ ପତି, ଥାନା ଅଧିକାରିଣୀ ଦୁର୍ଗେଶ ନନ୍ଦିନୀ ମହାନ୍ତି, ଧରିଣା ସରପଞ୍ଚ ରତ୍ନାକର ରାଉତ, ବରିଷ୍ଠ ସାମ୍ବାଦିକ ବିଷ୍ଣୁ ଚରଣ ବେହେରା, ସାମ୍ବାଦିକ ସର୍ବେଶ୍ୱର ମିଶ୍ର, ସାମ୍ବାଦିକ ସରାଫତ ଅଲ୍ଲୀ, ସାମ୍ବାଦିକ ଦେବେନ୍ଦ୍ର ସେଠୀ ପ୍ରମୁଖଙ୍କୁ କମିଟି ପକ୍ଷରୁ ସମ୍ବର୍ଦ୍ଧିତ କରାଯାଇଥିଲା। ଥାନା ଅଧିକାରିଣୀଙ୍କ ପୂର୍ବ ଘୋଷଣା ଅନୁଯାୟୀ ପ୍ରଥମ ସ୍ଥାନ ଅଧିକାର କରିଥିବା ବାଦୁଡା ବ୍ରାହ୍ମଣ ସାହି, ଦ୍ୱିତୀୟ ଝିଅ ଅନୁଷ୍ଠାନ ବେହେରା ସାହି, ତୃତୀୟ ଗୁଡିଆସାହି କୁମ୍ଭାର ସାହି ମେଢକୁ ଟ୍ରଫି ପ୍ରଦାନ କରାଯାଇଥିଲା।



# କ୍ଲଷ୍ଟରସ୍ତରୀୟ ଶିଶୁ ମହୋତ୍ସବ ସୁରଭି



ଆଠଗଡ,୧୩।୧୦(ସମିସ): ସୋମବାର ଆଠଗଡ଼ ବ୍ଲକ୍ ଅନ୍ତର୍ଗତ ସତ୍ୟବାଦୀ ଆଞ୍ଚଳିକ ସାଧନ କେନ୍ଦ୍ର ସ୍ତରୀୟ ଶିଶୁ ମହୋତ୍ସବ ସୁରଭି ସତ୍ୟବାଦୀ ନୋଡାଲ ଉଚ୍ଚ ପ୍ରାଥମିକ ବିଦ୍ୟାଳୟ, ଅଁକୁଲା ପରିସରରେ ଅନୁଷ୍ଠିତ ହୋଇଯାଇଛି। ସିଆରସିସି ଶଶଧର ମହାରଣାଙ୍କ ସଂଯୋଜନା ଓ ପ୍ରଧାନ ଶିକ୍ଷକ କିଶୋର ଚନ୍ଦ୍ର ବେହେରାଙ୍କ ସଭାପତିତ୍ୱରେ ଅନୁଷ୍ଠିତ ସଭାରେ ମୁଖ୍ୟଅତିଥି ଭାବରେ ସମସରପୁର ଗ୍ରାମ ପଞ୍ଚାୟତର ସରପଞ୍ଚ ପୂର୍ଣ୍ଣଚନ୍ଦ୍ର ରାଉତ ଯୋଗଦେଇ କାର୍ଯ୍ୟକ୍ରମକୁ ଉଦଘାଟନ କରିଥିଲେ। ସମ୍ମାନିତ ଅତିଥି ଭାବରେ ଶିକ୍ଷାବିତ୍ ଧରଣୀଧର ମହାପାତ୍ର, ପୀତବାସ ଦାଶ ଶର୍ମା ଓ ପର୍ଶୁରାମ ବେହେରା ଯୋଗଦେଇଥିଲେ। ଛାତ୍ରଛାତ୍ରୀଙ୍କର ଅନ୍ତର୍ନିହିତ ପ୍ରତିଭାର ପରିପ୍ରକାଶ ହେଉଛି ସୁରଭି ମହୋତ୍ସବର ଲକ୍ଷ୍ୟ ବୋଲି ଅଭିହିତ କରିଥିଲେ। ଏହି କାର୍ଯ୍ୟକ୍ରମରେ ୧୧ଟି ବିଦ୍ୟାଳୟରୁ ୨୦୦ ଜଣ ଛାତ୍ର ଛାତ୍ରୀ ଅଂଶଗ୍ରହଣ କରିଥିଲେ। ବିଚାରକ ଭାବରେ ରାମଚନ୍ଦ୍ର ମହାରଣା, ସୁଶାନ୍ତ ଗୁରୁ, ପ୍ରଦୀପ୍ତ କିଶୋର ଭଞ୍ଜ ପ୍ରମୁଖ ଯୋଗଦେଇଥିଲେ। ଉଦଯାପନୀ ଉତ୍ସବରେ ଅତିଥିମାନେ କୃତି ପ୍ରତିଯୋଗୀଙ୍କୁ ପ୍ରମାଣପତ୍ର ଦେଇ ପୁରସ୍କୃତ କରିଥିଲେ। ଆଲୋକ ରଞ୍ଜନ ତ୍ରିପାଠୀ ଧନ୍ୟବାଦ ଦେଇଥିଲେ। କ୍ଲଷ୍ଟରର ସମସ୍ତ ଶିକ୍ଷକ ଶିକ୍ଷୟିତ୍ରୀ କାର୍ଯ୍ୟକ୍ରମରେ ସହଯୋଗ କରିଥିଲେ।

# ଆରାଧ୍ୟା କଲ୍‌ଚରାଲ ଏକାଡେମୀ ପକ୍ଷରୁ ସମ୍ବର୍ଦ୍ଧନା

ଫୁଲନଖରା,୧୩।୧୦(ସମିସ): କଟକ ସଦର ଥାନା ଅନ୍ତର୍ଗତ କାଜିପୁର ଗ୍ରାମସ୍ଥିତ ମା' ଦୁଲାଦେଇ ନାଟ୍ୟ ପରିଷଦ ଦ୍ୱାରା ଦୁଇଦିନ ଧରି ମୁକ୍ତମଞ୍ଚ ନାଟକ ଅନୁଷ୍ଠିତ ହୋଇଯାଇଛି। ମୂରଲୀଧର ନାୟକଙ୍କ ବଳିଷ୍ଠ ନିର୍ଦ୍ଦେଶନାରେ ପ୍ରଥମ ଦିବସରେ ଗ୍ରାମ୍ୟ କଳାକାରମାନଙ୍କୁ ନେଇ 'ଆସିଛି ଏକା ଯିବି ମୁଁ ଏକା' ନାଟକ ମଞ୍ଚସ୍ଥ ହୋଇଥିବା ବେଳେ ଦ୍ୱିତୀୟ ରଜନୀରେ "ହା କୃଷ୍ଣ ବୋଲି ଯାଉ ଜୀବନ" ନାଟକ ମଞ୍ଚସ୍ଥ ହୋଇଥିଲା। ଏହି ଦୁଇଟି ନାଟକରେ ଅଭିନୟ କରୁଥିବା ବରିଷ୍ଠ ଓ ଶ୍ରେଷ୍ଠ କଳାକାରଙ୍କୁ ବ୍ରାହ୍ମଣଝରିଲୋସ୍ଥିତ ଆରାଧ୍ୟା କଲ୍‌ଚରାଲ୍ ଏକାଡେମୀ ପକ୍ଷରୁ ଉତ୍ତରୀୟ ଓ ସମ୍ମାନଫଳକ ପ୍ରଦାନ ପୂର୍ବକ ସମ୍ବର୍ଦ୍ଧିତ କରାଯାଇଥିଲା। ଏକାଡେମୀ ପକ୍ଷରୁ ଗ୍ରାମ୍ୟ କମିଟିର ସଭାପତି ସଞ୍ଜୟ ସ୍ୱାଇଁ ଓ ନିର୍ଦ୍ଦେଶକ ଶ୍ରୀ ନାୟକଙ୍କ ସମେତ ବରିଷ୍ଠ କଳାକାର ପୀତବାସ ବେହେରା ଓ ଶ୍ରେଷ୍ଠ କଳାକାର ଭାବରେ ଶାନ୍ତନୁ ଦଳାଇ, ସୁରଜ ସାହୁ, ପ୍ରକାଶ ସାହୁ ଓ ତପସ୍ୱିନୀ ମଲ୍ଲିକଙ୍କୁ କଟକ ଜିଲ୍ଲା ସାମ୍ବାଦିକ ସଂଘର ସଭାପତି ରମେଶ ଚନ୍ଦ୍ର ପ୍ରଧାନ, ସମାଜସେବୀ ଅରୁଣ ସାହୁ, ସାମ୍ବାଦିକ ଅଜୟ ଦାଶ, କୃଷ୍ଣଚନ୍ଦ୍ର ପାଣିଗ୍ରାହୀ ଓ ରାଜକିଶୋର ବେହେରା ପ୍ରମୁଖ ଅତିଥି ଭାବରେ ଯୋଗଦେଇ ସମ୍ମାନିତ କରିଥିଲେ। ନାଟକର ମୁଖ୍ୟ ଭୂମିକାରେ ସଞ୍ଜୟ, ଦିପୁ, କୈଳାସ, ବନୁ, ଦିଲୁ ଭାଇନା, ଲୁଲୁ, ପୀତବାସ, ମାନସ, ସୁରିଆ, ଅଶୋକ, ମଣ୍ଟୁ, ଲିପୁ, କାଳିଆ, ବିଚିତ୍ର, ଚାରୁଚନ୍ଦ୍ର, କେଦାରନାଥ, ଡମ୍ବରୁ, ମୁନା, ମୁରଲୀଧର, ବାବୁଲି, ବାପି, ମାନୀ, ମୀନା, ଝୁମୁରି, କ୍ରିଷ୍ଣା ଓ ପ୍ରତ୍ୟାଶା ଅଭିନୟ କରିଥିଲେ। କାର୍ଯ୍ୟକ୍ରମକୁ ସାମ୍ବାଦିକ ବିଭୂତି ଭୂଷଣ ତରାଇ ପରିଚାଳନା କରିଥିଲେ।



# ବେଣୀରାମପୁର କ୍ଲଷ୍ଟରସ୍ତରୀୟ ସୁରଭି କାର୍ଯ୍ୟକ୍ରମ

ନିଶ୍ଚିନ୍ତକୋଇଲି,୧୩।୧୦(ସମିସ): ନିଶ୍ଚିନ୍ତକୋଇଲି ମଣ୍ଡଳ ଶିକ୍ଷା ଅଧିକାରୀଙ୍କ କାର୍ଯ୍ୟାଳୟ ଅଧୀନରେ ଥିବା ବେଣୀରାମପୁର କ୍ଲଷ୍ଟରସ୍ତରୀୟ ସୁରଭି କାର୍ଯ୍ୟକ୍ରମ ଗଡିଜଙ୍ଗସ୍ଥିତ କଳିଙ୍ଗ ମଡେଲ ସରକାରୀ ଉଚ୍ଚ ବିଦ୍ୟାଳୟରେ ଅନୁଷ୍ଠିତ ହୋଇଛି। ସିଆରସିସି କାର୍ତ୍ତିକ ଚନ୍ଦ୍ର ଦଳାଇଙ୍କ ସଂଯୋଜନାରେ ଏହି କ୍ଲଷ୍ଟରର ୧୨ଟି ବିଦ୍ୟାଳୟରୁ ୧୩୯ ଜଣ ଛାତ୍ରଛାତ୍ରୀ ବିଭିନ୍ନ ପ୍ରତିଯୋଗିତାରେ ଅଂଶଗ୍ରହଣ କରି ବ୍ଲକସ୍ତରୀୟ ସୁରଭି ପାଇଁ ମନୋନୀତ ହୋଇଛନ୍ତି। ପ୍ରଧାନଶିକ୍ଷକ ରଘୁନାଥ ସାହୁଙ୍କ ପୌରହିତ୍ୟରେ ଏହାର ଉଦ୍‌ଯାପନୀ ଉତ୍ସବରେ ମୁଖ୍ୟଅତିଥି ଭାବେ ନରେନ୍ଦ୍ରପୁର ସରପଞ୍ଚ ନମିତା ରାୟ, ସମ୍ମାନୀତ ଅତିଥିଭାବେ ସମିତିସଭ୍ୟ ପ୍ରଫୁଲ୍ଲ ସାହୁ, ଆଲୁମନି ସଭାପତି ଭିକାରୀ ଚରଣ ସେଠୀ, ସ୍କୁଲ ପରିଚାଳନା କମିଟି ସଭାପତି ସତ୍ୟବ୍ରତ ସୁତାର, ଶିକ୍ଷକ ନେତା ଶାରଦା ପ୍ରସନ୍ନ ଆଚାର୍ଯ୍ୟ, ସେକ୍ ଗୁଲାମ ମେହେନ୍ଦୀ ହୁସେନ, ମାଧବାନନ୍ଦ ପତି, ଦେବକାନ୍ତ ମହାପାତ୍ର, ନରେନ୍ଦ୍ର ଦାସ, ସ୍ୱର୍ଣ୍ଣପ୍ରଭା ଶତପଥି ପ୍ରମୁଖ ଯୋଗଦେଇ ଛାତ୍ରଛାତ୍ରୀଙ୍କୁ ପୁରସ୍କାର ପ୍ରଦାନ କରିଥିଲେ। ଏହି କାର୍ଯ୍ୟକ୍ରମରେ କ୍ଲଷ୍ଟରର ବହୁ ଶିକ୍ଷକ ଶିକ୍ଷୟିତ୍ରୀ ଯୋଗଦେଇ ପ୍ରତିଯୋଗିତା ପରିଚାଳନା କରିଥିଲେ।

# ବାଦୁଡ଼ି ଶିକାର ବେଳେ ୧୦ ଅଟକ

ତିଗିରିଆ/ଆଠଗଡ,୧୩।୧୦(ସମିସ): ଖୁଣ୍ଟୁଣୀ ବନାଞ୍ଚଳ ଅଧୀନ କପୁରସିଂ ଠାରେ ବନ୍ଦ ହୋଇ ପରିତ୍ୟକ୍ତ ଅବସ୍ଥାରେ ଥିବା ଏକ ବନସ୍ପତି କାରଖାନା ଭିତରୁ ବାଦୁଡି ଓ ଚେମେଣି ପକ୍ଷୀ ଶିକାର କରୁଥିବା ବେଳେ ସ୍ଥାନୀୟ ଲୋକମାନଙ୍କ ଠାରୁ ଖବର ପାଇ ଖୁଣ୍ଟୁଣୀ ବନାଞ୍ଚଳ ଅଧିକାରୀ ସମ୍ପୃକ୍ତ କାରଖାନା ଉପରେ ଚଢଉ କରି ସେଠାରେ ନୀରିହ ବାଦୁଡି ଓ ଚେମେଣି ଚଢ଼େଇ ଧରୁଥିବା ଅବସ୍ଥାରେ ୧୦ ଜଣଙ୍କୁ ଅଟକ ରଖିଛନ୍ତି। ଚଢଉ ସମୟରେ ବନାଞ୍ଚଳ ଅଧିକାରୀ ୩ଟି ବସ୍ତାରେ ଥିବା ୭୯୬ଟି ମୃତ ଓ ୪ଟି ଜୀବନ୍ତ ବାଦୁଡି ଓ ଚେମେଣି ପକ୍ଷୀ ଜବତ କରିବା ସହିତ ଅପରାଧ ସହ ସଂଶ୍ଳିଷ୍ଟ ଏକ ବଜାଜ ଅଟୋ ନମ୍ବର ଓଡି ୦୨ ଏକେ ୮୬୩୪କୁ ଜବତ କରିଛନ୍ତି। ଅଟକ ବ୍ୟକ୍ତିମାନଙ୍କ ବିରୁଦ୍ଧରେ ଜଙ୍ଗଲ ଆଇନ ଅନୁଯାୟୀ ପଶୁପକ୍ଷୀ ଶିକାର କରିଥିବା ଅଭିଯୋଗରେ ମକଦ୍ଦମା ହେବ ବୋଲି ବନାଞ୍ଚଳ ଅଧିକାରୀ ନୀଳମାଧବ ସାହୁ ପ୍ରକାଶ କରିଛନ୍ତି।



# ଏନ୍‌ସିସି ଫାଷ୍ଟ ଅଫିସରଙ୍କ ଚିଫ୍ ଅଫିସରକୁ ପଦୋନ୍ନତି



ନରସିଂହପୁର,୧୩।୧୦(ସମିସ): ନରସିଂହପୁର ବ୍ଲକ ଅଧୀନ ଅନନ୍ତ ନାରାୟଣ ଉଚ୍ଚ ବିଦ୍ୟାଳୟର ଏନ୍‌ସିସି ଅଧିକାରୀ ଫାଷ୍ଟ ଅଫିସର ରଜନୀକାନ୍ତ ମିଶ୍ରଙ୍କର ଚିଫ୍ ଅଫିସରକୁ ପଦନ୍ନୋତି ହୋଇଛି। ଶ୍ରୀ ମିଶ୍ରଙ୍କୁ ଚିଫ୍ ଅଫିସର ଫାଷ୍ଟ ଓଡ଼ିଶା ମେଡିକାଲ କମ୍ପାନୀର ଅଫିସର କମାଣ୍ଡିଙ୍ଗ ମେଜର ଆଶୁତୋଷ ତ୍ରିପାଠୀ ଓ କମ୍ପାନୀର ସିନିୟର ଜେସିଓ ସୁବେଦାର ସୁନିଲ ଶର୍ମା ପିନ୍ଧାଇ ଥିଲେ। କାର୍ଯ୍ୟକ୍ରମରେ କ୍ୟାପ୍ଟେନ ସୁଧୀର ମହାରଣା, ଫାଷ୍ଟ ଅଫିସର ଡ. ପ୍ରମୋଦ ସାହୁ, ସେକେଣ୍ଡ ଅଫିସର ଅକ୍ଷୟ କୁମାର ସ୍ୱାଇଁ, ସେକେଣ୍ଡ ଅଫିସର ଜଗତ ରଞ୍ଜନ ବାରିକ, ସେକେଣ୍ଡ ଅଫିସର ସୌମ୍ୟରଞ୍ଜନ ପଣ୍ଡା, ଥାର୍ଡ ଅଫିସର ପ୍ରସନ୍ନ କୁମାର ଖୁଣ୍ଟିଆ, ଥାର୍ଡ ଅଫିସର ସନ୍ତୋଷ କୁମାର ସ୍ୱାଇଁ, ନାଏବ ସୁବେଦାର ଅନିରୁଦ୍ଧ ଯାଦବ, ହାବିଲଦାର ଅବିନାଶ କୁମାର, ବିଏଚଏମ୍ ଅଯୁଗ ଲାମା, ହାବିଲଦାର କୈଳାଶ ଚନ୍ଦ୍ରା ତଥା ଅନ୍ୟାନ୍ୟ ଓ ସିଏଟିସି କ୍ୟାମ୍ପର ଅନ୍ତେବାସୀମାନେ ଉପସ୍ଥିତ ଥିଲେ। ମେଜର ତ୍ରିପାଠୀ ଚିଫ୍ ଅଫିସର ଶ୍ରୀ ମିଶ୍ରଙ୍କୁ ମିଠା ଖୁଆଇ ସମ୍ମାନୀତ ଓ ସମ୍ବର୍ଦ୍ଧିତ କରିଥିଲେ।

# ସେମିନାରରେ ଯୋଗଦେଲେ ଚାଷୀ



ଟାଙ୍ଗୀ,୧୩।୧୦(ସମିସ): ଟାଙ୍ଗୀ ଚୌଦ୍ୱାର ବ୍ଲକ କରଞ୍ଜି ଗ୍ରାମରେ ଚାଲୁଥିବା କୃଷି ଗବେଷଣା ସେବା ଫାଉଣ୍ଡେସନ କୋର୍ସର ପ୍ରଶିକ୍ଷାର୍ଥୀ କ୍ଷେତ୍ର ପରିଦର୍ଶନ ଓ ତାଲିମ ପରେ କଟକସ୍ଥିତ ଜାତୀୟ ଧାନ ଗବେଷଣା ପ୍ରତିଷ୍ଠାନ ହେଉଥିବା ସେମିନାରରେ ଯୋଗଦେଇଥିବା ଜଣାପଡିଛି। କାର୍ଯ୍ୟକ୍ରମରେ କୃଷି ବିଜ୍ଞାନ କେନ୍ଦ୍ର କଟକର ମୁଖ୍ୟ ତଥା ବରିଷ୍ଠ ବୈଜ୍ଞାନିକ ଡ. ରଞ୍ଜନ କୁମାର ମହାନ୍ତଙ୍କ ଅଧ୍ୟକ୍ଷତାରେ ଜାତୀୟ କୃଷି ଗବେଷଣା ପରିଚାଳନା ଏକାଡେମୀର ନିର୍ଦ୍ଦେଶକ ଡ଼ ଗୋପାଳ ଲାଲ ଓ ସିଆରଆରଆଇର ନିର୍ଦ୍ଦେଶକ ଡ. ଜିଏକେ କୁମାର ପ୍ରମୁଖ ଯୋଗଦେଇ ପ୍ରଶିକ୍ଷାର୍ଥୀଙ୍କୁ ବ୍ୟାବହାରିକ କୃଷି ବାସ୍ତବତା ସହିତ ସେତୁ କରିବା ପାଇଁ କ୍ଷେତ୍ର ଆଧାରିତ ଶିକ୍ଷାର ଗୁରୁତ୍ୱ ଉପରେ ଆଲୋକପାତ କରିଥିଲେ। ଉକ୍ତ ଗ୍ରାମର ଚାଷୀମାନଙ୍କ ଉପସ୍ଥାପନ ସମସ୍ତଙ୍କ ପ୍ରିୟ ଭାଜନ ହୋଇଥିବା ଜଣାପଡିଛି।

# କେନାଲବନ୍ଧ ରାସ୍ତା ଅବସ୍ଥା ଶୋଚନୀୟ

ନିଶ୍ଚିନ୍ତକୋଇଲି,୧୩।୧୦(ସମିସ)

ନିଶ୍ଚିନ୍ତକୋଇଲି ବ୍ଲକ କେନ୍ଦୁପାଟଣା ଜଳ ସମ୍ପଦ ବିଭାଗ ସହକାରୀ ନିର୍ବାହୀ ଯନ୍ତ୍ରୀଙ୍କ ଅଧୀନରେ ଥିବା ୮ନମ୍ବର (ସି ହାଫ) କେନାଲ ବନ୍ଧ ରାସ୍ତାର ଅବସ୍ଥା ଅତ୍ୟନ୍ତ ଶୋଚନୀୟ ହୋଇପଡିଛି। ସରପଡା ପଞ୍ଚାୟତ ଗୋପୀନାଥପୁର ଗ୍ରାମଦେଇ ଯାଇଥିବା ଏହି କେନାଲ ବନ୍ଧ ଦୀର୍ଘଦିନ ହେବ ଢଳେଇ ରାସ୍ତା କରାଯାଇଥିଲେ ମଧ୍ୟ ତାହାର ରକ୍ଷଣାବେକ୍ଷଣ ଅଭାବରୁ ରାସ୍ତା ଅବସ୍ଥା ଏଭଳି ପାଲଟିଛି। ଏହାର ପ୍ରତିକାର ଦିଗରେ ପ୍ରଶାସନ ତରଫରୁ କୌଣସି ସମୁଚିତ ପଦକ୍ଷେପ ଗ୍ରହଣ କରାଯାଉ ନ ଥିବାରୁ ସାଧାରଣରେ ଗଭୀର ଅସନ୍ତୋଷ ପ୍ରକାଶ ପାଇଛି। ୮ନମ୍ବର ସି ହାଫ କେନାଲ ବନ୍ଧ ରାସ୍ତା ଉପରେ ଗମନାଗମନ କରିବା ନିମନ୍ତେ ସ୍ଥାନୀୟ ସରପଡା, ବାଲିଆପଦା, ବୁହାଳୋ, ନିଶ୍ଚିନ୍ତକୋଇଲି, ବଡଖିର ପ୍ରଭୃତି ଗ୍ରାମ ପଞ୍ଚାୟତର ଶହ ଶହ ଲୋକ ଓ ସ୍କୁଲ କଲେଜ ଛାତ୍ରଛାତ୍ରୀ ନିର୍ଭର କରିଥାନ୍ତି। ଦୀର୍ଘ ଦିନ ହେବ ପ୍ରଶାସନର ଅଣଦେଖା ପାଇଁ ଏହି ରାସ୍ତାକୁ ମରାମତି ଟିକେ କରାଯାଉ ନ ଥିବା ଅଭିଯୋଗ ହୋଇଛି। ରାସ୍ତାର ଅବସ୍ଥା ଶୋଚନୀୟ ହୋଇପଡିଥିବା କାରଣରୁ ବହୁ ସମୟରେ ଛୋଟବଡ ଦୁର୍ଘଟଣା ଘଟୁଛି। ଏପରିକି ରାସ୍ତାର ଶୋଚନୀୟ ଅବସ୍ଥା କାରଣରୁ ଜରୁରୀକାଳୀନ ପରିସ୍ଥିତିରେ ସ୍ଥାନୀୟ ଗ୍ରାମ ଗୁଡିକୁ ଆମ୍ବୁଲାନ୍ସ କିମ୍ବା ଦମକଳ ଗାଡି ଯାଇଆସିପାରୁ ନାହିଁ। ପ୍ରଶାସନ ତରଫରୁ ତୁରନ୍ତ ଏହି ରାସ୍ତାକୁ ମରାମତି କରାଯିବା ନିମନ୍ତେ ସ୍ଥାନୀୟ ଲୋକେ ଦୃଢ ଦାବି କରିଛନ୍ତି।



ଯାତାୟାତରେ ଲୋକେ ହଟହଟା



# କଟକ ସିଟି



## ବଡ଼ ମେଡିକାଲ

# ରାତି ବେଳା କାଜୁଆଲିଟିରେ ରହୁନାହାନ୍ତି ଡାକ୍ତର

**କଟକ, ୧୩।୧୦(ସମିସ)**

ବଡ ମେଡିକାଲରେ ଡାକ୍ତରଙ୍କ ଅନୁପସ୍ଥିତକୁ ନେଇ ପ୍ରାୟ ସମୟରେ ରୋଗୀ ଓ ରୋଗୀ ସମ୍ପର୍କୀୟଙ୍କ ଭିତରେ ଅସନ୍ତୋଷ ଉପୁଜୁଛି। କାଜୁଆଲିଟି ହେଉକି ବିଭିନ୍ନ ବିଭାଗ, ରାତି ହେଲେ ଡାକ୍ତରଙ୍କ ଦେଖା ମିଳୁନାହିଁ। ଗୁରୁତର ରୋଗୀ ଯନ୍ତ୍ରଣାରେ ଛଟପଟ ହେଉଥିଲେ ମଧ୍ୟ ସେମାନଙ୍କ ସମ୍ପର୍କୀୟ ଡାକ୍ତରଙ୍କୁ ଖୋଜି ବୁଲୁଛନ୍ତି। ଏଭଳି ଏକ ସଙ୍ଗୀନ ଅଭିଯୋଗ ପୁଣି ଥରେ ଆସିଛି। ରାସ୍ତା କଡରୁ ଉଦ୍ଧାର କରାଯାଇ ଗତକାଲି ବିଳମ୍ବିତ ରାତିରେ ଜଣେ ଅସହାୟ ବ୍ୟକ୍ତିଙ୍କୁ ବଡ ମେଡିକାଲ କାଜୁଆଲିଟିକୁ ନିଆଯାଇଥିଲେ ମଧ୍ୟ ସଠିକ ସମୟରେ ଚିକିତ୍ସା ମିଳି ପାରିନଥିଲା। ଦୁର୍ଘଟଣାର ଶିକାର ହୋଇଥିବା ସମ୍ପୃକ୍ତ ବ୍ୟକ୍ତି ୪ ଘଣ୍ଟା ପଡ଼ି ରହିଥିବା ନେଇ ସାମାଜିକ କର୍ମୀ ହରିଚନ୍ଦନ ନାୟକ ସାମାଜିକ ଗଣମାଧ୍ୟମରେ ଅଭିଯୋଗରେ କରିଛନ୍ତି।

ମିଳିଥିବା ସୂଚନା ମୁତାବକ, ଜଣେ ଅସହାୟ ବ୍ୟକ୍ତି ଦୁର୍ଘଟଣାର ଶିକାର ହୋଇଥିଲେ। ରାସ୍ତା କଡରୁ ଉଦ୍ଧାର କରାଯାଇ ରାତି ୧୦ଟାରେ ତାଙ୍କୁ ଏସ୍‌ସିବି କାଜୁଆଲିଟିକୁ ନିଆଯାଇଥିଲା। ସେଠାରେ ପହଞ୍ଚିବା ପରେ ନାମ ପଞ୍ଜୀକରଣ କରାଯାଇଥିଲା। ହେଲେ ଦୁର୍ଘଟଣାର ଶିକାର ସମ୍ପୃକ୍ତ ବ୍ୟକ୍ତିଙ୍କ ଚିକିତ୍ସା କରାଇବା ନିମନ୍ତେ ସାମାଜିକ କର୍ମୀମାନେ ଅପେକ୍ଷା କରିଥିଲେ ସୁଦ୍ଧା ଡାକ୍ତରଙ୍କ ଦେଖା ମିଳିନଥିଲା। କିଛି ସମୟ ଅପେକ୍ଷା ପରେ ସେମାନେ କାଜୁଆଲିଟି ପ୍ରବେଶ ପଥରେ ରହିଥିବା ସହାୟତା କେନ୍ଦ୍ରକୁ ଯାଇଥିଲେ। ମାତ୍ର ସେଠାରେ ସହାୟ କର୍ମଚାରୀମାନଙ୍କ ଉତ୍ତର ସମସ୍ତଙ୍କୁ ବିସ୍ମିତ କରିଥିଲା। ଡାକ୍ତର ଏବେ ଥିଲେ, କେଉଁଆଡେ ଯାଇଛନ୍ତି। କିଛି ସମୟ ପରେ ଆସିବେ ବୋଲି ସେଠାରେ ଡ୍ୟୁଟି କରୁଥିବା କର୍ମଚାରୀମାନେ କହିଥିଲେ। ଡ୍ୟୁଟି ସମୟରେ ଡାକ୍ତରମାନେ କାଜୁଆଲିଟି ଛାଡି ଚାଲିଯିବାକୁ ନେଇ ସେଠାରେ ଚାପା ଉତ୍ତେଜନା ଦେଖା ଦେଇଥିଲା। ରାତି ୧ଟାରେ ସମ୍ପୃକ୍ତ ବ୍ୟକ୍ତିଙ୍କ ଚିକିତ୍ସା କରାଯାଇଥିବା ଜଣାପଡ଼ିଛି।

● ୪ ଘଣ୍ଟା ପଡ଼ି ରହିଲେ ଗୁରୁତର ରୋଗୀ
● କର୍ମଚାରୀଙ୍କ ସହ ଯୁକ୍ତିତର୍କ, ଉତ୍ତେଜନା

ପ୍ରକାଶଯୋଗ୍ୟ, ବଡ ମେଡିକାଲରେ ଚିକିତ୍ସା ବ୍ୟବସ୍ଥାକୁ ସ୍ୱାଭାବିକ କରିବା ନିମନ୍ତେ ପୂର୍ବରୁ ଅନେକ ପଦକ୍ଷେପ ଗ୍ରହଣ କରାଯାଉଥିଲା। ଏପରିକି ପ୍ରଶାସନିକ ସ୍ତରରେ ମଧ୍ୟ ବିଧିବଦ୍ଧ ଉଦ୍ୟମ ହେଉଥିଲା। ଏକ ଅନ୍ତରୀଣ କମିଟି ଗଠନ ହୋଇଥିଲା। ଏହି କମିଟି ନିୟମିତ ଭାବେ ବିଭିନ୍ନ ସ୍ଥାନ ପରିଦର୍ଶନ କରିବା ସହ ଡାକ୍ତର ହେଉ କର୍ମଚାରୀମାନଙ୍କ ଉପରେ ତୀକ୍ଷ୍ଣ ନଜର ରଖୁଥିଲା। ଯଦ୍ୱାରା ରୋଗୀ ସେବା ସଠିକ ଭାବେ ଜାରି ରହିଥିଲା। ହେଲେ ଗତ କିଛି ମାସ ହେବ ସମ୍ପୂର୍ଣ୍ଣ ମନୋମୁଖୀ ଭାବେ ବଡ ମେଡିକାଲରେ ପ୍ରଶାସନିକ କାର୍ଯ୍ୟ ଚାଲିଥିବା ଅଭିଯୋଗ ହେଉଛି। ଏହି ଘଟଣା ବାବଦରେ ଏସ୍‌ସିବି କର୍ତ୍ତୃପକ୍ଷଙ୍କ ପ୍ରତିକ୍ରିୟା ମିଳିପାରିନାହିଁ।



## ଏସ୍‌ସିବି ମେଡିକାଲ

# ନିର୍ମାଣ ହେଉଛି ନୂଆ ଶବ ସଂରକ୍ଷଣ ଗୃହ; ଆସିଲା ୫ ଫ୍ରିଜର୍

**କଟକ, ୧୩।୧୦(ସମିସ):** ଏସ୍‌ସିବିରେ ମୃତ ବ୍ୟକ୍ତିଙ୍କ ଶବ ରଖିବା ଲାଗି ବିଭିନ୍ନ ସମୟରେ ଅସୁବିଧାର ସମ୍ମୁଖୀନ ହେବାକୁ ପଡ଼ିଥାଏ। ଶବ ଗୃହ ଭର୍ତ୍ତି ଥିଲେ, ଶବକୁ ତଳେ ରଖିବାକୁ ବାଧ୍ୟ ହେଲେ ଶବ ସଂରକ୍ଷଣ ଗୃହରେ ଶବ ରଖିବା ଲାଗି ଆଉ ଅସୁବିଧା ହେବ ନାହିଁ। ଏଥିଲାଗି ଏସସିବିରେ ନୂତନ ଶବ ସଂରକ୍ଷଣ ଘର ନିର୍ମାଣ କରାଯାଉଛି। ଏଥିରେ ଶବ ସଂରକ୍ଷଣ ଲାଗି ଫ୍ରିଜର ବ୍ୟବସ୍ଥା କରାଯିବ। ପ୍ରଥମ ପର୍ଯ୍ୟାୟରେ ୫ଟି ଫ୍ରିଜର ବ୍ୟବସ୍ଥା କରାଯିବା ସହ ସେଥିରେ ଶବ ରଖାଯିବ। ଯଦି ଆବଶ୍ୟକତା ପଡେ ତେବେ ଆଉ ଅଧିକ ଫ୍ରିଜର ଅଣାଯିବ। ଅନ୍ୟପକ୍ଷରେ ଶବ ନେବାରେ ଆଉ ଟ୍ରାଫିକର ଅସୁବିଧା ଉପୁଜିବ ନାହିଁ। ମୁଖ୍ୟ ରାସ୍ତାରୁ ସିଧାସଳଖ ଗାଡି ଆସି ଶବ ସଂରକ୍ଷଣ ଗୃହ ନିକଟରେ ପହଞ୍ଚିବ। ଏଥିଲାଗି ଶବ ବ୍ୟବଚ୍ଛେଦ ଗୃହକୁ ମୁଖ୍ୟ ରାସ୍ତା ସହ ସଂଯୋଗ କରାଯିବ। ନୂତନ ରାସ୍ତା ଖୋଲାଯିବାକୁ ଯୋଜନା ହୋଇଛି ବୋଲି ମେଡିକାଲର ଜନୈକ ବରିଷ୍ଠ ଅଧିକାର ସୂଚନା ଦେଇଛନ୍ତି।

ପ୍ରତ୍ୟେକ ଦିନ ପ୍ରାୟ ୭ରୁ ୮ ବ୍ୟକ୍ତିଙ୍କ ଶବ ସଂରକ୍ଷଣ ଗୃହକୁ ଅଣାଯାଇଥାଏ। ବିଶେଷ କରି ଅପରିଚିତ ଶବ ଗୁଡିକ ପରିଚୟ ନମିଳିବା ପର୍ଯ୍ୟନ୍ତ ଶବ ଗୃହରେ ସେହିଭଳି ସଂରକ୍ଷିତ କରି ରଖାଯାଏ। ବର୍ତ୍ତମାନ ଏସସିବିର ଚର୍ମ ବିଭାଗ ନିକଟରେ ଥିବା ଶବ ଗୃହରେ ଶବ ଗୁଡିକ ସଂରକ୍ଷିତ କରି ରଖାଯାଉଛି। ଆବଶ୍ୟକ ଦୃଷ୍ଟିରେ ଅଧିକ ମୃତ ଦେହ ଆସିଯାଏ ଫ୍ରିର ମଧ୍ୟ ଭିର୍ତ୍ତି ହୋଇଯାଏ। ଫ୍ରିଜର ସୁବିଧା ନଥିବାରୁ ଶବ ଗୁଡିକ ତଳେ ରଖିବାକୁ କର୍ମଚାରୀମାନେ ବାଧ୍ୟ ହୋଇଥାନ୍ତି। ଫ୍ରିଜର ବାହାରେ ଅନେକ ଅପରିଚିତ ଶବ ଦୀର୍ଘ ଦିନ ଧରି ପଡ଼ି ରହି ଦୁର୍ଗନ୍ଧ ହୁଏ। ଏହାର ସମାଧାନ ଓ ଶବକୁ ସମ୍ମାନ ଦେବା ଲାଗି ଏକ ଶବ ଗୃହ ନିର୍ମାଣ କରାଯାଉଛି। ଯୋବ୍ରାର ମୁଖ୍ୟ ରାସ୍ତା ତଥା ତାଳଦଣ୍ଡା ପଛପଟେ ସଂଲଗ୍ନ ରହିଥିବା ଶବ ଗୃହ ନିକଟରେ ଏହା ନିର୍ମାଣ ହେଉଛି। ଖୁବ ଶୀଘ୍ର ନିର୍ମାଣ କାର୍ଯ୍ୟ ଶେଷ ହେବ। ସେଠାରେ ପ୍ରାଥମିକ ପର୍ଯ୍ୟାୟରେ ୫ଟି ଫ୍ରିଜର ବ୍ୟବସ୍ଥା କରାଯିବ। ଏହି ଫ୍ରିଜର ମଧ୍ୟ ଅଣାଯାଇ ସାରିଛି। ସେଗୁଡିକ ଭିଡିଆରଏଲ ଗୃହ ନିକଟରେ ରଖାଯାଇଛି। ଗୃହ ନିର୍ମାଣ ଶେଷ ହେବା ପରେ ସେଠାରେ ଫ୍ରିଜର ଖଞ୍ଜା ଯିବ।

# ଦୁର୍ଘଟଣାରେ ଯୁବକ ଗୁରୁତର

**କଟକ, ୧୩।୧୦(ସମିସ):** ଫେଜ୍-୨ ଥାନା ଅନ୍ତର୍ଗତ ବ୍ରଜବିହାରୀପୁର ନିକଟରେ ଆଜି ଏକ ସଡ଼କ ଦୁର୍ଘଟଣା ଘଟି ଜଣେ ଯୁବକ ଗୁରୁତର ହୋଇଛନ୍ତି। ଯୁବକ ଜଣକ ଆଠଗଡ଼ ଅଞ୍ଚଳରୁ କୌଣସି ଏକ କାର୍ଯ୍ୟରେ କଟକ ଆସୁଥିବା ବେଳେ ବ୍ରଜବିହାରୀପୁର ନିକଟରେ ଟିଂବନ୍ଧରେ ଏକ ଟ୍ରାକ୍ଟର ସହିତ ଧକ୍କା ହୋଇଥିଲେ। ବାଲି ବୋଝେଇ ଟ୍ରାକ୍ଟରଟି ଯୁବକଙ୍କୁ ସାମ୍ନା ପଟୁ ଧକ୍କା ଦେବାରୁ ସେ ଘଟଣାସ୍ଥଳରେ ତଳେ ପଡ଼ିଯାଇଥିଲେ। ସେଠାରେ ତାଙ୍କ ମୁଣ୍ଡରେ ଗଭୀର ଆଘାତ ଲାଗିଥିବା ବେଳେ ପ୍ରବଳ ରକ୍ତସ୍ରାବ ହୋଇଥିଲା। ସ୍ଥାନୀୟ ଲୋକଙ୍କ ସହାୟତାରେ ଯୁବକ ଜଣଙ୍କୁ ଏସ୍‌ସିବିରେ ଭର୍ତ୍ତି କରାଯାଇଛି। ଦୁର୍ଘଟଣାର ଶିକାର ହୋଇଥିବା ଯୁବକଙ୍କ ପରିଚୟ ମିଳିନାହିଁ।

# ଅସୁସ୍ଥ କର୍ପୋରେଟରଙ୍କୁ ଭେଟିଲେ ରାଜ୍ୟସଭା ସାଂସଦ



**କଟକ, ୧୩।୧୦(ସମିସ):** ବ୍ରେନ ଷ୍ଟ୍ରୋକରେ ଶିକାର ହୋଇ ସିଡିଏର ଏକ ଘରୋଇ ହସ୍ପିଟାଲରେ ଚିକିତ୍ସିତ ହେଉଥିବା କଟକ ମହାନଗର ନିଗମ ୫ ନଂ ୱାର୍ଡ କର୍ପୋରେଟର ପ୍ରିୟମ୍ବଦା ସ୍ୱାଇଁଙ୍କୁ ଭେଟିଛନ୍ତି ରାଜ୍ୟସଭା ସାଂସଦ ଦେବାଶିଷ ସାମନ୍ତରାୟ। ଶ୍ରୀ ସାମନ୍ତରାୟ ମେଡିକାଲରେ ପହଞ୍ଚି ଶ୍ରୀମତି ସ୍ୱାଇଁଙ୍କ ସ୍ୱାସ୍ଥ୍ୟାବସ୍ଥା ବୁଝିବା ସହ ଆଶୁଆରୋଗ୍ୟ କାମନା କରିଥିଲେ। ଏହି ଅବସରରେ ଯୁବ ସମାଜସେବୀ ଡ. ରଞ୍ଜନ ବିଶ୍ୱାଳଙ୍କ ସମେତ ଅନେକ ବିଜେଡି କର୍ମୀମାନେ ଉପସ୍ଥିତ ଥିଲେ।

## ଲଗାଣ ବର୍ଷାରେ ଫସଲ କ୍ଷତିଗ୍ରସ୍ତ

# କାର୍ତ୍ତିକ ମାସରେ ମହଙ୍ଗା ମାଡ଼



**୧୦୦ ଟଙ୍କା ଛୁଇଁଲାଣି ଅଧିକାଂଶ ପରିବା ଦର**

**କଟକ, ୧୩।୧୦(ସମିସ):** ଗତ ଜୁଲାଇ ମାସରୁ ଅଦ୍ୟାବଧି ବିଭିନ୍ନ ସମୟରେ ବର୍ଷା ଲାଗି ରହିଥିବା କାରଣରୁ ଉପକୂଳ ଜିଲ୍ଲାର ପନିପରିବା ଚାଷକୁ କ୍ଷତି ପହଞ୍ଚାଇଛି। ଏଥିସହ ବର୍ଷା ପାଇଁ ଚାଷୀମାନେ ବିଭିନ୍ନ ପନିପରିବା ଫସଲ କରିବା ବିଳମ୍ବ ହୋଇଛି। ଆଉ ଏହା ରାଜ୍ୟରେ ପନିପରିବା ଦର ବୃଦ୍ଧିର କାରଣ ହୋଇଛି। କାର୍ତ୍ତିକ ମାସରେ ସାଧାରଣତଃ ପନିପରିବାର ଅଧିକ ଚାହିଦା ରହିଥାଏ। କିନ୍ତୁ ମାସ ଆରମ୍ଭରୁ ବଜାରରେ ସବୁ ପନିପରିବା ଦର ଆକାଶଛୁଆଁ ହୋଇଯାଇଥିବାର ପରିଲକ୍ଷିତ ହୋଇଛି। ଏହାକୁ ନେଇ ଖାଉଟି ମହଲରେ ଚିନ୍ତା ପ୍ରକାଶ ପାଇଛି। ଏପରିକି ଅଧିକାଂଶ ପନିପରିବା ଦର ଏବେ ଶତକ ଛୁଇଁଲାଣି। କଟକର ପ୍ରମୁଖ ପରିବା ମଣ୍ଡି ଛତ୍ରବଜାରରେ ସବୁ ପନିପରିବା ଦର ଗତ ଦୁଇ ଦିନରେ ଅହେତୁକ ବୃଦ୍ଧି ପାଇଛି। ବିନସ କିଲୋ ପ୍ରତି ୧୩୦ଟଙ୍କାରେ ବିକ୍ରି ହେଉଥିଲା ବେଳେ ପୋଟଳ କିଲୋ ୧୦୦ଟଙ୍କା ରହିଥିଲା। ସେହିପରି ଗାଜର କିଲୋ ୭୦ ଟଙ୍କା, ଝୁଡଙ୍ଗ କିଲୋ ୮୦ଟଙ୍କା, ଭେଣ୍ଡି କିଲୋ ୯୦ଟଙ୍କା, ବାଇଗଣ କିଲୋ ୮୦ଟଙ୍କା, ସାରୁ କିଲୋ ୫୦ଟଙ୍କା, ଦେଶୀ ଆଳୁ କିଲୋ ପ୍ରତି ୯୦ଟଙ୍କାରେ ବିକ୍ରି କରାଯାଇଥିଲା। ସେହିଭଳି କଖାରୁ କିଲୋ ପ୍ରତି ୪୦ଟଙ୍କା, ଫୁଲ କୋବି ଗୋଟା ୫୦ଟଙ୍କା, ବନ୍ଧା କୋବି କିଲୋ ୭୦ଟଙ୍କା, ଟମାଟୋ କିଲୋ ୬୦ଟଙ୍କା, କଞ୍ଚା ଲଙ୍କା କିଲୋ ୧୫୦ଟଙ୍କା ଥିବା ବେଳେ ଶାଗ ଓ ମୂଳା ବିଡା ୨୦ଟଙ୍କାରେ ପହଞ୍ଚିଥିଲା। ବ୍ୟବସାୟୀଙ୍କ କହିବାନୁଯାୟୀ କେବଳ ଓଡ଼ିଶା ନୁହେଁ ଯେଉଁ ସବୁ ରାଜ୍ୟରୁ ମୁଖ୍ୟତଃ ପନିପରିବା ଓଡ଼ିଶାକୁ ଆମଦାନୀ କରାଯାଇଥାଏ। ସେହି ସବୁ ରାଜ୍ୟରେ ଏଥର ବର୍ଷା ଓ ବନ୍ୟା ପରିସ୍ଥିତି ଲାଗି ବ୍ୟାପକ ଫସଲ ହାନି ଘଟିଛି। ଯେଉଁଥିଲାଗି ଅମଳ କମିବା ସହ ବାହାରୁ ପନିପରିବା ଆମଦାନୀ ପ୍ରଭାବିତ ହୋଇଛି। ସେହିପରି ଓଡ଼ିଶାରେ ମଧ୍ୟ କିଛି ଦେଶୀ ପରିବା ଅମଳ ହେବା ବେଳକୁ ଲଗାଣ ବର୍ଷାରେ ବ୍ୟାପକ ନଷ୍ଟ ହୋଇଛି। ଅକ୍ଟୋବର ମାସ ବେଳକୁ ଦେଶୀ ପନିପରିବା ଅନେକାଂଶରେ ବଜାର ଚାହିଦା ପୂରଣ କରିଥାଏ। ଚଳିତ ଥର ଉତ୍ପାଦନ ବିଳମ୍ବ ହେବ ବୋଲି କୁହାଯାଇଛି।

# ବାଇମୁଣ୍ଡି ଓ ବାଜି ରାଉତଙ୍କ ପ୍ରତିମୂର୍ତ୍ତି ସ୍ଥାପନ ଦାବିରେ ସ୍ମାରକପତ୍ର



**କଟକ, ୧୩।୧୦(ସମିସ):** କଟକ ସହର ସହ ଜଡିତ ଦୁଇ ମହାପୁରୁଷ ବାଇମୁଣ୍ଡି ଓ ବାଜି ରାଉତଙ୍କ ପ୍ରତିମୂର୍ତ୍ତି ସହରରେ ପ୍ରତିଷ୍ଠା ଦାବି ଜୋର ଧରିଛି। ଏ ନେଇ ମଧୁସ୍ମୃତି ସୁରକ୍ଷା ମଞ୍ଚ ପକ୍ଷରୁ ଉଦବେଗ ପ୍ରକାଶ ପାଇବା ସହ ଯଥାଶୀଘ୍ର କାଠଯୋଡ଼ି ନଦୀ କୂଳରେ ବାଇମୁଣ୍ଡି ଓ ସହିଦ ବାଜି ରାଉତଙ୍କ ପ୍ରତିମୂର୍ତ୍ତି ପ୍ରତିଷ୍ଠା ପାଇଁ ଆଜି କଟକ ମହାନଗର ନିଗମ ମେୟର ସୁବାସ ସିଂହ ଓ ବାରବାଟୀ -କଟକ ବିଧାୟିକା ସୋଫିଆ ଫିର୍ଦ୍ଦୋସଙ୍କୁ ସ୍ମାରକ ପତ୍ର ପ୍ରଦାନ କରାଯାଇଛି। ଏଥିସହ ବାଇମୁଣ୍ଡି ଓ ବାଜି ରାଉତଙ୍କ ସହ ସମ୍ପୃକ୍ତ କଟକ ସହରର ରାସ୍ତାକୁ ତାଙ୍କ ନାମରେ ନାମିତ କରିବାକୁ ମଞ୍ଚ ପକ୍ଷରୁ ଦାବି କରାଯାଇଥିଲା। ସେହିପରି ଖୁବ ଶୀଘ୍ର ଆବଶ୍ୟକୀୟ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯାଇ ଏହି ଦୁଇ ବରପୁତ୍ରଙ୍କ ପ୍ରତିମୂର୍ତ୍ତି ପ୍ରତିଷ୍ଠା କରାଯିବ ବୋଲି ଉଭୟ ବିଧାୟକ ଓ ମେୟର ପ୍ରତିଶ୍ରୁତି ଦେଇଥିଲେ। ଆଜିର ସ୍ମାରକପତ୍ର ପ୍ରଦାନ ସମୟରେ ମଞ୍ଚର ସଭାପତି ଡ. ନଟବର ଶତପଥି, ସମ୍ପାଦକ ସନ୍ତୋଷ ମହାରଣା, ସଂଯୋଜକ ଜଗନ୍ନାଥ ମହାନ୍ତି, କବିନ୍ଦ୍ର ବେହେରା, ବିଜୟିନୀ ମିଶ୍ର, ସତ୍ୟଜିତ ଗୋସ୍ୱାମୀ, ଅକ୍ଷୟ ଆଚାର୍ଯ୍ୟ, ପ୍ରଦେଶ କୁମାରୀ ମହାରଣା, ସୁଚିତ୍ରା ସେଠୀ, ଦେବୀପ୍ରସାଦ ସେଠୀ, କୃଷ୍ଣଚନ୍ଦ୍ର ରଣା, ରବୀନ୍ଦ୍ର ବେହେରା, ଗୀତିରଞ୍ଜନ ତ୍ରିପାଠୀ ପ୍ରମୁଖ ଉପସ୍ଥିତ ଥିଲେ।

## ମହାନଗର ଶାନ୍ତି କମିଟି ପକ୍ଷରୁ ପୂଜା ପ୍ରସ୍ତୁତି ବୈଠକ

# ପୂଜା ଓ ଭସାଣିରେ ଶାନ୍ତିଶୃଙ୍ଖଳା ବଜାୟ ରଖିବାକୁ ଆହ୍ୱାନ



**କଟକ, ୧୩।୧୦(ସମିସ):** ଦୁର୍ଗା ପୂଜା ଭସାଣୀରେ ଗଣ୍ଡଗୋଳ ଓ କର୍ଫ୍ୟୁ ପରେ ପୂଜା କମିଟି ପକ୍ଷରୁ ପୂଜା ପରିଚାଳନା, ଅତି ସନ୍ତର୍ପଣ ସହିତ କରିବାକୁ ଚେଷ୍ଟା ଚାଲିଛି। ଯେମିତି କୌଣସି ବିଶୃଙ୍ଖଳା ନହୁଏ, ତାହା ଉପରେ ପୁଲିସ, ପ୍ରଶାସନ ଓ ପୂଜା କମିଟି ଗୁରୁତ୍ୱ ଦେଉଛି। ମହାକାଳୀଙ୍କ ଭସାଣୀ ଶୋଭାଯାତ୍ରା ଶାନ୍ତି ଶୃଙ୍ଖଳା ସହ ପରିଚାଳନା କରିବାକୁ ଆଜି କଟକ ମହାନଗର ଶାନ୍ତି କମିଟି ପକ୍ଷରୁ ଆୟୋଜିତ ପ୍ରସ୍ତୁତି ସଭାରେ ନିବେଦନ କରାଯାଇଥିଲା। ଏହି ପରିପ୍ରେକ୍ଷୀରେ ମର୍କତନଗର ଆବାସିକ ସଂଘ ସେକ୍ଟର-୬ ପୂଜା କମିଟି ନିମନ୍ତ୍ରଣ କ୍ରମେ ଚଳିତ ବର୍ଷର କାଳୀପୂଜା ଓ ଭସାଣୀ ଉତ୍ସବକୁ ସଫଳ କରିବା ପାଇଁ କଟକ ମହାନଗର ଶାନ୍ତି କମିଟି ପକ୍ଷରୁ ଏହି ପ୍ରସ୍ତୁତି ସଭା ସ୍ଥାନୀୟ ପୂଜା ମଣ୍ଡପରେ ଅନୁଷ୍ଠିତ ହୋଇଥିଲା। ଏଥିରେ କମିଟିର ସଭାପତି ଦେବେନ୍ଦ୍ରନାଥ ସାହୁ ଅଧ୍ୟକ୍ଷତା କରିଥିଲେ। ପ୍ରାରମ୍ଭରେ ସ୍ଥାନୀୟ ପୂଜା କମିଟି ସଭାପତି ତଥା ବରିଷ୍ଠ ଆଇନଜୀବୀ ସୌରଚନ୍ଦ୍ର ମହାପାତ୍ର ସ୍ୱାଗତ ଭାଷଣ ଦେଇଥିଲେ। ସାଧାରଣ ସମ୍ପାଦକ ଭିକାରୀ ଦାସ କାଳୀପୂଜା ଓ ଭସାଣୀ ସଂକ୍ରାନ୍ତିୟ ପ୍ରସ୍ତାବ ଆଗତ କରିଥିଲେ। ଏହା ସର୍ବସମ୍ମତକ୍ରମେ ଗୃହୀତ ହୋଇଥିଲା। ଆସନ୍ତା ୨୦ ତାରିଖରେ ମହାକାଳୀଙ୍କ ପୂଜା, ୨୧ରେ ଦୀପାବଳୀ, ୨୨ ଓ ୨୩ ରେ ସାଂସ୍କୃତିକ କାର୍ଯ୍ୟକ୍ରମ ପରେ ୨୪ ଶୁକ୍ରବାର ଭସାଣୀ ଉତ୍ସବ ଅନୁଷ୍ଠିତ ହେବ। ଦୁର୍ଗାପୂଜା ଭଳି କାଳୀପୂଜା ଏହି ଐତିହାସିକ ସହରରେ ବହୁ ପୁରାତନ। ଚଳିତ ବର୍ଷ କାଳୀପୂଜା ଉପଲକ୍ଷେ ଅନୁଷ୍ଠିତ ସାଂସ୍କୃତିକ କାର୍ଯ୍ୟକ୍ରମ ଏବଂ ଭସାଣୀ ଉତ୍ସବ ଦିନ ଡାକବାଜି ଯନ୍ତ୍ର ବ୍ୟବହାରର ସମୟ ସୀମାକୁ ରାତି ୧୨ଟା ପର୍ଯ୍ୟନ୍ତ ଧାର୍ଯ୍ୟ କରିବା ନିମନ୍ତେ ରାଜ୍ୟ ସରକାର ଓ ପୁଲିସ କମିଶନରଙ୍କୁ ନିବେଦନ କରାଯାଇଥିଲା। ରାତ୍ର ୧୨ଟା ପରେ ମେଢ ଭସାଣୀ ପର୍ଯ୍ୟନ୍ତ ପାରମ୍ପରିକ ବାଜା ଓ ଘଣ୍ଟ ଧ୍ୱନୀ ଶୋଭାଯାତ୍ରା ପରିଚାଳନା କରିବାକୁ ନିବେଦନ କରାଯାଇଥିଲା। ବିଗତ ବର୍ଷମାନଙ୍କ ଭଳି ମେଢ ଶୋଭାଯାତ୍ରା ନିମନ୍ତେ ଯେଉଁ ପଦ୍ଧତି ନିର୍ଦ୍ଧାରଣ କରାଯାଇଥିଲା-ଚଳିତ ବର୍ଷ ସେହି ପଦ୍ଧତିକୁ ପାଳନ କରିବା, ରାସ୍ତାଘାଟ ମରାମତି ବା ପୁନଃନିର୍ମାଣ ଯୁଦ୍ଧକାଳୀନ ଭିତ୍ତିରେ କରାଇବା, କାଳୀ ଭସାଣୀ ନିମନ୍ତେ ଦେବୀଗଡ଼ାସ୍ଥିତ କାଠଯୋଡ଼ି ନଦୀରେ ୪/୫ଟି ଜଳପୂର୍ଣ୍ଣ କୃତ୍ରିମ ପୋଖରୀ ଖୋଳାଇବା ଏବଂ ଦେବୀଗଡ଼ା ରାସ୍ତାକୁ ମରାମତି କରିବା ସହ ପର୍ଯ୍ୟାପ୍ତ ପରିମାଣର ଆଲୋକ ବ୍ୟବସ୍ଥା କରିବାକୁ ମହାନଗର ନିଗମକୁ କୁହାଯାଇଥିଲା। ଏହି ସଭାରେ କଟକ ମହାନଗର ପୂଜା କମିଟି ସମ୍ପାଦକ ତଥା ପୂର୍ବତନ ବିଧାୟକ ପ୍ରଭାତକୁମାର ତ୍ରିପାଠୀ, ମହାନଗର ନିଗମ ମେୟର ସୁବାସ ସିଂହ, ବାରବାଟୀ-କଟକ ବିଧାୟିକା ଇଂ.ସୋଫିଆ ଫିର୍ଦ୍ଦୋଷ, ଚୌଦ୍ୱାର-କଟକ ବିଧାୟକ ସୌଭିକ ବିଶ୍ୱାଳ, କଟକ-ସଦର ବିଧାୟକ ଇଂ.ପ୍ରକାଶ ସେଠୀ, ପୂର୍ବତନ ବିଧାୟକ ଡ଼. ପ୍ରଭାତରଞ୍ଜନ ବିଶ୍ୱାଳ ଓ ଇଂ. ମହମ୍ମଦ ମୋକିମ, ବରିଷ୍ଠ ବିଜେପି ନେତା ନୟନକିଶୋର ମହାନ୍ତି, କଟକ ଜିଲ୍ଲାପାଳ ଦତ୍ତାତ୍ରୟ ଭାଉସାହେବ ସିନ୍ଦେ, ସିଏମସି କମିଶନର ସୁଶ୍ରୀ କିରଣଦୀପ କୌର ସାହୋତା, ପୁଲିସ କମିଶନର ସୁରେଶ ଦେବଦତ୍ତ ସିଂହ, ଡିସିପି ଋଷିକେଶ ଦ୍ୟାନଦେଓ ଖିଲାରୀ, ଡେପୁଟି ମେୟର ଦମୟନ୍ତୀ ମାଝୀ, କଟକ ବିଜେପି ସଭାପତି ସୁକାନ୍ତ ବିଶ୍ୱାଳ, କଟକ ବିଜେଡି ସଭାପତି ପ୍ରଫୁଲ୍ଲ ସିଂହ, କଂଗ୍ରେସ ନେତା ସୁରେଶ ମହାପାତ୍ର, ବିଜେଡି ନେତା ମଧୁସୂଦନ ସାହୁ, ସିପିଆଇ ନେତା ଅମରେନ୍ଦୁ ମହାନ୍ତି ଓ ସିପିଆଇ(ଏମ) ନେତା ବଦ୍ରିନାରାୟଣ ଦାସ ଏବଂ ବିଭିନ୍ନ ପୂଜା କମିଟିର କର୍ମକର୍ତ୍ତା ବରିଷ୍ଠ ଆଇନଜୀବୀ ଧରଣୀଧର ନାୟକ, ପ୍ରଦୀପ ସିହ୍ନା, ନୃସିଂହ ଚୌଧୁରୀ, ଦେବାଶିଷ ରାୟ, ଶ୍ରୀମନ୍ତ ଦାସ, ପୂର୍ଣ୍ଣଚନ୍ଦ୍ର ସିଂହ, ନୀଳକଣ୍ଠ ମହାନ୍ତି, ଧର୍ମେଶ ନାୟକ ଓ ସ୍ଥାନୀୟ କର୍ପୋରେଟର ରିତାରାଣୀ ବେହେରା ପ୍ରମୁଖ ଏହି କାର୍ଯ୍ୟକ୍ରମରେ ହୋଇଥିବା ଆଲୋଚନାରେ ଅଂଶ ଗ୍ରହଣ କରିଥିଲେ। ଶାନ୍ତି କମିଟିର କୋଷାଧ୍ୟକ୍ଷ ନରେଶକୁମାର ସାହୁ ଧନ୍ୟବାଦ ଦେଇଥିଲେ।


● ଭସାଣିରେ ପାରମ୍ପରିକ ବାଦ୍ୟକୁ ଗୁରୁତ୍ୱ
● କୌଣସି ପ୍ରକାର ବିଶୃଙ୍ଖଳାକୁ ବରଦାସ୍ତ କରାଯିବ ନାହିଁ: ପୁଲିସ କମିଶନର
● ଆସନ୍ତା ୨୦ରେ କାଳୀପୂଜା ଓ ୨୪ରେ ଭସାଣି

## କାର୍ତ୍ତିକ ମାସର ପ୍ରଥମ ସୋମବାର

# ଧବଳେଶ୍ୱରଙ୍କ ଦର୍ଶନ ପାଇଁ ଶ୍ରଦ୍ଧାଳୁଙ୍କ ଭିଡ଼


**ଆଠଗଡ଼, ୧୩।୧୦(ସମିସ):** ଆଠଗଡ଼ ବ୍ଲକ ଅନ୍ତର୍ଗତ ଗୁରୁଡ଼ିଝାଟିଆ ଥାନା ଅଧୀନ ପ୍ରସିଦ୍ଧ ଶୈବପୀଠ ଧବଳେଶ୍ୱରଙ୍କ ପୀଠରେ କାର୍ତ୍ତିକ ମାସର ପ୍ରଥମ ସୋମବାର ପ୍ରାୟ ୧୦ହଜାରରୁ ଊର୍ଦ୍ଧ୍ୱ ଶ୍ରଦ୍ଧାଳୁଙ୍କ ସମାଗମ ହୋଇଥିଲା। ସୋମବାର ପ୍ରତ୍ୟୁଷରୁ ଦ୍ୱାର ଫିଟା ନୀତି ପରେ ବାବାଙ୍କୁ ୧୦୮ ଗରା ପବିତ୍ର ନଦୀ ଜଳରେ ସ୍ନାନ କରାଯାଇଥିଲା। ସ୍ନାନ ପରେ ମଇଲମ ଲାଗି ପ୍ରାତଃ ଆଳତୀ ସହ ପହୁଡ ଫିଟିଥିଲା। ଭୋର ସମୟରୁ ଶ୍ରଦ୍ଧାଳୁ ତଥା କାର୍ତ୍ତିକ ବ୍ରତଧାରୀମାନେ ବାବାଙ୍କ ଦର୍ଶନ ନିମନ୍ତେ ଧାଡିରେ ଅପେକ୍ଷା କରି ଶୃଙ୍ଖଳିତ ଭାବେ ଦର୍ଶନ କରିଥିଲେ। ଗୁରୁଡ଼ିଝାଟିଆ ଥାନା ତଥା ଧବଳେଶ୍ୱର ଫାଣ୍ଡି ପୁଲିସ ବିଳମ୍ବରେ ପୀଠରେ ପହଞ୍ଚି ଶୃଙ୍ଖଳା ରକ୍ଷା ପାଇଁ ମୁତୟନ ହୋଇଥିଲା। ପ୍ରଥମ ସୋମବାର ଶ୍ରଦ୍ଧାଳୁଙ୍କ ସମାଗମରେ ମାସ ସାରା ଗହଳି ଲାଗି ରହିବ ବୋଲି ଅନୁମାନ କରାଯାଏ। ଆଠଗଡ଼ ପ୍ରଶାସନ ତଥା ଦେବୋତ୍ତର ବିଭାଗ ଏଥିପ୍ରତି ଦୃଷ୍ଟି ଦେଇ ଆବଶ୍ୟକ ପଦକ୍ଷେପ ନେବାକୁ ସାଧାରଣରେ ଦାବି ହୋଇଛି।





# ବରଦା ପ୍ରସନ୍ନ ପଟ୍ଟନାୟକଙ୍କ ସ୍ମୃତିଚାରଣ




**କଟକ, ୧୩।୧୦(ସମିସ):** ବରିଷ୍ଠ ପ୍ରଶାସକ, ସମାଜସେବୀ, ଆଇନଜୀବୀ, ସଂଗଠକ ତଥା ସାହିତ୍ୟିକ ବରଦା ପ୍ରସନ୍ନ ପଟ୍ଟନାୟକଙ୍କ ଉଦ୍ଦେଶ୍ୟରେ ଏକ ସ୍ମୃତିଚାରଣ ସଭା କଟକ ମେୟରଙ୍କ ଆବାସିକ କାର୍ଯ୍ୟାଳୟଠାରେ ଅନୁଷ୍ଠିତ ହୋଇଯାଇଛି। କଟକ ମହାନଗର ନାଗରିକ ମହାସଭାର ସଭାପତି ଡା. ରବି ରଞ୍ଜନ ସାହୁଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ଏହି କାର୍ଯ୍ୟକ୍ରମ ପ୍ରାରମ୍ଭରେ ପରଲୋକଗତ ଆତ୍ମାଙ୍କ ସଦ୍‌ଗତି କାମନା କରି ଏକ ମିନିଟ୍ ନିରବ ପ୍ରାର୍ଥନା କରାଯାଇଥିଲା। କଟକ ମେୟର ସୁବାସ ଚନ୍ଦ୍ର ସିଂହ ମୁଖ୍ୟଅତିଥି ଭାବେ ଯୋଗଦେଇ ସ୍ୱର୍ଗତ ପଟ୍ଟନାୟକଙ୍କ ଜୀବନୀ ସମ୍ପର୍କରେ ଆଲୋକପାତ କରିଥିଲେ। ଚିତ୍ତରଞ୍ଜନ ମହାନ୍ତି, ଡ. ହେମନ୍ତ ପରିଡ଼ା, ପ୍ରଫୁଲ୍ଲ କୁମାର ସିଂ, ପ୍ରିୟମ୍ବଦା ସ୍ୱାଇଁ ପ୍ରମୁଖ ସମ୍ମାନୀତ ଅତିଥି ଭାବେ ଯୋଗଦେଇଥିଲେ। ସ୍ୱର୍ଗତ ପଟ୍ଟନାୟକଙ୍କ ସ୍ମୃତି ଅମଳିତ ରଖିବା ନିମନ୍ତେ ଅନେକ ପ୍ରସ୍ତାବ ଗ୍ରହଣ କରାଯାଇଛି। ସମରେନ୍ଦ୍ର ଘୋଷ, ଅଶୋକ ଦଳାଇ, କ୍ଷୀରୋଦ ମହାପାତ୍ର, ନିବାସ ଚନ୍ଦ୍ର ମିଶ୍ର, ଗୋପାଳ ଚନ୍ଦ୍ର ମିଶ୍ର, ବିଜୟ ସେଠୀ, ତାପସ ଦ୍ୱିବେଦୀ, ସୋମ ପରିଡ଼ା, ଅରୁଣ ଅଗ୍ରୱାଲ, ବୈଷ୍ଣବ ପରିଡ଼ା, ମାଧବ ମିଶ୍ର, ଶରତ ଚନ୍ଦ୍ର ଦାଶ, ଗଜେନ୍ଦ୍ର ପାଣି ପ୍ରମୁଖ ସ୍ମୃତିଚାରଣ କରିଥିଲେ। ସୁବୋଧ କୁମାର ସେଠୀ କାର୍ଯ୍ୟକ୍ରମ ପରିଚାଳନା କରିଥିଲେ।




# ସମ୍ପାଦକୀୟ



ଲୋକଙ୍କ ଆଚରଣ ରୁଚିଶୀଳ ହେଲେ ବୈଶ୍ୱିକ ପରିବେଶ ମଧ୍ୟ ରୁଚିପୂର୍ଣ୍ଣ ହେବ।
-ଜର୍ଜ ଅରୱେଲ୍

ସକାଳ
THE SAKALA

## ତାଲିବାନ ଚେତାବନୀ

ଭାରତ ଓ ଆଫଗାନିସ୍ତାନ ମଧ୍ୟରେ କୂଟନୈତିକ ଭିତ୍ତିଭୂମି ସୁଦୃଢ଼ ହେଉଥିବା ବେଳେ କାବୁଲ୍‌ରେ ପାକିସ୍ତାନ ପକ୍ଷରୁ ଏୟାରଷ୍ଟ୍ରାଇକ ଏକ ଭୁଲବାର୍ତ୍ତା ଦେଉଛି। ଏହି ଘଟଣାରେ ଭାରତ ଗସ୍ତରେ ଥିବା ଆଫଗାନ ବୈଦେଶିକ ମନ୍ତ୍ରୀ ଅମୀର ଖାନ ମୁତ୍ତାକୀ କଡ଼ା ପ୍ରତିକ୍ରିୟା ପ୍ରକାଶ କରିଛନ୍ତି। ବୋମାମାଡ଼ର କାରଣ ଯାହା ହେଉନା କାହିଁକି ତାହା ଆଫଗାନିସ୍ତାନର ସାର୍ବଭୌମତ୍ୱ ପ୍ରତି ଆହ୍ୱାନ ସୃଷ୍ଟି କରିଛି। ଏପ୍ରକାର କାର୍ଯ୍ୟକଳାପର ପରିଣାମ ଅତିଭୟଙ୍କର ହେବ ବୋଲି ସେ ଚେତାବନୀ ଦେଇଛନ୍ତି। ଏଠାରେ ସୂଚାଇ ଦିଆଯାଇ ପାରେ କି ୯/୧୧ ଆକ୍ରମଣ ଘଟଣାରେ ଆମେରିକା ପକ୍ଷରୁ ଆଫଗାନିସ୍ତାନ ବିରୋଧୀ ସାମରିକ କାର୍ଯ୍ୟାନୁଷ୍ଠାନରେ ପାକିସ୍ତାନର ସହଯୋଗିତା କାବୁଲ୍ ପ୍ରତି ବିଶ୍ୱାସଘାତକତା। ତାହାର ପ୍ରତିଶୋଧ ନେବା ପାଇଁ ଟିଟିପି ଏବେ ମଧ୍ୟ ଇସଲାମାବାଦ ବିରୋଧୀ ଆତଙ୍କବାଦୀ କାର୍ଯ୍ୟକଳାପ ଜାରି ରଖିଛି। ସଂଗଠନର ନେତା ନୂର ୱାଲି ମେସୁଦ୍ ଓ ତାଙ୍କ ସହଯୋଗୀଙ୍କୁ ନିପାତ କରିବା ସକାଶେ ପାକିସ୍ତାନ ପକ୍ଷରୁ ଏହି ବୋମାମାଡ଼ କରାଯାଇଛି ବୋଲି ଦିଆଯାଇଥିବା ସ୍ପଷ୍ଟୀକରଣକୁ ଅମୀର ଗ୍ରହଣ କରିନାହାନ୍ତି। ଅନ୍ୟପକ୍ଷରେ ଭାରତ କାବୁଲ୍‌କୁ ସହଯୋଗିତା ଓ ସହଭାଗିତାର ହାତ ବଢ଼ାଇଥିବା ବେଳେ ପାକିସ୍ତାନର ଏହି ଅଚାନକ ଆକ୍ରମଣକୁ ଅସୂୟା ଓ ଅସହଣୀୟତା ବୋଲି କହାଯାଇପାରେ।

କାବୁଲରେ ଥିବା ଭାରତର ବୈଷୟିକ ମିସନ୍‌କୁ ଏକ ଦୂତାବାସରେ ପରିଣତ କରାଯିବ ପାଇଁ ହୋଇଥିବା ନିଷ୍ପତ୍ତି ପ୍ରେକ୍ଷାପଟରେ ଅମୀର କହିଛନ୍ତି ଯେ ତାଙ୍କ ଦେଶରେ ଭାରତ ବିରୋଧୀ କାର୍ଯ୍ୟକଳାପକୁ ପ୍ରଶ୍ରୟ ଦିଆଯିବ ନାହିଁ। ଆଫଗାନିସ୍ତାନର ପୁନଃନିର୍ମାଣ ଓ ମାନବିକ ସହାୟତାରେ ଭାରତ କେବଳ ଅଂଶୀଦାର ହେବ ନାହିଁ, ଖୁବ୍‌ଶୀଘ୍ର ଅନ୍ୟୂନ ୬ଟି ନୂତନ ବିକାଶ ପ୍ରକଳ୍ପ ଆରମ୍ଭ କରିବାକୁ ଯାଉଛି। ଏଥିସହ ଚିକିତ୍ସା କ୍ଷେତ୍ରରେ ନୂଆଦିଲ୍ଲୀ ବୈଷୟିକ ସହଯୋଗିତା ଓ ସହାୟତାର ହାତ ବଢ଼ାଇଛି। ମଧ୍ୟପ୍ରାଚ୍ୟ ପରିବର୍ତ୍ତନ ଦୃଶ୍ୟପଟରେ ଆଫଗାନିସ୍ତାନ ସୀମା ସଂଲଗ୍ନ ଇରାନ ଉପକୂଳରେ ଚବାହାର ବନ୍ଦରରେ ଭରତର ନିବେଶ ଫଳପ୍ରଦ ହେବାର ସମ୍ଭାବନା ଉଜ୍ଜ୍ୱଳ ହୋଇଛି। ଆଫଗାନିସ୍ତାନ ସହ ସୁସଂପର୍କ ମାଧ୍ୟମରେ ମଧ୍ୟପ୍ରାଚ୍ୟ ସହ ଭାରତ ଆର୍ଥିକ ଓ ବାଣିଜ୍ୟିକ ସଂପର୍କକୁ ସୁଦୃଢ଼ କରିବାର ସମ୍ଭାବନା ଉଜ୍ଜ୍ୱଳ।

ଅନ୍ୟପକ୍ଷରେ ପାକିସ୍ତାନ ନିଜ ଦେଶରେ ଏକାଧିକ ଆତଙ୍କବାଦୀ ଗୋଷ୍ଠୀକୁ ଆଶ୍ରୟ ଓ ପ୍ରଶୟ ଦେଇ ଯେଉଁ ଭୟଙ୍କର ପରିସ୍ଥିତି ସୃଷ୍ଟି କରିଛି ତାହା କ୍ରମେ ନିୟନ୍ତ୍ରଣ ବାହାରକୁ ପଳାଇଥିବାର ଅନୁଭୂତ ହେଉଛି। ଗତ କିଛିଦିନ ମଧ୍ୟରେ ପରିଲକ୍ଷିତ ଚରମ ଆଭ୍ୟନ୍ତରୀଣ ବିଶୃଙ୍ଖଳାରେ ୫୮ ରୁ ଉର୍ଦ୍ଧ୍ୱ ମୃତ ଶତାଧିକ ଆହତ ହୋଇଛନ୍ତି। ଏଡି ଘଟଣାରେ ଟିଟିପି ଓ ଟିଏଲପି ସଂଗଠନର ଭୂମିକା ରହିଛି। ଟିଟିପି ଏକ ପୁଲିସ ତାଲିମ କେନ୍ଦ୍ର ଉପରେ ସଂଘବଦ୍ଧ ଆକ୍ରମଣ କରିଥିବା ବେଳେ ଟିଏଲପି ଗାଜାଶାନ୍ତି ଯୋଜନା ବିରୋଧରେ ହିଂସାକାଣ୍ଡ ଭିଆଇଛନ୍ତି। ପରିସ୍ଥିତି ଏତେ ଭୟଙ୍କର ହୋଇଛି ଯେ ସେନାବାହୀନକୁ କାବୁଲରେ ବୋମାମାଡ଼ କରିବାକୁ ପଡ଼ିଛି। ଦେଶବାସୀଙ୍କୁ ଆଶ୍ୱସ୍ତ କରିବା ପାଇଁ ସରକାରଙ୍କ ପ୍ରଚାରକୁ ମିଛ ପ୍ରମାଣିକ କରି ଟିଟିପି ନେତା ମେସୁଦ୍ ଏକ ଭିଡିଓ ମାଧ୍ୟମରେ ସେ ସକ୍ରିୟ ଓ ସକ୍ଷମ ଥିବା ଦାବି କରିଛନ୍ତି। ନିଜ ଘର ସମ୍ଭାଳିବାକୁ ଅସମର୍ଥ ପାକିସ୍ତାନ ଏବେ ପଡ଼ୋଶୀ ରୋଷର ଶିକାର ହୋଇଛି। ଭାରତ ବିରୋଧରେ ପ୍ରୟୋଗ ପାଇଁ ପୋଷି ରଖିଥିବା ଆତଙ୍କବାଦୀ ଆଗାମୀ ଦିନରେ ପାକିସ୍ତାନର କାଳ ହୋଇପାରନ୍ତି।

## ମୃତ ଓ ଜୀବିତ ଦ୍ୱନ୍ଦ୍ୱ

ବିଭିନ୍ନ ଦୃଷ୍ଟିକୋଣରୁ ବିଚାରକଲେ ବିହାର ଏକ ବହୁଚର୍ଚ୍ଚିତ ରାଜ୍ୟ। ସବୁକ୍ଷେତ୍ର ଓ ସ୍ତରରେ ଅନଗ୍ରସର। ତେଣୁ ଜାତୀୟ ରାଜନୀତି ଏହାକୁ ଏକ ପ୍ରୟୋଗଶାଳା ରୂପେ ବ୍ୟବହାର କରିଆସିଛି। ଅନୁତ୍ପାଦନୀ ବା ଅଦରକାରୀ ହୋଇପଡ଼ିଛନ୍ତି ରାଜବାସୀ। କିଛି ବିନିମୟରେ ଏପରିକି ଅସୁମାରି ପ୍ରତିଶ୍ରୁତି ମାଧ୍ୟମରେ ରାଜନେତା ନିର୍ବାଚନ ଫସଲ ଅମଳ କରିଆସିଛନ୍ତି। ଅଥଚ ଜାତୀୟ ରାଜନୀତିରେ ଦିଗ ପରିବର୍ତ୍ତନ କରିବାରେ ପ୍ରମୁଖ ଭୂମିକା ଗ୍ରହଣ କରିଛି ବିହାର। କିନ୍ତୁ ପରିବର୍ତ୍ତିତ ବ୍ୟବସ୍ଥାରୁ ରାଜ୍ୟ ସୁଫଳ ହାସଲ କରିବାକୁ ଅସମର୍ଥ ହୋଇଛି। ସେହିଭଳି ସମଗ୍ର ଦେଶରେ ମତଦାତା ଶୁଦ୍ଧକରଣ ପ୍ରକ୍ରିୟା ଆରମ୍ଭ ହୋଇଛି ବିହାରରୁ। ତାହାର ଲକ୍ଷ୍ୟ ଓ ଉଦ୍ଦେଶ୍ୟ କେତେଦୂର ସଫଳ ହୋଇପାରିଛି ତାହା ତ ଭିନ୍ନ କଥା। ହେଲେ ଅନଗ୍ରସର ଓ ଅଶିକ୍ଷାରେ ନିପୀଡ଼ିତ ରାଜ୍ୟବାସୀ ପ୍ରତିବାଦର ସ୍ୱର ଉତ୍ତୋଳନ କରିଛନ୍ତି, ଯାହା ଅନ୍ୟ ରାଜ୍ୟବାସୀଙ୍କୁ ସଚେତନତାର ବାର୍ତ୍ତା ଦେଇଛି।

ଏହାମଧ୍ୟରେ ରାଜ୍ୟ ବିଧାନସଭା ନିର୍ବାଚନ ପ୍ରକ୍ରିୟା ଆରମ୍ଭ ହୋଇଯାଇଛି। ତଥାକଥିତ ଏସଆଇଆର ବିରୋଧରେ ସର୍ବୋଚ୍ଚ ନ୍ୟାୟାଳୟରେ ଚାଲିଥିବା ମାମଲାର ଶୁଣାଣିରେ କିଛି ନିର୍ଣ୍ଣାୟକ ନିଷ୍ପତ୍ତି ହୋଇପାରିନି। ନିର୍ବାଚନ ଘୋଷଣା ପରେ ପ୍ରକ୍ରିୟାରେ ହସ୍ତକ୍ଷେପ କଲାଭଳି କୌଣସି ନିଷ୍ପତ୍ତି ଉପରେ ଥିବା କଟକଣାକୁ ସର୍ବୋଚ୍ଚ ଅଦାଲତ ଏକପ୍ରକାର ମାନିନେଇଛନ୍ତି। ଦୀର୍ଘ ୪ ମାସର ଅଦାଲତୀୟ କସରତ ଉଦ୍ଦେଶମୂଳକ ଥିଲା ଭଳି ମନେ ହୁଏ। ତେବେ ଅଦାଲତର ହସ୍ତକ୍ଷେପ ଓ ନିର୍ଦ୍ଦେଶ ନିର୍ବାଚନ ଆୟୋଗଙ୍କୁ ବାଧ କରିଛି ନିଜ ଘୋଷିତ ବ୍ୟବସ୍ଥାରେ ସଂଶୋଧନ ଆଣିବାକୁ। ଏସବୁ ସତ୍ତ୍ୱେ ୪୭ ଲକ୍ଷ ଭୋଟଙ୍କୁ ମତଦାତା ତାଲିକାରୁ ବାଦ ଦିଆଯାଇଛି। ଏହା ଅବଶ୍ୟ ଆୟୋଗଙ୍କ ପ୍ରଦତ୍ତ ପରିସଂଖ୍ୟାନ। କିନ୍ତୁ ଅସଲରେ ଏହି ସଂଖ୍ୟା ୬୫ ଲକ୍ଷରୁ ଅଧିକ ହୋଇପାରେ। ସର୍ବୋଚ୍ଚ ନ୍ୟାୟାଳୟଙ୍କ ନିର୍ଦ୍ଦେଶକ୍ରମେ ଆୟୋଗଙ୍କ ପକ୍ଷରୁ ଚିଠା ମତଦାତା ତାଲିକା ଘୋଷଣା କରାଯାଇଥିଲେ ମଧ୍ୟ ସଚେତନତା ଅଭାବରୁ ସଂଶୋଧନ ଆବେଦନ ସେଭଳି ଆଖିଦୃଶିଆ ହୋଇପାରିନଥିଲା। କିନ୍ତୁ ନିର୍ବାଚନ ଘୋଷଣା ପରେ ପରେ ଭୋଟର ତାଲିକାରେ ମୃତକ ଦର୍ଶାଯାଇଥିବା ମତଦାତା ସଚେତନ ହୋଇପଡ଼ିଛନ୍ତି। ସେମାନେ ସ୍ଥାନୀୟ କର୍ତ୍ତୃପକ୍ଷଙ୍କ ନିକଟରେ ଆବେଦନ କରିଛନ୍ତି। ଏପରିକି ନିଜେ ଉପସ୍ଥିତ ରହି ସେମାନେ ମୃତ ନୁହନ୍ତି ବୋଲି ଦର୍ଶାଇବାରୁ ତାଲିକା ପୁନଃସଂଶୋଧନ ସକାଶେ ନିର୍ଦ୍ଦେଶ ଦିଆଯାଇଛି। ରାଜ୍ୟର ଗ୍ରାମାଞ୍ଚଳରେ ଏହି ସଚେତନତା ବୃଦ୍ଧି ପାଇଥିବାରୁ ସ୍ଥାନୀୟ ପ୍ରଶାସନ ପାଇଁ ମୁଣ୍ଡବ୍ୟଥାର କାରଣ ହୋଇଛି। ସେମାନଙ୍କ ନିକଟରେ ନିର୍ବାଚନ ଆୟୋଗଙ୍କ ନିର୍ଦ୍ଦେଶିତ ପ୍ରମାଣପତ୍ର ନଥିଲେ ମଧ୍ୟ ଆଧାର କାର୍ଡ ବିଶେଷ ସହାୟକ ହୋଇଛି। ଏକ ପର୍ଯ୍ୟବେକ୍ଷଣରୁ ଜଣାପଡ଼ିଛି ଯେ ତଥାକଥିତ ଭୋଟର ତାଲିକା ସଂଶୋଧନ ପ୍ରକ୍ରିୟାରେ ସବୁଠାରୁ ଅଧିକ କ୍ଷତିଗ୍ରସ୍ତ ହୋଇଛନ୍ତି ମହିଳା ଓ ସଂଖ୍ୟାଲଘୁ ମତଦାତା।

ବହିରାଗତଙ୍କୁ ନେଇ କ୍ଷମତାକେନ୍ଦ୍ର ଓ ନିର୍ବାଚନ ପ୍ରଶାସନ ପକ୍ଷରୁ ଯେଉଁଭଳି ପ୍ରସଙ୍ଗ କରାଯାଇଛି ତାହା ଯେ ଅମୂଳକ ଏହି ମତଦାତା ଶୁଦ୍ଧିକରଣରୁ ପ୍ରକ୍ରିୟାରୁ ସ୍ପଷ୍ଟ ହୋଇଛି। ଭୋଟର ତାଲିକାରୁ ବାଦ ପଡ଼ିଥିବା ୩୧୯୫ ଜଣଙ୍କ ମଧ୍ୟରୁ ୭୮ ମୁସଲମାନ (ବାଂଲାଦେଶ) ଓ ଅବଶିଷ୍ଟ ନେପାଳର ହିନ୍ଦୁ ଅଧିବାସୀ। ଅଥଚ ଏହାକୁ ନିର୍ବାଚନ ପ୍ରଚାରରେ ମୁଖ୍ୟ ପ୍ରସଙ୍ଗ କରାଯାଇଛି।

# ଶିକ୍ଷାରେ ସଂଖ୍ୟାଲଘୁ ଅଧିକାର

ସୌଭାଗ୍ୟ ସୁନ୍ଦରରାୟ

ଦେଶରେ ସଂଖ୍ୟାଲଘୁ ଶିକ୍ଷାନୁଷ୍ଠାନ ଶିକ୍ଷା ଅଧିକାର ଆଇନ (ଆରଟିଇ) ଅନ୍ତର୍ଭୁକ୍ତ ହେବେ ନା ନାହିଁ ସେଥିନେଇ ଏକ ବିବାଦ ଗତ କିଛିଦିନ ଧରି ମୁଣ୍ଡ ଟେକିଛି। ଗତ ସେପ୍ଟେମ୍ବର ମାସରେ ସର୍ବୋଚ୍ଚ ନ୍ୟାୟାଳୟର ଏକ ରାୟକୁ ନେଇ ଏହି ବିବାଦ ସୃଷ୍ଟି ହୋଇଛି। ଶିକ୍ଷକ ଯୋଗ୍ୟତା ପରୀକ୍ଷା ସଂକ୍ରାନ୍ତ ଏକ ରାୟ ପ୍ରଦାନ କରିବା ଅବସରରେ ଶୀର୍ଷ ଅଦାଲତ ଏହି ପ୍ରସଙ୍ଗ ଉଠାଇଛନ୍ତି। ତେବେ କ'ଣ ପାଇଁ ସଂଖ୍ୟାଲଘୁ ଶିକ୍ଷାନୁଷ୍ଠାନ ଶିକ୍ଷା ଅଧିକାର ଆଇନ ପରିସରଭୁକ୍ତ ହେବାକୁ ଚାହୁଁନହାନ୍ତି ତାହା ଏକ ପ୍ରଶ୍ନବାଚୀ।

ସଂଖ୍ୟାଲଘୁ ଶିକ୍ଷାନୁଷ୍ଠାନ ଆରଟିଇ ପରିସର ବାହାରେ ରହିବା ନିମନ୍ତେ ଯେଉଁ ଯୁକ୍ତି ଦର୍ଶାଉଛନ୍ତି ତାହା ଅଦାଲତର ୨୦୧୪ ମସିହାର ଏକ ରାୟ ଆଧାରିତ। ଦେଶର ସମସ୍ତ ଶିଶୁଙ୍କର ଶିକ୍ଷା ଲାଭ ପାଇବାର ଅଧିକାର ରହିଛି। ଅଥଚ ଆର୍ଥିକ ଅନଟନ, ପାରିବାରିକ ସମସ୍ୟା, ସାମାଜିକ ବ୍ୟବସ୍ଥା ଯୋଗୁଁ ବହୁ ଶିଶୁ ସର୍ବନିମ୍ନ ଶିକ୍ଷା ଲାଭ କରିପାରୁ ନାହାନ୍ତି। ଶିଶୁଟିଏ ସର୍ବନିମ୍ନ ଶିକ୍ଷାଗତ ଯୋଗ୍ୟତା ଲାଭ କଲେ ସେ ନିଜ ପାଇଁ ଓ ପରିବାର ପାଇଁ ସଶକ୍ତ ହୋଇପାରିବ। ସମାଜ ମଧ୍ୟ ଏଥିରୁ ଉପକୃତ ହୋଇପାରିବ। ଆର୍ଥିକ ଅବସ୍ଥା ଜଣେ ଶିଶୁର ଶିକ୍ଷାରେ ଯେପରି ବାଧକ ନହୁଏ ତାହା ହୃଦୟଙ୍ଗମ କରି ଶିକ୍ଷା ଅଧିକାର ଆଇନ ପ୍ରଣୟନ କରାଯାଇଥିଲା। କଂଗ୍ରେସ ନେତୃତ୍ୱାଧୀନ ଉପା ସରକାରର ଏହା ଏକ ଯୁଗାନ୍ତକାରୀ ଦୂରଦୃଷ୍ଟି ସଂପନ୍ନ ଚିନ୍ତାଧାରା କହିଲେ ଅତ୍ୟୁକ୍ତି ହେବ ନାହିଁ। ଅଷ୍ଟମ ଶ୍ରେଣୀ ପର୍ଯ୍ୟନ୍ତ ପ୍ରତ୍ୟେକ ଶିଶୁଙ୍କୁ ମାଗଣା ଓ ବାଧ୍ୟତାମୂଳକ ଶିକ୍ଷା ପ୍ରଦାନ କରିବା ରାଷ୍ଟ୍ରର ଦାୟିତ୍ୱ ବୋଲି ଆଇନରେ ବ୍ୟବସ୍ଥା କରାଯାଇଛି। ୨୦୦୯ ମସିହାରେ ଏହି ଆଇନ ପ୍ରଣୟନ କରାଯାଇ ୨୦୧୦ ମସିହାରୁ ଦେଶବ୍ୟାପୀ କାର୍ଯ୍ୟକାରୀ କରାଗଲା। ଏହି ଆଇନରେ ଘରୋଇ ବିଦ୍ୟାଳୟରେ ମଧ୍ୟ ୨୫% ଆସନ ଅନଗ୍ରସର ଶ୍ରେଣୀ ଶିଶୁଙ୍କ ପାଇଁ ସଂରକ୍ଷଣର ବ୍ୟବସ୍ଥା ରହିଛି। ଦେଖିବାକୁ ଗଲେ ଶିକ୍ଷା ଅଧିକାର ଆଇନ ଏକ ପ୍ରଗତିଶୀଳ ବ୍ୟବସ୍ଥା। ଏହା ଅନୁଷ୍ଠାନକୈନ୍ଦ୍ରିକ ବା ସଂପ୍ରଦାୟ କୈନ୍ଦ୍ରିକ ନୁହେଁ, ଶିଶୁକୈନ୍ଦ୍ରିକ। ଏହି ଆଇନ ଶିଶୁଙ୍କ ମୌଳିକ ଅଧିକାରକୁ ନେଇ ପ୍ରସ୍ତୁତ କରାଯାଇଛି, ଅନୁଷ୍ଠାନ ବା ବର୍ଣ୍ଣ ଆଧାରରେ ନୁହେଁ। ଏଣୁ ସଂଖ୍ୟାଲଘୁ ଭାବେ ଅନୁଷ୍ଠାନର ପ୍ରଶାସନିକ ଦିଗ ପ୍ରତି ଏତେ ଦୃଷ୍ଟି ଦିଆଯିବାର କୌଣସି ଆବଶ୍ୟକତା ନାହିଁ।

ଆରଟିଇ କାର୍ଯ୍ୟକାରୀ ହେବା ପରେ ଘରୋଇ ଶିକ୍ଷାନୁଷ୍ଠାନରେ ୨୫% ସ୍ଥାନ ସଂରକ୍ଷଣକୁ ନେଇ ଅଦାଲତରେ ମାମଲା ଦାୟର ହେଲା। ସରକାରୀ ଅଣସାହାଯ୍ୟପ୍ରାପ୍ତ ଘରୋଇ ଶିକ୍ଷାନୁଷ୍ଠାନର ସ୍ୱାୟତ୍ତତା ଉପରେ ଏହା ହସ୍ତକ୍ଷେପ ବୋଲି କୁହାଗଲା। ତେବେ ଅଦାଲତ ଏହି ସଂରକ୍ଷଣକୁ କାଏମ ରଖିଥିଲେ ମଧ୍ୟ ଅଣସହାୟତାପ୍ରାପ୍ତ ସଂଖ୍ୟାଲଘୁ ଶିକ୍ଷାନୁଷ୍ଠାନକୁ ଏଥିରୁ ବାଦ ଦେଇଥିଲେ। ପରବର୍ତ୍ତୀ ସମୟରେ ୨୦୧୪ ମସିହାରେ ଆସିଲା ଏକ ରାୟ। 'ପ୍ରମତି ଏଜୁକେସନାଲ ଆଣ୍ଡ କଲଚରାଲ ଟ୍ରଷ୍ଟ ବନାମ କେନ୍ଦ୍ର ସରକାର' ମାଲାରେ ଅଦାଲତ ଏହି ରାୟ ଦେଇଥିଲେ। ତତ୍କାଳୀନ ପ୍ରଧାନ ବିଚାରପତି ଆର.ଏମ.ଲୋଧାଙ୍କ ଅଧ୍ୟକ୍ଷତାରେ ଗଠିତ ୫ ଜଣିଆ ସମ୍ବିଧାନ ଖଣ୍ଡପୀଠର ବିଚାରପତି ଏ.କେ.ପଟ୍ଟନାୟକ, ସୁଧାଂଶୁ ଜ୍ୟୋତି ମୁଖୋପାଧ୍ୟାୟ, ଦୀପକ ମିଶ୍ର ଓ ଏଫ.ଏମ ଇବ୍ରାହିମ କାଲିଫୁଲା ଏହି ରାୟ ବଳରେ ଗାଏମୋଟ ସମସ୍ତ ସଂଖ୍ୟାଲଘୁ ଶିକ୍ଷାନୁଷ୍ଠାନକୁ ଆରଟିଆଇ ପରିସରରୁ ବାଦ ଦେଇଥିଲେ।

ଏହି ରାୟର ପୁନଃ ତର୍ଜମା ଆବଶ୍ୟକ ବୋଲି ଶିକ୍ଷକ ନିଯୁକ୍ତି ଯୋଗ୍ୟତା ପରୀକ୍ଷା ରାୟ ପ୍ରଦାନ ଅବସରରେ ସର୍ବୋଚ୍ଚ ନ୍ୟାୟାଳୟ ବିଚାରପତି ଦୀପଙ୍କର ଦତ୍ତ ଓ ମନମୋହନ ମତବ୍ୟକ୍ତ କରିଛନ୍ତି। ଦୁଇଜଣିଆ ଖଣ୍ଡପୀଠ ଚାକିରିଆ ଶିକ୍ଷକଙ୍କ ସମେତ ନୂଆ ଶିକ୍ଷକ ନିଯୁକ୍ତି ନିମନ୍ତେ ଶିକ୍ଷକ ଯୋଗ୍ୟତା ପରୀକ୍ଷାରେ ଉତ୍ତୀର୍ଣ୍ଣକୁ ବାଧ୍ୟତାମୂଳକ କରିଥିବା ବେଳେ ସଂଖ୍ୟାଲଘୁ ଶିକ୍ଷାନୁଷ୍ଠାନକୁ ଏଥିରୁ ବାଦ ଦେଇଛନ୍ତି। ଯଦିଓ ଉଭୟ ବିଚାରପତି ସଂଖ୍ୟାଲଘୁ ଶିକ୍ଷାନୁଷ୍ଠାନ ସଂପର୍କରେ ନିଜର ରାୟ ପ୍ରଦାନ କରିପାରିଥା'ନ୍ତେ, କିନ୍ତୁ ପୂର୍ବରୁ ବୃହତ୍ତର ଖଣ୍ଡପୀଠ ଏ ସଂପର୍କିତ ରାୟ ପ୍ରଦାନ କରିଥିବାରୁ ପ୍ରସଙ୍ଗକୁ ପ୍ରଧାନ ବିଚାରପତିଙ୍କ ନିକଟକୁ ପଠାଇ ଦିଆଯାଇଛି। ଏବେ ଏହି ମାମଲାର ଶୁଣାଣି ନିହାତି ଭାବେ ୭ ଜଣିଆ ଖଣ୍ଡପୀଠରେ ହେବା ଆବଶ୍ୟକ।

କେନ୍ଦ୍ର ସଂଖ୍ୟାଲଘୁ ବିଭାଗ ମନ୍ତ୍ରାଳୟ ତଥ୍ୟ ଅନୁଯାୟୀ ଦେଶରେ ଏବେ ୧୩, ୦୦୦ରୁ ଉର୍ଦ୍ଧ୍ୱ ସଂଖ୍ୟାଲଘୁ ଶିକ୍ଷାନୁଷ୍ଠାନ ରହିଛି। ଏଗୁଡ଼ିକ ମୁଖ୍ୟତଃ ମୁସଲିମ ବା ଖ୍ରୀଷ୍ଟ ଧର୍ମାବଲମ୍ବୀ ସମ୍ପ୍ରଦାୟ ଦ୍ୱାରା ପରିଚାଳିତ। ଏହି ସଂପ୍ରଦାୟ ଦ୍ୱାରା ଅନେକ ଉଚ୍ଚ ଶିକ୍ଷାନୁଷ୍ଠାନ ମଧ୍ୟ ପରିଚାଳିତ। ଖୁବ୍ ସ୍ୱଳ୍ପସଂଖ୍ୟକ ଅନୁଷ୍ଠାନ ପାର୍ସି, ଇହୁଦୀ, ବୌଦ୍ଧ ଧର୍ମାବଲମ୍ବୀଙ୍କ ଦ୍ୱାରା ପରିଚାଳିତ। ସଂଖ୍ୟାଲଘୁ ଶିକ୍ଷାନୁଷ୍ଠାନ କହିଲେ ସଂଖ୍ୟାଲଘୁଙ୍କ ପାଇଁ ଉଦ୍ଦିଷ୍ଟ ବିଦ୍ୟାଳୟକୁ ବୁଝାଏ। ସଂପ୍ରଦାୟର ସ୍ୱାର୍ଥ, ସଂସ୍କୃତି, ଭାଷା ଓ ଜ୍ଞାନର ପ୍ରଦୀପ ପ୍ରଜ୍ୱଳିତ ରଖିବା ଏହାର ପ୍ରମୁଖ ଲକ୍ଷ୍ୟ। ତେବେ ଜାତୀୟ ଶିଶୁ ସୁରକ୍ଷା ଅଧିକାର ଆୟୋଗ ତଥ୍ୟ ଅନୁଯାୟୀ ଏହି ବିଦ୍ୟାଳୟଗୁଡ଼ିକରେ ଅଣସଂଖ୍ୟାଲଘୁ ଛାତ୍ରଛାତ୍ରୀଙ୍କ ସଂଖ୍ୟା ସର୍ବାଧିକ ବୋଲି ଜଣାପଡ଼ିଛି। ପ୍ରାୟ ୬୨.୫% ଛାତ୍ରଛାତ୍ରୀ ଅଣସଂଖ୍ୟାଲଘୁ ସଂପ୍ରଦାୟର। ବିଦ୍ୟାଳୟରେ ଅନଗ୍ରସର ଶ୍ରେଣୀ ଛାତ୍ରଛାତ୍ରୀଙ୍କ ସଂଖ୍ୟା ମାତ୍ର ୮.୭%। ଏଥିରୁ ପ୍ରତୀୟମାନ ହେଉଛି ଯେ, ଶିକ୍ଷାନୁଷ୍ଠାନର ସଂଖ୍ୟାଗରିଷ୍ଠ ଛାତ୍ରଛାତ୍ରୀ ଅଣସଂଖ୍ୟାଲଘୁ, କିନ୍ତୁ ବିଦ୍ୟାଳୟ ପରିଚାଳନା ବ୍ୟବସ୍ଥା ସଂଖ୍ୟାଲଘୁ। ଏଥିରୁ ଧରିବାକୁ ପଡ଼ିବ ସଂଖ୍ୟାଲଘୁ ପରିଚାଳନା ବ୍ୟବସ୍ଥା ନାମରେ ଦେଶର ଶିକ୍ଷା ଅଧିକାର ଆଇନକୁ ବିଭିନ୍ନ ଆଳରେ ଅଦାଲତର କାଠଗଡ଼ାକୁ ଟାଣି ଭାରତୀୟ ସାମ୍ବିଧାନିକ ବ୍ୟବସ୍ଥାକୁ ଆଖିମିଟିକା ମାରିବାକୁ ଉଦ୍ୟମ ଚାଲିଛି। ଶିକ୍ଷକ ଯୋଗ୍ୟତା ମାନଦଣ୍ଡ ବାହାରେ ରହି ସଂପୃକ୍ତ ଅନୁଷ୍ଠାନ ନିଜ ମନମୁଖି ଯେକୌଣସି ଯୋଗ୍ୟତାପ୍ରାପ୍ତ ଶିକ୍ଷକଙ୍କୁ ନିଯୁକ୍ତି ଦେଇ ଶିକ୍ଷା ବ୍ୟବସ୍ଥାକୁ ନିମ୍ନଗାମୀ କରିବାକୁ ଉଦ୍ୟମ କରୁଥିବା କୁହାଯାଇପାରେ। ଯଦି ଏହି ଶିକ୍ଷାନୁଷ୍ଠାନ ଆରଟିଇ ବାହାରେ ରହିବେ ଏବଂ ଅନଗ୍ରସର ବର୍ଗ ପାଇଁ ୨୫% ସଂରକ୍ଷଣ ବ୍ୟବସ୍ଥା କାର୍ଯ୍ୟକାରୀ କରିବେ ନାହିଁ, ତେବେ ନିଜ ସଂପ୍ରଦାୟର ଶିଶୁଙ୍କୁ ମଧ୍ୟ ଉପେକ୍ଷିତ କରିବା ନିମନ୍ତେ ଏମାନେ ଅଧିକାରପ୍ରାପ୍ତ। ତା'ହାଲେ ସଂଖ୍ୟାଲଘୁ ଅନୁଷ୍ଠାନର ଉଦ୍ଦେଶ୍ୟ କିପରି ସାଧିତ ହେଲା? ଏପ୍ରକାର ମାନସିକତାରେ ଦେଶରେ ଶିକ୍ଷା ସାର୍ବଜନୀନ ହୋଇପାରିବ ନାହିଁ କି ଶିକ୍ଷା ଅଧିକାର ଆଇନ ଲକ୍ଷ୍ୟ ମଧ୍ୟ ପୂରଣ ହୋଇପାରିବ ନାହିଁ।

ଆରଟିଇ କାର୍ଯ୍ୟକାରୀ ହେବା ପରେ ଦେଶର ପ୍ରାଥମିକ ବିଦ୍ୟାଳୟରେ ଉପସ୍ଥାନ ବଢ଼ିଛି। କିନ୍ତୁ ଶିକ୍ଷା ମାନରେ ସେଭଳି ଉନ୍ନତି ଘଟି ପାରିନାହିଁ। ପ୍ରଥମ ଏଜୁକେସନ ଫାଉଣ୍ଡେସନର ପ୍ରାଥମିକ ଶିକ୍ଷା ସଂକ୍ରାନ୍ତ ରିପୋର୍ଟରୁ ଜଣାପଡ଼ିଛି ଯେ, ଓଡ଼ିଶାର ତୃତୀୟ ଶ୍ରେଣୀରେ ଶିକ୍ଷାଲାଭ କରୁଥିବା ପ୍ରାୟ ୪୦% ବିଦ୍ୟାର୍ଥୀ ଦ୍ୱିତୀୟ ଶ୍ରେଣୀ ପୁସ୍ତକ ସଠିକ୍ ଭାବେ ପଢ଼ିପାରୁ ନାହାନ୍ତି। ତୃତୀୟ ଶ୍ରେଣୀର ୭୦% ଛାତ୍ରଛାତ୍ରୀ ଫେଡ଼ାଣ କରିପାରୁ ନାହାନ୍ତି। ରାଜ୍ୟର ପ୍ରାଥମିକ ବିଦ୍ୟାଳୟରେ ବିଭିନ୍ନ ବର୍ଗର ଶିକ୍ଷକ ପାଠ ପଢ଼ାଉଛନ୍ତି। ବହୁସ୍ଥାନରେ ଜାଲ ସାର୍ଟିଫିକେଟ ବଳରେ ଶିକ୍ଷକ ପଦବୀ ହାତେଇଛନ୍ତି। ବହୁ ଶିକ୍ଷକ ଶୁଦ୍ଧ ଭାବେ ଓଡ଼ିଆ ଲେଖିପାରୁ ନ ଥିବା ରିପୋର୍ଟ ପ୍ରକାଶ ପାଉଛି। ଏପ୍ରକାର ଶିକ୍ଷକଙ୍କୁ ଆମେ ଯୋଗ୍ୟ ବୋଲି କାହିଁକି ଧରିବା? ସେମାନଙ୍କର ଉପଯୁକ୍ତ ଯୋଗ୍ୟତା ଟିଇଟି ଦ୍ୱାରା ନିର୍ଦ୍ଧାରଣ ହେବାରେ କିଛି ସମସ୍ୟା ନାହିଁ। ସଂଖ୍ୟାଲଘୁ ସଂସ୍ଥାକୁ ଏଥିରୁ ବାଦ ଦିଆଗଲେ ସଂପୃକ୍ତ ବିଦ୍ୟାଳୟରେ ନିମ୍ନ ଯୋଗ୍ୟତାସଂପନ୍ନ ଶିକ୍ଷକ ନିଯୁକ୍ତି ଦିଆଗଲେ ସରକାରଙ୍କର କୌଣସି କର୍ତ୍ତୃତ୍ୱ ରହିବ ନାହିଁ। ଏପରି ହେଲେ ଶିକ୍ଷା ଫଳାଫଳ ନିମ୍ନଗାମୀ ହେବା ସ୍ୱାଭାବିକ।

ସମ୍ବିଧାନର ଧାରା ୩୦(କ) ସଂସ୍ଥା ପରିଚାଳନାରେ ସଂଖ୍ୟାଲଘୁଙ୍କ ଅଧିକାର ସୁରକ୍ଷିତ କରିଥିବା ବେଳେ ଧାରା ୨୧(କ) ଶିଶୁ ଶିକ୍ଷାକୁ ଏକ ମୌଳିକ ଅଧିକାରଭୁକ୍ତ କରିଛି। ତା'ହାଲେ କ'ଣ ପରିଚାଳନାଗତ ଅଧିକାରକୁ ସୁରକ୍ଷିତ କରାଯାଇ ଶିଶୁ ଅଧିକାରକୁ ଉପେକ୍ଷିତ କରାଯିବ? ଶିଶୁ ଅଧିକାର ପ୍ରଥମେ ସୁରକ୍ଷିତ ରହିବା ଆବଶ୍ୟକ। ପର୍ସନାଲ ଆଇନ ବଳରେ ସାମାଜିକ ଓ ଧାର୍ମିକ କ୍ଷେତ୍ରରେ ସଂଖ୍ୟାଲଘୁ ମୌଳିକ ଅଧିକାର ବଜାୟ ରଖନ୍ତୁ। ଶିକ୍ଷା କ୍ଷେତ୍ରରେ ତାହା ହେବା ଉଚିତ୍ ନୁହେଁ। ବହୁ ସଂଖ୍ୟାଲଘୁ ଶିକ୍ଷାନୁଷ୍ଠାନର ପରିଚାଳନା ବିବାଦରେ ରହିଛି। ମାମଲା ମଧ୍ୟ ଅଦାଲତର କାଠଗଡ଼ାରେ ରହିଛି। ଏକ୍ଷେତ୍ରରେ ସ୍ୱାୟତ୍ତତା ଓ ଅଧିକାର ନାମରେ ସ୍ୱେଚ୍ଛାଚାରିତା ମାନସିକତା ଅଧିକ ରହୁଥିବା ଦେଖାଯାଉଛି। ଯେଉଁ ଅନୁଷ୍ଠାନଗୁଡ଼ିକ ଅଧ୍ୟାତ୍ମିକ ବା ଧାର୍ମିକ ଶିକ୍ଷା ପ୍ରଦାନ କରୁଛନ୍ତି ସେମାନଙ୍କୁ ଏଥିରୁ ବାଦ ଦିଆଯାଇପାରେ। କିନ୍ତୁ ଆନୁଷ୍ଠାନିକ ଶିକ୍ଷା କ୍ଷେତ୍ରରେ କାର୍ଯ୍ୟରତ ସମସ୍ତ ଶିକ୍ଷାନୁଷ୍ଠାନକୁ ଆରଟିଇ ପରିସରଭୁକ୍ତ କରାଯିବା ଆବଶ୍ୟକ। ବମ୍ବେ ହାଇକୋର୍ଟ ଏବଂ ମାଡ୍ରାସ ହାଇକୋର୍ଟର ମଦୁରାଇ ବେଞ୍ଚ ନିଜ ରାୟରେ ସମସ୍ତ ଶିକ୍ଷାନୁଷ୍ଠାନକୁ ଆରଟିଇ ପରିସରଭୁକ୍ତ କରିବାକୁ ମତ ରଖିଛନ୍ତି। ଏଣୁ ଶିଶୁ ଶିକ୍ଷା ଅଧିକାର ସୁରକ୍ଷା ନିମନ୍ତେ ସର୍ବୋଚ୍ଚ ନ୍ୟାୟାଳୟ ଏହି ମାମଲାର ତୁରନ୍ତ ଶୁଣାଣି କରିବା ଆବଶ୍ୟକ। ୨୦୧୪ ମସିହା ସମ୍ବିଧାନ ଖଣ୍ଡପୀଠ ରାୟକୁ ପୁନଃସମୀକ୍ଷା କରିବା ପାଇଁ ସରକାର ମଧ୍ୟ ସମ୍ବିଧାନ ସଂଶୋଧନ କରିବା ଲାଗି ପଦକ୍ଷେପ ଗ୍ରହଣ କରିବା ଆବଶ୍ୟକ।

(ବରିଷ୍ଠ ସାମ୍ବାଦିକ)
କଟକ, ମୋ: ୯୪୩୭୨୨୯୨୩୩

# ଓଡ଼ିଶାର ହସ୍ତଶିଳ୍ପ ଏକ ଜୀବନ୍ତ ସାହିତ୍ୟ

ରାଜେଶ କୁମାର ତ୍ରିପାଠୀ



ହାତ ଯେତେବେଳେ ହୃଦୟ ସହିତ ଚାଲେ, ସେତେବେଳେ ମାଟି ଓ ମଣିଷ ମିଶି ଲେଖନ୍ତି ଜୀବନ ସାହିତ୍ୟ। ଓଡ଼ିଆ ହସ୍ତଶିଳ୍ପ ହେଉଛି ଆମ ମାଟିର ଆତ୍ମାର ଅଭିବ୍ୟକ୍ତି। ଏହା ଏମିତି ଏକ ଜୀବନ୍ତ ସାହିତ୍ୟ ଯେଉଁଠି ଶବ୍ଦ ନୁହେଁ - ହାତ କହେ। ରେଖା ଓ ରଙ୍ଗ ହେଉଛି ତାହାର ଅକ୍ଷର, ଆଉ ହୃଦୟ ହେଉଛି ତାହାର ସ୍ପନ୍ଦନ। ମାଟି, ଧାତୁ, ତନ୍ତ, ଶିଳା କିମ୍ବା ଘାସ - ଯେଉଁଠି ଓଡ଼ିଆ ମଣିଷ ପ୍ରଭୁଙ୍କୁ ସ୍ମରଣ କରି ହାତର ସ୍ପର୍ଶ ଦିଏ ସେଠାରେ ଜନ୍ମ ନେଉଥାଏ ଆତ୍ମାସ୍ପର୍ଶୀ କଳା। ଆମ ଲୋକଙ୍କ ହାତରେ ଗଢ଼ା ପଥର ମୂର୍ତ୍ତି, ତନ୍ତ ଶାଢ଼ି, ମାଟି ଦୀପ, ଘୋଡ଼ା କିମ୍ବା ତାରକସି - ଏ ସବୁ ହେଉଛି ଓଡ଼ିଆ ଆସ୍ଥା, ଶ୍ରମ ଓ ମନୁଷ୍ୟତାର ଜୀବନ୍ତ ପ୍ରତୀକ। ଓଡ଼ିଆ ହସ୍ତଶିଳ୍ପ କେବଳ କାରିଗରୀ ନୁହେଁ, ଏହା ହେଉଛି ଆମ ସଂସ୍କୃତିର ସ୍ୱର, ଆମ ହୃଦୟର ଗପ ଓ କବିତା।

ପଥର, ମାଟି, ଧାତୁ ଓ ରଙ୍ଗରେ ଲୁଚିଥିବା ଆତ୍ମା ଓଡ଼ିଆ ହାତରେ ପଡ଼ିଲେ ଜୀବନ ନେଇଥାଏ। ପଥର ଦେହରେ ଯେତେବେଳେ ମଣିଷ ହାତରେ ସ୍ୱପ୍ନ ଲେଖେ, ନିଏ ଶିଳ୍ପ, ଯାହା ଶାଶ୍ୱତ ଓ ଦିବ୍ୟ। ଲିଙ୍ଗରାଜ, ଜଗନ୍ନାଥ ଓ କୋଣାର୍କ ମନ୍ଦିର ଏହି ଅଦ୍ଭୁତ ସାଧନାର ଜୀବନ୍ତ ପ୍ରତୀକ। ସେହି ଶିଳାରେ ଖୋଦା ରେଖାଗୁଡ଼ିକ କେବଳ କଳା ନୁହେଁ, ତାହା ହେଉଛି ଓଡ଼ିଆ ଚିତ୍ତର ଭକ୍ତି ଓ ବୁଦ୍ଧିର ସାହିତ୍ୟ। ପିତଳ ଦୀପ, ମାଟିର ପାତ୍ର କିମ୍ବା ଘୋଡ଼ା - ଏସବୁରେ ଅଛି ଜୀବନର ସ୍ପନ୍ଦନ।

ମାଟି ହେଉଛି ଓଡ଼ିଆ ଜୀବନର ମୂଳ ଆଉ ଶିଳ୍ପ ହେଉଛି ତାହାର ଭାଷା। ଟେରାକୋଟା ଘୋଡ଼ା, ପାତ୍ର, ଖେଳନା ଆଦି ମନୁଷ୍ୟ ଓ ଦେବତା ମଧ୍ୟରେ ଗଢ଼ିଛି ଏକ ନିର୍ମଳ ସେତୁ। ଗ୍ରାମଦେବୀଙ୍କ ପାଇଁ ଆଜି ମଧ୍ୟ ଦିଆଯାଉଥିବା ମାଟିର ଘୋଡ଼ା ସେହି ଆସ୍ଥାର ଶାଶ୍ୱତ ସଙ୍କେତ। ପିପିଲିର ଚାନ୍ଦୁଆ କାମ ହେଉଛି ରଙ୍ଗ, ଆଲୋକ ଓ ଆନନ୍ଦର ଉତ୍ସବ। ରଙ୍ଗ ଲଗା କପଡ଼ା ଖଣ୍ଡକୁ ଯୋଡ଼ି ତିଆରି ହୋଇଥିବା ଚାନ୍ଦୁଆ, ଛତା, ପଙ୍ଖା ଓ ଚିତ୍ରପଟ ଦେଖିଲେ ଲାଗେ ହାତ ଓ ରଙ୍ଗ ଏକାଠି ହୋଇ ଗାଉଛି ଜୀବନର ଗୀତ। ସୁବର୍ଣ୍ଣ ଘାସରେ ମହିଳାମାନଙ୍କ ହାତରେ ତିଆରି ଟୋକେଇ, ସପ ଓ ଗାଲିଚା ଦେଖିଲେ ଲାଗେ ଯେପରି ସାଧା ସାମଗ୍ରୀ ମଧ୍ୟ ସୁନ୍ଦରତା ଓ ସ୍ୱାଭିମାନର ପ୍ରତୀକ ହୋଇପାରେ। ଘାସ ଯେତେବେଳେ ଶିଳ୍ପ ହୁଏ, ସେତେବେଳେ ମାଟିର ସହିଷ୍ଣୁତା ଓ ମଣିଷର ସାଧନା ଏକାଠି ହୋଇ ଗାଉଥାଏ ଜୀବନର ସ୍ତୋତ୍ର।

ଓଡ଼ିଆ ଶାଢ଼ି ହେଉଛି ଆମ ଆତ୍ମାର ବସ୍ତ୍ର। ସମ୍ବଲପୁରୀ ହେଉ କି ବରହମପୁରୀ, ପ୍ରତ୍ୟେକ ଶାଢ଼ି ଗୋଟିଏ ଅଞ୍ଚଳର ସଙ୍ଗୀତ ଓ ଜୀବନର ଗାଥା। ଶଙ୍ଖ, ଫୁଲ, ଲତା - ଏହି ଛାପ ଓଡ଼ିଆ ନାରୀର ସାହସ, ସଂସ୍କାର ଓ ସୌନ୍ଦର୍ଯ୍ୟକୁ ବୁଣି ରଖିଛି। ଏହା କେବଳ ବସ୍ତ୍ର ନୁହେଁ, ଶ୍ରମ ଓ ସ୍ୱାଭିମାନର ଶିଳ୍ପିତ ଅନୁବାଦ। ସେପରି କଟକର ତାରକସି କାମ ଓଡ଼ିଆ କାରିଗରୀର ମହିମା। ସୂକ୍ଷ୍ମ ରୁପା ତାରରେ ଗଢ଼ିଥିବା ରଥ, ଅଳଙ୍କାର ଓ ଦେବତା ଆକୃତିଗୁଡ଼ିକ କେବଳ ଦେଖିବାକୁ ସୁନ୍ଦର ନୁହେଁ, ବରଂ ମନୁଷ୍ୟ ଧୈର୍ଯ୍ୟ ଓ ଆସ୍ଥାର ଦିବ୍ୟ ପ୍ରତୀକ। ପ୍ରତ୍ୟେକ ତାର ହେଉଛି ଶ୍ରଦ୍ଧା ଓ ସାଧନାର ଏକ ସୂତ୍ର, ଯାହା ଆଜି ମଧ୍ୟ ଓଡ଼ିଆ ହୃଦୟକୁ ଗର୍ବିତ କରେ।

ପିତଳ କିମ୍ବା ମାଟିର ଦୀପ ଯେପରି ଘରକୁ ଆଲୋକିତ କରେ, ସେହିପରି ଓଡ଼ିଆ ହସ୍ତଶିଳ୍ପ ଆମ ସଂସ୍କୃତି ଓ ଆଶାକୁ ଆଲୋକିତ କରେ। ଆଜି ସାରା ବିଶ୍ୱ ଯେତେବେଳେ ଅଟୋମେସନ ଓ ଆର୍ଟିଫିସିଆଲ୍ ଇଣ୍ଟେଲିଜେନ୍ସରେ ମନୁଷ୍ୟତା ଖୋଜୁଛି, ଓଡ଼ିଶା ତା'ର ହସ୍ତଶିଳ୍ପ ମାଧ୍ୟମରେ ସ୍ମରଣ କରାଉଛି ଯେ ସବୁଠାରୁ ବଡ଼ ଟେକନୋଲୋଜି ହେଉଛି ମଣିଷ ହାତ। ଆଉ ସବୁଠାରୁ ଶକ୍ତିଶାଳୀ ସଫ୍ଟୱେୟାର ହେଉଛି ତାହାର ହୃଦୟ। ଓଡ଼ିଆ ହସ୍ତଶିଳ୍ପ ଆଜି କେବଳ ଗତଐତିହ୍ୟ ନୁହେଁ, ଏହା ଆଗାମୀ କାଲିର ଆଶା ମଧ୍ୟ। ପରିବର୍ତ୍ତିତ ସମୟରେ ଏହା ମାନବତା, ସୃଜନ ଓ ସମ୍ମିଳନର ଏକ ମଡେଲ୍ ଭାବେ ଉଦିତ ହେଉଛି।

ଯଦି ଆମେ ଆମ ଶିଳ୍ପକୁ ସମୟ ସହିତ ଯୋଡ଼ି ରଖିପାରିବୁ, ନବତନ୍ତ୍ରର ସହିତ ଯୋଗାଯୋଗ ରଖି ତା'ର ଆତ୍ମାକୁ ଅକ୍ଷୁଣ୍ଣ ରଖିପାରିବୁ, ତେବେ ଓଡ଼ିଶା ହସ୍ତତନ୍ତ୍ର ଶିଳ୍ପ ସଂସ୍କୃତିର ବତୀଘର ହୋଇପାରିବ। ଯେତେବେଳେ ହାତ ହୃଦୟ ସହିତ ଚାଲେ ଏବଂ ସେହି ହାତ ସମୟ ସହିତ ତାଳ ଦିଏ, ସେତେବେଳେ ଜନ୍ମ ନେଉଥାଏ ଏମିତି ହସ୍ତଶିଳ୍ପ, ଯାହା କେବଳ ନିଜ ଅଞ୍ଚଳ ନୁହେଁ, ସାରା ପୃଥିବୀର ଆତ୍ମାକୁ ଆଲୋକିତ କରିପାରେ।

ଭୁବନେଶ୍ୱର, ମୋ: ୯୬୯୨୩୩୩୦୩୧

# ପ୍ରାଣଘାତୀ ବାଣ ଓ ବାଜା

ଶ୍ରୀନନ

ବିଜ୍ଞାନ ବାର୍ତ୍ତା

ପ୍ରାୟ ପ୍ରତ୍ୟେକ ସାର୍ବଜନୀନ ଉତ୍ସବ ପାଳନ ଅବସରରେ ଆମେ ପ୍ରାଥମିକତା ଦେଉଛୁ ବାଣ ଓ ବାଜାକୁ। ପରିବେଶ ଓ ପରିସଂସ୍ଥାକୁ ଗୁରୁତ୍ୱ ଦେଉଥିବା ଆମ ସଂସ୍କୃତିରେ ପୂଜାପାର୍ବଣ ସହିତ ଏହା କିପରି ସମ୍ମିଳିତ ହେଲା ତାହା ବୁଝି ହେଉନାହିଁ। ସାଧାରଣତଃ ବାଣରେ ଥାଏ ଆଲୁମିନିୟମ ଗୁଣ୍ଡ, ଗନ୍ଧକ, ଫସଫରସ, ପଟାସିୟମ ନାଇଟ୍ରେଟ୍, ବେରିୟମ ନାଇଟ୍ରେଟ୍ ଇତ୍ୟାଦି। ପୁନଶ୍ଚ ଏଥିରୁ ନିର୍ଗତ ଶିଖାକୁ ନାନାରଂଗ ପ୍ରଦାନ କରିବାକୁ ଏଥିସହିତ ଯୋଗ କରାଯାଇଥାଏ ସୋଡିୟମ, ତମ୍ବା, ବେରିୟମ ଧାତୁର ବିବିଧ ଲବଣ। ଏଣୁ ବାଣ ଫୁଟିଲେ ସେଥିରୁ ନିର୍ଗତ ହୁଏ ଅଙ୍ଗାରକାମ୍ଳ, କାର୍ବନ ମନୋକସାଇଡ, ଗନ୍ଧକର ଅକ୍ସାଇଡ ସମୂହ, ସୂକ୍ଷ୍ମ ଭାସମାନ କଠିନ ପଦାର୍ଥ, ଅଙ୍ଗାର ଓ ବିବିଧ ଧାତବ କଣିକା ଇତ୍ୟାଦି।

ଜନସ୍ୱାସ୍ଥ୍ୟ ଓ ପରିବେଶ ଉପରେ ଏଗୁଡ଼ିକର ପ୍ରଭାବ ବର୍ଣ୍ଣନା କରିବସିଲେ ପୁରାଣଟିଏ ହେବ। ଗନ୍ଧକର ଅକ୍ସାଇଡ୍‌ଗୁଡିକ ଆମ ଶ୍ୱାସକ୍ରିୟା ବ୍ୟବସ୍ଥାକୁ କ୍ଷତି ପାହଞ୍ଚାଇଲା ବେଳେ ଅମ୍ଳବୃଷ୍ଟି ମଧ୍ୟ କରାନ୍ତି। ସେହିପରି କାର୍ବନ ମନୋକସାଇଡ ରକ୍ତର ଅମ୍ଳଜାନବାହୀ ଗୁଣକୁ ପ୍ରତିହତ କରେ ଏବଂ ସୂକ୍ଷ୍ମ ଭାସମାନ କଠିନ ପଦାର୍ଥଗୁଡ଼ିକ ଶ୍ୱାସରୋଗଠାରୁ ହୃଦ୍‌ରୋଗ ଯାଏ ନାନାରୋଗର କାରଣ ଅଟନ୍ତି। ପୁନଶ୍ଚ ଅଙ୍ଗାରକାମ୍ଳ ତ ଏକନମ୍ବର ସବୁଜ ଗୃହ ବାଷ୍ପ। କ୍ଷୋଭର ବିଷୟ ଯେ ପର୍ବପର୍ବାଣୀ ଅବସରରେ ଆମେ ଏସବୁ ପ୍ରତି ଧ୍ୟାନ ନଦେଇ ମନଇଚ୍ଛା ବାଣ ଫୁଟାଇଥାଉ। ଫଳରେ ଦେଶର ପ୍ରାୟ ସମସ୍ତ ସହର ଓ ନଗରରେ ବାୟୁ ପ୍ରଦୂଷଣର ମାତ୍ରା ଅନେକ ଗୁଣ ବଢ଼ିଯାଏ।

ବିଭିନ୍ନ ପ୍ରକାର ଫଟକା ବାଣରୁ ନିର୍ଗତ ହୋଇଥାଏ ୮୦/୯୦ ରୁ ଆରମ୍ଭ କରି ୧୨୦/୧୪୦ ଡେସିବଲ ପର୍ଯ୍ୟନ୍ତ ଉଚ୍ଚଧ୍ୱନି। ଆମର ସାଧାରଣ ସହନୀୟ ସୀମା ହେଲା ୫୦ ରୁ ୬୦ ଡେସିବଲ। ଅତଏବ ଏହା ଆମ ସ୍ମୃତି ଓ ଶ୍ରବଣ ଶକ୍ତି ହ୍ରାସ କଲା ବେଳେ ମୁଣ୍ଡବ୍ୟଥା, ଛାତିରେ ଯନ୍ତ୍ରଣା, ଚର୍ମଜ୍ୱଳନ, ପାକସ୍ଥଳୀରେ ଘା, ହୃତସ୍ପନ୍ଦନ ହାର ବୃଦ୍ଧି, ହୃଦରୋଗ ସୃଷ୍ଟି କରେ ଏବଂ ଆମ ଚୟାପଚୟ ପ୍ରକ୍ରିୟା ଉପରେ କୁପ୍ରଭାବ ପକାଏ। ବିବିଧ ପର୍ବପର୍ବାଣୀ ଅବସରେ



ଧ୍ୱନି ପ୍ରଦୂଷଣ ଦିଲ୍ଲୀ, ମୁମ୍ବାଇ, କଲିକତା, ଲକ୍ଷ୍ନୌ, ଅହମ୍ମଦାବାଦ ଆଦି ନଗରୀମାନଙ୍କରେ ୧୩୦/୧୪୦ ଡେସିବଲ ଅତିକ୍ରମ କରିଯାଏ। ଏପରିକି ଆମ କଟକ ମଧ୍ୟ ଏଥିରୁ ବାଦ ପଡ଼େ ନାହିଁ।

ବାଣ ସହିତ ଏବର ସମସ୍ୟାକୁ ଅଧିକ ତୀବ୍ର କରୁଛି ବାଜା ଓ ଡାକବାଜି ଯନ୍ତ୍ର। ବିଭିନ୍ନ ବାଜାରୁ ୯୦ ରୁ ୧୪୦ ଡେସିବଲ ଧ୍ୱନି ନିର୍ଗତ ହେଉଥିବା ବେଳେ ଡାକବାଜିଯନ୍ତ୍ର କ୍ଷେତ୍ରରେ ତାହା ୧୦୦ ରୁ ୧୩୦। ସହଜେ ତ ଗାଡ଼ି ମୋଟର, କଳାକାରଖାନା, ଉଡ଼ାଜାହାଜ ଆଦିଙ୍କ ଯୋଗୁଁ ବାୟୁ ଓ ଧ୍ୱନି ପ୍ରଦୂଷଣ ବଢ଼ି ଲାଗିଛି। ସେଥିସହିତ ଏହି ଦାୟିତ୍ୱହୀନ କାର୍ଯ୍ୟକଳାପ ସମସ୍ୟାଟିକୁ ଅଧିକ ଜଟିଳ କରି ପକାଉଛି।

ବିଡ଼ମ୍ବନାର କଥା ଯେ ଏହାକୁ ଆମେ ଉପଭୋଗ କରୁଛୁ ଆମ ପ୍ରଚଳିତ ପରମ୍ପରା ଓ ଧର୍ମାନୁଷ୍ଠାନର ଦ୍ୱାହି ଦେଇ। ଏକଥା କହିଲାବେଳେ ଆମେ ଭୁଲି ଯାଉଛୁ ଯେ ମଣିଷର ଜୀବନଧାରା ଓ ଚେତନାକୁ ସମୁନ୍ନତ ଓ ଶୃଙ୍ଖଳିତ କରିବାକୁ ଧର୍ମ ଓ ପରମ୍ପରାର ସୃଷ୍ଟି। ଅତଏବ ସମୟାନୁକ୍ରମେ ଏହା ମଧ୍ୟରେ ଯୁକ୍ତିସିଦ୍ଧ ପରିବର୍ତ୍ତନ ଆସିବା ନିତାନ୍ତ ଜରୁରୀ। ନଚେତ୍ ତାହା ହରାଇବା ବସିବ ପ୍ରାସଙ୍ଗିକତା।

ଯମପଡ଼ା(କେନ୍ଦ୍ରାପଡ଼ା), ମୋ: ୯୯୩୭୩୦୧୪୬୦

ସକାଳ
THE SAKALA
ଯୋଗାଯୋଗ ଠିକଣା
NEWS & INFO
news@thesakala.com
CIRCULATION
circulation@thesakala.com
ADVERTISEMENT
advt@thesakala.com
THE SAKALA
(A Unit of Nandighosha Network Pvt. Ltd.)
At: IDCO Plot No. 90 & 91, Bhagabanpur I/E, BBSR-751019
Ph.: 0674-2954342 | 2955342



ଦୈନିକ 'ସକାଳ' ଓ ଏହାର ବିଶେଷ ଅଧିପତ୍ର, ପତ୍ରିକା ଆଦିରେ ପ୍ରକାଶିତ ଆଲେଖ୍ୟର ଉଦ୍ଧୃତି, ତଥ୍ୟ, ମତାମତ, ବିଶ୍ଳେଷଣ ସମ୍ପୃକ୍ତ ଲେଖକଙ୍କ ସମ୍ପୂର୍ଣ୍ଣ ନିଜସ୍ୱ। ସେଥିପାଇଁ 'ସକାଳ' କର୍ତ୍ତୃପକ୍ଷ ଉତ୍ତରଦାୟୀ ହେବେ ନାହିଁ।

### ଓଡିଶା ପୁଲିସକୁ ସତର୍କ କଲା ଛତିଶଗଡ଼ ଗୁଇନ୍ଦା ବିଭାଗ

## ଉପନିର୍ବାଚନରେ ହିଂସା ଘଟାଇପାରନ୍ତି ମାଓବାଦୀ

■ ସୀମା ସିଲ୍, ସୀମାନ୍ତବର୍ତ୍ତୀ ଅଞ୍ଚଳରେ କଡ଼ା ପହରା
■ ସମ୍ବେଦନଶୀଳ ବୁଥ୍ ଉପରେ ରହିବ ନଜର: ଏଡିଜି

ଭୁବନେଶ୍ୱର,୧୩।୧୦(ସମିସ): ନିଜ ସ୍ଥିତି ଜାହିର କରିବା ଲାଗି ନୂଆପଡ଼ା ଉପ ନିର୍ବାଚନ ସମୟରେ ହିଂସା ଘଟାଇ ପାରନ୍ତି। ଛତିଶଗଡ଼ ଗୁଇନ୍ଦା ବିଭାଗ ଓଡ଼ିଶା ପୁଲିସକୁ ଦେଇଛି ଏପରି ସୂଚନା। ଯାହାକୁ ନେଇ ଓଡ଼ିଶା ପୁଲିସ ସତର୍କ ହେବା ସହ ବିଏସ୍ଏଫ ଓ ଅନ୍ୟ ଯବାନଙ୍କୁ ଆଲର୍ଟ ରଖାଯାଇଛି। ଓଡ଼ିଶାରେ ମାଓବାଦୀ ଏତେଟା ସକ୍ରିୟ ନଥିବା ବେଳେ ଛତିଶଗଡ଼ି ମାଓବାଦୀଙ୍କ ଉପରେ ପୁଲିସର ନଜର ରହିଛି। ଛତିଶଗଡ଼ ସୀମା ସଂଲଗ୍ନ ଜଙ୍ଗଲ ଦେଇ ମାଓବାଦୀ ଓଡ଼ିଶାରେ ପ୍ରବେଶ ଆଶଙ୍କା ଥିବାରୁ ପୁଲିସ ଯୋଜନା ପ୍ରସ୍ତୁତ କରିଛି। ସୁନାବେଡ଼ା କୋର ଅଞ୍ଚଳ ଉପରେ ପୁଲିସ ନଜର ରହିଥିବା ଆଣ୍ଟି ନକ୍ସଲ ଅପରେସନ୍ ଏଡିଜି ସଞ୍ଜିବ ପଣ୍ଡା କହିଛନ୍ତି।

ଶ୍ରୀ ପଣ୍ଡାଙ୍କ ସୂଚନା ଅନୁସାରେ ନୂଆପଡ଼ା ସୀମାରେ ଛତିଶଗଡ଼ ରହିଥିବା ମାଓବାଦୀ ସକ୍ରିୟ ରହିଛନ୍ତି। ତେଣ ଉପନିର୍ବାଚନ ପାଇଁ ପୁଲିସ ପକ୍ଷରୁ ସୁରକ୍ଷା ବ୍ୟବସ୍ଥାକୁ କଡ଼ାକଡ଼ି କରାଯାଇଛି। ପୁଲିସ ଏବଂ ଯବାନଙ୍କ ସମନ୍ୱୟରେ ଅପରେସନ୍ ଜୋରଦାର କରାଯାଇଛି। ଆହୁରି ମଧ୍ୟ ଡ୍ରୋନ୍ ଏବଂ ଅନ୍ୟ ଟେକ୍ନୋଲୋଜି ମାଧ୍ୟମରେ ମାଓବାଦୀଙ୍କ ଗତିବିଧି ଉପରେ ନଜର ରଖାଯାଉଛି। ନୂଆପଡ଼ା ଏବଂ ଛତିଶଗଡ ସୀମାକୁ ସିଲ କରି ଦିଆଯାଇଛି, ଯବାନ ଏବଂ ପୁଲିସ ସେଠାରେ ପଉଁତରା ମାରୁଛନ୍ତି। କୋର ଅଞ୍ଚଳରେ ଅତି ସତର୍କତାର ସହ ଯବାନମାନେ ସର୍ଚ୍ଚ ଅପରେସନ୍ କରୁଛନ୍ତି। ସମ୍ବେଦନଶୀଳ ବୁଥ୍ ଉପରେ ଆମର ନଜର ରହିବ। ଯଦି କିଛି ସୂଚନା ଆସେ ତେବେ ଆମେ ତୁରନ୍ତ ଆକ୍ସନ ନେବୁ ବୋଲି ଏଡିଜି କହିଛନ୍ତି।

ଏବେ ମାଓବାଦୀମାନେ ଗାଁମାନଙ୍କରେ ମିଲିସିଆଙ୍କୁ ସକ୍ରିୟ କରୁଛନ୍ତି ଓ ଛତିଶଗଡ଼ର ଦୁର୍ଗମ ଅଞ୍ଚଳର ପିଲାମାନେ ଅଶିକ୍ଷିତ ହୋଇ ରହିଥିବାରୁ ସେମାନଙ୍କୁ ପ୍ରଲୋଭନ ଦେଖାଇ ସଂଗଠନରେ ସାମିଲ୍ ପାଇଁ ଉଦ୍ୟମ ଚଳାଇଛନ୍ତି। ଏବେ ନକ୍ସଲ ସଂଗଠନରେ ମାତ୍ର ୮ରୁ ୧୦ ଜଣ କେନ୍ଦ୍ରୀୟ କମିଟି ସଦସ୍ୟ ରହିଛନ୍ତି। ଏମାନଙ୍କୁ ଏକତ୍ରିତ ହେବାକୁ ପୁଲିସ ଦେଉ ନ ଥିବା ବେଳେ ସଂଗଠନକୁ ମଜଭୁତ କରିବା ପାଇଁ ଯୁବ ଏବଂ ନାବାଳକଙ୍କୁ ଟାର୍ଗେଟ କରିଛନ୍ତି ନକ୍ସଲ।

---

### ■ ଦାମ୍ପତ୍ୟ ବିବାଦରେ ହାଇକୋର୍ଟଙ୍କ ରାୟ

## ପିତାମାତାଙ୍କ ସାକ୍ଷାତ ଅଧିକାର ପ୍ରସଙ୍ଗରେ ଅଦାଲତ ନିଷ୍ପତ୍ତି ନେବା ଆବଶ୍ୟକ

କଟକ, ୧୩।୧୦ (ସମିସ): ପିଲାର ସର୍ବୋତ୍ତମ ହିତ ଦୃଷ୍ଟିକୋଣରୁ ବାପା-ମା'ଙ୍କ ସାକ୍ଷାତ ଅଧିକାର ପ୍ରସଙ୍ଗରେ ଅଦାଲତ ନିଷ୍ପତ୍ତି ନେବା ଦରକାର ବୋଲି ଏକ ଦାମ୍ପତ୍ୟ ବିବାଦ ମାମଲାରେ ହାଇକୋର୍ଟ ରାୟ ଦେଇଛନ୍ତି। ଦାମ୍ପତ୍ୟ କଳହ ଜନିତ ବିବାଦରୁ ପୃଥକ୍ ରହୁଥିବା ଦମ୍ପତିଙ୍କ ମଧ୍ୟରୁ ମା' ପାଖରେ ରହୁଥିବା ପୁଅକୁ ଭେଟିବାକୁ ଅନୁମତି ଲୋଡ଼ି ବାପା ଦାୟର କରିଥିବା ଆବେଦନକୁ ଖାରଜ କରି କଟକ ପରିବାର ଅଦାଲତ ପ୍ରଦାନ କରିଥିବା ୨୦୨୫ ମାର୍ଚ୍ଚ ୨୪ରେ ନିର୍ଦ୍ଦେଶକୁ ହାଇକୋର୍ଟ ରଦ୍ଦ କରିଛନ୍ତି। ଜଷ୍ଟିସ ସଂଜୟ କୁମାର ମିଶ୍ର ଏପରି ରାୟ ଦେଇଛନ୍ତି।

ଦମ୍ପତିଙ୍କ ମଧ୍ୟରୁ ଜଣଙ୍କ ପାଖରେ ପିଲା ରହୁଥିଲେ ଅନ୍ୟ ଜଣଙ୍କୁ ସାକ୍ଷାତ କରିବାକୁ ସୁଯୋଗ ଦିଆଯିବା ସଂପର୍କିତ ଅଧିକାର ଉଭୟଙ୍କ ପାଇଁ ଗୁରୁତ୍ୱପୂର୍ଣ୍ଣ। ତେବେ ସାକ୍ଷାତ ପ୍ରସଙ୍ଗରେ ନିଷ୍ପତ୍ତି ନିଆଯିବା ବେଳେ ବାପା-ମା'ଙ୍କ ମଧ୍ୟରୁ କେବଳ ଜଣଙ୍କ ମତାମତ ବିଚାରକୁ ନିଆଯିବ ନାହିଁ ବୋଲି ହାଇକୋର୍ଟ କହିଛନ୍ତି। ନିମ୍ନ ଅଦାଲତରେ ମାମଲାର ଚୂଡ଼ାନ୍ତ ଫଇସଲା ପର୍ଯ୍ୟନ୍ତ ଆବେଦନକାରୀ କେଉଁ ସ୍ଥାନ, ସମୟ ଓ ବ୍ୟବଧାନରେ କିଭଳି ଭାବେ ତାଙ୍କ ପୁଅକୁ ସାକ୍ଷାତ କରିବେ, ସେନେଇ ଉଭୟପକ୍ଷ ତଥା ସେମାନଙ୍କ ଆଇନଜୀବୀଙ୍କ ସହ ଆଲୋଚନା କରି ପରିବାର ଅଦାଲତ ନିର୍ଦ୍ଦେଶ ପ୍ରଦାନ କରିବେ ବୋଲି ହାଇକୋର୍ଟ କହିଛନ୍ତି।

ମାମଲାରୁ ପ୍ରକାଶ ଉଭୟ ଦମ୍ପତି ଅଲଗା ରହୁଥିବା ବେଳେ ଝିଅ ମା'ଙ୍କ ସହ ଓ ପୁଅ ବାପାଙ୍କ ସହ ରହିବ ବୋଲି ଉଭୟଙ୍କ ମଧ୍ୟରେ ବୁଝାମଣା ହୋଇଥିଲା। ଦିନେ ପୁଅକୁ ସ୍କୁଲରେ ବାପା ଛାଡ଼ିଥିବା ବେଳେ ତାଙ୍କୁ ମା' ନେଇ ଯାଇଥିଲେ। ପୁଅକୁ ପାଇବା ପାଇଁ ବାପା ପରିବାର ଅଦାଲତରେ ଆବେଦନ କରିଥିଲେ। ମାମଲା ବିଚାରାଧୀନ ଥିବା ବେଳେ ପୁଅକୁ ଭେଟିବାକୁ ଅନୁମତି ଲୋଡ଼ି ଏକ ଅନ୍ତରୀଣ ଆବେଦନ ବାପା ଦାୟର କରିଥିଲେ। ଏହି ଆବେଦନ ପରିବାର ଅଦାଲତ ଖାରଜ କରିବା ପରେ ବାପା ହାଇକୋର୍ଟଙ୍କ ଦ୍ୱାରସ୍ଥ ହୋଇଥିଲେ।

---

## ଚିର ନମସ୍ୟ ପ୍ରତିଭା ସ୍ମରଣେ...

### (ଡ. ପ୍ରେମଲତା ମହାପାତ୍ରଙ୍କୁ ଶ୍ରଦ୍ଧାଞ୍ଜଳି)

ବିଶିଷ୍ଟ ଶିକ୍ଷାବିତ୍ ତଥା ଶିକ୍ଷା ବିଭାଗର ପୂର୍ବତନ ପ୍ରଫେସର୍ ଡକ୍ଟର ପ୍ରେମଲତା ମହାପାତ୍ରଙ୍କ ବିୟୋଗ ସମଗ୍ର ଓଡ଼ିଶା ପାଇଁ ଏକ ଅପୂରଣୀୟ କ୍ଷତି। ଓଡ଼ିଶାର ଶିକ୍ଷା ଜଗତରେ ତାଙ୍କର ଏକ ବିଶେଷ ପରିଚୟ ଓ ପ୍ରତିଷ୍ଠା ରହିଛି। ନିଜର ଦକ୍ଷତା ଓ ପାରଦର୍ଶିତା ବଳରେ ସେ ସୁନାମ ଅର୍ଜନ କରି ଛାତ୍ରଛାତ୍ରୀମାନଙ୍କର ପ୍ରିୟଭାଜନ ହୋଇପାରିଥିଲେ। ଜଣେ ଛାତ୍ରବତ୍ସଳ ଅଧ୍ୟାପିକା ଓ ଗବେଷିକା ଭାବରେ ସେ ସମସ୍ତଙ୍କର ଶ୍ରଦ୍ଧା ଓ ସମ୍ମାନ ହାସଲ କରିଥିଲେ। ଅଧ୍ୟୟନ, ଅଧ୍ୟାପନା ଓ ଗବେଷଣା କ୍ଷେତ୍ରରେ ତାଙ୍କର ସ୍ୱତନ୍ତ୍ର ଅବଦାନ ରହିଛି। ତାଙ୍କ ପରଲୋକରେ ଆମେ ସମସ୍ତେ ସ୍ତବ୍ଧ।



ପ୍ରେମ ମ୍ୟାଡାମଙ୍କର ଛାତ୍ରୀ ହେବାର ସୁଯୋଗ ତଥା ସୌଭାଗ୍ୟ ମୋତେ ୧୯୯୨ ମସିହାରେ ମିଳିଥିଲା। ସେତେବେଳେ ମୁଁ ରେଭେନ୍ସା ମହାବିଦ୍ୟାଳୟରେ ଶିକ୍ଷାରେ ଏମ୍.ଫିଲ୍ କରୁଥିଲି। ତାଙ୍କର ବଳିଷ୍ଠ ବ୍ୟକ୍ତିତ୍ୱ, ନିର୍ଭୀକତା, ନିଷ୍ଠାପରତା ତଥା ଦୃଢ଼ୋକ୍ତି ଯୋଗୁଁ ଯେ କେହି ତାଙ୍କ ପ୍ରତି ଆକର୍ଷିତ ହେବା ସ୍ୱାଭାବିକ। ଦୀର୍ଘ ତିନି ଦଶନ୍ଧିରୁ ଊର୍ଦ୍ଧ୍ୱ ସମୟ ଶ୍ରେଣୀ ଗୃହରେ ଛାତ୍ରଛାତ୍ରୀମାନଙ୍କୁ ଜ୍ଞାନ ବାଣ୍ଟିବା ସହ ସେମାନଙ୍କ ମଧ୍ୟରେ ଦୂରଦୃଷ୍ଟି, ଚିନ୍ତାଶକ୍ତି ତଥା ଗବେଷଣାତ୍ମକ ମନୋଭାବର ଉଦ୍ରେକ କରିବା ତାଙ୍କର ପ୍ରଧାନ ଲକ୍ଷ୍ୟ ଥିଲା। ସାରା ଜୀବନ ଶିକ୍ଷାର ଅଭିବୃଦ୍ଧି ପାଇଁ ସେ ଥିଲେ ସର୍ବଦା ଚେଷ୍ଟିତ। ଏସ୍ସିଇଆର୍ଟିରେ ଉପନିର୍ଦ୍ଦେଶକା, ରେଭେନ୍ସା ମହାବିଦ୍ୟାଳୟ ଓ ବିଜେବି ମହାବିଦ୍ୟାଳୟରେ ଶିକ୍ଷା ବିଭାଗରେ ବିଭାଗୀୟ ମୁଖ୍ୟ ଆଦି ଅନେକ ଉଚ୍ଚ ପଦବୀରେ କାର୍ଯ୍ୟ କରି ୨୦୦୫ ମସିହାରେ ସେ ଅବସର ଗ୍ରହଣ କରିଥିଲେ।

ବିଜେବି ମହାବିଦ୍ୟାଳୟରୁ ଅଧ୍ୟାପନା ଯାତ୍ରା ସମାପନ କରି ଅବସର ପରେ ସିକିମ୍‌ର ଗ୍ୟାଙ୍ଗଟକ୍‌ରେ ମଧ୍ୟ ବହୁବର୍ଷ ଧରି ସେ ଅଧ୍ୟାପନା ଜାରି ରଖିଥିଲେ। ଦୀର୍ଘ ବର୍ଷର ଅଧ୍ୟାପନା କାଳରେ ସେ ସହସ୍ରାଧିକ କୃତୀ ଛାତ୍ରଛାତ୍ରୀ ସୃଷ୍ଟି କରିଛନ୍ତି। ସେମାନଙ୍କ ମଧ୍ୟରୁ ପ୍ରାୟ ସମସ୍ତେ ସରକାରୀ ସ୍ତରରେ ବହୁ ଗୁରୁତ୍ୱପୂର୍ଣ୍ଣ ପଦ ପଦବୀରେ ଅଧିଷ୍ଠିତ। ଏହାହିଁ ବୋଧହୁଏ ଜଣେ ଶିକ୍ଷକଙ୍କର ସର୍ବୋଚ୍ଚ କୃତି ଓ ଗୌରବ। ତାଙ୍କ ବିୟୋଗ ଆମ ସମସ୍ତଙ୍କୁ ଗଭୀର ଭାବେ ମର୍ମାହତ କରିଛି। ବ୍ୟକ୍ତିଗତ ଭାବରେ ତାଙ୍କର ବିୟୋଗ ମୋ ପାଇଁ ଅପୂରଣୀୟ କ୍ଷତି। ତାଙ୍କ ଅମ୍ଳାନ ସ୍ମୃତି ପ୍ରତି ମୁଁ ବିନମ୍ର ଶ୍ରଦ୍ଧାଞ୍ଜଳି ଜ୍ଞାପନ କରୁଛି। ତାଙ୍କ ପବିତ୍ର ଆତ୍ମା ଶାନ୍ତି ଲାଭ କରୁ - ଏହା ଈଶ୍ୱରଙ୍କ ନିକଟରେ ମୋର ବିନମ୍ର ପ୍ରାର୍ଥନା।

ପ୍ରଫେସର୍ ସବିତା ନାୟକ
ନଳିନୀଦେବୀ ମହିଳା ଶିକ୍ଷକ ଶିକ୍ଷା ମହାବିଦ୍ୟାଳୟ, ଭୁବନେଶ୍ୱର

---

### ଅନଲାଇନରେ ଇ-ଚାଲାଣ ଓଟିଏସ ରିହାତି ଅର୍ଥ ପଇଠ ସୁବିଧା

## ଇ-ଚାଲାଣ ପଇଠ ନକଲେ ରଦ୍ଦ ହେବ ଗାଡ଼ି ପଞ୍ଜୀକରଣ

କଟକ, ୧୩।୧୦ (ସମିସ): ବକେୟା ଥିବା ଟ୍ରାଫିକ୍ ଇ-ଚାଲାଣର ଏକକାଳୀନ ଫଇସଲା (ଓଟିଏସ) ପାଇଁ ସରକାରଙ୍କ ଦ୍ୱାରା ସ୍ଥିରୀକୃତ ରିହାତି ଅର୍ଥରାଶି ପଇଠ ପାଇଁ ଏଣିକି ଆଉ ଆଞ୍ଚଳିକ ପରିବହନ କାର୍ଯ୍ୟାଳୟ (ଆରଟିଓ) ଗୁଡ଼ିକୁ ଯିବାକୁ ପଡ଼ିବ ନାହିଁ। ଘରେ ବସି ଏହି ଇ-ଚାଲାଣ ପୈଠ କରିବାକୁ ପରିବହନ ବିଭାଗ ବ୍ୟବସ୍ଥା କରିଛି। ଏଥିପାଇଁ ପରିବହନ ବିଭାଗର ୱେବ୍ସାଇଟ୍ https://echallan.parivahan.gov.in/ରେ କ୍ଲିକ୍ କରିବା ସହ ନିର୍ଦ୍ଦିଷ୍ଟ ମାର୍ଗ ଅନୁସରଣ କରି ଚାଲାଣ ଅର୍ଥ ପଇଠ କରିହେବ ବୋଲି ବାଣିଜ୍ୟ ଓ ପରିବହନ ମନ୍ତ୍ରୀ ବିଭୂତି ଭୂଷଣ ଜେନା କହିଛନ୍ତି।

ପୂର୍ବରୁ ମୋଟର ଯାନ ଆଇନର ୧୭ଟି ଧାରା ପାଇଁ ଏହା ଲାଗୁ ହୋଇଥିବା ବେଳେ ପରବର୍ତ୍ତୀ ସମୟରେ ଆଉ ୭ଟି ଧାରା ଏଥିରେ ସାମିଲ କରି ମୋଟ୍ ୨୪ଟି ଧାରା ପାଇଁ ଏହି ସୁବିଧା ଉପଲବ୍ଧ ହୋଇଛି। ୩୧ ଜୁଲାଇ ୨୦୨୫ ପର୍ଯ୍ୟନ୍ତ ଏହି ସମସ୍ତ ଧାରାରେ ଜାରି ହୋଇଥିବା ଇ-ଚାଲାଣକୁ ରିହାତିରେ ପୈଠ କରିହେବ। ଇ-ଚାଲାଣ ପୈଠ ନ କଲେ, ମୋଟର ଯାନ ଆଇନ ଅନୁଯାୟୀ କାର୍ଯ୍ୟାନୁଷ୍ଠାନର ବ୍ୟବସ୍ଥା ରହିଛି ବୋଲି ରାଜ୍ୟ ପରିବହନ ପ୍ରାଧିକରଣ ତରଫରୁ କୁହାଯାଇଛି। ଏଥିପାଇଁ ଭବିଷ୍ୟତରେ ମୋଟର ଯାନ ସମ୍ବନ୍ଧୀୟ ବିଭିନ୍ନ ସେବା ସହ ଗାଡ଼ିର ପଞ୍ଜୀକରଣ ରଦ୍ଦ ଭଳି କାର୍ଯ୍ୟାନୁଷ୍ଠାନ କରାଯିବ। ବିଗତ କିଛି ବର୍ଷ ଧରି ଲକ୍ଷଲକ୍ଷ ସଂଖ୍ୟାରେ ମୋଟରଯାନ ବ୍ୟବହାରକାରୀଙ୍କ ବିରୋଧରେ ସଡ଼କ ସୁରକ୍ଷା ନିୟମ ଉଲ୍ଲଙ୍ଘନକାରୀଙ୍କ ଜାରି ଇ-ଚାଲାଣ ବକେୟା ରହିଛି। ଏକାସାଥୀରେ ପୈଠ କରି ୫୦ ପ୍ରତିଶତ ଯାଏଁ ରିହାତି ପାଇବେ ବୋଲି ବିଭାଗୀୟ ମନ୍ତ୍ରୀ କହିଛନ୍ତି। କୌଣସି ସୂଚନା ପାଇଁ ପରିବହନ ବିଭାଗର ୨୪ ଘଣ୍ଟିଆ ଟୋଲ୍ ଫ୍ରି ନମ୍ବର ୧୮୦୦୩୪୫୧୦୭୩ରେ ମଧ୍ୟ ଯୋଗାଯୋଗ କରିବାକୁ କୁହାଯାଇଛି।

---

## ଛାତ୍ରବୃତ୍ତି ଆବେଦନ ଅବଧି ୨୪ ଯାଏଁ ବୃଦ୍ଧି

ଭୁବନେଶ୍ୱର, ୧୩।୧୦ (ସମିସ): ଚଳିତ ଶିକ୍ଷାବର୍ଷ ପାଇଁ ମୁଖ୍ୟମନ୍ତ୍ରୀ ମେଧାବୀ ଛାତ୍ର ପ୍ରୋତ୍ସାହନ ବା ଛାତ୍ରବୃତ୍ତି ଆବେଦନ ଅବଧି ବୃଦ୍ଧି ପାଇଛି। ଇ-ମେଧାବୃତ୍ତି ସମେତ ବ୍ୟାସକବି ଫକୀର ମୋହନ ଭାଷାବୃତ୍ତି ଓ ଗୋପବନ୍ଧୁ ଶିକ୍ଷା ସହାୟତା ଛାତ୍ରବୃତ୍ତି ପାଇଁ ଆସନ୍ତା ୨୪ ତାରିଖ ପର୍ଯ୍ୟନ୍ତ ବୃଦ୍ଧି କରାଯାଇଛି। ଏନେଇ ଉଚ୍ଚଶିକ୍ଷା ବିଭାଗ ପକ୍ଷରୁ ବିଜ୍ଞପ୍ତି ପ୍ରକାଶ ପାଇଛି। ସେହିପରି ଆବେଦନଗୁଡ଼ିକୁ ୩୧ତାରିଖ ମଧ୍ୟରେ ଯାଞ୍ଚ କରିପାରିବେ। ତନ୍ମଧ୍ୟରୁ ଗୋପବନ୍ଧୁ ଶିକ୍ଷା ସହାୟତା ଆବେଦନ ଯାଞ୍ଚ ଅବଧି ନଭେମ୍ବର ୧୦ ପର୍ଯ୍ୟନ୍ତ ରଖାଯାଇଛି। ଆଗ୍ରହୀ ଛାତ୍ରଛାତ୍ରୀମାନେ www.scholarship.odisha.gov.inରେ ଆବେଦନ କରିପାରିବେ ବୋଲି ବିଭାଗ ପକ୍ଷରୁ କୁହାଯାଇଛି। ସୂଚନାଯୋଗ୍ୟ, ଇ-ମେଧାବୃତ୍ତିରେ ସ୍ନାତକ ପିଲାଙ୍କୁ ବାର୍ଷିକ ୧୦ ହଜାର, ସ୍ନାତକୋତ୍ତରଙ୍କୁ ୧୫ହଜାର ଏବଂ ବୈଷୟିକ ଓ ବୃତ୍ତିଗତ ଛାତ୍ରୀଛାତ୍ରଙ୍କୁ ୨୦ହଜାର ଟଙ୍କା ସହାୟତା ମିଳିବ।

---

### ■ ପଶ୍ଚିମବଙ୍ଗରେ ମେଡିକାଲ ଛାତ୍ରୀଙ୍କୁ ଦୁଷ୍କର୍ମ ଘଟଣା

## ପୀଡ଼ିତା ଏବଂ ମା'ଙ୍କ ସହ କଥା ହେଲେ ମୁଖ୍ୟମନ୍ତ୍ରୀ

ଭୁବନେଶ୍ୱର, ୧୩।୧୦ (ସମିସ): ଏଠି ଝିଅର ପାଠ ପଢ଼ାକୁ ନେଇ ଭାରି ଚିନ୍ତା ଲାଗୁଛି। ଝିଅର ମଧ୍ୟ ଏଠି ପଢ଼ିବା ପାଇଁ ଇଚ୍ଛା ନାହିଁ। ଆମକୁ ଭାରି ଭୟ ଲାଗୁଛି। ଯଦି ଆପଣ ଭୁବନେଶ୍ୱରରେ ପାଠ ପଢ଼ାଇବାର ବ୍ୟବସ୍ଥା କରନ୍ତେ, ଭଲ ହୁଅନ୍ତା। ସୋମବାର ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀଙ୍କ ସହ ଫୋନରେ କଥା ହେବା ବେଳେ ଏମିତି କିଛି ଅନୁରୋଧ କରିଛନ୍ତି ପଶ୍ଚିମବଙ୍ଗ ଦୁର୍ଗାପୁରଠାରେ ଗଣଦୁଷ୍କର୍ମର ଶିକାର ହୋଇଥିବା ଓଡ଼ିଆ ଡାକ୍ତରୀ ଛାତ୍ରୀଙ୍କ ମାଆ। ନିଜେ ପୀଡ଼ିତା ମଧ୍ୟ ମୁଖ୍ୟମନ୍ତ୍ରୀଙ୍କ ନିକଟରେ ସମାନ ଦାବି ରଖିଛନ୍ତି। ମୁଖ୍ୟମନ୍ତ୍ରୀ କହିଛନ୍ତି ଯେ ଏନେଇ ଅନୁଧ୍ୟାନ କରିବାକୁ ଅଧିକାରୀମାନଙ୍କୁ ନିର୍ଦ୍ଦେଶ ଦେଇଛି। ରିପୋର୍ଟ ଆସିବା ପରେ ଯାହା ହୋଇପାରିବ, ସେନେଇ ପଦକ୍ଷେପ ନେବି।

ମୁଖ୍ୟମନ୍ତ୍ରୀ ସୋମବାର ସନ୍ଧ୍ୟାରେ ପୀଡ଼ିତା, ତାଙ୍କ ମା' ଏବଂ ସେଠାରେ ଉପସ୍ଥିତ ଓଡ଼ିଶା ମହିଳା କମିଶନ୍ ଅଧ୍ୟକ୍ଷା ଶୋଭନା ମହାନ୍ତିଙ୍କ ସହ ଆଲୋଚନା କରିଥିଲେ। ଆଲୋଚନା ସମୟରେ ମୁଖ୍ୟମନ୍ତ୍ରୀ ପୀଡ଼ିତାଙ୍କୁ କହିଛନ୍ତି 'ଚିନ୍ତା କରନାହିଁ, ଓଡ଼ିଶା ସରକାର ସମ୍ପୂର୍ଣ୍ଣ ଭାବେ ତୁମ ସହ ଅଛନ୍ତି।' ପୀଡ଼ିତାଙ୍କ ମା'ଙ୍କ ସହ ମଧ୍ୟ ମୁଖ୍ୟମନ୍ତ୍ରୀ କଥା ହୋଇ ଅପରାଧୀମାନେ ଯେପରି ଶୀଘ୍ର ଏବଂ ଦୃଷ୍ଟାନ୍ତମୂଳକ ଦଣ୍ଡ ପାଇବେ, ସେଥିପାଇଁ ଓଡ଼ିଶା ସରକାର ତାଙ୍କର ଉଦ୍ୟମ ଜାରି ରଖିଛନ୍ତି ବୋଲି କହିଥିଲେ। ସେଠାରେ ଉପସ୍ଥିତ ରାଜ୍ୟ ମହିଳା କମିଶନ୍ ଅଧ୍ୟକ୍ଷା ଶୋଭନା ମହାନ୍ତିଙ୍କ ସହ ମଧ୍ୟ ମୁଖ୍ୟମନ୍ତ୍ରୀ ଆଲୋଚନା କରିଥିଲେ। ପଶ୍ଚିମବଙ୍ଗ ସରକାରଙ୍କ ସହ ଯୋଗାଯୋଗ ରକ୍ଷା କରିବା କରି ଝିଅକୁ ତୁରନ୍ତ ନ୍ୟାୟ ପ୍ରଦାନ ପାଇଁ ଉଦ୍ୟମ କରିବାକୁ ପରାମର୍ଶ ଦେବା ସହ ଚାପ ସୃଷ୍ଟି କରିବା ପାଇଁ ସବୁ ଫୋରମ୍‌ର ବ୍ୟବହାର କରାଯିବ ବୋଲି ମୁଖ୍ୟମନ୍ତ୍ରୀ କହିଥିଲେ।

---

### ■ କେନ୍ଦ୍ରମନ୍ତ୍ରୀ ପ୍ରହଲ୍ଲାଦଙ୍କୁ ଭେଟିଲେ କନକ

## ବଳକା ଚାଉଳ ଉଠାଣ ନେଇ ଦୋହରାଇଲେ ଦାବି

■ କଷ୍ଟମ୍ ମିଲ୍ଡ୍ ଚାଉଳର ବିତରଣ ସମୟସୀମା ବୃଦ୍ଧି
■ ବାରମ୍ବାର ଦାବି ସତ୍ତ୍ୱେ ଚାଉଳ ଉଠାଉନି ଏଫସିଆଇ

ଭୁବନେଶ୍ୱର୧୩।୧୦(ସମିସ): ରାଜ୍ୟରେ ବଳକା ଚାଉଳ ଉଠାଣ ପାଇଁ ପୁଣିଥରେ କେନ୍ଦ୍ର ନିକଟରେ ଫେରାଦ ହୋଇଛନ୍ତି କୃଷିମନ୍ତ୍ରୀ ତଥା ଉପ ମୁଖ୍ୟମନ୍ତ୍ରୀ କନକବର୍ଦ୍ଧନ ସିଂହଦେଓ। ସୋମବାର ଶ୍ରୀ ସିଂହଦେଓ କେନ୍ଦ୍ର ଖାଦ୍ୟ ଓ ସାଧାରଣ ବଣ୍ଟନ ମନ୍ତ୍ରୀ ପ୍ରହଲ୍ଲାଦ ଯୋଶୀଙ୍କୁ ସାକ୍ଷାତ ଅବସରରେ ଉପମୁଖ୍ୟମନ୍ତ୍ରୀ ଶ୍ରୀ ସିଂହଦେଓ ଖରିଫ ମାର୍କେଟିଂ ଋତୁରେ କଷ୍ଟମ୍ ମିଲ୍ଡ୍ ଚାଉଳର କ୍ରୟ ଲକ୍ଷ୍ୟ ବୃଦ୍ଧି ପାଇଁ ମୁଖ୍ୟମନ୍ତ୍ରୀ ପ୍ରଦାନ କରିଥିବା ପତ୍ର ତାଙ୍କୁ ହସ୍ତାନ୍ତର କରିଛନ୍ତି।


ଭାରତ ସରକାରଙ୍କ ଦ୍ୱାରା ଧାନ ସଂଗ୍ରହ ଲକ୍ଷ୍ୟ ୫୦ ଲକ୍ଷ ମେଟ୍ରିକ ଟନ ଧାର୍ଯ୍ୟ ହୋଇଥିବା ବେଳେ ରାଜ୍ୟରେ ୬୨.୫୪ ଲକ୍ଷ ମେଟ୍ରିକ ଟନ ଧାନ ସଂଗ୍ରହ ହୋଇଛି। ତେଣୁ ପ୍ରକୃତ କ୍ରୟ ସହିତ ସମନ୍ୱୟ ରଖି ଅନୁମୋଦିତ ଲକ୍ଷ୍ୟକୁ ତୁରନ୍ତ ବୃଦ୍ଧି କରିବା ପାଇଁ ଉପମୁଖ୍ୟମନ୍ତ୍ରୀ ଅନୁରୋଧ କରିଛନ୍ତି। ଏଥିସହିତ କଷ୍ଟମ୍ ମିଲ୍ ଚାଉଳର ବିତରଣ ସମୟସୀମା ୩୧ ଅକ୍ଟୋବର ୨୦୨୫ ରୁ ୩୧ ଡିସେମ୍ବର ୨୦୨୫ ପର୍ଯ୍ୟନ୍ତ ବୃଦ୍ଧି କରିବା ଓ ବର୍ଦ୍ଧିତ ସମୟସୀମା ମଧ୍ୟରେ ବାକି ଧାନ ଖାଲି କରିବା ପାଇଁ ଏଫସିଆଇକୁ ଆବଶ୍ୟକୀୟ ନିର୍ଦ୍ଦେଶ ଦେବାକୁ କନକ ଅନୁରୋଧ କରିଛନ୍ତି।

ଏଠାରେ ଉଲ୍ଲେଖଯୋଗ୍ୟ ଯେ ମୁଖ୍ୟମନ୍ତ୍ରୀଙ୍କଠାରୁ ଆରମ୍ଭ କରି ଉପ ମୁଖ୍ୟମନ୍ତ୍ରୀ, ରାଜ୍ୟ ଖାଉଟି କଲ୍ୟାଣ ମନ୍ତ୍ରୀ ରାଜ୍ୟରୁ ବଳକା ଚାଉଳ ଉଠାଣ ପାଇଁ କେନ୍ଦ୍ର ସରକାରଙ୍କ ନିକଟରେ ଏକାଧିକ ବାର ଦାବି ଉପସ୍ଥାପନ କରି ସାରିଛନ୍ତି। ମାତ୍ର କେନ୍ଦ୍ର ସରକାର ଓଡ଼ିଶାର ଏହି ନ୍ୟାଯ୍ୟ ଦାବି ପ୍ରତି ସମ୍ପୂର୍ଣ୍ଣ ଭାବେ ଆଖି ବୁଜି ଦେଇଛନ୍ତି। ଏଫସିଆଇ ରାଜ୍ୟରୁ ଚାଉଳ ଉଠାଉ ନଥିବାରୁ ଏହି ବଳକା ଚାଉଳ ନଷ୍ଟ ହେବା ନେଇ ଆଶଙ୍କା ଦେଖାଦେଲାଣି। ତେବେ ଏଫସିଆଇ ବଳକା ଚାଉଳ ନଉଠାଇଲେ ଟେଣ୍ଡର ମାଧ୍ୟମରେ ଏହି ଚାଉଳ ବିକ୍ରି କରାଯିବ ବୋଲି ନିକଟରେ ଯୋଗାଣ ମନ୍ତ୍ରୀ କୃଷ୍ଣଚନ୍ଦ୍ର ପାତ୍ର ବିଧାନସଭାରେ ଉତ୍ତର ରଖିଥିଲେ।

---

## ମାଇକ୍ରୋସଫ୍ଟ ପରିସରରେ 'ସାଇ ମାଙ୍ଗଲ୍ୟ'

### ଅନ୍ୟର ସଂସ୍କୃତିକୁ ସମ୍ମାନ କରୁଥିବା ସଂସ୍କୃତି ଶ୍ରେଷ୍ଠ ସଂସ୍କୃତି : ଗୁରୁଜୀ ଡ. ଶତପଥୀ




ରେଡମଣ୍ଡ(ୱାଶିଂଟନ), ୧୩।୧୦: ଆମେରିକା ଗସ୍ତର ତୃତୀୟ କାର୍ଯ୍ୟକ୍ରମରେ ଗୁରୁଜୀ ଡ. ଚନ୍ଦ୍ରଭାନୁ ଶତପଥୀ ରେଡମଣ୍ଡ ସହରର ମାଇକ୍ରୋସଫ୍ଟ କାର୍ଯ୍ୟାଳୟ ପରିଦର୍ଶନ କରିଛନ୍ତି। ସେଠାରେ ଆୟୋଜିତ ସାଇ ମାଙ୍ଗଲ୍ୟ କାର୍ଯ୍ୟକ୍ରମରେ ଯୋଗଦେଇ ଗୁରୁଜୀ ଡ. ଶତପଥୀ ଭାରତର ମହାନ୍ ସଂସ୍କୃତିର ଅବତାରଣା କରିଥିଲେ। ସେ କହିଲେ ଯେ ନିଜର ସଂସ୍କୃତିର ମୂଲ୍ୟକୁ ବଜାୟ ରଖି ଅନ୍ୟର ସଂସ୍କୃତିକୁ ସମ୍ମାନ ପ୍ରଦର୍ଶନ କରିବା ଆମର ଧର୍ମ। ଅନ୍ୟର ସଂସ୍କୃତିକୁ ସମ୍ମାନ କରୁଥିବା ସଂସ୍କୃତି ଶ୍ରେଷ୍ଠ ସଂସ୍କୃତି। ଯେଉଁ ସଂସ୍କୃତି ଏହା କରେ ନାହିଁ ତାହା ସବୁଠାରୁ ନିକୃଷ୍ଟ ସଂସ୍କୃତି। ଶିରିଡ଼ି ସାଇବାବାଙ୍କର ସମଗ୍ର ଜୀବନ ସାଂସ୍କୃତିକ ସମନ୍ୱୟ ଓ ସଂହତି ଉପରେ ଆଧାରିତ ଥିଲା। ସମସ୍ତଙ୍କର ମନ ମିଶାଇବା ତାଙ୍କର ମୁଖ୍ୟ ଧ୍ୟେୟ ଥିଲା। ପରସ୍ପର ଭିତରେ ମତଭେଦ ରହିବ; କିନ୍ତୁ ସାହିତ୍ୟ, ସଂସ୍କୃତି ଓ ସଭ୍ୟତା ଏହା ମଧ୍ୟରେ ସମନ୍ୱୟ ରକ୍ଷା କରିଥାଏ। ଏହି ଅବସରରେ ଗୁରୁଜୀ ଇଂରାଜୀ, ହିନ୍ଦୀ ଓ ଓଡ଼ିଆ ଭାଷାରେ ତାଙ୍କ ଦ୍ୱାରା ରଚିତ ପିତାମାତା ସ୍ତବକ ଏବଂ ଇଂରାଜୀ ଓ ହିନ୍ଦୀ ଭାଷାରେ ଶ୍ରୀଗୁରୁ ଭାଗବତ ପ୍ରାର୍ଥନା ପୁସ୍ତକ ଉନ୍ମୋଚନ କରିଥିଲେ।

---

## ଅବଶିଷ୍ଟାଂଶ

### ପଥରରେ ଛେଚି...

ମୃତ ଯୁବକଙ୍କ ବୟସ ପାଖାପାଖି ୨୫ବର୍ଷ ହେବ ବୋଲି ପୁଲିସ କହିଛି। ଯୁବକଙ୍କ ପରିଚୟ ପାଇଁ ପୁଲିସ ଉଦ୍ୟମ ଚଳାଇଛି। ସ୍ଥାନୀୟ ବସ୍ତି ଲୋକ ଏବଂ ସେଠାରେ କାମ କରୁଥିବା ଶ୍ରମିକ, ଠିକାଦାର ଏବଂ କଣ୍ଟ୍ରାକ୍ଟରଙ୍କୁ ଏନେଇ ପଚରାଉଚରା କରିଛି। ହେଲେ ତାଙ୍କର ପରିଚୟ ମିଳିପାରିନାହିଁ।

ସୂଚନାନୁଯାୟୀ, ରକ୍ତଜୁଡୁବୁଡୁ ଅବସ୍ଥାରେ ଯୁବକଜଣଙ୍କ ଉଲଗ୍ନ ଅବସ୍ଥାରେ ରାସ୍ତାକଡ଼ରେ ପଡ଼ିଥିବା ଦେଖି ସ୍ଥାନୀୟ ଲୋକେ ପୁଲିସକୁ ଖବର ଦେଇଥିଲେ। ଖବର ପାଇ ଥାନା ଅଧିକାରୀ, ଏସିପି ଏବଂ ସାଇଣ୍ଟିଫିକ୍ ଟିମ୍ ପହଞ୍ଚି ତଦନ୍ତ କରିଥିଲେ। ମୃତଦେହ ନିକଟରେ କିଛି ଟଙ୍କା ଏବଂ ପଥର ପଡ଼ିଥିଲା। ତାହାକୁ ଫୋରେନ୍ସିକ୍ ଟିମ୍ ଜବତ କରି ପରୀକ୍ଷା ପାଇଁ ପଠାଇଛି। କେଉଁ କାରଣ ପାଇଁ ଯୁବକଙ୍କୁ ହତ୍ୟା କରିବା ସହ ଏଠାରେ ଫିଙ୍ଗିଲା, ତାହା ଅଭିଯୁକ୍ତ ଗିରଫ ପରେ ସ୍ପଷ୍ଟ ହେବ ବୋଲି ପୁଲିସ କହିଛି।

### ଲାଲୁ, ରାବ୍ଡ଼ି...

ଲାଲୁ ହୁଇଲ୍ ଚେୟାରରେ କୋର୍ଟ ପହଞ୍ଚିଥିଲେ। ତାଙ୍କ ସହ ରାବଡ଼ି ଓ ତେଜସ୍ୱୀ ମଧ୍ୟ ଥିଲେ। ଲ୍ୟାଣ୍ଡ ଫର୍ ଜବ୍ସ ମାମଲାରେ ରାଉଜ ଆଭେନ୍ୟୁ କୋର୍ଟ ଆଜି ଅଭିଯୋଗ ନେଇ ଅନ୍ତିମ ନିଷ୍ପତ୍ତି ନେଇ ନାହାନ୍ତି ଓ ନଭେମ୍ବର ୧୦ରେ ଏହି ମାମଲାରେ କୋର୍ଟ ନିଷ୍ପତ୍ତି ନେବେ। ସେପଟେ ତେଜସ୍ୱୀ ସାମାଜିକ ଗଣମାଧ୍ୟମ ଏକ୍ସରେ ପୋଷ୍ଟକରି ନିଜର ପ୍ରତିକ୍ରିୟା ରଖିଛନ୍ତି। 'ଯେପର୍ଯ୍ୟନ୍ତ ଦଙ୍ଗାସୃଷ୍ଟିକାରୀ ଓ ସମ୍ବିଧାନ ବିରୋଧୀ ବିଜେପି ଶାସନରେ ଅଛି ଓ ମୋର ବୟସ ଅଛି ସେ ପର୍ଯ୍ୟନ୍ତ ବିଜେପି ସହିତ ଲଢ଼େଇ ଜାରି ରଖିବି। ଗୋଟିଏ ମାସ ତଳେ ବିହାର ଆସି ଗୃହମନ୍ତ୍ରୀ ଅମିତ ଶାହା ଧମକ ଦେଇ କହିଥିଲେ ଯେ, ନିର୍ବାଚନ ଲଢ଼ିବାକୁ ଆମର ଯୋଗ୍ୟତାକୁ କାଢ଼ିନିଆଯିବ। କିନ୍ତୁ ଆମେ ଲଢ଼ିବୁ ଓ ବିଜୟୀ ହେବୁ। ଆମେ ବିହାରୀ, ବାହାର ଲୋକଙ୍କୁ ଆମେ ଡରୁନା' ବୋଲି ତେଜସ୍ୱୀ କହିଛନ୍ତି।

### ଏସ୍ଓପି ଜାରି...

ସବ୍-ଡିଭିଜନ ସହିତ ୫୦୦ ବର୍ଗ ମିଟରରୁ ଅଧିକ ହେବ ନାହିଁ। ସେହିପରି ଚାଷ ଜମି କ୍ଷେତ୍ରରେ ଯଦି ପ୍ଲଟ୍ କୃଷି କିସମ ହୋଇ ରହିଥାଏ, କେବଳ କୃଷି ବ୍ୟବହାରକୁ ସୁନିଶ୍ଚିତ କରୁଥିବା 'ଫର୍ମ ଡି' ରେ ଏକ ସ୍ୱ-ଘୋଷଣା ଦ୍ୱାରା ଏହି ପଞ୍ଜୀକରଣ କରାଯିବ।

ସହରାଞ୍ଚଳ ଓ ଯୋଜନାବଦ୍ଧ ଅଞ୍ଚଳ ଆଦି ଓଡ଼ିଶା ବିକାଶ କର୍ତ୍ତୃପକ୍ଷ ଏବଂ ଟାଉନ ପ୍ଲାନିଂ ଅଧିନିୟମ ଦ୍ୱାରା ପରିଚାଳିତ ହେଉଛି। ତେଣୁ ପାରିବାରିକ ସବ-ଡିଭିଜନ, ଛୋଟ ସବ-ଡିଭିଜନ (୫୦୦ ବର୍ଗ ମିଟରରୁ କମ୍ ଏବଂ କୌଣସି ରିଅଲ ଇଷ୍ଟେଟ୍ ବ୍ୟବହାର ହେବନି) ଏହାକୁ ମଧ୍ୟ ଅନୁମତି ଦିଆଯାଇଛି। ସେହିପରି ସହ-ଅଂଶୀଦାର ଡିଭିଜନ (ସମ୍ମତି ଏବଂ ଆନୁପାତିକ ଅଂଶ ସହିତ) ପୂର୍ବରୁ ଥିବା ଛୋଟ ପ୍ଲଟ୍ ଯାହାକି ୨୦୨୫ ଓଡିଏ, ଟିପି ଏବଂ ଆଇଟି ଦ୍ୱିତୀୟ ସଂଶୋଧନ ନିୟମ ପୂର୍ବରୁ ରେକର୍ଡ ହୋଇଥିବା ୫୦୦ ବର୍ଗ ମିଟରରୁ କମ୍ ପ୍ଲଟଗୁଡ଼ିକୁ ପଞ୍ଜୀକରଣ ପାଇଁ ଅନୁମତି ଦିଆଯାଇଛି। ପଞ୍ଜୀକରଣ ଅଧିକାରୀମାନେ ମ୍ୟାପ, ସୀମା ଏବଂ ଘୋଷଣାଗୁଡ଼ିକୁ ଯାଞ୍ଚ କରିବା ନିୟମର ଅନୁପାଳନ କରିବାକୁ କୁହାଯାଇଛି। ରେକର୍ଡରେ ସ୍ୱ-ଘୋଷଣାଗୁଡ଼ିକୁ ସଂରକ୍ଷିତ ରଖିବାକୁ ମଧ୍ୟ ନିର୍ଦ୍ଦେଶ ଦିଆଯାଇଛି। ତୁରନ୍ତ ପ୍ରଭାବଃ ସ୍ୱରୂପ ଏହି ଏସଓପିକୁ କାର୍ଯ୍ୟକାରୀ ପାଇଁ ବିଭାଗ ପକ୍ଷରୁ ନିର୍ଦ୍ଦେଶ ଦିଆଯାଇଛି।

---


**AFFIDAVIT**
By virtue of an affidavit No. 10684, Dtd.09.10.2025 sworn before the Executive Magistrate, Balasore I, Ashish Kumar Biswal, S/o. Rabindra Kumar Biswal, At.Suthanga, Po./ Ps. Khantapada, Dist. Balasore, Odisha state that my name has been inadvertently spelt in my Board certificate vide No. A105052924 as Ashisa Kumar Biswal instead of Ashish Kumar Biswal, but both the names are one and same. Henceforth, I will be known as **Ashish Kumar Biswal** for all purposes.

**NOTICE**
By virtue of an affidavit sworn before The Notary Public, Sunabeda dated 09/10/2025 I, Sri. Jay Khada, S/o-Kamalu Khada, Vill.- Goilput, Po.- Badel, PS.- Padwa, District- Koraput declare that, I have changed my son's name from **Balaram Khaga** to **Bikram Khada**. Henceforth, my son shall be known as **Bikram Khada** for all purposes.
**Sd/- Jay Khada**

**LOST / FOUND**
I, **Deeptiraj Patnaik**, S/o. Hemanta Kumar Pattanaik, resident of plot No.3829, Lane-7, Sriram Nagar, P.O. Old Town, P.S. Shree Lingaraj, Bhubaneswar, Dist. Khordha, Pin-751002, declare that my Original Sale Deed bearing Document No.3681 Dtd.11.08.2006 has been misplaced somewhere in Raghunathpur Market. **Dt. 12.10.2025**. If found by anyone, then please inform me. Mob: 9692037969

**NAME CHANGE**
I **RAMESH CHANDRA SAHU,** S/o Iswar Chandra Sahu, At/Po- Bhursaguda, Ps- Sindhekela, Dist- Bolangir, Pin- 767035, Odisha declare by this Affidavit No: 4788 on dated 08.10.2025 that now onwards I shall be known as **RAMESH SAHU** for all future purposes.
(Sd- **RAMESH SAHU**)

**NAME CHANGE**
By virtue of an affidavit sworn before the Notary Public, Bhubaneswar, AF. No. 276, on dated 13/10/2025, I **PRAMOD KUMAR JENA**, S/o Late Adhikari Jena resident of Village At- Dolamandap Sahi, Patia, Bhubaneswar- 751031, Dist- Khordha, State- Odisha, declare that I have changed my wife's name from **BABITA JENA** to **BEBITA JENA.** Henceforth, she shall be known as **BEBITA JENA** for all future purposes.
(Sd- **PRAMOD KUMAR JENA**)

**AFFIDAVIT**
By virtue of an affidavit sworn before the Executive Magistrate, Muniguda, dated 13/10/2025, I, Madhu Sikaka, S/o- Late Dusa Sikaka, a resident of Village- Loharagudi, Po.- Kutragada, P.S.- Muniguda, District- Rayagada, Odisha, declare that I have changed the name of my daughter from **Manisha Sikaka** to **MONISHA SIKAKA**. Henceforth, she shall be known as **MONISHA SIKAKA** for all purposes.
**Sd/- Deponent**

**AFFIDAVIT**
I, Santosh Kumar Peda, S/o- Manoranjan Peda, resident of Chengagadia,Po - Randia, PS - Bhadrak (Rural), Dist - Bhadrak, Pin - 756135, Odisha, declare by this affidavit No - 324, dated -13.09.2025, that now onwards I shall be known as **SANTOSH PEDA** for all future purposes.

**AFFIDAVIT**
By virtue of an affidavit sworn before the the court of the Executive Magistrate, Bargarh, dated 09-10-2025, I, Prashanti Mohanty, Address - AT- Padampur PO- Rajborasambar PS- Padampur, Dist- Bargarh, Odisha-768036 declare that I have changed my name from **Sandhyarani Mohanty** to **Prashanti Mohanty**. Henceforth, I shall be known as Prashanti Mohanty for all purposes.
**Sd/- Prashanti Mohanty**

**AFFIDAVIT**
By virtue of an affidavit sworn before the Executive Magistrate, Bhubaneswar, I, Sanjaya Kumar Sethy, At- Samian, P.O.- Kalakal, P.S.- Bari, Dist.- Jajpur, PIN-754082 have changed my minor daughters name from Said Mancini Sethi to Nandini Sethi. Henceforth she will be known as Nandini Sethi for all purposes.
**Sd/- Sanjaya Kumar Sethy**

**AFFIDAVIT**
I , Maheswor Parida, S/o-Basudeb Parida, resident of At- Dhaneswarpur, Po- Atal, Dist- Kendrapara, PIN- 754231, Odisha declared by this affidavit No-822, dtd- 10/10/2025 that now onwards I shall be known as **MAHESWAR PARIDA** for all future purposes

**AFFIDAVIT**
By virtue of an affidavit (Sl No.645) sworn before The Notary Public, Bhubaneswar dated- 13/10/2025. I, **Anima Pradhan,** W/o Rajib Lochan Pradhan, Address: Village- Praharajpur, PO/PS- Pattamundai, Dist- Kendrapara, Odisha, Pin-754215 declare that I have changed my name from **Anima Biswal** (old name) to **Anima Pradhan** (new name). Henceforth, I shall be known as **Anima Pradhan** (new name) for all purposes.
**Anima Pradhan**

**AFFIDAVIT**
By Virtue of an affidavit sworn before P.K Mishra (O.R.S) Executive Magistrate, Balasore . Sl No- 10714 Dt-10/10/2025. I Sekh Abaas Ali , Age-48, S/o- Sekh Hado At-Mirazapur, Po-Balaramgadi, ps-Marine, Dist-Balasore. That, my name recorded Aadhar and Pan is **Sekh Abaas Ali** but in my passport vide no M6308456 issued from govt of india in wich my name recorded as **Sekh Abaas Alli** instead of **Sekh Abaas Ali**. I declared that **Sekh Abaas Ali** and **Sekh Abaas Alli** are one and same person for all future purposes.

**AFFIDAVIT**
By virtue of an affidavit (CF No.01, date- 13/10/2025) sworn before the Executive Magistrate, Padampur. I, **Suman Hati,** S/o Birasen Hati, permanent & current resident of At- Beheratal, PO- Jamartala, PS- Buden, Dist- Bargarh, PIN- 768036, Odisha declare that I have changed my name from **Muna Hati** (old name) to **Suman Hati** (new name). Henceforth, I shall be known as **Suman Hati** (new name) for all purposes.
**Suman Hati**

**ଡକୁମେଣ୍ଟ ହଜିଛି**
ଓଡ଼ିଶା, ଖୋର୍ଦ୍ଧା ଜିଲା- ଖୋର୍ଦ୍ଧା, ମୌଜା- କନ୍ଧନସ୍ୱାଗଡ଼, ଖାତା ନମ୍ବର- ୧୦୧୫ ଏବଂ ଆରଏସ୍‌ଡି ନଂ-୧୫୮୦, ତାରିଖ- ୨୫/୭/୧୯୮୩, କାଗଜପତ୍ର ଡାକ୍ତର ରମାକାନ୍ତ ନାୟକ, ବାପା- କଣ୍ଠୁରୀ ଚରଣ ନାୟକ, ଗ୍ରାମ/ପୋଷ୍ଟ- ବଡ଼ପାରି, ଥାନା-ଟାଙ୍ଗୀ, ଜିଲ୍ଲା-ଖୋର୍ଦ୍ଧା, ମୋ ନାମରେ ଥିବା ସେଲଡିଡ୍ କାଗଜପତ୍ର, ୦୯/୧୦/୨୫ ତାରିଖ ସକାଳେ ମୁଁ ବାଣପୁର କଲେଜ ରୋଡ୍ ରୁ ମେଡିକାଲକୁ ଆସୁଥିବା ସମୟରେ କେଉଁଠି ହଜି ଯାଇଛି। ଏନେଇ ବାଣପୁର ଥାନା କେସ ନଂ- ୦୧୫, ତାରିଖ-୦୯/୧୦/୨୦୨୫ରେ ଅଭିଯୋଗ ହୋଇଛି। ଯଦି କେହି ଏହାକୁ ପାଆନ୍ତି, ତେବେ ମୋ ମୋବାଇଲ ନଂ- ୯୪୩୮୩୧୦୯୩୪ କିମ୍ବା ବାଣପୁର ପୋଲିସ ଷ୍ଟେସନରେ ଯୋଗାଯୋଗ କରିବାକୁ ଅନୁରୋଧ। ଯଦି କେହି ଏହାର ଅପବ୍ୟବହାର କରନ୍ତି, ତେବେ ଆମେ ଏଥିପାଇଁ ଦାୟୀ ରହିବୁ ନାହିଁ।



GOVERNMENT OF ODISHA
OFFICE OF THE EXECUTIVE ENGINEER
RURAL WORKS DIVISION, JEYPORE
O-947

**e-Procurement for Building works**
**Bid Identification No: EERWJYP – Online -05/2025-26**
Letter No. 4408 Date: 26.09.2025

01. Name of the work : Building works
02. Total Number of works : 23 (Twenty Three) Nos.
03. Approximate Estimated cost : Rs. 1.99 lakhs to Rs. 17.15 lakhs (approximately)
04. Class of Contractor : "C" & "D" Class
05. Period of Completion : within 1 or 2 Months
06. Other Details

| Procurement Officer | Bid Identification No. | Sl No. of work in notice | Availability of tender online for bidding | | Last date and time of seeking tender clarification | Date of Opening |
|---|---|---|---|---|---|---|
| | | | From | To | | |
| Executive Engineer, R.W. Division, Jeypore | Online Tender-05/ RWD-JYP/2025-26 | 23 Nos. | 15.10.2025 at 10.00 A.M | 27.10.2025 upto 5.00 P.M. | 26.10.2025 at 1.30 P.M | 28.10.2025 at 10.00 A.M |

Further details can be seen from the website www.tendersodisha.gov.in/nicgep/app
All amendments, time extension, clarifications etc. will be uploaded in the website only.
Bidders should regularly visit the above website to keep themselves updated.
*N.B. Any Addendum or Corrigendum will be available in the Website only.

Sd/- Executive Engineer,
Rural Works Division: Jeypore.
OIPR-25160/11/0022/2526

## ବରିଷ୍ଠ ନାଗରିକଙ୍କୁ ବ୍ଲକ ପ୍ରଶାସନର ଉପେକ୍ଷା

# ମଞ୍ଜୁର ପରେ ବି ମିଳୁନି ଭତ୍ତା

ଭଦ୍ରେଶ୍ୱର,୧୩।୧୦(ସମିସ):

ମାହାଙ୍ଗା ବ୍ଲକ ପ୍ରଶାସନର ବରିଷ୍ଠ ନାଗରିକଙ୍କୁ ଅବହେଳା। ମଞ୍ଜୁର ପରେ ବି ଭତ୍ତା ଦେବାକୁ କୁନ୍ତୁ କୁନ୍ତୁ ହେଉଛି ବ୍ଲକ ପ୍ରଶାସନ। ଯାହା ଫଳରେ ଜଣେ ବରିଷ୍ଠ ନାଗରିକ ଭତ୍ତା ପାଇବାରୁ ବଞ୍ଚିତ ହୋଇଛନ୍ତି। ଏପରିକି ସାମାଜିକ ସୁରକ୍ଷା ଭତ୍ତା ପରି ଗୁରୁତ୍ୱପୂର୍ଣ୍ଣ ବିଭାଗରେ ଏଭଳି ତ୍ରୁଟି ହେବା ଯୋଗୁ ସାଧାରଣରେ ଗଭୀର ଅସନ୍ତୋଷ ପ୍ରକାଶ ପାଇଛି। ମଞ୍ଜୁର ହୋଇସାରିଥିଲେ ମଧ୍ୟ ହିତାଧିକାରୀଙ୍କୁ ମିଳୁନାହିଁ ଭତ୍ତା। ସୂଚନା ମୁତାବକ ମାହାଙ୍ଗା ବ୍ଲକ କାର୍ଯ୍ୟାଳୟ ସାମାଜିକ ସୁରକ୍ଷା ଯୋଜନାରେ ବୃଦ୍ଧ ବୃଦ୍ଧା ଦିବ୍ୟାଙ୍ଗ, ବିଧବା ହିତାଧିକାରୀମାନେ ସାମାଜିକ ସୁରକ୍ଷା ଯୋଜନାରେ ଆବେଦନ କରିବା ପରେ ଭତ୍ତା ପାଇବା ପାଇଁ ଯୋଗ୍ୟ ବିବେଚିତ ହୋଇଥାନ୍ତି। ଯାହା ଜଣାପଡିଛି ଏହି ବ୍ଲକର ୩୭ଟି ପଞ୍ଚାୟତ ଜିଲ୍ଲା ପ୍ରଶାସନ ପକ୍ଷରୁ ମଧୁବାବୁ ପେନସନ ଯୋଜନାରେ ୩୭୮ ଏବଂ ଇନ୍ଦିରାଗାନ୍ଧୀ ଜାତୀୟ ପେନସନ ଯୋଜନାରେ ୩୨୧ ହିତାଧିକାରୀଙ୍କୁ ପ୍ରଶାସନ ପକ୍ଷରୁ ଅର୍ଥ ମଞ୍ଜୁର ହୋଇସାରିଛି। ବ୍ଲକ ପ୍ରଶାସନର ଅହେତୁକ ଅବହେଳା ଯୋଗୁ ମଞ୍ଜୁର ହୋଇଥିବା ଅର୍ଥ ୨ମାସରୁ ଅଧିକ ସମୟ ହେଲା ପଡି ରହିଛି। ଯାହା ଫଳରେ ସାଧାରଣ ହିତାଧିକାରୀ ଏହି ପ୍ରାପ୍ୟ ଅର୍ଥ ପାଇବାରୁ ବଞ୍ଚିତ ହୋଇଥିବା ଅଭିଯୋଗ ହୋଇଛି। ତେବେ ଏପରି ସାଧାରଣ ହିତାଧିକାରୀଙ୍କ ଅର୍ଥକୁ ମାସ ମାସ ଧରି କାର୍ଯ୍ୟାଳୟରେ ପଡି ରହିବା ଘଟଣା ସାଧାରଣରେ ତୀବ୍ର ଅସନ୍ତୋଷ ପ୍ରକାଶ ପାଇଛି। ଅପରପକ୍ଷରେ ଏହି ଟଙ୍କା ବ୍ୟାଙ୍କରେ ଦୀର୍ଘ ଦିନ ଧରି ଗଚ୍ଛିତ ରହୁଥିଲା ବେଳେ ଏହାର ସୁଧ ଟଙ୍କା କାହା ପକେଟକୁ ଯାଉଛି ବୋଲି ସାଧାରଣରେ ପ୍ରଶ୍ନବାଚୀ ସୃଷ୍ଟି ହୋଇଛି। ସେହିପରି ଭାବେ ଏହି ବ୍ଲକରେ ବହୁ ଅସହାୟ ବୃଦ୍ଧ ବୃଦ୍ଧା ଦିବ୍ୟାଙ୍ଗ ବିଧବା ନିର୍ଦ୍ଧାରିତ ସମୟରେ ଭତ୍ତା ପାଇ ନ ପାରି ଅର୍ଦ୍ଧାହାରରେ କାଳାତିପାତ କରୁଛନ୍ତି। ଏପରିକି ଅନେକ ଅସହାୟ ଗରିବ ଲୋକ ଭତ୍ତା ନିମନ୍ତେ ଆବେଦନ କରିଥିଲେ ମଧ୍ୟ ସେମାନଙ୍କ ଆବେଦନ ରାଜନୈତିକ ଚାପ ଓ ଆକ୍ରୋଶରେ ପ୍ରଶାସନର ନାଲି ଫାଇଲ ତଳେ ଚାପି ଦିଆଯାଇଥିବାର ଚର୍ଚ୍ଚା ହେଉଛି। ତୁରନ୍ତ ସାମାଜିକ ସୁରକ୍ଷା ବାବଦକୁ ଆସିଥିବା ଅର୍ଥ ହିତାଧିକାରୀଙ୍କୁ ପ୍ରଦାନ କରିବାକୁ ସାଧାରଣରେ ଦାବି ହୋଇଛି।

# ଗଜଲକ୍ଷ୍ମୀ ପୂଜା ଓ ଭଜନ ସମାରୋହ

ମାହାଙ୍ଗା,୧୩।୧୦(ସମିସ): ମାହାଙ୍ଗା ବ୍ଲକ ବିରୂପା ଗେଙ୍ଗୁଟି ଦ୍ୱିପାଞ୍ଚଳ ଅନ୍ତର୍ଗତ ପ୍ରସିଦ୍ଧ କୁମୁଡା ହାଟରେ ଚଳିତ ବର୍ଷ ମା' ଗଜଲକ୍ଷ୍ମୀଙ୍କ ନୀତିକାନ୍ତି ଏବଂ ଷୋଡଶ ଉପଚାର ପୂଜାର୍ଚ୍ଚନା ବେଶ ଆନନ୍ଦ ଉଲ୍ଲାସର ସହିତ ଅନୁଷ୍ଠିତ ହୋଇଯାଇଛି। ଦୀର୍ଘ ବହୁ ବର୍ଷ ତଳୁ ଏଠାରେ ମା' ଧନଲକ୍ଷ୍ମୀଙ୍କ ପୂଜାର୍ଚ୍ଚନା ହୋଇଆସୁଛି। ଲକ୍ଷ୍ମୀପୂଜା ଆସିଲେ ମା'ଙ୍କ ପୀଠରେ ସପ୍ତାହବ୍ୟାପୀ ପୂଜାର୍ଚ୍ଚନା, ହରିହାଟ, ଭଜନ କୀର୍ତ୍ତନ ଭଳି ଅନେକ କାର୍ଯ୍ୟକ୍ରମ ଦେଖିବାକୁ ମିଳିଥାଏ। ଆଖପାଖ ଅଞ୍ଚଳରୁ ବହୁ ଶ୍ରଦ୍ଧାଳୁ ମା'ଙ୍କ ପୀଠରେ ପହଞ୍ଚି, ଆଶୀର୍ବାଦ ଭିକ୍ଷା କରନ୍ତି ଓ ସାଂସ୍କୃତିକ କାର୍ଯ୍ୟକ୍ରମରେ ସାମିଲ ହୁଅନ୍ତି। ହିନ୍ଦୁ, ମୁସଲମାନ, ଆଦିବାସୀ, ଦଳିତ, ବ୍ରାହ୍ମଣ, କ୍ଷେତ୍ରୀୟ ସବୁ ବର୍ଗର ଶ୍ରଦ୍ଧାଳୁଙ୍କୁ ଏଠାରେ ଦେଖିବାକୁ ମିଳେ। ରବିବାର ଦିନ ମା' ପୂଜା ମଣ୍ଡପରୁ ମେଲାଣି ନେଇଛନ୍ତି। ବିରୂପା ନଦୀରେ ମା'ଙ୍କ ବିଗ୍ରହକୁ ବିସର୍ଜନ କରାଯାଇଛି। ବିଶେଷ କରି କୁହୁଣ୍ଡା ଓ ମୂଳବସନ୍ତ ପଞ୍ଚାୟତର ବହୁ ଉତ୍ସାହୀ ଯୁବକ ମା' ଗଜଲକ୍ଷ୍ମୀଙ୍କ ଏହି ପବିତ୍ର କାର୍ଯ୍ୟକ୍ରମକୁ ସଫଳତାର ସହିତ ପରିଚାଳନା କରିଥିବା ଦେଖିବାକୁ ମିଳିଥିଲା।



## ପୁରୀ ମେନ୍ କେନାଲରେ ବୁଡ଼ି ଜଣେ ମୃତ

ଫୁଲନଖରା,୧୩।୧୦(ସମିସ): କଟକ ସଦର ଥାନା ଅନ୍ତର୍ଗତ ୫୯ନଂ ୱାର୍ଡ ପୁରୁଣା କାଚରାମାଳ ଗ୍ରାମର ବନମାଳୀ ବାରିକ ଓରଫ ବନିଆ (୬୩)ଙ୍କ ପୁରୀ ମେନ୍ କେନାଲ୍‌ରେ ବୁଡି ମୃତ୍ୟୁବରଣ କରିଛନ୍ତି। ପ୍ରତିଦିନ ପ୍ରାତଃ ସମୟରେ କେନାଲ୍‌ରେ ବନିଆ ଗାଧୁଆ କାର୍ଯ୍ୟ ସାରି ନାଳବନ୍ଧ ଉପରେ ନିଜର ସେଲୁନ୍ ଖୋଲିଥାନ୍ତି। ସୋମବାର ଥିବାରୁ ସେ ଭୋର ସମୟରେ ଗାଧୋଇବା ପାଇଁ ନାଳକୁ ଆସିଥିଲେ। ନାଳରେ ଭରା ପାଣି ସହ ପ୍ରଖର ସ୍ରୋତ ଥିବାରୁ ଅସାବଧାନତା ବଶତଃ ଗୋଡ ଖସିଯିବାରୁ ସେ ଭାସି ଯାଇଥିଲେ। ବନିଆ ଘରକୁ ନ ଫେରିବାରୁ ଘରଲୋକେ ଖୋଜାଖୋଜି କରିବା ସମୟରେ ପୁରୁଣା କାଚରାମାଳ ବ୍ରିଜ୍ ନିକଟ ବନ୍ଧ ଉପରେ ବନିଆଙ୍କ ଚପଲ ଥୁଆ ହୋଇଥିବାର ଦେଖି ସେ ପ୍ରଖର ସ୍ରୋତରେ ଭାସି ଯାଇଛନ୍ତି ବୋଲି ଅନୁମାନ କରି ନିକଟସ୍ଥ ପାହାଳ ଦମକଳ ଅଫିସ୍‌କୁ ଜଣାଇଥିଲେ। ଦମକଳ ବାହିନୀ ଘଟଣାସ୍ଥଳରେ ପହଞ୍ଚି ବନିଆକୁ ବହୁତ ଖୋଜାଖୋଜି କରିଥିଲେ ହେଲେ ବନିଆଙ୍କ ପତ୍ତା ମିଳି ନ ଥିଲା। ଦୀର୍ଘ ୬ ଘଣ୍ଟା ଖୋଜାଖୋଜି ପରେ ବନିଆଙ୍କ ମୃତଦେହ ୨ କିଲୋମିଟର ଦୂର ନହରକଣ୍ଟା ନିକଟରୁ ଉଦ୍ଧାର କରାଯାଇଥିଲା। ମୃତଦେହ ମିଳିବା ପରେ କଟକ ବଡ ଡାକ୍ତରଖାନାକୁ ଶବ ବ୍ୟବଚ୍ଛେଦ ପାଇଁ ପଠାଇ ଦିଆଯାଇଥିବା ବେଳେ ତାଙ୍କ ମୃତ୍ୟୁରେ ପରିବାରରେ ଶୋକର ଛାୟା ଖେଳିଯାଇଛି।

## ପୂର୍ବ ଶତ୍ରୁତାରୁ ଘର ଜାଳିଦେଲେ ଦୁର୍ବୃତ୍ତ

କଣ୍ଟାପଡା,୧୩।୧୦(ସମିସ): ଗୋବିନ୍ଦପୁର ଥାନା ପାଟସୁନ୍ଦରପୁର



ପଞ୍ଚାୟତ ଅନ୍ତର୍ଗତ ଭୋଦଳ ଗ୍ରାମରେ ଗତକାଲି ରାତି ୧୨ଟା ସମୟରେ ପୂର୍ବ ଶତ୍ରୁତାରୁ ଲକ୍ଷ୍ମୀଧର ଭୋଇଙ୍କ ଚାଳଘରେ କେହି ଦୁର୍ବୃତ୍ତ ନିଆଁ ଲଗେଇ ଦେଇଛନ୍ତି। ଏହି ନିଆଁରେ ଘରର ବାସନ କୁସନ, ଧାନ ଚାଉଳ ଆସବାବ ପତ୍ର ସହ ନଗଦ ୧୦ ହଜାର ଟଙ୍କା ପୋଡି ପାଉଁଶ ହୋଇଯାଇଥିବା ଜଣାପଡିଛି। ସ୍ଥାନୀୟ ଲୋକଙ୍କ ସହିତ ଦମକଳବାହିନୀ ଘଟଣା ସ୍ଥଳରେ ପହଞ୍ଚି ନିଆଁକୁ ଆୟତ୍ତ କରିଥିଲେ। ଆଜି ସକାଳେ ସ୍ଥାନୀୟ ସରପଞ୍ଚ ଓ ରାଜସ୍ୱ ନିରୀକ୍ଷକ ଘଟଣାସ୍ଥଳକୁ ଯାଇ ତଦନ୍ତ କରି ଫେରିଥିବା ବେଳେ ଖୋଲା ଆକାଶ ତଳେ ଅଗ୍ନି ବିପନ୍ନ ପରିବାର ପଡ଼ି ରହିଛନ୍ତି। ଅଗ୍ନୀ ବିପନ୍ନ ପରିବାରଙ୍କ ଅଭିଯୋଗ ଅନୁଯାୟୀ ତମେ ଏ ଯାଗା ଛାଡି ଚାଲିଯାଅ ନ ଚେତ୍ ଘର ଜାଳିଦେବୁ ବୋଲି ଧମକ ଗତ କିଛି ମାସ ଧରି କେତେକ ଦୁର୍ବୃତ୍ତ ଦେଇ ଆସୁଥିଲେ। ଏ ନେଇ ଗୋବିନ୍ଦପୁର ଥାନାରେ ପୀଡିତଙ୍କ ପକ୍ଷରୁ ଲିଖିତ ଅଭିଯୋଗ କରାଯାଇଥିବା ଜଣାପଡିଛି।

## ବିଧାୟକଙ୍କୁ ଦୁର୍ବ୍ୟବହାର; ୩ ଗିରଫ

କିଶୋରନଗର,୧୩।୧୦(ସମିସ): କିଶନନଗର ଥାନା ଅନ୍ତର୍ଗତ ସିର୍ଲୋ ପଞ୍ଚାୟତ ଯାହାନପୁର ଗ୍ରାମର ତିନିଜଣ ଯୁବକ ଗତକାଲି ରବିବାର ରାତିରେ କଟକ ସଦର ବିଧାୟକ ପ୍ରକାଶ ଚନ୍ଦ୍ର ସେଠୀଙ୍କୁ ଦୁର୍ବ୍ୟବହାର କରିଥିବା ଲିଖିତ ଅଭିଯୋଗରେ ପୁଲିସ ସେମାନଙ୍କୁ ଗିରଫ କରିଥିବା ଜଣାଯାଇଛି। ପ୍ରକାଶ ଯେ, ଉକ୍ତ ଗ୍ରାମର ପଣ୍ଡା ଛକରେ ବୃଷଭ ମେଳାକୁ ବିଧାୟକ ଯାଇଥିବା ଏବଂ ଅନ୍ୟମନସ୍କ ଭାବେ ଯୋତା ମାଡି ମଣ୍ଡପ ଉପରେ ଚଢ଼ି ଯାଇଥିବାରୁ ତାଙ୍କୁ ଦୁର୍ବ୍ୟବହାର କରାଯାଇଥିଲା। ଏଥିପାଇଁ ଥାନା ଅଧିକାରିଣୀ ଦୁର୍ଗେଶ ନନ୍ଦିନୀ ମହାନ୍ତି ଅଭିଯୁକ୍ତ ରାଜେଶ ଭୋଇ, ଜିତେନ୍ଦ୍ର ଭୋଇ, ଶିବା ଭୋଇଙ୍କୁ ୨୭୫/୨୦୨୫ ଦଫା ୧୨୬(୨),୨୯୬,୩୫୧(୨),୩(୫) ବିଏନଏସରେ ଗିରଫ କରିଥିବା ବେଳେ ବ୍ୟକ୍ତିଗତ ମୁଚାଲିକାରେ ନୋଟିସ ଦେଇ ଥାନାରୁ ଛାଡିଥିବା ତଦନ୍ତକାରୀ ଅଧିକାରୀ ତଥା କଲରାବାଙ୍କ ଫାଣ୍ଡି ଅଧିକାରୀଙ୍କ ଠାରୁ ଜଣାପଡିଛି।

## ବିଦ୍ୟୁତ୍ ଖୁଣ୍ଟରୁ ପଡି ଯୁବକ ଆହତ

ସାଲେପୁର,୧୩।୧୦(ସମିସ): ସାଲେପୁର ବ୍ଲକ୍ ଅଧୀନ ଛାଣିପୁର ପଞ୍ଚାୟତର ଶଙ୍କରପୁର ଗ୍ରାମର



ଶୁଭରାଜ ପ୍ରଧାନଙ୍କୁ ସ୍ଥାନୀୟ କିଛି ଲୋକ ଧମକ ଦେଇ ବିଦ୍ୟୁତ୍ ଖୁଣ୍ଟରେ ଚଢ଼ାଇ ବିଦ୍ୟୁତ୍ ତାର ଯୋଡ଼ିବା ପାଇଁ ବାଧ୍ୟ କରିବାରୁ ଶ୍ରୀ ପ୍ରଧାନ ବିଦ୍ୟୁତ୍ ଖୁଣ୍ଟରେ ଚଢ଼ି ବିଦ୍ୟୁତ୍ ଆଘାତରେ ଗୁରୁତର ଆହତ ହୋଇଥିବା ଜଣାଯାଇଛି। ଏହି ଘଟଣାରେ ଶଙ୍କରପୁର ଗ୍ରାମର ସ୍ୱର୍ଗତ ବଟକୃଷ୍ଣ ପ୍ରଧାନଙ୍କ ପତ୍ନୀ ସଂଯୁକ୍ତା ପ୍ରଧାନ ସାଲେପୁର ଥାନାରେ ଲିଖିତ ଏତଲା ଦେଇଛନ୍ତି। ସେ ଲିଖିତ ଅଭିଯୋଗରେ କହିଛନ୍ତି ଯେ ତାଙ୍କ ପୁଅ ଶୁଭରାଜ ପ୍ରଧାନଙ୍କୁ ବାଲିଆ ଗ୍ରାମର ବେଣୁଧର ସାମଲ, ରଞ୍ଜନ ସାହୁ ବାଟରେ ଅଟକାଇ ତାଙ୍କୁ ଗାଳିଗୁଲଜ କରିବା ସହ ତା' ହାତରୁ ମୋବାଇଲ୍‌ଟି ନେଇଯାଇଥିଲେ। ସେ କାକୁତି ମିନତୀ ହୋଇ ମୋବାଇଲ୍ ଫେରାଇବାକୁ କହିବାରୁ ଖୁଣ୍ଟରେ ଚଢ଼ି ବିଦ୍ୟୁତ୍ ତାର ଯୋଡ଼ିଦେଲେ ତୋ' ମୋବାଇଲ୍ ଫେରାଇଦେବୁ ବୋଲି କହିବାରୁ ସେ ଭୟଭୀତ ଅବସ୍ଥାରେ ଖୁଣ୍ଟରେ ଚଢ଼ି ବିଦ୍ୟୁତ୍ ତାର ଯୋଡୁଥିବା ସମୟରେ ବିଦ୍ୟୁତ୍ ଆଘାତରେ ତଳକୁ ଖସିପଡିଥିଲା। ଫଳରେ ତା'ର ବାମଗୋଡ଼ ଭାଙ୍ଗିଯାଇଛି। ଏହି ଘଟଣା ନେଇ ଶୁଭରାଜଙ୍କ ମାତା ସଂଯୁକ୍ତା ପ୍ରଧାନ ସାଲେପୁର ଥାନାରେ ଲିଖିତ ଅଭିଯୋଗ ଦେଇଥିବା ଜଣାଯାଇଛି। ପୁଲିସ ଏହି ଘଟଣାରେ ତଦନ୍ତ କରୁଥିବା ଜଣାଯାଇଛି।

# ଶେଷ ହେଲା ସଇନ୍ଧା-ନଛିପୁର ଗଜଲକ୍ଷ୍ମୀ ପୂଜା ଭସାଣି

ଫୁଲନଖରା,୧୩।୧୦(ସମିସ): କଟକ ସଦର ଥାନା ଅନ୍ତର୍ଗତ ସଇନ୍ଧା-ନଛିପୁର ଗ୍ରାମରେ ୭ଦିନ ଧରି ଚାଲିଥିବା ମା' ଗଜଲକ୍ଷ୍ମୀ ପୂଜା ଶାନ୍ତିଶୃଙ୍ଖଳାରେ ଅନୁଷ୍ଠିତ ହୋଇଯାଇଛି। ରବିବାର ଦିନ ବିଭିନ୍ନ ପାରମ୍ପରିକ ବାଦ୍ୟ, ବ୍ୟାଣ୍ଡପାର୍ଟି ଓ ଆକର୍ଷଣୀୟ ଆଲୋକ ସାଜସଜ୍ଜାରେ

### ମଦ୍ୟପଙ୍କ ବିରୁଦ୍ଧରେ ଦୃଢ଼ କାର୍ଯ୍ୟାନୁଷ୍ଠାନ

### ଅସ୍ଥାୟୀ ପୁଷ୍କରିଣୀରେ ୧୦ ମୃଣ୍ମୟ ମୂର୍ତ୍ତିଙ୍କୁ ମେଲାଣୀ



ବିଭିନ୍ନ ସାହିର ୧୦ଟି ମେଢ଼ର ଶୋଭାଯାତ୍ରାକୁ ଦେଖିବାକୁ ଆଖପାଖ ଅଞ୍ଚଳର ହଜାର ହଜାର ଦର୍ଶକଙ୍କ ସମାଗମ ହୋଇଥିଲା। ସଦର ଥାନା ପକ୍ଷରୁ ଶାନ୍ତିଶୃଙ୍ଖଳା ରକ୍ଷା ନିମନ୍ତେ ୪ ପ୍ଲାଟୁନ୍ ଫୋର୍ସ ମୁତୟନ କରାଯାଇଥିଲା। ଥାନପତି ମା' ମଙ୍ଗଳା ପୂଜା କମିଟି, ନଛିପୁର ଠାରେ କ୍ରମାନ୍ୱୟରେ ବାଲିସାହି ମା' ଜାଗେଶ୍ୱରୀ ପୂଜା କମିଟି, ସଇନ୍ଧା ବାପୁଜୀ ସ୍ମାରକ ପୂଜା କମିଟି, ସଇନ୍ଧା ମା' ଜୟନ୍ତୀ ପୂଜା କମିଟି, ଅମଣିଆଗୋରଡା ମା' ଗୁପ୍ତେଶ୍ୱରୀ ପୂଜା କମିଟି, କାଜିପୁର ମା' ବିମଳା ପୂଜା କମିଟି, ନଛିପୁର ବାଲୁତ କୁମର ପୂଜା କମିଟି, ଡ଼ିଅ ନଛିପୁର ମା' ଜାଗୁଲାଇ ପୂଜା କମିଟି, ବଢ଼େଇସାହି ବଳରାମ ପୂଜା କମିଟିର ମେଢ଼ ଗୁଡିକୁ ଭୋଗହାଣ୍ଡି ଓ ମୁରବୀଙ୍କୁ ସମ୍ମାନିତ କଲାପରେ ମେଢ଼ଗୁଡିକ ଶୋଭାଯାତ୍ରାରେ ଗ୍ରାମ ପରିକ୍ରମା କରି ବାଲିସାହିସ୍ଥିତ ଅସ୍ଥାୟୀ ପୋଖରୀରେ ବିସର୍ଜନ ପାଇଁ ଯାଇଥିଲେ। ମା' ମଙ୍ଗଳା ପୂଜା କମିଟିର ସଭାପତି ମହେନ୍ଦ୍ର ପାତ୍ର, ସଂପାଦକ ନିର୍ମଳ ସାହୁ, ଗ୍ରାମ୍ୟ କମିଟି ସଭାପତି ମୁରଲୀ ନାୟକ, ବିଚିତ୍ରାନନ୍ଦ ସାହୁ, ବୈକୁଣ୍ଠ ନାଥ ସାହୁ ଓ ରବିନ୍ଦ୍ର ବାରିକଙ୍କ ସମେତ କମିଟିର ସମସ୍ତ ସଦସ୍ୟ ଉକ୍ତ ସମ୍ବର୍ଦ୍ଧନା କାର୍ଯ୍ୟକ୍ରମକୁ ପରିଚାଳନା କରିଥିଲେ। ଶୋଭାଯାତ୍ରାରେ ବିଶୃଙ୍ଖଳିତ ମଦ୍ୟପଙ୍କୁ କଟକ ସଦର ଥାନା ପକ୍ଷରୁ ଅଟକ ରଖାଯାଇ ସେମାନଙ୍କ ଠାରୁ ଆର୍ଥିକ ଜରିମାନା ଆଦାୟ କରାଯାଇଛି ବୋଲି ସଦର ଆଇଆଇସି ତୁଷାରକାନ୍ତ ସେଠୀ ପ୍ରକାଶ କରିଛନ୍ତି। ସଇନ୍ଧା-ନଛିପୁର ଆଞ୍ଚଳିକ ଶାନ୍ତି କମିଟିର ସଭାପତି ପ୍ରଦୀପ ଦାସ, ସଂପାଦକ ସଞ୍ଜୟ ମୁଦୁଲି, ଉପସଭାପତି ପ୍ରମୋଦ ସାହୁ, ସହ ସଂପାଦକ ବିଭୂତି ଭୂଷଣ ତରାଇ ଓ କୋଷାଧ୍ୟକ୍ଷ ଭାବଗ୍ରାହୀ ସାହୁଙ୍କ ସମେତ ପ୍ରତ୍ୟେକ ପୂଜା କମିଟିର ସଭାପତି, ସଂପାଦକଙ୍କ ଓ ୫ ଜଣ ଲେଖାଏଁ ପୁଲିସ ସ୍ୱେଚ୍ଛାସେବୀଙ୍କ କର୍ତ୍ତବ୍ୟ ପରାୟଣତା ହେତୁ ପ୍ରଶାସନର ନିର୍ଦ୍ଦେଶନାମାନୁସାରେ ରାତ୍ର ୧୦ ଘଟିକା ଭିତରେ ସମସ୍ତ ମୂର୍ତ୍ତିଗୁଡିକ ବାଲିସାହିସ୍ଥିତ ଅସ୍ଥାୟୀ ପୋଖରୀରେ ବିସର୍ଜିତ ହୋଇଥିଲେ।

## ଆକ୍ରମଣ କରି ଟଙ୍କା ଓ ଫୋନ୍ ଲୁଟ୍

କଣ୍ଟାପଡ଼ା,୧୩।୧୦(ସମିସ): କେନ୍ଦ୍ରାପଡ଼ା ଜିଲ୍ଲା କଳସପୁର ଅନ୍ତର୍ଗତ ବଡ଼ମଙ୍ଗ ଗ୍ରାମର ବିଜୟ କୁମାର ରାଉତଙ୍କୁ କେତେକ ଦୁର୍ବୃତ୍ତ ଆକ୍ରମଣ କରି ଟଙ୍କା ଓ ମୋବାଇଲ ଫୋନ ଲୁଟି ନେଇଥିବା ଅଭିଯୋଗ ହୋଇଛି। ବିଜୟ ନିଜ ବାଇକରେ ଫୁଲନଖରା - ନିଆଳି ୬୦ ନମ୍ବର ରାଜ୍ୟ ରାଜପଥରେ ଅଡ଼ଶପୁରରୁ ଫୁଲନଖରା ଅଭିମୁଖେ ଯାଉଥିଲାବେଳେ କଣ୍ଟାପଡ଼ାଠାରୁ ଦୁଇ ଜଣ ଦୁର୍ବୃତ୍ତ ବାଇକରେ ତାଙ୍କୁ ପିଛା କରିଥିଲେ। କୁଆଁରପୁର ନିକଟ ଏକ ନିଛାଟିଆ ସ୍ଥାନରେ ବିଜୟଙ୍କୁ ସେମାନେ ଅଟକାଇ ମାଡ଼ ମାରିବା ସହ ପାଖରେ ଥିବା ତିନି ହଜାର ଟଙ୍କା ଓ ମୋବାଇଲ ଫୋନ ଲୁଟି ନେଇ ଅଡ଼ଶପୁର ଦିଗରେ ଦ୍ରୁତଗତିରେ ପଳାଇଥିଲେ। ଏ ନେଇ ସେ ସ୍ଥାନୀୟ ଓଲଟପୁର ଥାନାକୁ ଅଭିଯୋଗ କରିବାକୁ ଯାଇଥିଲେ ବି ତାଙ୍କ ଅଭିଯୋଗକୁ ପୁଲିସ ରଖି ନ ଥିଲା। ତେବେ ରସୁଲଗଡ଼ରେ ଅବସ୍ଥାନ କରୁଥିବା ବିଜୟ ମଞ୍ଚେଶ୍ୱର ଥାନାରେ ଏତଲା ଦେବା ପରେ ପୁଲିସ ଘଟଣାର ତଦନ୍ତ ଆରମ୍ଭ କରିଛି। ଅଭିଯୁକ୍ତ ଦୁଇଜଣ ନିଶାଖୋର ଏବଂ ବ୍ରାଉନସୁଗର କିଣିବା ପାଇଁ ଏପରି କାଣ୍ଡ କରିଥିବା ସ୍ଥାନୀୟ ଲୋକଙ୍କଠାରୁ ଶୁଣିବାକୁ ମିଳୁଛି।

# ସଦର ବିଧାୟକଙ୍କ ଜନଶୁଣାଣି ଶିବିର

କିଶୋରନଗର,୧୩।୧୦(ସମିସ): କଟକ ସଦର ୭ ନମ୍ବର ଜୋନର ୮ଟି ପଞ୍ଚାୟତର ଜନ ଶୁଣାଣି ଶିବିର କିଶୋରନଗର ତହସିଲ କାର୍ଯ୍ୟାଳୟରେ ସଦର ବିଧାୟକ ଇଂ.ପ୍ରକାଶ ଚନ୍ଦ୍ର ସେଠୀଙ୍କ ଦ୍ୱାରା ଆଜି ସୋମବାର ଅନୁଷ୍ଠିତ ହୋଇଯାଇଛି। ଉକ୍ତ ଶିବିରରେ ୮ଟି ପଞ୍ଚାୟତର ବିଭିନ୍ନ ୧୫୩ଟି ସମସ୍ୟାର ପଞ୍ଜୀକୃତ ହୋଇଥିବା ବେଳେ ସେଗୁଡିକ ତୁରନ୍ତ ସମାଧାନ ପାଇଁ ବିଧାୟକ ବିଭାଗୀୟ ଅଧିକାରୀଙ୍କୁ ନିର୍ଦ୍ଦେଶ ଦେଇଥିଲେ। କିନ୍ତୁ କିଶୋରନଗର ପଞ୍ଚାୟତ ଓ ଅରିଲୋ ପଞ୍ଚାୟତର ୪୦ରୁ ଊର୍ଦ୍ଧ୍ୱ ପରିବାର ଭୂମିହୀନ, ଘର ଖଣ୍ଡେ କରିବାକୁ ଜାଗା ପାଇଁ ବାରମ୍ବାର ଜନ ଶୁଣାଣିରେ ଅଭିଯୋଗ କରିଥଲେ ମଧ୍ୟ କିଛି ସୁଫଳ ମିଳି ପାରିନାହିଁ ବୋଲି ଅଭିଯୋଗକାରୀମାନେ ଅଭିଯୋଗ କରିଥିଲେ। ଆବାସ ଯୋଜନାରେ ଉପଯୁକ୍ତ ହିତାଧିକାରୀ ଘର ପାଉ ନ ଥିବା ଅଭିଯୋଗ କରିଥିଲେ। ଏଥି ସହିତ ଜନଶୁଣାଣୀରେ ରାସ୍ତା, ବିଦ୍ୟୁତ୍ ସମସ୍ୟା, ପାଣି ସମସ୍ୟା,



ଜାଗା ବାଡ଼ି ଆଦି ସମସ୍ୟାର ମଧ୍ୟ ଅଭିଯୋଗ ହୋଇଥିଲା। ଅନ୍ୟମାନଙ୍କ ମଧ୍ୟରେ ତହସିଲଦାର କ୍ଷୀରୋଦ ଦାଶ, ସଦର ବ୍ଲକର ଅତିରିକ୍ତ ବିଡିଓ ଗିରିଜା ଶଙ୍କର ବାରିକ, କିଶୋରନଗର ପଞ୍ଚାୟତର ସରପଞ୍ଚ ସୁଜାତା ସେଠୀ, କନିଷ୍ଠ ଯନ୍ତ୍ରୀ ସୁଜାତା ସିଂ, ଆମ୍ବ ସଭାପତି ରମା ପ୍ରସାଦ ବିଶ୍ୱାଳ ପୂର୍ବତନ ବ୍ଲକ ଅଧ୍ୟକ୍ଷ ସାଧୁ ଚରଣ ଜେନା, ମଣ୍ଡଳ ସଭାପତି ଚିତ୍ତ ରଞ୍ଜନ ସାହୁ ପ୍ରମୁଖ ଉପସ୍ଥିତ ଥିଲେ। କାର୍ଯ୍ୟକ୍ରମର ପରିଚାଳନାରେ ତହସିଲର ସମସ୍ତ କର୍ମକର୍ତ୍ତା ସହଯୋଗ କରିଥିଲେ।

# ଆଇଡି ନ ଆସିବାରୁ ଝାରକଟା ପୋଷ୍ଟ ଅଫିସ୍ କାର୍ଯ୍ୟ ବାଧାପ୍ରାପ୍ତ

କନ୍ଦରପୁର,୧୩।୧୦(ସମିସ): ବୟାଳିଶମୌଜା ବେଣ୍ଟକାର ଉପ ଡାକଘର ଅଧୀନରେ ପାଞ୍ଚ ଗୋଟି ଶାଖା ଡାକଘର ଯଥା ଝିଙ୍କିରିଆ, ଦଧିବାମନପୁର, ଝାରକଟା, କଳପଡା ଓ ସରିଚୁଆଁ ଶାଖା ଡାକଘର ନିଜ ନିଜ ଏରିଆରେ ରହି କାର୍ଯ୍ୟ କରୁଅଛି। ଏକ ବିବାଦୀୟ ସମସ୍ୟା ହେତୁ ଝାରକଟା ଶାଖା ଡାକଘର ଦୀର୍ଘ ବର୍ଷ ହେବ ବେଣ୍ଟକାର ଉପ ଡାକଘର ଭିତରେ ତାର ଶାଖା କାର୍ଯ୍ୟ କରି ଆସୁଥିଲା। ଝାରକଟା ଠାରେ ସରକାରଙ୍କ ପକ୍ଷରୁ ନୂତନ ଗୃହ ହେବା ପରେ ଚଳିତ ବର୍ଷ ଗତ ଅଗଷ୍ଟ ମାସରେ ଝାରକଟା ଶାଖା ଡାକଘରକୁ ବେଣ୍ଟକାର ଉପ ଡାକଘରୁ ଉଠାଇ ଝାରକଟା ଠାରେ ଥିବା ନିଜସ୍ୱ ଗୃହକୁ ସ୍ଥାନାନ୍ତର କରାଯାଇଛି। ଗତ ତା.୬.୧୦.୨୦୨୫ରିଖରୁ ବିଭାଗୀୟ ଅଧିକାରୀଙ୍କ ଅର୍ଡର ଅନୁଯାୟୀ ଝିଙ୍କିରିଆ ଶାଖା ଡାକଘର ଏବିପିଏମ ପ୍ରସନଜିତ୍ ମଣ୍ଡଳଙ୍କୁ ଝାରକଟା ଶାଖା ଡାକଘରକୁ ପୋଷ୍ଟିଙ୍ଗ ଦିଆଯାଇଛି। ମାତ୍ର ପରିତାପର ବିଷୟ ଏହିକି ଆଜି ପର୍ଯ୍ୟନ୍ତ ତାଙ୍କୁ ତାଙ୍କ ପାସୱାର୍ଡ ଆଇଡି ଦିଆଯାଇନାହିଁ, ଯେଉଁଥିପାଇଁ ସେ ହାତ ବାନ୍ଧି ବସିଛନ୍ତି। ଫଳରେ ଛଅ ଦିନ ହେବ ଡାକଘରକୁ ଆସୁଥିବା ହିତାଧିକାରୀମାନେ ଝାରକଟା ଶାଖା ଡାକଘରୁ ଫେରି ତିନି କିଲୋମିଟର ବେଣ୍ଟକାର ଡାକଘରକୁ ଆସି ତାଙ୍କ କାର୍ଯ୍ୟ କରୁଛନ୍ତି। ଫଳରେ ହିତାଧିକାରୀମାନେ ହଇରାଣ ହେବା ସହ ଉପ ଡାକଘର କାର୍ଯ୍ୟ ବାଧାପ୍ରାପ୍ତ ହେଉଛି। ଏଣୁ ଡାକ



ବିଭାଗର ବିଭାଗୀୟ ଅଧିକାରୀ ଏହାକୁ ଗୁରୁତର ସହ ବିଚାରକୁ ନେଇ ଯଥାଶୀଘ୍ର ଝାରକଟା ଶାଖା ଡାକଘରକୁ ଆସିଥିବା ନବ ନିଯୁକ୍ତ ଏବିପିଏମକୁ ତାଙ୍କ ଆଇଡି ପ୍ରଦାନ କଲେ ଡାକଘରକୁ ଆସୁଥିବା ଜନସାଧାରଣ ଉପକୃତ ହେବେ ବୋଲି ୪୨ମୌଜା ବିକାଶ ପରିଷଦର ଉପଦେଷ୍ଟା ତଥା ୪୨ମୌଜା ଯାଦବ ମହାସଭା ସଭାପତି ସାମ୍ବାଦିକ ବୁଲେଇ ବେହେରା, ଝାରକଟା ଗ୍ରାମ ପଞ୍ଚାୟତ ସରପଞ୍ଚ ଶିଶିର ରାଉତ, ସମିତି ସଭ୍ୟ ଜୟନ୍ତ କୁମାର ଦାସ, ସମାଜସେବୀ ବିଚିତ୍ର ଜେନା, ପ୍ରଭାତ ଖଟୁଆ, ଅଲେଖ ଚନ୍ଦ୍ର ରାଉତ, ରବୀନ୍ଦ୍ର ନାଥ ଦାସ, ପ୍ରଦ୍ୟୁମ୍ନ ମହାନ୍ତି, ବିରବର ଲେଙ୍କା, ଗୋବିନ୍ଦ ବେହେରା, ପ୍ରଶାନ୍ତ ରାଉତ, ନାରାୟଣ ଚନ୍ଦ୍ର ମହାନ୍ତି, ରୁଦ୍ର ନାରାୟଣ ଦାସ, ସୁରେନ୍ଦ୍ର ନାଥ ବେହେରା ଓ ଜଗବନ୍ଧୁ ମହାନ୍ତି ପ୍ରମୁଖ ଦୃଢ ଦାବି ଜଣାଇଛନ୍ତି।

# କ୍ଲଷ୍ଟରସ୍ତରୀୟ ସୁରଭି କାର୍ଯ୍ୟକ୍ରମ

ନିଶ୍ଚିନ୍ତକୋଇଲି,୧୩।୧୦(ସମିସ): ନିଶ୍ଚିନ୍ତକୋଇଲି ଶିକ୍ଷା ଅଧିକାରୀଙ୍କ କାର୍ଯ୍ୟାଳୟ ଅଧୀନରେ ଥିବା ବ୍ରଜରାଜପାଟଣା କ୍ଲଷ୍ଟରସ୍ତରୀୟ ଶିଶୁ ମହୋତ୍ସବ ସୁରଭି କାର୍ଯ୍ୟକ୍ରମ ଶୁକରପଡା ସରକାରୀ ଉଚ୍ଚ ପ୍ରାଥମିକ ବିଦ୍ୟାଳୟରେ ଅନୁଷ୍ଠିତ ହୋଇଛି। ସିଆରସିସି ମହାମେଘବାହନ ସ୍ୱାଇଁଙ୍କ ପ୍ରତ୍ୟକ୍ଷ ତତ୍ୱାବଧାନାରେ ଅନୁଷ୍ଠିତ ଏହି କାର୍ଯ୍ୟକ୍ରମରେ ମୋଟ ୧୩ଟି ବିଦ୍ୟାଳୟର କନିଷ୍ଠ ଓ ବରିଷ୍ଠ ବିଭାଗର ଛାତ୍ରଛାତ୍ରୀଙ୍କୁ ନେଇ ବିଭିନ୍ନ ପ୍ରତିଯୋଗିତା କରାଯାଇଛି। ଏହି ପ୍ରତିଯୋଗିତାରେ ବରିଷ୍ଠ ବିଭାଗର ୧୦ ଜଣ ଓ କନିଷ୍ଠ ବିଭାଗର ୮ଜଣ କୃତୀ ଛାତ୍ରଛାତ୍ରୀଙ୍କୁ ବ୍ଲକସ୍ତରୀୟ ସୁରଭୀ କାର୍ଯ୍ୟକ୍ରମକୁ ମନୋନୀତ କରାଯାଇଛି। ଭେନ୍ୟୁ ସ୍କୁଲର ପ୍ରଧାନଶିକ୍ଷକ ମହମ୍ମଦ ଆଲିମ୍ ଖାନଙ୍କ ପୌରହିତ୍ୟରେ ଏହାର ଉଦ୍‌ଘାଟନୀ ଉତ୍ସବରେ ମୁଖ୍ୟଅତିଥି ଭାବେ ଶିକ୍ଷାବିତ ଚନ୍ଦ୍ରକଳା ମଲିକ, ମୁଖ୍ୟବକ୍ତା ଭାବେ ଶିକ୍ଷକ ପ୍ରଦୀପ୍ତ ପଣ୍ଡା, ସମ୍ମାନୀତ ଅତିଥିଭାବେ ଶିକ୍ଷକ ପ୍ରଭାତ ଦାସ, ଶିକ୍ଷୟିତ୍ରୀ ଅର୍ଚ୍ଚନା ନାୟକ ପ୍ରମୁଖ ଯୋଗଦେଇ ଶିଶୁମାନଙ୍କର ଅନ୍ତର୍ନିହିତ ଗୁଣାବଳିର ବିକାଶ ପାଇଁ ସୁରଭି ଏକ ପ୍ରକୃଷ୍ଟ କାର୍ଯ୍ୟକ୍ରମ ବୋଲି ମତବ୍ୟକ୍ତ କରିଥିଲେ। ଶିକ୍ଷକ ସୁଶାନ୍ତ ମାଝୀ, ରଞ୍ଜିତା ନାଥଶର୍ମା, ଅନୁରୀତା ଶତପଥି, ରାଜକିଶୋର ଦାସ, ଶକ୍ତିପ୍ରସାଦ ପ୍ରହରାଜ, ଶିବପ୍ରସାଦ ମୁଣ୍ଡା, ଦେବବ୍ରତ ସାମନ୍ତରାୟ, ଶୁଭଲକ୍ଷ୍ମୀ ବେହେରା, ରଞ୍ଜୁଲତା ପାତ୍ର ପ୍ରମୁଖ ପ୍ରତିଯୋଗିତା ପରିଚାଳନା କରିଥିଲେ।

**ପାଣି ସାହିତ୍ୟର ଷଷ୍ଠ ସଂନ୍ଧ୍ୟା: ଆଦି ନାଟ୍ୟକାରଙ୍କ ଜନ୍ମଭୂମିରେ ଗଣକବିଙ୍କ ରାଜ୍ୟସ୍ତରୀୟ ଜୟନ୍ତୀ ସମାରୋହ**

# ଗଣକବିଙ୍କ ଭାବଧାରାରେ ଅନୁପ୍ରାଣିତ ହେବାକୁ ଆହ୍ୱାନ

ମାହାଙ୍ଗା,୧୩।୧୦(ସମିସ):

ଆଦି ନାଟ୍ୟକାର ଜଗମୋହନ ଲାଲଙ୍କ ଜନ୍ମମାଟି ମାହାଙ୍ଗାରେ ଗୀତିନାଟ୍ୟ ସମ୍ରାଟ ଗଣକବି ବୈଷ୍ଣବ ପାଣିଙ୍କ ୧୪୩ ତମ ଜନ୍ମ ଜୟନ୍ତୀ ମହାସମାରୋହରେ ପାଳିତ ହୋଇଯାଇଛି। ମାହାଙ୍ଗା ବିକାଶ ପରିଷଦ ଆନୁକୂଲ୍ୟରେ ଆୟୋଜିତ ଏହି ସାଂସ୍କୃତିକ ଏବଂ ସାରସ୍ୱତ କାର୍ଯ୍ୟକ୍ରମରେ ନାରୀନେତ୍ରୀ ଶ୍ରୀମୟୀ ମିଶ୍ର ମୁଖ୍ୟଅତିଥି ଭାବେ ଯୋଗଦେଇଥିଲେ। ନାଟକ ମାଧ୍ୟମରେ ଓଡ଼ିଆ ଜାତିକୁ ସଂଗଠିତ କରିବାରେ, ଗଣକବି ବୈଷ୍ଣବ ପାଣିଙ୍କ ଭୂମିକା ଅତୁଳନୀୟ ବୋଲି ଶ୍ରୀମୟୀ କହିଥିଲେ। ସତ୍ୟ ନ୍ୟାୟ ପାଇଁ ଅସତ୍ୟ ଓ ଅନ୍ୟାୟ ବିରୁଦ୍ଧରେ ଜନ ଜାଗରଣ ଗଢି ତୋଳିବାରେ ବୈଷ୍ଣବ ପାଣି ଅଗ୍ରଣୀ ସେନାପତି ସାଜିଥିବାରୁ, ମାହାଙ୍ଗା ମାଟିର ଏହି ପ୍ରଥିତଯଶା ସ୍ରଷ୍ଟାଙ୍କୁ ନିଜର ଆଦର୍ଶ କହି ଶ୍ରୀମୟୀ ପ୍ରଣିପାତ କରିଥିଲେ। ବିଶିଷ୍ଟ ଅତିଥି ଭାବେ ବିଧାୟକ ଶାରଦା ପ୍ରଧାନ ଯୋଗଦେଇ, ମାହାଙ୍ଗା ମାଟିର ଯଶସ୍ୱୀ ପୁରୁଷ ଗଣକବିଙ୍କ ଭାବଧାରାରେ ଅନୁପ୍ରାଣିତ ହେବାକୁ ଆହ୍ୱାନ ଦେଇ ଓଡ଼ିଆ ସାହିତ୍ୟକୁ ଗଣକବିଙ୍କ ଅତୁଳନୀୟ ଅବଦାନ କେବେବି ବ୍ୟର୍ଥ ଯିବନି ବୋଲି ଶ୍ରୀ ପ୍ରଧାନ କହିଥିଲେ। ସମାଜସେବୀ ତଥା ସମିତିସଭ୍ୟ ମନୋରଞ୍ଜନ ନାୟକଙ୍କ ସଭାପତିତ୍ୱରେ ଆୟୋଜିତ ଏହି ଷଷ୍ଠ ଦିନର ସାହିତ୍ୟ ସଭାରେ ସମାଜସେବୀ ଯାଜ୍ଞସେନୀ ଜେନା, ଗୌତମ ପ୍ରସାଦ ଲାଲ, ପୂର୍ବତନ ସମିତିସଭ୍ୟ ପୂର୍ଣ୍ଣଚନ୍ଦ୍ର ମହାପାତ୍ର, ପୂର୍ବତନ ସରପଞ୍ଚ ଅଜୟ ନାୟକ ପ୍ରମୁଖ ଅତିଥି ଭାବେ ଯୋଗଦେଇ କାଳଜୟୀ ସ୍ରଷ୍ଟା ଗଣକବିଙ୍କ ପ୍ରତି ଶ୍ରଦ୍ଧାଞ୍ଜଳି ଅର୍ପଣ କରିଥିଲେ। ଅଧ୍ୟାପକ ଅଶୋକ ରାଉତ ଅତିଥି ପରିଚୟ ପ୍ରଦାନ କରିଥିଲା ବେଳେ ଧନ୍ୟବାଦ ପ୍ରଦାନ କରିଥିଲେ ଗୟା ପ୍ରସାଦ ଲାଲ। ଶେଷରେ ଗଣକବିଙ୍କ ରଚିତ ବିଭିନ୍ନ ଗୀତିନାଟ୍ୟ ମଞ୍ଚସ୍ଥ ହୋଇଥିଲା। ଯୁଗଜ୍ୟୋତି ସାଂସ୍କୃତିକ ପରିଷଦ କୁହୁଣ୍ଡା ପକ୍ଷରୁ "ଦାନୀ ହରିଶ୍ଚନ୍ଦ୍ର', ଜୟଗୁରୁ ଯୁବ ପରିଷଦ ଉଷୁମା "କଂସ ଦିଗବିଜୟ' ଏବଂ ନନ୍ଦୀବଟ ସାଂସ୍କୃତିକ ସଂସଦ, ଜଳସରପୁରର କଳାକାରମାନେ "ମୋହନ ମୁରାରୀ' ଗୀତିନାଟ୍ୟ ପରିବେଷଣ କରିଥିଲେ। ସାରସ୍ୱତ ଭୂମି ମାହାଙ୍ଗା ଠାରେ ସ୍ଥାନୀୟ ବିଧାୟକଙ୍କ ଦ୍ୱାରା ଶ୍ରୀ ଶ୍ରୀ ରାଧାକାନ୍ତଜୀୟୁଙ୍କ ଏକ ନୂତନ ମନ୍ଦିର ବୈଷ୍ଣବ ପାଣି ରଙ୍ଗମଞ୍ଚ ଶୁଭ ଶିଳାନ୍ୟାସ ଓ ଭୂମି ପୂଜନ କାର୍ଯ୍ୟକ୍ରମ ବିଧାୟକ ପ୍ରଧାନଙ୍କ କରକମଳରେ ସମ୍ପନ୍ନ ହେବା ଦେଖିବାକୁ ମିଳିଥିଲା। ଏହି ସାରସ୍ୱତ ଉତ୍ସବକୁ ସଂସ୍କୃତି ପ୍ରେମୀ ଗୌତମ ପ୍ରସାଦ ଲାଲ, ପ୍ରିୟବ୍ରତ ସାହୁ, ଦୋଳଗୋବିନ୍ଦ ସାହୁ, ସୁରେଶ ଜେନା, ଭବାନୀ ଶଙ୍କର ସାହୁ, ଧିରେନ ଦାସ, ସରପଞ୍ଚଙ୍କ ପ୍ରତିନିଧି ବିଜୟ ଜେନା, ସମ୍ପାଦକ ତାରାକାନ୍ତ ମହାପାତ୍ର, ସଂଯୋଜକ ପନଗ ଭୂଷଣ ଦାସ ପ୍ରମୁଖ ପରିଚାଳନା କରିଥିଲେ।



**ମୁଦ୍ରା ବିନିମୟ ମୂଲ୍ୟ**



ମୁଦ୍ରା ବିନିମୟ ମୂଲ୍ୟ (ଟଙ୍କାରେ)
- ଡଲାର ୮୮.୭୦ ● ପାଉଣ୍ଡ ୧୧୮.୨
- ୟୁରୋ ୧୦୨.୧୯ ● ୟେନ୍ ୦୦.୫୮

**ସୁନା, ରୁପା ଦର (ଟଙ୍କାରେ)**



୧୦ ଗ୍ରାମ ପିଛା (୨୪ କ୍ୟାରେଟ୍)
- ସୁନା: ୧,୧୪,୯୫୦ (ଭୁବନେଶ୍ୱର)
- ରୁପା : ୧,୯୫,୦୦୦ (କେଜି)



**ଷ୍ଟକ୍ ମାର୍କେଟ୍**

ବଜାର କାରବାର (ପଏଣ୍ଟରେ)
- ସେନ୍‌ସେକ୍ସ ୮୨,୩୨୭.୦୦
- ନିଫ୍ଟି ୨୫,୨୨୭.୦୦



**ପେଟ୍ରୋଲ-ଡିଜେଲ୍**

ଲିଟର ପିଛା (ଟଙ୍କାରେ)
- ପେଟ୍ରୋଲ୍- ୧୦୧.୨୯ (ଭୁବନେଶ୍ୱର)
- ଡିଜେଲ୍ - ୯୨.୮୦



# ଖିମଜୀ ଜୁଏଲର୍ସର 'ଧନ୍‌ତେରସ୍ ଧନବର୍ଷା' ଅଫର

## ସୁନା, ହୀରା, ରୁପା ଉପରେ ଅତୁଳନୀୟ ଅଫର

ଭୁବନେଶ୍ୱର,୧୩।୧୦(ସମିସ):




ଜୁଏଲେରୀ ବ୍ରାଣ୍ଡ ଖିମଜୀ ଜୁଏଲର୍ସ ଏହାର ଗ୍ରାହକଙ୍କ ପାଇଁ 'ଧନତେରସ ଧନବର୍ଷା' ଅଫର ଘୋଷଣା କରିଛି। ଏଥିରେ ଗ୍ରାହକ ସୁନା, ହୀରା, ରୁପା, ପ୍ଲାଟିନମ, ପୋଲକୀ ଓ ଫ୍ୟାଶନ ଗହଣା ସଂଗ୍ରହରେ ଆକର୍ଷଣୀୟ ଅଫର ପାଇପାରିବେ। ଏହି ଧନତେରସ ରେ ଖିମଜୀ ଜୁଏଲର୍ସ ସୁନାଗହଣାର ମୋଟ ମୂଲ୍ୟରେ ଫ୍ଲାଟ ୩.୩୩% ରିଆତି ଏବଂ ହୀରା ଉପରେ ଫ୍ଲାଟ ୧୫% ରିଆତି ପ୍ରଦାନ କରୁଛି, ଯାହା ଆମର ସମ୍ପଦରେ ନିବେଶ କରିବା ପାଇଁ ଏହା ଉପଯୁକ୍ତ ସମୟ। ଏହା ସହିତ ରୁପାର ଓଜନ ଗଢା ମୂଲ୍ୟରେ ଫ୍ଲାଟ ୨୦% ରିଆତି, ରୁପାର ଏମ୍‌ଆରପିରେ ୧୫% ରିଆତି ଏବଂ ପ୍ଲାଟିନମ ଗଢାମୂଲ୍ୟରେ ୧୦% ରିଆତି ଉପଲବ୍ଧ। ଉତ୍ସବର ଉଜ୍ଜ୍ୱଳତାକୁ ଆହୁରି ବଢ଼ାଇ ଗ୍ରାହକମାନେ ଫ୍ୟାଶନ ଗହଣାର ଏମଆରପିରେ ଫ୍ଲାଟ ୨୦% ରିହାତି, ପୋଲକୀ ଗଢା ମୂଲ୍ୟରେ ୨୦% ରିଆତି ଏବଂ ଆର୍ଟିଫାକ୍ଟରେ ୧୦% ରିଆତି ପାଇପାରିବେ। ଏହାସହିତ, ଗ୍ରାହକମାନେ ୫ ଗ୍ରାମ, ୧୦ ଗ୍ରାମ, ୫୦ ଗ୍ରାମ ଏବଂ ୧୦୦ ଗ୍ରାମରେ ୯ ୯ ୯ ଶୁଦ୍ଧତା ବିଶିଷ୍ଟ ସୁନା ଓ ରୁପା ମୁଦ୍ରା ପାଇବେ, ଯାହା ଖିମଜୀର ବାଏବ୍ୟାକ ଗ୍ୟାରେଣ୍ଟି ସହିତ ଉପଲବ୍ଧ। ଆଧୁନିକ ଓ ପାରମ୍ପରିକ ଡିଜାଇନର ବିସ୍ତୃତ ସଂଗ୍ରହ ସହିତ ଏହି ଅଫରଗୁଡ଼ିକ ନିତିଦିନିଆ ପିନ୍ଧିବା ଯୋଗ୍ୟ ଆଭୂଷଣରୁ ଆରମ୍ଭ କରି ଭବ୍ୟ ବିବାହ ସେଟ ପର୍ଯ୍ୟନ୍ତ ବିଭିନ୍ନ ରୁଚିକୁ ପୂରଣ କରୁଛି। ଧନତେରସ ଧନବର୍ଷା ଅଭିଯାନ ଉପରେ ଖିମଜୀ ଜୁଏଲର୍ସର ପରିଚାଳନା ନିର୍ଦ୍ଦେଶକ ମିତେଶ ଖିମଜୀ କହିଛନ୍ତି ଯେ, ଖିମଜୀ ଜୁଏଲର୍ସରେ ଧନତେରସ ସବୁବେଳେ କୃତଜ୍ଞତାର ସମୟ, ଆମ ଗ୍ରାହକଙ୍କ ଅବିଚଳ ବିଶ୍ୱାସର ଉତ୍ସବ। 'ଧନତେରସ ଧନବର୍ଷା' ମାଧ୍ୟମରେ ଆମେ ଆମର ସମଗ୍ର ସଂଗ୍ରହରେ ଅତ୍ୟନ୍ତ ଆକର୍ଷଣୀୟ ମୂଲ୍ୟ ପ୍ରଦାନ କରି ଏହି ଉତ୍ସବ ଋତୁକୁ ବାସ୍ତବରେ ସ୍ୱତନ୍ତ୍ର କରିବାକୁ ଚାହୁଁଛୁ। ଏହା ଆମର ପ୍ରତ୍ୟେକ ପରିବାର ପାଇଁ ଧନ୍ୟବାଦ ଜଣାଇବାର ଉପାୟ, ଯେଉଁମାନେ ପିଢ଼ି ପିଢ଼ି ଧରି ଖିମଜୀକୁ ସେମାନଙ୍କ ଉତ୍ସବର ଅଂଶ କରିଛନ୍ତି।

## କେନ୍ଦ୍ରୀୟ ଟ୍ରଷ୍ଟି ବୋର୍ଡ ବୈଠକରେ ନିଷ୍ପତ୍ତି

# ଭବିଷ୍ୟନିଧି ପାଣ୍ଠିରୁ ସବୁ ଅର୍ଥ ଉଠାଇପାରିବେ ସଦସ୍ୟ



ନୂଆଦିଲ୍ଲୀ,୧୩।୧୦(ଏଜେନ୍ସି): ଏଣିକି କର୍ମଚାରୀ ଭବିଷ୍ୟନିଧି ପାଣ୍ଠି (ଇପିଏଫ୍)ରୁ ସମ୍ପୂର୍ଣ୍ଣ ଅର୍ଥ ରାଶି ଉଠାଇପାରିବେ ସଦସ୍ୟ। ସୋମବାର କେନ୍ଦ୍ର ଶ୍ରମ ମନ୍ତ୍ରୀ ମନସୁଖ ମାଣ୍ଡଭିଆଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ କର୍ମଚାରୀ ଭବିଷ୍ୟନିଧି ପାଣ୍ଠି ସଂଗଠନ (ଇପିଏଫ୍‌ଓ) ସର୍ବୋଚ୍ଚ ନୀତି ନିର୍ଦ୍ଧାରଣକାରୀ ସଂସ୍ଥା ସୋମବାର କେନ୍ଦ୍ରୀୟ ଟ୍ରଷ୍ଟି ବୋର୍ଡ (ସିବିଟି) ବୈଠକରେ ଏ ସମ୍ପର୍କରେ ନିଷ୍ପତ୍ତି ନିଆଯାଇଛି। କର୍ମଚାରୀଙ୍କୁ ସେମାନଙ୍କ ଆବଶ୍ୟକତା ପାଇଁ ସହଜରେ ପିଏଫ୍ ଉଠାଣ କରିବା ଏବଂ ସେମାନଙ୍କର ଅବସରକାଳୀନ ସଞ୍ଚୟକୁ ସୁଦୃଢ଼ କରିବା ପାଇଁ ଏପରି ଗୁରୁତ୍ୱପୂର୍ଣ୍ଣ ନିଷ୍ପତ୍ତି ନିଆଯାଇଛି।

- ୧୦୦ ପ୍ରତିଶତ ପିଏଫ୍ ଅର୍ଥ ରାଶି ଉଠାଣକୁ ମଞ୍ଜୁରୀ
- ଶିକ୍ଷା ପାଇଁ ୧୦, ବିବାହ ପାଇଁ ୫ ଥର ଟଙ୍କା ଉଠାଣ ଅନୁମତି

ବର୍ତ୍ତମାନ କେବଳ ତିନୋଟି ବର୍ଗରେ ଅତ୍ୟାବଶ୍ୟକ ଆବଶ୍ୟକତା (ରୋଗ, ଶିକ୍ଷା, ବିବାହ), ଗୃହ ଆବଶ୍ୟକତା (ଘର ସମ୍ବନ୍ଧୀୟ ଖର୍ଚ୍ଚ) ଏବଂ ବିଶେଷ ପରିସ୍ଥିତିରେ ସଦସ୍ୟମାନେ ଏବେ ସେମାନଙ୍କର ପିଏଫ୍ ଆକାଉଣ୍ଟରୁ ସମ୍ପୂର୍ଣ୍ଣ ବାଲାନ୍ସ (କର୍ମଚାରୀ ଏବଂ ନିଯୁକ୍ତିଦାତା ଉଭୟ ଅଂଶ ସମେତ) ଉଠାଣ କରିପାରିବେ। ପୂର୍ବରୁ, ଶିକ୍ଷା ଏବଂ ବିବାହ ପାଇଁ କେବଳ ୩ଥର ଉଠାଣ ଅନୁମତି ଥିଲା, କିନ୍ତୁ ବର୍ତ୍ତମାନ ଶିକ୍ଷା ପାଇଁ ୧୦ ଥର ଏବଂ ବିବାହ ପାଇଁ ୫ ଥର ଅର୍ଥ ଉଠାଣ କରାଯାଇପାରିବ। ଏହାସହିତ ସର୍ବନିମ୍ନ ସେବା ଅବଧିକୁ ୧୨ ମାସକୁ ହ୍ରାସ କରାଯାଇଛି, ଯାହା ପୂର୍ବରୁ ବିଭିନ୍ନ ଆବଶ୍ୟକତା ପାଇଁ ଭିନ୍ନ ରହିଥିଲା। ପୂର୍ବରୁ, ବିଶେଷ ପରିସ୍ଥିତିରେ (ଯେପରିକି ପ୍ରାକୃତିକ ବିପର୍ଯ୍ୟୟ, ବେକାରୀ କିମ୍ବା ମହାମାରୀ) ସଦସ୍ୟଙ୍କୁ ଟଙ୍କା ଉଠାଣ ପାଇଁ ଏକ କାରଣ ଦର୍ଶାଇବାକୁ ପଡୁଥିଲା, ଯାହା ପ୍ରାୟତଃ କ୍ଲେମ୍ ବା ଦାବିକୁ ପ୍ରତ୍ୟାଖ୍ୟାନ କରୁଥିଲା। ବର୍ତ୍ତମାନ ଏହି ଅସୁବିଧା ଦୂର ହୋଇଛି। ସଦସ୍ୟମାନେ ବିଶେଷ ପରିସ୍ଥିତିରେ ବିନା କୌଣସି କାରଣ ଦର୍ଶାଇ ଆକାଉଣ୍ଟରୁ ଟଙ୍କା ଉଠାଣ କରିପାରିବେ। ଇପିଏଫ୍‌ଓ ଏହା ମଧ୍ୟ ସୁନିଶ୍ଚିତ କରିଛି ଯେ ସଦସ୍ୟମାନେ ସର୍ବଦା ସେମାନଙ୍କ ଆକାଉଣ୍ଟରେ ସର୍ବନିମ୍ନ ୨୫% ବାଲାନ୍ସ ବଜାୟ ରଖିବେ। ଏହା ସଦସ୍ୟମାନଙ୍କୁ ୮.୨୫% ସୁଧ ହାର ଏବଂ ଚକ୍ରବୃଦ୍ଧି ସୁଧ ପାଇବା ସୁନିଶ୍ଚିତ କରିବ, ଯାହା ସେମାନଙ୍କୁ ଏକ ଯଥେଷ୍ଟ ଅବସର କର୍ପସ ପାଣ୍ଠି ଗଠନ କରିବାକୁ ସକ୍ଷମ କରିବ। ନୂତନ ନିୟମ ଅନୁଯାୟୀ, କୌଣସି ଡକ୍ୟୁମେଣ୍ଟ ଦାଖଲ କରିବାର ଆବଶ୍ୟକତା ରହିବ ନାହିଁ। ଟଙ୍କା ଉଠାଣ ପ୍ରକ୍ରିୟା ସମ୍ପୂର୍ଣ୍ଣ ସ୍ୱୟଂଚାଳିତ ହେବ, ଯାହା ଦାବି ସମାଧାନକୁ ତ୍ୱରାନ୍ୱିତ କରିବ। ଏହା ସହିତ, ଅପରିପକ୍ୱ ଚୂଡ଼ାନ୍ତ ସମାଧାନ ପାଇଁ ଅବଧି ୨ ମାସରୁ ୧୨ ମାସକୁ ବୃଦ୍ଧି କରାଯାଇଛି ଏବଂ ଚୂଡାନ୍ତ ପେନସନ ଉଠାଣ ଅବଧି ୨ମାସରୁ ୩୬ ମାସକୁ ବୃଦ୍ଧି କରାଯାଇଛି।

# ବେଦାନ୍ତ ପକ୍ଷରୁ ୯୨ଟି ଗାଁରେ ବାର୍ଷିକ ମୋତିଆବିନ୍ଦୁ ଅସ୍ତ୍ରୋପଚାର ଅଭିଯାନ



ଭୁବନେଶ୍ୱର,୧୩।୧୦(ସମିସ): ବେଦାନ୍ତ ଆଲୁମିନିୟମ ଏହାର ପ୍ରମୁଖ ସ୍ୱାସ୍ଥ୍ୟସେବା ପଦକ୍ଷେପ ପ୍ରୋଜେକ୍ଟ ଆରୋଗ୍ୟ ଅଧୀନରେ ୮ଟି ମୋତିଆବିନ୍ଦୁ ଅସ୍ତ୍ରୋପଚାର ଶିବିରର ପ୍ରଥମ ପର୍ଯ୍ୟାୟ ଆରମ୍ଭ କରିଛି, ଯାହାର ଲକ୍ଷ୍ୟ କଳାହାଣ୍ଡି ଏବଂ ରାୟଗଡ଼ା ଜିଲ୍ଲାର ୯୨ଟି ଗାଁରେ ବୃଦ୍ଧ ବ୍ୟକ୍ତିଙ୍କ ଦୃଷ୍ଟିଶକ୍ତି ଫେରାଇ ଆଣିବା ଏବଂ ଜୀବନର ମାନ ଉନ୍ନତ କରିବା। ଏହି ପଦକ୍ଷେପ ଭବାନୀପାଟଣାର ଜଗନ୍ନାଥ ନେତ୍ରାଳୟ ସହିତ ମିଳିତ ଭାବରେ ପରିଚାଳିତ ହେଉଛି। ଅକ୍ଟୋବରରୁ ୨୦୨୬ ମାର୍ଚ୍ଚ ପର୍ଯ୍ୟନ୍ତ ୮ଟି ପର୍ଯ୍ୟାୟରେ ମୋତିଆବିନ୍ଦୁ ଅସ୍ତ୍ରୋପଚାର ଅଭିଯାନ ଆରମ୍ଭ କରାଯିବ, ଯାହାଦ୍ୱାରା ଅନୁନ୍ନତ ସମ୍ପ୍ରଦାୟକୁ ମାଗଣା ପରାମର୍ଶ, ଅସ୍ତ୍ରୋପଚାର ଏବଂ ଅସ୍ତ୍ରୋପଚାର ପରବର୍ତ୍ତୀ ଯତ୍ନ ପ୍ରଦାନ କରାଯିବ। ଏହାର ପ୍ରଥମ ପର୍ଯ୍ୟାୟରେ ପ୍ରାୟ ୪୦ ଜଣ ରୋଗୀଙ୍କର ଅସ୍ତ୍ରୋପଚାର ହେବ। ଏହି ଅଭିଯାନର ଲକ୍ଷ୍ୟ ୨୦୨୬ ଆର୍ଥିକ ବର୍ଷରେ ୩୫୦ରୁ ଅଧିକ ହିତାଧିକାରୀଙ୍କ ନିକଟରେ ପହଞ୍ଚିବା। ସୁଲଭ ଏବଂ ଗୁଣାତ୍ମକ ଚକ୍ଷୁ ଚିକିତ୍ସା ଉପରେ ଦୃଢ଼ ଧ୍ୟାନ ଦେଇ, ବେଦାନ୍ତ ଲାଞ୍ଜିଗଡ଼ର ପ୍ରୋଜେକ୍ଟ ଆରୋଗ୍ୟ କଳାହାଣ୍ଡି ଏବଂ ରାୟଗଡ଼ାରେ ସ୍ୱାସ୍ଥ୍ୟସେବା ପାର୍ଥକ୍ୟକୁ ପୂରଣ କରିଚାଲିଛି। ଆଜି ପର୍ଯ୍ୟନ୍ତ, ବେଦାନ୍ତ ଲାଞ୍ଜିଗଡ଼ର ନିରନ୍ତର ଚକ୍ଷୁ ଚିକିତ୍ସା ହସ୍ତକ୍ଷେପ ୧,୭୦୦ରୁ ଅଧିକ ବ୍ୟକ୍ତିଙ୍କୁ ସେମାନଙ୍କର ଦୃଷ୍ଟିଶକ୍ତି ଫେରିପାଇବାରେ ସାହାଯ୍ୟ କରିଛି, ସେମାନଙ୍କୁ ସ୍ୱାଧୀନ ଜୀବନଯାପନ କରିବା ଏବଂ ସେମାନଙ୍କ ପରିବାର ଏବଂ ସମ୍ପ୍ରଦାୟରେ ଅଧିକ ସକ୍ରିୟ ଭାବରେ ଅଂଶଗ୍ରହଣ କରିବା ପାଇଁ ସଶକ୍ତ କରିଛି।

# ବିଆଇପିଏଫ୍ ପ୍ରତିଷ୍ଠାତା ଶୈଫାଳିକା ପଣ୍ଡାଙ୍କୁ 'ଦି ମୋମେଣ୍ଟ ଅଫ୍ ଲିଫ୍ଟ' ସମ୍ମାନ




ଭୁବନେଶ୍ୱର,୧୩।୧୦(ସମିସ): ବଂଶୀଧର ଓ ଇଲା ପଣ୍ଡା ଫାଉଣ୍ଡେସନର ପ୍ରତିଷ୍ଠାତା ଏବଂ ସିଇଓ ଶୈଫାଳିକା ପଣ୍ଡାଙ୍କୁ ମୁମ୍ବାଇର ଆଇଟିସି ଗ୍ରାଣ୍ଡ ସେଣ୍ଟ୍ରାଲରେ ଆୟୋଜିତ କାର୍ଯ୍ୟକ୍ରମରେ ହୁରୁନ୍ ଇଣ୍ଡିଆ ପକ୍ଷରୁ 'ମୋମେଣ୍ଟ ଅଫ୍ ଲିଫ୍ଟ' ପୁରସ୍କାରରେ ସମ୍ମାନୀତ କରାଯାଇଛି। 'ଦି ମୋମେଣ୍ଟ ଅଫ୍ ଲିଫ୍ଟ ସମ୍ମିଟ୍ ଆଣ୍ଡ ଆୱାର୍ଡ଼ସ୍' ୨୦୨୫ ଭାରତର ପ୍ରଭାବଶାଳୀ ମହିଳା ବ୍ୟକ୍ତିତ୍ୱମାନଙ୍କୁ ସମ୍ପତ୍ତି ସୃଷ୍ଟି, ମୂଲ୍ୟ ସୃଷ୍ଟି, ସମାଜସେବା, ସଂସ୍କୃତି ଏବଂ ଷ୍ଟାର୍ଟ-ଅପ୍ କ୍ଷେତ୍ରରେ ସେମାନଙ୍କର ଉଲ୍ଲେଖନୀୟ ଅବଦାନକୁ ସମ୍ମାନିତ କରିବା ପାଇଁ ଏକତ୍ରିତ କରିଥିଲା। ଅନ୍ତର୍ଭୁକ୍ତ ବିକାଶ, ସ୍ଥାୟୀତ୍ୱ ଏବଂ ସାମୁଦାୟିକ ସଶକ୍ତିକରଣରେ ଉଲ୍ଲେଖନୀୟ ଅବଦାନ ପାଇଁ ଶୈଫାଳିକାଙ୍କୁ ଭିଜନାରି ଲିଡର ଇନ୍ ସୋସିଆଲ ଇମ୍ପାକ୍ଟ ଆଣ୍ଡ କର୍ପୋରେଟ ରେସ୍ପନ୍ସିବିଲିଟି ବର୍ଗରେ ପୁରସ୍କୃତ କରାଯାଇଛି। ଏହି କାର୍ଯ୍ୟକ୍ରମରେ ସମ୍ମାନିତ ହୋଇଥିବା ଅନ୍ୟ ପ୍ରମୁଖ ମହିଳାମାନଙ୍କ ମଧ୍ୟରେ ଅପଷ୍ଟକ୍ସ ସହ-ପ୍ରତିଷ୍ଠାତା କବିତା ସୁବ୍ରମଣ୍ୟମ, କନଫ୍ଲୁଏଣ୍ଟର ସହ-ପ୍ରତିଷ୍ଠାତା ଆମେରିକୀୟ ଉଦ୍ୟୋଗୀ ନେହା ନାରଖେଡେ ଏବଂ ବିଭିନ୍ନ ଶିଳ୍ପରେ ଛାପ ସୃଷ୍ଟି କରିଥିବା ଅନେକ ପ୍ରତିଷ୍ଠିତ ମହିଳା ରହିଛନ୍ତି। ଶୈଫାଳିକା ମୋମେଣ୍ଟ ଅଫ୍ ଲିଫ୍ଟ: ବିୟୋଣ୍ଡ ବାଉଣ୍ଡରିଜ ଅଫ୍ ଚେଞ୍ଜ ପ୍ୟାନେଲ ଆଲୋଚନାରେ ମଧ୍ୟ ଅଂଶଗ୍ରହଣ କରିଥିଲେ।

## ଜୀବଦା ଆଣିଲା ବିଶ୍ୱର ପ୍ରଥମ ଲକ୍‌ଜୁରୀ ଆୟୁର୍ବେଦ ବର୍ଗ

ନୂଆଦିଲ୍ଲୀ,୧୩।୧୦(ଏଜେନ୍ସି): ବ୍ରିକ୍ସ ଇନ୍‌ଷ୍ଟିଚ୍ୟୁଟ ଅଫ ଲାଇଫ ସାଇନ୍ସେସ (ଆଇଏଲ୍‌ଏସ)ରେ ସୃଷ୍ଟି ଓଡ଼ିଶାର ଏକ ଅଗ୍ରଣୀ ବାୟୋଟେକ ଏବଂ ୱେଲ୍‌ନେସ୍ ଷ୍ଟାର୍ଟଅପ୍ ଜୀବଦା ଭେଞ୍ଚରସ୍ ପ୍ରାଇଭେଟ ଲିମିଟେଡ ଆନୁଷ୍ଠାନିକ ଭାବରେ ବିଶ୍ୱର ପ୍ରଥମ ଆୟୁର୍ବେଦ ବର୍ଗ ନ୍ୟୁରୋକସ୍‌ମେଟିକ୍ସ ଦ୍ୱାରା ଅନୁପ୍ରେରିତ ହୋଇ ପ୍ରଚଳନ କରିଛି। ଭୁବନେଶ୍ୱରସ୍ଥିତ ଆଇଏଲ୍‌ଏସ ମୁଖ୍ୟ କ୍ୟାମ୍ପସ୍‌ରେ ଅକ୍ଟୋବର ୧୦ ଓ ୧୧ ରେ ଅନୁଷ୍ଠିତ ବ୍ରିକ୍ସ ଆଇଏଲ୍‌ଏସର ୪ର୍ଥ ଷ୍ଟାର୍ଟଅପ୍ କନକ୍ଲେଭରେ ଏହି ଉନ୍ମୋଚନ ଉତ୍ସବ ଅନୁଷ୍ଠିତ ହୋଇଥିଲା। ପ୍ରାଚୀନ ଆୟୁର୍ବେଦକୁ ଆଧୁନିକ ନ୍ୟୁରୋକସ୍‌ମେଟିକ୍ସ ପ୍ରଯୁକ୍ତି ସହିତ ସମ୍ମିଶ୍ରିତ କରି ଜିଭାଡାର ନୂତନ ବର୍ଗ ବିଳାସପୂର୍ଣ୍ଣ ଆୟୁର୍ବେଦ ଏବଂ ତ୍ୱଚାଯତ୍ନ ନବସୃଜନ କ୍ଷେତ୍ରରେ ଏକ ସଫଳତାର ପ୍ରତିନିଧିତ୍ୱ କରୁଛି। ଏହି ବର୍ଗ ୨୬୮ ରୁ ଅଧିକ ପ୍ରାଚୀନ ଆୟୁର୍ବେଦ ଲେଖାରୁ ପ୍ରେରଣା ଲାଭ କରିବା ସହିତ ସମୟର କଷଟି ପଥରେ ପରୀକ୍ଷିତ ହର୍ବାଲ ଜ୍ଞାନକୁ ସର୍ବାଧୁନିକ ସମୟର ନ୍ୟୁରୋସାଇନ୍ସ ଏବଂ ବାୟୋଟେକ୍‌ନୋଲୋଜି ସହିତ ସମ୍ମିଶ୍ରିତ କରିଛି।

## ଖୁଚୁରା ମୁଦ୍ରାସ୍ଫୀତି ୮ ବର୍ଷରେ ସବୁଠୁ କମ୍

ନୂଆଦିଲ୍ଲୀ,୧୩।୧୦(ଏଜେନ୍ସି): ଦୀର୍ଘ ଦିନ ପରେ ତଳ,ମୁହାଁ ହୋଇଛି ଖୁଚୁରା ମୁଦ୍ରାସ୍ଫୀତି। ସେପ୍ଟେମ୍ବର ମାସରେ ଏହା ୮ ବର୍ଷର ସର୍ବନିମ୍ନ ସ୍ତରରେ ପହଞ୍ଚିଛି। ଖୁଚୁରା ମୁଦ୍ରାସ୍ଫୀତି ସେପ୍ଟେମ୍ବରରେ ହ୍ରାସ ପାଇ ୧.୫୪% ରହିଛି, ଅଗଷ୍ଟରେ ଏହା ୨.୦୭ ପ୍ରତିଶତ ଥିଲା। ସୋମବାର ଜାରି ସରକାରୀ ତଥ୍ୟ ଅନୁସାରେ ପନିପରିବା ଓ ଡାଲି ସହ ଅନ୍ୟ ଖାଦ୍ୟ ସାମଗ୍ରୀ ମୂଲ୍ୟରେ ହ୍ରାସ ଯୋଗୁଁ ଖୁଚୁରା ମୁଦ୍ରାସ୍ଫୀତିରେ ହ୍ରାସ ଘଟିଛି। ଦୀର୍ଘ ୮ ବର୍ଷ ପରେ ପ୍ରଥମ କରି ଦେଶରେ କୌଣସି,କ ମାସରେ ଖୁଚୁରା ମଦ୍ରାସ୍ଫୀତି ଏତେ କମ୍ ରହିଛି। କ୍ଷେତ୍ରରେ ମୁଦ୍ରାସ୍ଫୀତି ଶୂନରୁ ୨.୨୮% ତଳେ ରହିଛି, ଯାହା ୨୦୧୮ ଡିସେମ୍ବର ପରେ ସବୁଠୁ କମ୍।

# ଘରୋଇ ପର୍ଯ୍ୟଟନ କ୍ଷେତ୍ରକୁ ବିଶ୍ୱସ୍ତରୀୟ କରିବାକୁ 'ହାରୋ'ର ପ୍ରସ୍ତାବ

## ପ୍ରଧାନମନ୍ତ୍ରୀଙ୍କୁ ପତ୍ର

ଭୁବନେଶ୍ୱର,୧୩।୧୦(ସମିସ): କେନ୍ଦ୍ର ସରକାରଙ୍କ ପକ୍ଷରୁ ଦେଶରେ ୫୦ ବିଶ୍ୱସ୍ତରୀୟ ପର୍ଯ୍ୟଟନ କ୍ଷେତ୍ର ପ୍ରତିଷ୍ଠା କରିବା ନେଇ ରଖାଯାଇଥିବା ଯୋଜନାକୁ ଓଡ଼ିଶା ହୋଟେଲ ଆଣ୍ଡ ରେଷ୍ଟୋରାଁ ସଂଘ (ହାରୋ) ସ୍ୱାଗତ କରିଛି। ସଂଘର କହିବାନୁଯାୟୀ, ଏହା ହେଲେ ଦେଶ ମଧ୍ୟରେ ହିଁ ୫୦ ସିଙ୍ଗାପୁର ସୃଷ୍ଟି କରିପାରିବ। ତେଣୁ ଭାରତର ଏହି ପର୍ଯ୍ୟଟନ କ୍ଷେତ୍ରଗୁଡିକୁ ବିଶ୍ୱସ୍ତରୀୟ ମାନ ଅନୁଯାୟୀ, ବିକାଶ କରିବାକୁ ସଂଘ ପକ୍ଷରୁ ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦିଙ୍କୁ ପତ୍ର ମାଧ୍ୟମରେ ଏକ ପ୍ରସ୍ତାବ ଦିଆଯାଇଛି। ସଂଘର କହିବାନୁଯାୟୀ, ୨୦୨୪ରେ ଭାରତକୁ ୯ ୯,୫୧,୭୨୨ ଜଣ ବିଦେଶୀ ପର୍ଯ୍ୟଟକ (ଏଫ୍‌ଟିଏ) ଆସିଥିଲେ। ଠିକ୍ ଏହି ଅସମୟରେ ଭାରତରୁ ବିଦେଶକୁ ୩,୦୮,୮୫,୦୪୮ ଜଣ ପର୍ଯ୍ୟଟକ ବିଦେଶ ଭ୍ରମଣରେ ଯାଇଛନ୍ତି। ଏହା ବିଦେଶୀ ପର୍ଯ୍ୟଟକଙ୍କ ଆଗମନ ତୁଳନାରେ ତିନି ଗୁଣରୁ ବି ଅଧିକ। ଯଦି ଆମେ ବିଦେଶ ଭ୍ରମଣରେ ଯାଉଥିବା ଘରୋଇ ପର୍ଯ୍ୟଟକଙ୍କ ପାଇଁ ବିଶ୍ୱ ସ୍ତରୀୟ ଭିତ୍ତିଭୂମି ନିର୍ମାଣ କରିବା ତେବେ ସେମାନଙ୍କୁ ଆମେ ବିଦେଶ ଭ୍ରମଣରେ ଯିବାରୁ ବିରତ ରଖିପାରିବା। ଏହାଦ୍ୱାରା ଆମେ ବହୁ ମାତ୍ରାରେ ଅର୍ଥ ସଞ୍ଚୟ କରିପାରିବା, ଯାହା ଭାରତୀୟ ପର୍ଯ୍ୟଟକ ବିଦେଶ ଭ୍ରମଣରେ ଖର୍ଚ୍ଚ କରୁଛନ୍ତି। ଯେହେତୁ ଭାରତୀୟ ପର୍ଯ୍ୟଟନ ଏବଂ ଆତିଥେୟତା କ୍ଷେତ୍ର ୨୦୨୮ ସୁଦ୍ଧା ୭୦ ବିଲିୟନ୍ ଡଲାର ଛୁଇଁବାକୁ ଯାଉଛି,ଆମକୁ ଆମ ଦେଶ ମଧ୍ୟରେ ସେଭଳି ବିଶ୍ୱ ସ୍ତରୀୟ ଭିତ୍ତିଭୂମି ସୃଷ୍ଟି କରିବାକୁ ହେବ ଯାହା ଆମର ଘରୋଇ ପର୍ଯ୍ୟଟକ ବିଦେଶରେ ଉପଲବ୍ଧ କରୁଛନ୍ତି।

## ରତନ ଟାଟାଙ୍କ ପରେ ଟାଟା ଗ୍ରୁପରେ ବଢୁଛି ବିବାଦ

# ବୋର୍ଡରେ ମେହଲି ମିସ୍ତ୍ରିଙ୍କ ନାମାଙ୍କନକୁ ନେଇ ଟ୍ରଷ୍ଟିଙ୍କ ମଧ୍ୟରେ ମତଭେଦ



## ସମର୍ଥନ କଲେନି ନୋଏଲ୍ ଟାଟା

ନୂଆଦିଲ୍ଲୀ,୧୩।୧୦(ଏଜେନ୍ସି): ଟାଟା ଟ୍ରଷ୍ଟ ଭିତରେ ସବୁକିଛି ଠିକ୍‌ଠାକ୍ ଚାଲିନାହିଁ। ସମ୍ପ୍ରତି ଗ୍ରୁପରେ ଆଭ୍ୟନ୍ତରୀଣ ମତଭେଦ ବଢ଼ିବାରେ ଲାଗିଛି। ବିଶେଷକରି, ଟାଟା ସନ୍ସ ବୋର୍ଡରେ ମେହଲି ମିସ୍ତ୍ରୀଙ୍କ ନାମାଙ୍କନକୁ ନେଇ ଟ୍ରଷ୍ଟିମାନଙ୍କ ମଧ୍ୟରେ ଗଭୀର ମତଭେଦ ଜାରି ରହିଛି। ନିକଟରେ ଅନୁଷ୍ଠିତ ବୋର୍ଡ ବୈଠକର ବିବରଣୀରୁ ଏହା ସ୍ପଷ୍ଟ। ଟାଟା ଟ୍ରଷ୍ଟର ଟ୍ରଷ୍ଟି ମେହଲି ମିସ୍ତ୍ରୀଙ୍କୁ ସ୍ୱର୍ଗତ ରତନ ଟାଟାଙ୍କ ନିକଟତର ବୋଲି ବିବେଚନା କରାଯାଏ। ମିସ୍ତ୍ରୀ କହିଛନ୍ତି ଯେ ସେ ସର୍ବଦା ନୋଏଲ ଟାଟାଙ୍କୁ ସମର୍ଥନ କରିଛନ୍ତି, କିନ୍ତୁ ନୋଏଲ ଟାଟା ସନ୍ସ ବୋର୍ଡରେ ତାଙ୍କ ନାମାଙ୍କନକୁ ସମର୍ଥନ କରିନାହାଁନ୍ତି।

ଏହି ବୈଠକରେ ଟ୍ରଷ୍ଟର ୭ ଜଣ ଟ୍ରଷ୍ଟିଙ୍କ ମଧ୍ୟରେ ମତଭେଦ ସାମ୍ନାକୁ ଆସିଥିଲା। ଏହା ସେତେବେଳେ ଘଟିଥିଲା ଯେତେବେଳେ ଟାଟା ସନ୍ସ ବୋର୍ଡରେ ଉପାଧ୍ୟକ୍ଷ ବିଜୟ ସିଂହଙ୍କୁ ପୁନଃନିଯୁକ୍ତି ଦେବା ଉପରେ ଆଲୋଚନା ହୋଇଥିଲା। ଏଥିରେ ୭୭ ବର୍ଷୀୟ ବିଜୟ ସିଂହଙ୍କ ବିରୁଦ୍ଧରେ ଭୋଟ୍ ଏବଂ ତାଙ୍କ ସ୍ଥାନରେ ମିସ୍ତ୍ରୀଙ୍କୁ ନିଯୁକ୍ତ ପ୍ରସ୍ତାବ ରହିଥିଲା। ସମର୍ଥକମାନେ ଯୁକ୍ତି ଦେଇଥିଲେ ଯେ ମିସ୍ତ୍ରୀ ଟ୍ରଷ୍ଟର ମତାମତକୁ ପ୍ରତିନିଧିତ୍ୱ କରୁଥିବା ଏକ ଶକ୍ତିଶାଳୀ ସ୍ୱର ହେବେ। ମିସ୍ତ୍ରୀଙ୍କୁ ସମର୍ଥନ କରୁଥିବା ଗୋଷ୍ଠୀ ଯୁକ୍ତି ଦର୍ଶାଇଥିଲେ ଯେ ଯଦିଓ ମିସ୍ତ୍ରୀ ନିଜେ ଏହି ପଦବୀରେ ଆଗ୍ରହୀ ନ ଥିଲେ, କିନ୍ତୁ ସମୟକୁ ବିଚାରକୁ ନେଲେ ସେ ହିଁ ସଠିକ୍ ବ୍ୟକ୍ତି। ଏହି ସମୟରେ, ନୋଏଲ୍ ଟାଟା ଏବଂ ଭେନୁ ଶ୍ରୀନିବାସନ ବିଜୟ ସିଂହଙ୍କୁ ଦୃଢ଼ ଭାବରେ ସମର୍ଥନ କରିଥିଲେ। ନୋଏଲ୍ ଟାଟା କହିଥିଲେ ଯେ ବିଜୟ ସିଂହ ଟାଟା ଗ୍ରୁପ୍ ଇତିହାସର ସବୁଠାରୁ କଷ୍ଟକର ସମୟରେ ରତନ ଟାଟା ଏବଂ ଟ୍ରଷ୍ଟକୁ ସମର୍ଥନ କରିଥିଲେ ଏବଂ ଏପରି ସମୀକ୍ଷାର ଆବଶ୍ୟକତାର କୌଣସି କାରଣ ନାହିଁ। ସେ ଏହା ମଧ୍ୟ କହିଛନ୍ତି ଯେ ବିଜୟ ସିଂହଙ୍କୁ ଟାଟା ସନ୍ସର ଅଧ୍ୟକ୍ଷ ଏନ. ଚନ୍ଦ୍ରଶେଖରନଙ୍କର ପୂର୍ଣ୍ଣ ସମର୍ଥନ ମିଳିଛି ଏବଂ ଏହା ପ୍ରଥମ ଥର ହେବ ଯେତେବେଳେ ଜଣେ ମନୋନୀତ ନିର୍ଦ୍ଦେଶକଙ୍କୁ ସେମାନଙ୍କ କାର୍ଯ୍ୟକାଳ ଶେଷ ହେବା ପୂର୍ବରୁ ଛାଡ଼ିବାକୁ କୁହାଯିବ।

ବିଜୟ ସିଂହଙ୍କ ବ୍ୟତୀତ ସମସ୍ତ ଟ୍ରଷ୍ଟି ବୈଠକରେ ଉପସ୍ଥିତ ଥିଲେ। ମିସ୍ତ୍ରୀ ବିଜୟ ସିଂହଙ୍କୁ ତାଙ୍କ ପଦବୀର ସମୀକ୍ଷା ବିଷୟରେ ଆଲୋଚନା କରିବା ପାଇଁ ବୈଠକରେ ଯୋଗଦେବାକୁ ଅନୁରୋଧ କରିଥିଲେ। ତଥାପି, ଶ୍ରୀ ସିଂହ କହିଥିଲେ ଯେ ସେ ମନୋନୀତ ନିର୍ଦ୍ଦେଶକ ଭାବରେ ତାଙ୍କ ଭୂମିକା ସମୀକ୍ଷା କରୁଥିବା କୌଣସି ବୈଠକରେ ଯୋଗଦେବାକୁ ଚାହାଁନ୍ତିନାହିଁ। ଗତ ଅକ୍ଟୋବରରେ ରତନ ଟାଟାଙ୍କ ମୃତ୍ୟୁ ପରେ ତାଙ୍କ ସାବତ ଭାଇ ନୋଏଲ୍ ଟାଟା ଅଧ୍ୟକ୍ଷ ହେବା ପରେ ଟାଟା ଚାରିଟିଜ୍ ୨୦୨୪ ଅକ୍ଟୋବରରେ ଏକ ନୂଆ ନିୟମ ଆଣିଥିଲା। ଏହି ନିୟମ ଅନୁଯାୟୀ, ୭୫ ବର୍ଷ ବୟସ ଅତିକ୍ରମ କରିଥିବା ଟାଟା ସନ୍ସ ପାଇଁ ଟ୍ରଷ୍ଟର ମନୋନୀତ ନିର୍ଦ୍ଦେଶକମାନଙ୍କର ବାର୍ଷିକ ସମୀକ୍ଷା କରାଯିବ।

ଟ୍ରଷ୍ଟି ଡାରିଅସ୍ ଖାମ୍ବାଟା କହିଥିଲେ ଯେ ୪ ଜଣ ଟ୍ରଷ୍ଟି ,ମିସ୍ତ୍ରୀ, ପ୍ରମିତ ଝାଭେରୀ, ଜହାଙ୍ଗୀର ଏବଂ ତାଙ୍କର ବିଶ୍ୱାସ ଟାଟା ସନ୍ସ ବୋର୍ଡକୁ ଟ୍ରଷ୍ଟର ମତାମତ ଉପସ୍ଥାପନ କରିବା ପାଇଁ ଏକ ଦୃଢ଼ ସ୍ୱର ଆବଶ୍ୟକ। ସେମାନେ ଏହି ଭୂମିକା ପାଇଁ ମିସ୍ତ୍ରୀଙ୍କ ନାମ ସୁପାରିଶ କରିଥିଲେ। ଏହାଛଡା ନୋଏଲ ଟାଟା ଅନୁଭବ କରିଥିଲେ ଯେ ବିଜୟ ସିଂହଙ୍କୁ ତାଙ୍କର କାର୍ଯ୍ୟକାଳ ପୂରଣ କରିବାକୁ କିମ୍ବା ଅତି କମ୍‌ରେ ୨୦୨୬ ମାର୍ଚ୍ଚ ୩୧ ପର୍ଯ୍ୟନ୍ତ ଜାରି ରଖିବାକୁ ଅନୁମତି ଦିଆଗଲେ ଏହା ଅଧିକ ଉପଯୁକ୍ତ ହେବ। ଟ୍ରଷ୍ଟର ଉପାଧ୍ୟକ୍ଷ ଭେନୁ ଶ୍ରୀନିବାସନ ନୋଏଲ ଟାଟାଙ୍କ ସହ ସହମତ ହୋଇଥିଲେ ଏବଂ ମତ ଦେଇଥିଲେ ଯେ ଏହି ବିଷୟ ଉପରେ ବିଚାର କରିବା ପାଇଁ ଅଧିକ ସମୟ ଦିଆଯିବା ଉଚିତ ଥିଲା। ପ୍ରମିତ ଝାଭେରି କହିଛନ୍ତି ଯେ ୨୦୨୪ ଅକ୍ଟୋବରଠାରୁ ଟ୍ରଷ୍ଟ ମଧ୍ୟରେ ମତଭେଦ ରହିଛି। ଏହି ଘଟଣା ଟାଟା ଟ୍ରଷ୍ଟ ମଧ୍ୟରେ ଥିବା ଗଭୀର ବିଭାଜନକୁ ପ୍ରତିଫଳିତ କରୁଛି, ଯାହା ସରକାରଙ୍କ ଚିନ୍ତା ମଧ୍ୟ ବଢ଼ାଇଦେଇଛି। ଏଠାରେ ସୂଚନାଯୋଗ୍ୟ ଯେ, ନିକଟରେ, ଟାଟା ଗ୍ରୁପର କିଛି ବରିଷ୍ଠ ଅଧିକାରୀ ଗୃହମନ୍ତ୍ରୀ ଅମିତ ଶାହ ଏବଂ ଅର୍ଥମନ୍ତ୍ରୀ ନିର୍ମଳା ସୀତାରମଣଙ୍କୁ ଭେଟିଥିଲେ।

## ଟାଟା ସନ୍ସରେ ଏନ.ଚନ୍ଦ୍ର ଶେଖରନ୍‌ଙ୍କ 'ହ୍ୟାଟ୍ରିକ୍'



ମୁମ୍ବାଇ,୧୩।୧୦(ଏଜେନ୍ସି): ଟାଟା ସନ୍ସ ଅଧ୍ୟକ୍ଷ ଏନ.ଚନ୍ଦ୍ରଶେଖରନ ଗ୍ରୁପରେ ଏକ ଏପରି ହ୍ୟାଟ୍ରିକ ହାସଲ କରିଛନ୍ତି ଯାହା ରତନ ଟାଟାଙ୍କ ଭାଗ୍ୟରେ ମଧ୍ୟ ଜୁଟି ନ ଥିଲା। ଟାଟା ଗ୍ରୁପ ଏହାର ରିଟାୟରମେଣ୍ଟ ପଲିସିରୁ ପ୍ରଥମ ଥର ବାହାରକୁ ଯାଇ ଚନ୍ଦ୍ରଶେଖରନ୍‌ଙ୍କ ତୃତୀୟ କାର୍ଯ୍ୟକାଳକୁ ମଞ୍ଜୁରୀ ଦେଇଛି। ୨୦୨୭ ଫେବୃଆରୀରେ ଦ୍ୱିତୀୟ କାର୍ଯ୍ୟକାଳ ସମାପ୍ତ ହେବାରେ ଚନ୍ଦ୍ରଶେଖରନ ୬୫ ବର୍ଷ ବୟସରେ ପଦାର୍ପଣ କରିବେ। ଏଣୁ ସେ ପଦରୁ ହଟିପାରନ୍ତି ବୋଲି ଆକଳନ କରାଯାଉଛି, ତେବେ ସେ ୭୦ ବର୍ଷ ବୟସ ପର୍ଯ୍ୟନ୍ତ ଅଣ –କାର୍ଯ୍ୟନିର୍ବାହୀ ପଦରେ ରହିପାରିବେ। ଟ୍ରଷ୍ଟର ପ୍ରସ୍ତାବ ଟାଟା ସନ୍ସକୁ ପଠାଯାଇଥିଲା। ଏଥିରେ ୨୦୨୭ରେ ସେ ନିଶ୍ଚିତ ରୂପେ ତାଙ୍କ ତୃତୀୟ କାର୍ଯ୍ୟକାଳ ସମ୍ପ୍ରସାରଣକୁ ମଞ୍ଜୁରୀ ଦେବା ପାଇଁ ନିଷ୍ପତ୍ତି ନେବେ ବୋଲି ଆଶା କରାଯାଉଛି। ନୋଏଲ ଟାଟା ଓ ଭେନୁ ଶ୍ରୀନିବାସନ ସେପ୍ଟେମ୍ବର ୧୧ରେ ଅନୁଷ୍ଠିତ ଟାଟା ଟ୍ରଷ୍ଟ ବୈଠକରେ ଚନ୍ଦ୍ରଶେଖରନଙ୍କ ନାମ ୫ ବର୍ଷ ନିମନ୍ତେ ତୃତୀୟ କାର୍ଯ୍ୟକାଳ ପ୍ରସ୍ତାବ ରଖିଥିଲେ। ଏହି ପ୍ରସ୍ତାବକୁ ସର୍ବସମ୍ମତି କ୍ରମେ ମଞ୍ଜୁରୀ ମିଳିଛି। ନିୟମ ଅନୁସାରେ ନୂଆ କାର୍ଯ୍ୟକାଳକୁ ଏହା ସମାପ୍ତ ହେବାର ୧ ବର୍ଷ ପୂର୍ବରୁ ମଞ୍ଜୁରୀ ଦିଆଯାଇଥାଏ। ସେହି ଅନୁସାରେ ଆଗାମୀ ବର୍ଷ ଫେବୃଆରୀ ମାସରେ ଟାଟା ଟ୍ରଷ୍ଟ ଦ୍ୱାରା ନିଷ୍ପତ୍ତିକୁ ଔପଚାରିକ ରୂପ ଦିଆଯିବ।

- ୨୦୩୨ ଯାଏ ଟାଟା ସନ୍ସର ଅଧ୍ୟକ୍ଷ ରହିବେ
- ତୃତୀୟ କାର୍ଯ୍ୟକାଳକୁ ବୋର୍ଡର ମଞ୍ଜୁରୀ

# ଆଇନଜୀବୀ ପୀତବାସ ପଣ୍ଡା ହତ୍ୟା ମାମଲା

## ଘଟଣା ଦିନ ୧୦ଥର ରେକି କରିଥିଲେ ଦୁର୍ବୃତ୍ତ

ବ୍ରହ୍ମପୁର, ୧୩।୧୦(ସମିସ): ହତ୍ୟାକାଣ୍ଡ ଦିନ ଆତତାୟୀମାନେ ଅନ୍ୟୁନ ୧୦ଥର ରେକି କରିଥିଲେ। ପୀତବାସଙ୍କ ମୋବାଇଲରୁ କିଛି ନମ୍ବରକୁ ଟ୍ରାକିଂ କରି ହତ୍ୟାକାରୀଙ୍କ ନିକଟରେ ପହଞ୍ଚିବା ପାଇଁ ପୁଲିସ ପ୍ରୟାସ ଜାରି ରଖିଛି। ବର୍ତ୍ତମାନ ପୁଲିସ ୪ ଜଣ ଅପରାଧୀଙ୍କୁ ଅଟକ ରଖି ଜେରା କରୁଥିବା ବେଳେ ପୀତବାସଙ୍କ ବନ୍ଧୁ ଓ ସହଯୋଗୀଙ୍କୁ ମଧ୍ୟ ପଚରାଉଚରା କରାଯାଉଛି। ତଦନ୍ତ ବେଳେ ପୀତବାସଙ୍କ ଘର ଓ ଚାମ୍ବରରୁ ମିଳିଥିବା

- ତଦନ୍ତ ଟିମରେ ସାମିଲ ହେଲେ ନୂଆ ଅତିରିକ୍ତ ଏସ୍‌ପି ଆଲୋକ ଜେନା
- ନିଆଗଲା ଅଭିଜ୍ଞ ଓ ଦକ୍ଷ ଅଧିକାରୀଙ୍କ ସହାୟତା
- ଫୁଲବାଣୀ, ଚୌଦ୍ୱାର ଓ ପାରାଦ୍ୱୀପରେ ସ୍ୱତନ୍ତ୍ର ପୁଲିସ ଟିମର ଛାନଭିନ୍

କିଛି ତଥ୍ୟର ଲିଙ୍କ୍ ଖୋଜିବାକୁ ଯାଇ ବିଭିନ୍ନ ସ୍ଥାନରେ ଚଢ଼ଉ କରାଯାଇଛି। ଆଇନଜୀବୀ ପୀତବାସ ପଣ୍ଡା ହତ୍ୟା ଘଟଣାକୁ ନେଇ ଚାଲିଥିବା ତଦନ୍ତ ଓ ତନାଘନାର ଆଜି ସମୀକ୍ଷା କରିଛନ୍ତି ବ୍ରହ୍ମପୁର ଏସ୍‌ପି ଡା. ସର୍ବଣା ବିବେକ ଏମ। ତଦନ୍ତ ପାଇଁ ଗଠିତ ସମସ୍ତ ୬ଟି ଟିମର ସଦସ୍ୟଙ୍କୁ ନେଇ ନିଜ କାର୍ଯ୍ୟାଳୟରେ ହତ୍ୟାକାଣ୍ଡ ସମ୍ପର୍କିତ ତଦନ୍ତ ଓ ଅଗ୍ରଗତି ସମ୍ପର୍କରେ ଏସ୍‌ପି ବିସ୍ତୃତ ସମୀକ୍ଷା କରିଛନ୍ତି।

ଏଥିରେ ନୂତନ ଭାବେ ଦାୟିତ୍ୱ ଗ୍ରହଣ କରିଥିବା ବ୍ରହ୍ମପୁର ଅତିରିକ୍ତ ଏସପି ଆଲୋକ ଜେନା ଉପସ୍ଥିତ ରହିବା ସହିତ ତଦନ୍ତ ଟିମ୍‌ରେ ସାମିଲ ହୋଇଥିଲେ। ଟାଉନ୍ ଏସ୍‌ଡିପିଓ ପ୍ରିୟରଞ୍ଜନ ଛୋଟରାୟ, ସଦର ଏସ୍‌ଡିପିଓ ଶୁଭ୍ରାଂଶୁ ଶେଖର ପରିଡ଼ା, ଡିଏସ୍‌ପି ବିବେକାନନ୍ଦ ସ୍ୱାଇଁ, ଇନ୍ସପେକ୍ଟର୍ ସୁଚିତ୍ରା ପରିଡ଼ା ଓ ସୌଭାଗ୍ୟ କୁମାର ସ୍ୱାଇଁଙ୍କ ସମେତ ଟିମ୍‌ରେ ସାମିଲ ଥିବା ଏସ୍‌ଆଇ ଓ ଏଏସ୍‌ଆଇମାନେ ସମୀକ୍ଷା ବୈଠକରେ ଉପସ୍ଥିତ ଥିଲେ। କେଉଁଠାରେ ସମସ୍ୟା ରହିଛି, କାହିଁକି ସଫଳତା ମିଳୁନି। କିଏ ହତ୍ୟାକାରୀ ଓ ଘଟଣା ପଛର ରହସ୍ୟ କ'ଣ; ଏସବୁକୁ ନେଇ ପୁଲିସର ମୁଣ୍ଡବ୍ୟଥା ବଢ଼ିବାରେ ଲାଗିଛି। ବିଳମ୍ବରେ ହେଲେ ମଧ୍ୟ ବହୁ ତର୍ଜମା ପରେ ପୁଲିସ ହାତରେ ଲାଗିଛି ଗୁରୁତ୍ୱପୂର୍ଣ୍ଣ ତଥ୍ୟ।

ପୀତବାସଙ୍କ ଦୁଇଟି ମୋବାଇଲରୁ ପୁଲିସକୁ କିଛି ସାଂଘାତିକ ତଥ୍ୟ ମିଳିଥିବା ଜଣାପଡ଼ିଛି। ପେସାଦାର ଅପରାଧୀ ହିଁ ପୀତବାସଙ୍କୁ ହତ୍ୟା କରିଥିବା ତଦନ୍ତରୁ ପୁଲିସ ଜାଣିପାରିଛି। ସିସିଟିଭି ଫୁଟେଜ୍ ଆଧାରରେ ସନ୍ଦିଗ୍ଧଙ୍କ ନିକଟତର ହେବାକୁ ଜାରି ରହିଛି ପ୍ରୟାସ। ମିଳିଥିବା ତଥ୍ୟକୁ ଆଧାର କରି ଗୋଟିଏ ଟିମ୍ ଚୌଦ୍ୱାର ଯାଇଥିବା ବେଳେ ଅନ୍ୟ ଟିମ୍ ଫୁଲବାଣୀ ଓ ପାରାଦୀପ ଅଞ୍ଚଳରେ ଛାନଭିନ୍ କରୁଥିବା ସୂଚନା ମିଳିଛି। ସେହିଭଳି ଗୋଟିଏ ଟିମ୍ ରାଜ୍ୟ ବାହାରେ ତନାଘନା କରୁଥିବା ଜଣାପଡ଼ିଛି। ଆଇନଶୃଙ୍ଖଳା ଦୃଷ୍ଟିରୁ ସହରର ବିଭିନ୍ନ ପ୍ରବେଶ ଓ ପ୍ରସ୍ଥାନ ସ୍ଥଳରେ ସିସିଟିଭି କ୍ୟାମେରା ଲଗାଯିବା ସହ ଅସ୍ଥାୟୀ ଶିବିର ଖୋଲାଯାଇ ଅପରାଧୀଙ୍କ ଗତିବିଧି ଉପରେ ତୀକ୍ଷ୍ଣ ନଜର ରଖାଯାଉଛି। ବିଭିନ୍ନ ସ୍ଥାନରୁ ସଂଗୃହୀତ ସିସିଟିଭି ଫୁଟେଜ୍ ଓ ଅନ୍ୟାନ୍ୟ ତଥ୍ୟ ଆଧାରରେ ପୁଲିସ ତଦନ୍ତ ପ୍ରକ୍ରିୟାକୁ ତ୍ୱରାନ୍ୱିତ କରିଛି। ଏପରିକି ଘଟଣାରେ ରାଜ୍ୟ ତଥା ରାଜ୍ୟ ବାହାରର ସାଇବର ଏକ୍ସପର୍ଟଙ୍କ ସହାୟତା ନିଆଯାଇଥିବା ବେଳେ ଜିଲ୍ଲାରେ ପୂର୍ବରୁ କାର୍ଯ୍ୟ କରିଥିବା କିଛି ଅଭିଜ୍ଞ ଓ ଦକ୍ଷ ପୁଲିସ ଅଧିକାରୀଙ୍କ ପରାମର୍ଶ ମଧ୍ୟ ନିଆଯାଇଛି। ଯେଉଁ ଶୈଳୀରେ, ଯେଉଁ ସମୟରେ ଏବଂ ଯେଉଁଭଳି ପରିବେଶରେ ପୀତବାସଙ୍କୁ ଗୁଳି କରି ହତ୍ୟା କରାଯାଇଛି, ସେଭଳି ହତ୍ୟାକାଣ୍ଡ ପୂର୍ବରୁ ରାଜ୍ୟରେ ଅନ୍ୟ କେଉଁଠି ହୋଇଛି କି? ସେଥିରେ ଅପରାଧୀ ଧରାପଡ଼ିଛନ୍ତି କି ନାହିଁ ତାହା ଜାଣିବା ପାଇଁ ମଧ୍ୟ ସବୁ ଜିଲ୍ଲାର ପୁଲିସ ଅଧିକାରୀଙ୍କ ସହାୟତା ନିଆଯାଇଛି।

ଅପରପକ୍ଷେ, ଏହି ଘଟଣାରେ ପୁଲିସ ଆଜି ରାତିରେ ବୈକୁଣ୍ଠନଗର ଅଞ୍ଚଳର ଜଣେ ପାନ ଦୋକାନୀଙ୍କୁ ଉଠାଇ ନେଇଛି।

## ଚର୍ଚ୍ଚା ବଢ଼ାଇଲା ବିଜେପି ନେତା କାହ୍ନୁ ପତିଙ୍କ ବୟାନ

ବ୍ରହ୍ମପୁର, ୧୩।୧୦ (ସମିସ): ଆଇନଜୀବୀ ପୀତବାସ ପଣ୍ଡା ହତ୍ୟା ଘଟଣାକୁ ସପ୍ତାହେ ବିତିଛି। ଅଭିଯୁକ୍ତଙ୍କୁ ଧରିବା ଦୂରେ ଥାଉ, ସେମାନଙ୍କର କୌଣସି ସୁରାକ ମଧ୍ୟ ଏଯାଏ ପାଇପାରିନି। ଏଭଳି ସ୍ଥିତିରେ ବିଜେପିର ପୂର୍ବତନ ଜିଲ୍ଲା ସଭାପତି କାହ୍ନୁଚରଣ ପତିଙ୍କ ବିସ୍ଫୋରକ ବୟାନକୁ ନେଇ ସହରରେ ନୂଆ ଚର୍ଚ୍ଚା ଆରମ୍ଭ ହୋଇଛି।

- ୨୬ତାରିଖରୁ ଷଡ଼୍‌ଯନ୍ତ୍ର ହୋଇଥିବା ସୂଚନାର ସତ୍ୟତା କେତେ
- କାହ୍ନୁଙ୍କୁ ଜେରା କରିବ କି ପୁଲିସ

ସୋମବାର ଦଳ ପକ୍ଷରୁ ଆୟୋଜିତ ଏକ ଶୋକସଭାରେ କାହ୍ନୁ ଗଣମାଧ୍ୟମକୁ କହିଥିଲେ, ପୀତବାସଙ୍କୁ ଯୋଜନାବଦ୍ଧ ଭାବେ ହତ୍ୟା କରାଯାଇଛି। ହତ୍ୟାକାରୀଙ୍କୁ ପୁଲିସ ଧରିସାରିଛି। ପ୍ରମାଣ ଯୋଗାଡ଼ କରୁଥିବାରୁ ପୁଲିସକୁ ବିଳମ୍ବ ହେଉଛି। ହତ୍ୟା ପଛରେ ବ୍ୟାପକ ଅର୍ଥ କାରବାର ହୋଇଛି। ଗତ ମାସ ୨୬ତାରିଖରୁ ହତ୍ୟା ପାଇଁ ଯୋଜନା ପ୍ରସ୍ତୁତ ହୋଇ ୬ତାରିଖ ପର୍ଯ୍ୟନ୍ତ ପୀତବାସଙ୍କ ପିଛା କରୁଥିଲେ ଆତତାୟୀ। ସବୁ କିଛି ସିସିଟିଭିରେ କଏଦ୍ ହୋଇଛି। ହତ୍ୟାକାଣ୍ଡରେ ବ୍ୟବହୃତ ବନ୍ଧୁକ ଆନ୍ଧ୍ରରୁ ଅଣାଯାଇଛି। କିଛି ଗୁରୁତ୍ୱପୂର୍ଣ୍ଣ କାଗଜପତ୍ରକୁ ଅପରାଧୀମାନେ ପୀତବାସଙ୍କଠାରୁ ଛଡ଼ାଇ ନେଇଛନ୍ତି। ପୁରୁଣା ଏକ ହତ୍ୟାକାଣ୍ଡର କିଛି ଅପରାଧୀ ଖୋଲାରେ ବୁଲୁଥିବା ବେଳେ ସେମାନଙ୍କୁ ପଦାରେ ପକାଇବା ପାଇଁ ପୀତବାସ ଚେଷ୍ଟା କରୁଥିଲେ ଏବଂ ସେଥିପାଇଁ ତାଙ୍କୁ ହତ୍ୟା କରାଯାଇଛି ବୋଲି କାହ୍ନୁ କହିଥିଲେ। କାହ୍ନୁଙ୍କ ଏହି ବୟାନକୁ ନେଇ ହଇଚଇ ସୃଷ୍ଟି ହୋଇଛି।

ସେପଟେ, ପୀତବାସଙ୍କ ହତ୍ୟା ସମ୍ପର୍କିତ ଏତେସବୁ ତଥ୍ୟ ଯଦି କାହ୍ନୁଙ୍କ ନିକଟରେ ରହିଛି, ସେ ପୁଲିସକୁ ଦେଇ ତଦନ୍ତରେ କାହିଁକି ସହଯୋଗ କରୁନାହାନ୍ତି ବୋଲି ବୁଦ୍ଧିଜୀବୀମହଲ ପ୍ରଶ୍ନ କରିଛନ୍ତି। ନିଜ ଦଳର ଜଣେ ସକ୍ରିୟ ନେତାଙ୍କ ହତ୍ୟା ପଛରେ କାହାରି ହାତ ରହିଛି, ସେନେଇ ସେ ରହସ୍ୟ ଉନ୍ମୋଚନ କରିବା ଜରୁରୀ। ତେବେ ଯଦି ଏହା କାହ୍ନୁଙ୍କ ମନଗଢ଼ା କାହାଣୀ, ତେବେ ଏ ସମୟରେ ଏଭଳି ଗପିବା ଆଦୌ ଶ୍ରେୟସ୍କର ନୁହେଁ ବୋଲି ସେମାନେ କହିଛନ୍ତି।

ପୀତବାସ ହତ୍ୟା ଘଟଣାରେ ଅଭିଯୁକ୍ତଙ୍କୁ ଗିରଫ କରିବା ଯେତିକି ଗୁରୁତ୍ୱପୂର୍ଣ୍ଣ, ହତ୍ୟାକାଣ୍ଡର ପ୍ରକୃତ ରହସ୍ୟ ଉନ୍ମୋଚନ କରିବା ମଧ୍ୟ ପୁଲିସ ପାଇଁ ସେତିକି ବଡ଼ ଚାଲେଞ୍ଜ। ସବୁ ଦିଗକୁ ନେଇ ପୁଲିସ ତଦନ୍ତ ଜାରି ରଖିଥିବା ବେଳେ କାହ୍ନୁଙ୍କ ଏଭଳି ବୟାନ ପୁଲିସକୁ ଦୋଛକିରେ ପକାଇ ଦିଗହରା କରିବା ଭଳି ମନେ ହେଉଛି। ଏକ ଚର୍ଚ୍ଚିତ ତଥା ସମ୍ବେଦନଶୀଳ ଘଟଣାର ତଦନ୍ତଭାର ବର୍ତ୍ତମାନ କ୍ରାଇମବ୍ରାଞ୍ଚକୁ ନ୍ୟସ୍ତ କରାଯାଉ ବୋଲି ଦାବି କରିଛନ୍ତି ଯୁବ ଆଇନଜୀବୀ ସୂର୍ଯ୍ୟ ନାରାୟଣ ଚୌଧୁରୀ।

ବ୍ରହ୍ମପୁର ଏସ୍‌ପି ଡା. ସର୍ବଣା ବିବେକ ଏମ କହିଛନ୍ତି, ସାମାଜିକ ଗଣମାଧ୍ୟମରେ ଯଦି କୌଣସି ବ୍ୟକ୍ତି କିଛି ପ୍ରତିକ୍ରିୟା ରଖୁଛନ୍ତି, ତେବେ ତାହା ସେମାନଙ୍କର ବ୍ୟକ୍ତିଗତ ମତ। ତାକୁ ନେଇ ପୁଲିସର କିଛି କହିବାର ନାହିଁ। ଅଭିଯୁକ୍ତଙ୍କୁ ପୁଲିସ ଧରିଥିବା ନେଇ ଯେଉଁ ଖବର ଲୋକଲୋଚନକୁ ଆସିଛି, ତାହା ସମ୍ପୂର୍ଣ୍ଣ ମିଥ୍ୟା ବୋଲି ସେ ସ୍ପଷ୍ଟ କରିଛନ୍ତି। ସବୁ ଗୁରୁତ୍ୱପୂର୍ଣ୍ଣ ଦିଗକୁ ନେଇ ପୁଲିସର ତଦନ୍ତ ଜାରି ରହିଥିବା ସେ ଦୋହରାଇଛନ୍ତି।

## ମୁଖ୍ୟମନ୍ତ୍ରୀଙ୍କୁ ନ୍ୟାୟ ମାଗିଲେ ପୀତବାସଙ୍କ ପତ୍ନୀ



ବ୍ରହ୍ମପୁର, ୧୩।୧୦(ସମିସ): ମୋ ସ୍ୱାମୀ ବହୁତ ଭଲ ଲୋକ ଥିଲେ। ସେ ମୋତେ କେବେ ଦୁଃଖ ଦେଇ ନାହାନ୍ତି। ସେ ସବୁବେଳେ ଅନ୍ୟକୁ ସାହାଯ୍ୟର ହାତ ବଢ଼ାନ୍ତି। ଏହା ବ୍ରହ୍ମପୁର ସହରବାସୀ ଜାଣିଛନ୍ତି। ମୁଖ୍ୟମନ୍ତ୍ରୀ ମୋତେ ନ୍ୟାୟ ଦିଅନ୍ତୁ। ତାଙ୍କ ମୃତ୍ୟୁ ପରେ ମୁଁ ଯେମିତି କଷ୍ଟ ଭୋଗୁଛି, ଅପରାଧୀମାନଙ୍କୁ ସେମିତି ଦଣ୍ଡ ମିଳୁ। ନହେଲେ ଫାଶୀ ଦିଆଯାଉ ବୋଲି କାନ୍ଦିକାନ୍ଦି ମୁଖ୍ୟମନ୍ତ୍ରୀଙ୍କୁ ନିବେଦନ କରିଛନ୍ତି ସ୍ୱର୍ଗତ ପୀତବାସଙ୍କ ଧର୍ମପତ୍ନୀ ସୁସ୍ମିତା ପଣ୍ଡା। ଅନ୍ୟପକ୍ଷରେ, ପୀତବାସଙ୍କ ସାନଭାଇ ପୂର୍ଣ୍ଣଚନ୍ଦ୍ର ପଣ୍ଡା କହିଛନ୍ତି, ମୋ ଭାଇ ଯୋଜନାବଦ୍ଧ ଭାବେ ହତ୍ୟା କରାଯାଇଛି। ବ୍ରହ୍ମପୁର ଏସ୍‌ପି ନିଜେ ଏହି ଘଟଣାର ତଦାରଖ କରୁଛନ୍ତି। ମୋର ବିଶ୍ୱାସ ଅଛି, ପୁଲିସ ଉକ୍ତ ଘଟଣାର ପୁଙ୍ଖାନୁପୁଙ୍ଖ ଭାବେ ତଦନ୍ତ କରି ମୋ ଭାଇର ହତ୍ୟାକାରୀ ଓ ଷଡ଼ଯନ୍ତ୍ରକାରୀଙ୍କୁ ଗିରଫ କରିବା ସହ ଉଚିତ ଦଣ୍ଡ ଦେବ। ମୋର ଆଇନ ଉପରେ ଭରସା ଅଛି ଏବଂ ଆମ ପରିବାରକୁ ନିଶ୍ଚୟ ନ୍ୟାୟ ମିଳିବ।

**ଆଇନ ଉପରେ ମୋର ଭରସା ଅଛି: ସାନ ଭାଇ**



## ■ ସହିଦ ସପ୍ତାହରେ ରେଳଧାରଣାରେ ମାଓବାଦୀଙ୍କ ବିସ୍ଫୋରଣ

## ତଦନ୍ତ ଆରମ୍ଭ କଲା ଏନ୍‌ଆଇଏ

ରାଉରକେଲା, ୧୩।୧୦(ସମିସ): ଓଡ଼ିଶା-ଝାଡ଼ଖଣ୍ଡ ସୀମାନ୍ତ କେ.ବଲାଙ୍ଗ ଥାନା ଅଧୀନ କରମପଦା ନିକଟରେ ଲ୍ୟାଣ୍ଡମାଇନ୍ ବିସ୍ଫୋରଣ କରି ମାଓବାଦୀମାନେ ରେଳଧାରଣା ଉଡ଼ାଇଦେବା ଘଟଣାର ତଦନ୍ତଭାର ଜାତୀୟ ତଦନ୍ତକାରୀ ସଂସ୍ଥା (ଏନଆଇଏ) କୁ ଦିଆଯାଇଛି। ମାଓବାଦୀ ସଂଗଠନ ପକ୍ଷରୁ ପାଳନ ହେଉଥିବା ସହିଦ ସପ୍ତାହର ଅନ୍ତିମ ଦିନରେ ଏହି ବିସ୍ଫୋରଣ କରାଯାଇଥିଲା। ଘଟଣାରେ ଗିରଫ ହୋଇଥିବା ଅଭିଯୁକ୍ତଙ୍କୁ ରିମାଣ୍ଡରେ ନେଇ ଭୁବନେଶ୍ୱରରେ ପଚରାଉଚରା କରୁଥିବା ସୂଚନା ମିଳିଛି।

ଗତ ଜୁଲାଇ ୨୮ରୁ ଅଗଷ୍ଟ ୩ ତାରିଖ ପର୍ଯ୍ୟନ୍ତ ଛୋଟନାଗପୁର ଡିଭିଜନାଲ କମିଟିର ପୂର୍ବ ରିଜିଓନାଲ ବ୍ୟୁରୋ ପକ୍ଷରୁ ମାଓବାଦୀଙ୍କ ଦ୍ୱାରା ସହିଦ ସପ୍ତାହ ପାଳନ କରାଯାଉଥିଲା। ଏନେଇ ସରଣ୍ଡା ଜଙ୍ଗଲର ବିଭିନ୍ନ ସ୍ଥାନରେ ମାଓ ପୋଷ୍ଟର୍ ଦେଖିବାକୁ ମିଳିଥିଲା। କିନ୍ତୁ, ଅଗଷ୍ଟ ୨ରେ ଓଡ଼ିଶା-ଝାଡ଼ଖଣ୍ଡ ସୀମାନ୍ତରେ ମାଓବାଦୀମାନେ ଆଇଇଡି ବିସ୍ଫୋରଣ କରି ଏକ ବଡ଼ଧରଣର ମାଓହିଂସା ଘଟାଇଥିଲେ। ମାଓବାଦୀମାନେ ବିମଳାଗଡ଼-କିରିବୁରୁ ସେକ୍ସନ୍‌ର ରାଙ୍ଗଡ଼ା ରେଳଷ୍ଟେସନ୍‌ରୁ ୩କିମି ଦୂରରେ ରେଳଧାରଣାର ଏକ ଖୁଣ୍ଟ ନିକଟରେ ଶକ୍ତିଶାଳୀ ପ୍ରେସର ଆଇଇଡି ଖଞ୍ଜିଥିଲେ। ରାତି ପ୍ରାୟ ସାଢ଼େ ୧୧ଟାରେ ଏହି ଲ୍ୟାଣ୍ଡମାଇନ୍ ଉପରେ ବୁଦ୍ଧୁରାମ ମୁଣ୍ଡା ନାମକ ଜଣେ



ଯୁବକଙ୍କ ଗୋଡ଼ ପଡ଼ିଯିବାରୁ ବିସ୍ଫୋରଣ ହୋଇଥିଲା। ବିସ୍ଫୋରଣରେ ଗୁରୁତର ଆହତ ବୁଦ୍ଧୁରାମଙ୍କୁ ରାଉରକେଲାର ଏକ ଘରୋଇ ହସ୍ପିଟାଲରେ ଭର୍ତ୍ତି କରାଯାଇଥିଲା। ପୁନର୍ବାର ଅଗଷ୍ଟ ୩ତାରିଖ ସକାଳ ପ୍ରାୟ ୯ଟାରେ ସେହି ଟ୍ରାକ୍‌ର ଅନ୍ୟ ଏକ ଖୁଣ୍ଟ ନିକଟରେ ଆଉ ଏକ ଲ୍ୟାଣ୍ଡମାଇନ୍ ବିସ୍ଫୋରଣ ହୋଇଥିଲା। ଏଥିରେ ଜଣେ ଗ୍ୟାଙ୍ଗମ୍ୟାନ୍ ଏତୁଆ ଓରାମଙ୍କ ମୃତ୍ୟୁ ଘଟିଥିଲା। ଆଜି ଉକ୍ତ ବିସ୍ଫୋରଣ ଘଟଣାଗୁଡ଼ିକର ତଦନ୍ତ ଭାର ଏନଆଇଏ ନିଜ ହାତକୁ ନେଇଥିବା ଜଣାଯାଇଛି।

## ସାଇବର୍ ଅପରାଧୀ ଦୁଇ ଭାଇଙ୍କୁ ରାଜସ୍ଥାନରୁ ଧରିଲା ପୁଲିସ

ଅନୁଗୋଳ, ୧୩।୧୦ (ସମିସ): ପ୍ରସାଧାନ ସାମଗ୍ରୀର ଡିଷ୍ଟ୍ରିବ୍ୟୁଟର୍ କରାଇଦେବାକୁ କହି ତାଳଚେରର ଜଣେ ମହିଳାଙ୍କୁ ଅଢ଼େଇ ଲକ୍ଷ ଚୂନ ମାରିଥିବା ଦୁଇ ସାଇବର୍ ଅପରାଧୀଙ୍କୁ ଅନୁଗୋଳ ପୁଲିସ ରାଜସ୍ଥାନରୁ ଧରିଛି। ସେମାନେ ହେଲେ, ରାଜସ୍ଥାନ ଅଲୱାର ଜିଲ୍ଲା ଆରାବଳୀ ଥାନା ଶାନ୍ତିକୁଞ୍ଜ ଅଞ୍ଚଳର ଦୀପକ କୁମାରଙ୍କ ପୁଅ ଢଂସ କୁମାର (୨୨) ଏବଂ ଗୌରଭ କୁମାର (୨୧)। ସଂପର୍କରେ ସେମାନେ ଦୁଇ ଭାଇ। ଦୁହେଁ ନକଲି ୱେବସାଇଟ୍ ତିଆରି କରି ଲୋକଙ୍କଠାରୁ ଟଙ୍କା ଲୁଟ୍ କରୁଥିଲେ। ପୁଲିସ ସେମାନଙ୍କଠାରୁ ଲାପଟପ୍, ଦୁଇଟି ମୋବାଇଲ, ଏଟିଏମ କାର୍ଡ, ଏବଂ ୨୦ ହଜାର ଟଙ୍କା ଜବତ କରିଛି। ସୋମବାର ଏକ ସାମ୍ବାଦିକ ସମ୍ମିଳନୀରେ ଅନୁଗୋଳ ଏସ୍‌ପି ଜୈନ ଏହି ସୂଚନା ଦେଇଛନ୍ତି।

ସୂଚନାନୁଯାୟୀ, ତାଳଚେର ଏଫସିଆଇ ଅଞ୍ଚଳର ଜଣେ ମହିଳା ବିଜିନେସ ଡଟ୍ କମ୍ ୱେବ୍‌ସାଇଟ୍ ଜରିଆରେ ସୁଲଭ ମୂଲ୍ୟରେ ବିୟୁଟି ପାର୍ଲର ପ୍ରସାଧନ ସାମଗ୍ରୀ ମଗାଇଥିଲେ। ଶୀଘ୍ର ଏବଂ ଅଧିକ ଲାଭବାନ ହେବାକୁ ଏହି ପ୍ରସାଧନ ସାମଗ୍ରୀର ଡିଷ୍ଟ୍ରିବ୍ୟୁଟର୍ ହେବା ପାଇଁ ପର୍ଯ୍ୟାୟକ୍ରମେ ସେ ପ୍ରାୟ ଅଢ଼େଇ ଲକ୍ଷ ଟଙ୍କା ଦେଇଥିଲେ। ତେବେ ଦୀର୍ଘଦିନ ପର୍ଯ୍ୟନ୍ତ ଡିଷ୍ଟ୍ରିବ୍ୟୁଟରସିପ୍ ନ ମିଳିବାରୁ ସେ ଠକେଇର ଶିକାର ହୋଇଥିବା ଜାଣିବାକୁ ପାଇଥିଲେ। ଏ ସଂପର୍କରେ ଗତ ଜୁନ ମାସରେ ବିକ୍ରମପୁର ଥାନାରେ ସେ ଅଭିଯୋଗ



କରିଥିଲେ। ଅନୁଗୋଳ ଏସ୍‌ପି ରାହୁଲ ଜୈନଙ୍କ ତତ୍ତ୍ୱାବଧାନରେ ଅନୁଗୋଳ ପୁଲିସ ରାଜସ୍ଥାନ ଅଲୱାର ଜିଲ୍ଲାରେ ଏହି ସାଇବର ଅପରାଧର ଚେର ପାଇଥିଲା। ବିକ୍ରମପୁର ଥାନା ଏସ୍‌ଆଇ ସ୍ମୃତିରଞ୍ଜନ ନାୟକଙ୍କ ନେତୃତ୍ୱରେ ଏକ ଟିମ ରାଜସ୍ଥାନରେ ପହଞ୍ଚି ସାଇବର ଅପରାଧୀ ଦୁଇ ଭାଇଙ୍କୁ ଗିରଫ କରିବାରେ ସଫଳ ହୋଇଛି।

## ଏମ୍‌କେସିଜି ରକ୍ତଭଣ୍ଡାରରୁ ୩ ଦଲାଲ କାବୁ

ବ୍ରହ୍ମପୁର, ୧୩।୧୦(ସମିସ): ଏମ୍‌କେସିଜି ମେଡିକାଲ କଲେଜ ଓ ହସ୍‌ପିଟାଲର ରକ୍ତଭଣ୍ଡାରରୁ ୩ ଜଣ ଦଲାଲଙ୍କୁ ଫାଣ୍ଡି ପୁଲିସ କାବୁ କରିଛି। ଏହି ଦଲାଲମାନେ ରକ୍ତ ୟୁନିଟ୍ ପିଛା ରୋଗୀ ସମ୍ପର୍କୀୟଙ୍କଠାରୁ ୧ ହଜାର ଟଙ୍କା ଲେଖାଏଁ ଆଦାୟ କରୁଥିଲେ ବୋଲି ଅଭିଯୋଗ ହୋଇଛି। ସେମାନଙ୍କୁ ବୈଦ୍ୟନାଥପୁର ଥାନାରେ ଅଟକ ରଖି ପଚରାଉଚରା କରାଯାଉଛି।

ସୂଚନାନୁସାରେ, ଏମ୍‌କେସିଜିରେ ଚିକିତ୍ସିତ ହେଉଥିବା ଜଣେ ରୋଗୀଙ୍କ ସମ୍ପର୍କୀୟଙ୍କୁ ରକ୍ତ ଆବଶ୍ୟକତା ଡାକ୍ତରମାନେ କହିଥିଲେ। ସେହି କ୍ରମରେ ରୋଗୀଙ୍କ ସମ୍ପର୍କୀୟ ରକ୍ତ ଭଣ୍ଡାରକୁ ଯାଇଥିଲେ। ହେଲେ ରକ୍ତଦାତା ଆଣିଲେ ହିଁ ରୋଗୀଙ୍କ ପାଇଁ ରକ୍ତ ଦିଆଯିବ ବୋଲି ରକ୍ତଭଣ୍ଡାର ପକ୍ଷରୁ କୁହାଯାଇଥିଲା। ଏହାପରେ ସମ୍ପର୍କୀୟମାନେ ଆଖାପାଖରେ ଉପସ୍ଥିତ ଥିବା କିଛି ଯୁବକଙ୍କୁ ରକ୍ତ ଯୋଗାଡ଼ କରିଦେବାକୁ ଅନୁରୋଧ କରିଥିଲେ। ହେଲେ ସେହି ଯୁବକ ତଥା ଦଲାଲମାନେ ୧ ହଜାର ଟଙ୍କା ଦେଲେ ରକ୍ତ ଯୋଗାଡ଼ କରିଦେବୁ ବୋଲି କହିଥିଲେ। ରକ୍ତଭଣ୍ଡାରରେ ଦଲାଲି କରାଯାଉଥିବା ଜାଣିବା ପରେ ସମ୍ପର୍କୀୟମାନେ ଏମ୍‌କେସିଜି ଫାଣ୍ଡି ପୁଲିସକୁ ଜଣାଇଥିଲେ। ପୁଲିସ ପହଞ୍ଚି ୩ଜଣ ଦଲାଲଙ୍କୁ କାବୁ କରିଥିଲା। ପୂର୍ବରୁ ମଧ୍ୟ ରକ୍ତଭଣ୍ଡାରରେ ଦଲାଲି କରୁଥିବା ଏକାଧିକ ବ୍ୟକ୍ତିଙ୍କୁ ପୁଲିସ କାବୁ କରି ସାରିଛି। ଏମ୍‌କେସିଜି ରକ୍ତଭଣ୍ଡାରେ ଦଲାଲମାନେ ସକ୍ରିୟ ରହୁଥିବା ବେଳେ ରକ୍ତଭଣ୍ଡାର କର୍ତ୍ତୃପକ୍ଷ କୌଣସି ପଦକ୍ଷେପ ନେଉନଥିବା ଅଭିଯୋଗ ହେଉଛି।

■ ଏମିତି ବି ଆସେ ମୃତ୍ୟୁ!

## ଚଳନ୍ତା କାର୍‌ରେ ଚାଳକଙ୍କୁ ହୃଦ୍‌ଘାତ

କୁଚିଣ୍ଡା, ୧୩।୧୦(ସମିସ): ଏମିତି ବି ଆସେ ମୃତ୍ୟୁ। କାର୍ ଚଳାଇବା ବେଳେ ହୃଦ୍‌ଘାତରେ ଚାଳକଙ୍କ ମୃତ୍ୟୁ। ସମ୍ବଲପୁର ଜିଲ୍ଲା କୁଚିଣ୍ଡା ଅଞ୍ଚଳରେ ଆଜି ଏଭଳି ଏକ ଅଘଟଣ ଘଟିଛି। ମୃତକ ହେଲେ, କତରବଗା ଗ୍ରାମର ଶ୍ରୀକାନ୍ତ ନାଗ(୪୦)। କୁନ୍ତୁରା ରଷିକୂଳ ଆଶ୍ରମରେ ପଢୁଥିବା ଜଣେ ଛାତ୍ରୀଙ୍କୁ ଆଣିବା ପାଇଁ ଆଜି ଅପରାହ୍ଣରେ ଛାତ୍ରୀଙ୍କ ମା' ସହ ଶ୍ରୀକାନ୍ତ ଏକ କାର୍ ଯୋଗେ ଯାଉଥିଲେ। ଛାତ୍ରୀଙ୍କୁ ନେଇ ସେମାନେ କତରବଗାକୁ ଫେରୁଥିବା ବେଳେ ଜନସ୍ୱାସ୍ଥ୍ୟ ବିଭାଗ କାର୍ଯ୍ୟାଳୟ ସମ୍ମୁଖରେ ଶ୍ରୀକାନ୍ତଙ୍କ ଛାତିରେ ପ୍ରବଳ ଯନ୍ତ୍ରଣା ହୋଇଥିଲା। ଚାହୁଁଚାହୁଁ ସେ କାର୍‌ର ଷ୍ଟିୟରିଂ ଉପରେ ଟଳି ପଡ଼ିଥିଲେ। ସୌଭାଗ୍ୟକୁ କାର୍‌ଟିର ଗତି ଧୀର ହେବା ସହ ଏକ କାନ୍ଥରେ ପିଟି ଅଟକି ଯାଇଥିଲା। ଏହା ଦେଖି ପାଖରେ ଥିବା ଅବସରପ୍ରାପ୍ତ ଖେଳ ଶିକ୍ଷକ କୈଳାଶ ଚନ୍ଦ୍ର ନାୟକ କାର୍‌କୁ ଚଳାଇ କୁଚିଣ୍ଡା ଡାକ୍ତରଖାନାକୁ ନେଇ ଯାଇଥିଲେ। କିନ୍ତୁ ସେତେବେଳକୁ କାର୍ ଚାଳକ ଶ୍ରୀକାନ୍ତଙ୍କ ମୃତ୍ୟୁ ଘଟି ସାରିଥିଲା। ଖବର ପାଇ କୁଚିଣ୍ଡା ପୁଲିସ ଶବକୁ ବ୍ୟବଚ୍ଛେଦ କରାଇ ପରିବାରଲୋକଙ୍କୁ ହସ୍ତାନ୍ତର କରିଥିଲା। ଏନେଇ କୁଚିଣ୍ଡା ପୁଲିସ ଏକ ଅପମୃତ୍ୟୁ ମାମଲା ରୁଜୁ କରି ତଦନ୍ତ ଚଳାଇଛି।



## ଅଫିସ୍ କାମ ବେଳେ ଚେୟାର୍‌ରୁ ଟଳି ପଡ଼ିଲେ

ଭଞ୍ଜନଗର, ୧୩।୧୦(ସମିସ): ଭଞ୍ଜନଗର ନିୟନ୍ତ୍ରିତ ବଜାର କମିଟି କାର୍ଯ୍ୟାଳୟର ଆକାଉଣ୍ଟାଣ୍ଟ ନୀଳକଣ୍ଠ ସ୍ୱାଇଁ(୫୨)ଙ୍କ ସୋମବାର ହୃଦ୍‌ଘାତରେ ପରଲୋକ ଘଟିଛି। କବିସୂର୍ଯ୍ୟନଗର ଥାନା ଅନ୍ତର୍ଗତ ସାରଦାବର୍ତ୍ତନୂଆଁଗାଁ ଗ୍ରାମର ନୀଳକଣ୍ଠ ଭଞ୍ଜନଗର ନିୟନ୍ତ୍ରିତ ବଜାର କମିଟି କାର୍ଯ୍ୟାଳୟରେ ୧୯୯୬ରୁ ଚାକିରି କରୁଥିଲେ। ବିଗତ କିଛି ମାସ ହେବ ସେ ଆକାଉଣ୍ଟାଣ୍ଟ ଦାୟିତ୍ୱରେ ଥିଲେ। ଆଜି ଅପରାହ୍ନରେ କାର୍ଯ୍ୟାଳୟରେ ଥିବା ସମୟରେ ଆସନ୍ତାକାଲିର କାର୍ଯ୍ୟକ୍ରମ ଉପରେ ଗ୍ରୁପରେ ମେସେଜ ପକାଇଥିଲେ। ପରେ ସେ ବାଥ୍‌ରୁମ୍ ଯାଇ ସେଠି ପଡ଼ି ଯାଇଥିଲେ। ଏହାପରେ ସେ ନିଜେ ବାଥ୍ ରୁମରୁ ଉଠି ଆସି ନିଜ ଚେୟାରରେ ବସି କାମ କରୁଥିଲେ। ଏହି ସମୟରେ ସେ ଚେୟାରରୁ ପୁଣି ତଳେ ପଡ଼ିଯାଇଥିଲେ। ଦୁଇଥର ହୃଦ୍‌ଘାତ ପରେ ସେ ମୃତ୍ୟୁବରଣ କରିଥିବା କର୍ମଚାରୀମାନେ ଆଶଙ୍କା କରୁଛନ୍ତି। ମଙ୍ଗଳବାର ମୃତଦେହ ବ୍ୟବଚ୍ଛେଦ ହେବା ପରେ ମୃତ୍ୟୁର ସଠିକ୍ କାରଣ ଜଣାପଡ଼ିବ ବୋଲି କୁହାଯାଇଛି। ଖବର ପାଇ ଭଞ୍ଜନଗର ଉପଜିଲ୍ଲାପାଳ ତଥା ନିୟନ୍ତ୍ରିତ ବଜାର କମିଟି ଅଧ୍ୟକ୍ଷ ଉମାଶଙ୍କର ବେହେରା, ପୂର୍ବତନ ଏନଏସି ଅଧ୍ୟକ୍ଷା ସୁନିତା ଦଳବେହେରା ପ୍ରମୁଖ ଭଞ୍ଜନଗର ମେଡ଼ିକାଲରେ ପହଞ୍ଚି ତାଙ୍କର ଶେଷ ଦର୍ଶନ କରିଛନ୍ତି।

## ସାର ସଙ୍କଟ: ବିଳମ୍ବରେ ସରକାରଙ୍କ ଚେତା ପଶିଲା

ଭୁବନେଶ୍ୱର, ୧୩।୧୦(ସମିସ): ଚଳିତ ଖରିଫ୍ ଋତୁରେ ରାଜ୍ୟବ୍ୟାପୀ ବିହନ ଏବଂ ସାର ଯୋଗାଣକୁ ନେଇ ବେଶ୍ ହନ୍ତସନ୍ତ ହୋଇଛନ୍ତି ଚାଷୀ। ବିଶେଷକରି ସାରକୁ ନେଇ ରାଜ୍ୟବ୍ୟାପୀ ଚାଷୀ ବେଶ୍ ହନ୍ତସନ୍ତ

- ରବି ଋତୁରେ ତ୍ରୁଟିଶୂନ୍ୟ ସାର ଯୋଗାଣ ଉପରେ ଗୁରୁତ୍ୱ
- ଖୁବଶୀଘ୍ର ପ୍ରକାଶ ପାଇବ ସଂଶୋଧିତ ମାର୍ଗଦର୍ଶିକା
- ୟୁରିଆ ଯୋଗାଣ ଦାୟିତ୍ୱ ବହନ କରିବ ମାର୍କଫେଡ୍
- ରବି ବିହନ ଯୋଗାଣ ପାଇଁ ହେବ ଉଚ୍ଚସ୍ତରୀୟ ବୈଠକ

ହୋଇଥିବା ବେଳେ ଏବେ ମଧ୍ୟ କେତେକ ସ୍ଥାନରେ ଆବଶ୍ୟକୀୟ ସାର ମିଳି ପାରିନାହିଁ। ସାର ନ ପାଇ ସରକାରୀ ସଂସ୍ଥା ଆଗରେ ରାତି ରାତି ଅନିଦ୍ରା ହୋଇ ଚାଷୀ ବସିବସି ନିରାଶ ହୋଇଛି। ବାଧ୍ୟହୋଇ ଚଢ଼ାଦରରେ ଖୋଲା ବଜାରରୁ ସାର କିଣିବାକୁ ଚାଷୀ ବାଧ୍ୟ ହୋଇଛନ୍ତି। ତେଣୁ ରବି ଋତୁରେ ଚାଷୀଙ୍କୁ ସାର ଯୋଗାଣ ତ୍ୱରାନ୍ୱିତ କରିବା ପାଇଁ ଏନେଇ ନିକଟରେ କୃଷି ବିଭାଗର ସ୍ୱତନ୍ତ୍ର ସଚିବ ଏବଂ ଉଦ୍ୟାନ କୃଷି ନିର୍ଦ୍ଦେଶକଙ୍କ ଅଧ୍ୟକ୍ଷତାରେ ଏକ ଉଚ୍ଚସ୍ତରୀୟ ବୈଠକ ଅନୁଷ୍ଠିତ ହୋଇଛି। ବୈଠକରେ ରାଜ୍ୟରେ ଆସନ୍ତା ରବି ଋତୁ ୨୦୨୫-୨୬ ପାଇଁ ବିହନ ଯୋଗାଣ ଉପରେ ବ୍ୟାପକ ଚର୍ଚ୍ଚା ଆଲୋଚନା ହୋଇଛି। ଖରିଫ ଋତୁରେ ଚାଷୀମାନେ ସଠିକ୍ ସମୟରେ ଉନ୍ନତମାନର ବିହନ ପାଇ ନ ଥିବା ଅଭିଯୋଗ ହୋଇଥିଲା। ଏପରିକି ଚାଷୀଙ୍କୁ ଯେଉଁ ବିହନ ଯୋଗାଇ ଦିଆଯାଇଥିଲା, ତାହା ଗୁଣବତ୍ତା ଦୃଷ୍ଟିରୁ ଉନ୍ନତ ନଥିବା କୁହାଯାଇଥିଲା। ତେଣୁ ଆସନ୍ତା ରବି ଋତୁ ପାଇଁ ସଠିକ୍ ବିହନ ଯୋଗାଣ ପାଇଁ ରାଜ୍ୟ କୃଷି ଏବଂ ଖାଦ୍ୟ ଉତ୍ପାଦନ ନିର୍ଦ୍ଦେଶାଳୟ ପକ୍ଷରୁ ଏକ ବୈଠକ ଡକାଯିବ। ବୈଠକରେ ରବି ଋତୁ ପାଇଁ ଧାନ ଓ ଅଣଧାନ ବିହନ ଯୋଗାଣ ସମ୍ପର୍କରେ ବିଶେଷ ଆଲୋଚନା କରାଯିବ। ରବି ଋତୁ ପାଇଁ ଧାନ ବ୍ୟତୀତ ପରିବା, କପା ପାଇଁ କେତେ ମାତ୍ରାରେ ସାର ଆବଶ୍ୟକ ହେବ, ସେନେଇ ଓୟୁଏଟି ବିସ୍ତୃତ ରିପୋର୍ଟ ପ୍ରଦାନ କରିବ। ଏହି ରିପୋର୍ଟ ଆଧାରରେ ରାଜ୍ୟରେ ସାରର ଆବଶ୍ୟକତା ନେଇ ଏକ ଆକଳନ ପ୍ରସ୍ତୁତ କରାଯିବା ସହ ତଦନୁଯାୟୀ ସାର ମହଜୁଦ୍ ଏବଂ ପରବର୍ତ୍ତୀ ଅବସ୍ଥାରେ ଯୋଗାଣ କରାଯିବ। ଜିଲ୍ଲାସ୍ତରରେ ଜିଲ୍ଲାପାଳମାନେ ସାର ଯୋଗାଣକୁ ପ୍ରତ୍ୟେକ୍ଷ ଭାବେ ନିରୀକ୍ଷଣ କରିବାକୁ ଥିବାବେଳେ ରାଜ୍ୟବ୍ୟାପୀ ୟୁରିଆ ଯୋଗାଣ ପାଇଁ ମାର୍କଫେଡକୁ ସମସ୍ତ କ୍ଷମତା ପ୍ରଦାନ କରାଯାଇଛି। ପାକ୍ସ ଓ ଲାମ୍ପସ ଦ୍ୱାରା ଚାଷୀଙ୍କ ନିକଟରେ ଯେପରି ସାର ସଠିକ୍ ସମୟରେ ପହଞ୍ଚିବ, ସେ ନେଇ ମାର୍କେଫେଡ ଆବଶ୍ୟକୀୟ ପଦକ୍ଷେପ ନେବ। ଆସନ୍ତା ରବି ଋତୁରେ ସାର ଯୋଗାଣ ପାଇଁ ଖୁବଶୀଘ୍ର ଏକ ସଂଶୋଧିତ ଏସଓପି ପ୍ରସ୍ତୁତ କରାଯିବ ବୋଲି ବୈଠକରେ ନିଷ୍ପତ୍ତି ନିଆଯାଇଛି।

## ନୂଆ ଶିକ୍ଷାନୀତି ଭାରତୀୟ ଚିନ୍ତନ ଓ ଆଧୁନିକ ଜ୍ଞାନର ସେତୁ: ମୁଖ୍ୟମନ୍ତ୍ରୀ

ପୁରୀ, ୧୩।୧୦ (ସମିସ): ଶିକ୍ଷା କେବଳ ଜ୍ଞାନଗତ କ୍ଷମତାର ବିକାଶ ନୁହେଁ, ସ୍ୱାକ୍ଷରତା ଏବଂ ସଂଖ୍ୟାଗତ ଦକ୍ଷତାର ମୌଳିକ ସାମର୍ଥ୍ୟ ଏବଂ ବିଶ୍ଳେଷଣାତ୍ମକ ଚିନ୍ତା। ଶିକ୍ଷାର ଲକ୍ଷ୍ୟ ଚରିତ୍ର ଗଠନ ଓ ପବିତ୍ରତା। ଆଧ୍ୟାତ୍ମିକତାର ପୃଷ୍ଠଭୂମିରେ ଶିକ୍ଷା ପର୍ଯ୍ୟବସିତ ହେବା ଉଚିତ। ଶିକ୍ଷାର୍ଥୀମାନେ



ଜୀବନରେ ଭଗବତ୍ ଗୀତାଠାରୁ ଆରମ୍ଭ କରି ସମସ୍ତ ଧର୍ମଗ୍ରନ୍ଥ ପାଠ କରିବା ଦରକାର। ଈଶ୍ୱରବିଶ୍ୱାସୀ ହେବା ଦ୍ୱାରା ମଣିଷ ନିରହଙ୍କାରୀ ହେବା ସହ ଫଳ ଆଶା ବିନା ନିରନ୍ତର କାର୍ଯ୍ୟ କରିଚାଲେ। କେନ୍ଦ୍ରୀୟ ସଂସ୍କୃତ ବିଶ୍ୱବିଦ୍ୟାଳୟ ଶ୍ରୀସଦାଶିବ ପରିସରରେ ଆୟୋଜିତ 'ଜାତୀୟ ଶିକ୍ଷା ନୀତି-୨୦୨୦ ସନ୍ଦର୍ଭରେ ଭାରତୀୟ ଜ୍ଞାନ ପରମ୍ପରା ଶୀର୍ଷକ ତିନିଦିନିଆ ରାଷ୍ଟ୍ରୀୟ ସଂଗୋଷ୍ଠୀ' ଦ୍ୱିତୀୟ ଦିବସରେ ମୁଖ୍ୟଅତିଥି ଭାବେ ଯୋଗଦେଇ ମୁଖ୍ୟମନ୍ତ୍ରୀ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ଆଜି ଏହା କହିଛନ୍ତି।

ମୁଖ୍ୟମନ୍ତ୍ରୀ କହିଥିଲେ, ନୂଆ ଶିକ୍ଷାନୀତି ଭାରତୀୟ ଚିନ୍ତନ ଓ ଆଧୁନିକ ଜ୍ଞାନର ସେତୁ। ରାଷ୍ଟ୍ରୀୟ ଶିକ୍ଷାନୀତି ପ୍ରତ୍ୟେକ ବ୍ୟକ୍ତିର ସୃଜନଶୀଳ ସାମର୍ଥ୍ୟର ବିକାଶ ଉପରେ ବିଶେଷ ଗୁରୁତ୍ୱ ଦେଇଛି। ଶିକ୍ଷକଙ୍କୁ ଏଣିକି ରେଗୁଲାର୍ ଭାବେ ନିଯୁକ୍ତି ମିଳିବ। ଫଳରେ ରାଜ୍ୟରେ ଜାତୀୟ ଶିକ୍ଷା ନୀତି ସଠିକ୍ ଭାବେ କାର୍ଯ୍ୟକ୍ଷମ ହୋଇପାରିବ। ଜାତୀୟ ଶିକ୍ଷା ନୀତିକୁ ଠିକ୍ ଭାବେ ପରିଚାଳନା ନେଇ ଆଗାମୀ ୩ବର୍ଷରେ ୪୫ ହଜାର ଶିକ୍ଷକ ନିଯୁକ୍ତି ହେବେ। ସେମାନଙ୍କ ମଧ୍ୟରୁ ଚଳିତବର୍ଷ ୧୫ହଜାର ଶିକ୍ଷକ ନିଯୁକ୍ତି ନେଇ ଯୋଜନା ରହିଛି। ସତ୍ୟବାଦୀ ବନ ବିଦ୍ୟାଳୟରେ ଯେପରି ଏକ ଆଦର୍ଶ ଶିକ୍ଷା ପରିବେଶ ଥିଲା, ସେହିଭଳି ଏହି ବିଦ୍ୟାଳୟଗୁଡ଼ିକରେ ମଧ୍ୟ ପିଲାମାନଙ୍କ ପାଇଁ ଆଦର୍ଶ ଶିକ୍ଷା ପରିବେଶ ସୃଷ୍ଟି କରିବାକୁ ଲକ୍ଷ୍ୟ ରହିବ।

ଶିକ୍ଷା ସଂସ୍କୃତି ଉତ୍ଥାନ ଟ୍ରଷ୍ଟର ଜାତୀୟ ସଚିବ ଡ. ଅତୁଲ କୋଠାରୀ ମୁଖ୍ୟବକ୍ତା ଭାବେ ଯୋଗଦେଇ ଜାତୀୟ ଶିକ୍ଷାନୀତି ୨୦୨୦ର ଗୁରୁତ୍ୱ ଉପରେ ଆଲୋକପାତ କରିଥିଲେ। ସେ କହିଲେ ଯେ ଏହି ଐତିହାସିକ ଶିକ୍ଷା ନୀତି ସଠିକ୍ ଭାବେ କାର୍ଯ୍ୟକାରୀ ହେଲେ, ନିଃସନ୍ଦେହରେ ବିକଶିତ ଭାରତର ମୂଳଦୁଆ ସ୍ଥାପନ କରିବାରେ ଆମେ ସକ୍ଷମ ହେବା। ସେ ସମସ୍ତ ଶିକ୍ଷକବର୍ଗଙ୍କୁ ଏ ଦିଗରେ ସହଯୋଗ କରିବାକୁ ଆହ୍ୱାନ ଦେଇଥିଲେ। ଅନ୍ୟତମ ସମ୍ମାନିତ ଅତିଥି ଭାରତୀୟ ବିଶ୍ୱବିଦ୍ୟାଳୟ ସଂଘ ନୂଆଦିଲ୍ଲୀର ମହାସଚିବ ତଥା ରାଷ୍ଟ୍ରୀୟ ସଦସ୍ୟ ଡ. ପଙ୍କଜ ମିତ୍ତଲ ଶିକ୍ଷା ସଂସ୍କୃତି ଉତ୍ଥାନ ନ୍ୟାସର କାର୍ଯ୍ୟ ପ୍ରଣାଳୀ ସମ୍ପର୍କରେ ମତ ଉପସ୍ଥାପନା କରିଥିଲେ।

## ରାଜ୍ୟରେ ନିର୍ଯାତିତା ଓଡ଼ିଆ ଝିଅଙ୍କୁ ନ୍ୟାୟ ଦେବାରେ ସରକାର ଉଦାସୀନ କାହିଁକି: ବିଜେଡି

ଭୁବନେଶ୍ୱର, ୧୩।୧୦(ସମିସ): ପଶ୍ଚିମବଙ୍ଗ ଦୁର୍ଗାପୁରଠାରେ ଜଣେ ଓଡ଼ିଆ ଡାକ୍ତରୀ ଛାତ୍ରୀଙ୍କୁ ଗଣଦୁଷ୍କର୍ମ ଘଟଣାରେ ଓଡ଼ିଶା ସରକାର ତତ୍ପରତା ଦେଖାଉଛନ୍ତି। ଏହା ସ୍ୱାଗତଯୋଗ୍ୟ। ମାତ୍ର, ଓଡ଼ିଶାରେ ଘଟୁଥିବା ଅନେକ ମହିଳା ନିର୍ଯାତନା ମାମଲାରେ ରାଜ୍ୟ ବିଜେପି ସରକାରଙ୍କ କାହିଁକି ସେଭଳି ତତ୍ପରତା ଦେଖିବାକୁ ମିଳୁନାହିଁ ବୋଲି କ୍ଷୋଭ ପ୍ରକାଶ କରିଛି ବିଜେଡି।

- ପଶ୍ଚିମବଙ୍ଗ ଗଣଦୁଷ୍କର୍ମ ଘଟଣା ଅତ୍ୟନ୍ତ ନିନ୍ଦନୀୟ
- ରାଜ୍ୟର ଚର୍ଚ୍ଚିତ ମହିଳା ନିର୍ଯାତନା ଘଟଣାରେ ମଧ୍ୟ ସରକାରଙ୍କ ତତ୍ପରତା ଦେଖିବାକୁ ମିଳୁନାହିଁ
- ଓଡ଼ିଶାର ପୀଡ଼ିତାଙ୍କୁ ନ୍ୟାୟ ପ୍ରଦାନରେ ରାଜ୍ୟ ସରକାରଙ୍କ ପ୍ରତିବଦ୍ଧତା ନାହିଁ

ବିଜେଡି ପକ୍ଷରୁ ଜାରି ଏକ ପ୍ରେସ୍ ବିବୃତିରେ ଦଳର ମୁଖପାତ୍ର ତଥା ମିଡିଆ ସଂଯୋଜକ ଡ. ଲେନିନ୍ ମହାନ୍ତି କହିଛନ୍ତି ଯେ ରାଜ୍ୟରେ ଦୁଷ୍କର୍ମ, ଗଣଦୁଷ୍କର୍ମ ଓ ମହିଳା ନିର୍ଯାତନା ଘଟଣା ଅହେତୁକ ବୃଦ୍ଧି ପାଇଛି। କିନ୍ତୁ ଏହି ସବୁ ଘଟଣାରେ ପୀଡ଼ିତାଙ୍କୁ ନ୍ୟାୟ ପ୍ରଦାନରେ ରାଜ୍ୟ ସରକାର ଉଦାସୀନ ରହୁଥିବା ଦେଖିବାକୁ ମିଳୁଛି। ଅତ୍ୟନ୍ତ ସମ୍ବେଦନଶୀଳ ଘଟଣାଗୁଡ଼ିକୁ ଚାପି ଦେବାକୁ ଉଦ୍ୟମ କରାଯାଉଛି। ପଶ୍ଚିମବଙ୍ଗ ଘଟଣାରେ ଓଡ଼ିଶା ସରକାର ଯେପରି ତତ୍ପରତା ଦେଖାଇଛନ୍ତି, ସେପରି ତତ୍ପରତା ଓଡ଼ିଶାରେ ଘଟୁଥିବା ମହିଳା ନିର୍ଯାତନା ଘଟଣାରେ ଦେଖିବାକୁ ମିଳୁନାହିଁ।

ପଶ୍ଚିମବଙ୍ଗ ଘଟଣାରେ ଜାତୀୟ ମହିଳା କମିସନ ଆସିଥିବା ବେଳେ ଓଡ଼ିଶାର ମହିଳା କମିସନ୍ ମଧ୍ୟ ପଶ୍ଚିମବଙ୍ଗ ଗସ୍ତ କରୁଛନ୍ତି। କିନ୍ତୁ ଓଡ଼ିଶାରେ ଘଟିଥିବା ସମ୍ବେଦନଶୀଳ ମହିଳା ନିର୍ଯାତନା ଘଟଣାରେ ଜାତୀୟ ମହିଳା କମିସନ ଆସିବା ତ ଦୂରେ ଥାଉ, ରାଜ୍ୟ ମହିଳା କମିସନ ମଧ୍ୟ ଗୁରୁତ୍ୱ ଦେଉନାହାନ୍ତି। ରାଜ୍ୟରେ ଗତ ୧୪ମାସ ଭିତରେ ୩୭,୬୧୧ ମହିଳା ନିର୍ଯାତନା ଘଟଣା ଘଟିଥିଲା ବେଳେ ସରକାର ନିଦାବିଷ୍ଟ ସାଜିଛନ୍ତି। ଡ. ମହାନ୍ତି କହିଛନ୍ତି, ରାଜ୍ୟରେ ଗୋପାଳପୁର ଗଣଦୁଷ୍କର୍ମ ଘଟଣା, ସୌମ୍ୟାଶ୍ରୀ ଆତ୍ମାହୁତି ଘଟଣା, ବଳଙ୍ଗା ଛାତ୍ରୀ ପୋଡ଼ି ଘଟଣା, ବାଲିହରଚଣ୍ଡୀ ଗଣଦୁଷ୍କର୍ମ ଘଟଣା ଅତ୍ୟନ୍ତ ସମ୍ବେଦନଶୀଳ ଓ ଜାତୀୟ ଗଣମାଧ୍ୟମରେ ସ୍ଥାନ ପାଇଥିଲେ ମଧ୍ୟ ଜାତୀୟ ମହିଳା କମିସନଙ୍କ ଦେଖା ମିଳିନଥିଲା। ସେହିପରି ରାଜ୍ୟ ମହିଳା କମିସନଙ୍କର ମଧ୍ୟ କୌଣସି ଆଖିଦୃଶିଆ ପଦକ୍ଷେପ ନଜରକୁ ଆସିନଥିଲା।

ଏହାବ୍ୟତୀତ, ବିଜେଡିର ବରିଷ୍ଠ ସାଧାରଣ ସମ୍ପାଦକ ଡ. ଲେଖାଶ୍ରୀ ସାମନ୍ତସିଂହାରଙ୍କ ଉପରେ ବିଜେପି ବିଧାୟକ ସନ୍ତୋଷ ଖଟୁଆ ଦେଇଥିବା ଅଶାଳୀନ ମନ୍ତବ୍ୟ ଉପରେ ସେ ଉଭୟ ଜାତୀୟ ଓ ରାଜ୍ୟ ମହିଳା କମିସନଙ୍କ ଦ୍ୱାରସ୍ଥ ହୋଇଥିଲେ ମଧ୍ୟ ଉଭୟଙ୍କ ପକ୍ଷରୁ କୌଣସି କାର୍ଯ୍ୟାନୁଷ୍ଠାନ ନିଆଯାଇନଥିଲା। ଓଡ଼ିଶାରେ ବାସ କରୁଥିବା ମହିଳାଙ୍କ ସହ ରାଜ୍ୟ ବିଜେପି ସରକାର କାହିଁକି ପାତରଅନ୍ତର କରୁଛନ୍ତି? ଗୋପାଳପୁର ଗଣଦୁଷ୍କର୍ମ ଘଟଣା ହେଉ କି ସୌମ୍ୟାଶ୍ରୀ ଘଟଣା, ବଳଙ୍ଗା ଛାତ୍ରୀ ପୋଡ଼ି ଘଟଣା ହେଉ କି ବାଲିହରଚଣ୍ଡୀରେ ଗଣଦୁଷ୍କର୍ମ ଘଟଣା; ରାଜ୍ୟ ସରକାର ପୀଡ଼ିତା ଓ ତାଙ୍କ ପରିବାରକୁ ନ୍ୟାୟ ପ୍ରଦାନରେ ପଛଘୁଞ୍ଚା କାହିଁକି ଦେଉଛନ୍ତି ବୋଲି ଡ. ମହାନ୍ତି ପ୍ରଶ୍ନ କରିଛନ୍ତି।

## ଆଜିର ରାଶିଫଳ

**ମେଷ:** ଆଜି ଦିନଟି ଆପଣଙ୍କ ପାଇଁ ଭଲ। ଅଚାନକ ଖୁସି ଖବର ପାଇପାରନ୍ତି। ରାଜନୈତିକ ଏବଂ ସାମାଜିକ କ୍ଷେତ୍ରରେ ସକ୍ରିୟ ରହିବେ। ପ୍ରେମୀଯୁଗଳଙ୍କ ମତାନ୍ତର ଦୂର ହେବ।

**ବୃଷ:** ଗୃହିଣୀମାନେ ଘର କାମରେ ବ୍ୟସ୍ତ ରହିବେ। ଇଂଜିନିୟରଙ୍କ ପାଇଁ ଦିନଟି ଭଲ। କୋର୍ଟ କଚେରୀ ମାମଲାର ଶୁଣାଣି ହେବ। ଲୋକ ସମ୍ପର୍କ ବଢ଼ିବ। ପଡୋଶୀଙ୍କ ସହ ମନୋମାଳିନ୍ୟ ହୋଇପାରେ।

**ମିଥୁନ:** ବାଦ ବିବାଦରୁ ଦୂରେଇ ରୁହନ୍ତୁ। ବ୍ୟବସାୟୀଙ୍କ ପାଇଁ ଦିନଟି ଭଲ। ଅଧିକ ଖର୍ଚ୍ଚାନ୍ତ ହୋଇପାରନ୍ତି। ଚକ୍ଷୁ ସମସ୍ୟା ଭୋଗି ପାରନ୍ତି। ପ୍ରେମୀ ଯୁଗଳ ସୁନ୍ଦର ସମୟ ଅତିବାହିତ କରିବେ।

**କର୍କଟ:** ସମୟର ସଦୁପଯୋଗ କରନ୍ତୁ। ବୁଝି ବିଚାରି କାମ କରନ୍ତୁ। ପରିବାର ସହିତ ଖୁସିର ସମୟ ଅତିବାହିତ କରିବେ। ଜମି କାରବାରରେ ସଫଳ ହେବେ। ଅଯଥା କାମରେ ସମୟ ନଷ୍ଟ ହେବ।

**ସିଂହ:** ନୂତନ ବ୍ୟବସାୟ ପାଇଁ ଅନୁକୂଳ ସମୟ। ପୁରୁଣା ବନ୍ଧୁଙ୍କ ସହ ସାକ୍ଷାତ ହେବ। ଅଫିସ୍‌ରେ ପଦୋନ୍ନତି ହୋଇପାରେ। ଆଣ୍ଠୁଗଣ୍ଠି ସମସ୍ୟା ଭୋଗି ପାରନ୍ତି। ଅଫିସ୍ କାମ ଠିକ୍ ସମୟରେ ଶେଷ କରିବେ।

**କନ୍ୟା:** ଅନ୍ୟମାନଙ୍କୁ ସହଜରେ ବିଶ୍ୱାସ କରନ୍ତୁନି। ଅଧିକ ଖର୍ଚ୍ଚରୁ ଦୂରେଇ ରୁହନ୍ତୁ। ଅଫିସ୍ ସହକର୍ମୀଙ୍କ ସହଯୋଗ ରହିବ। ଗୁରୁଜନଙ୍କ ସ୍ୱାସ୍ଥ୍ୟାବସ୍ଥାକୁ ନେଇ ଚିନ୍ତିତ ରହିପାରନ୍ତି।

**ତୁଳା:** ପରିବାର ସଦସ୍ୟଙ୍କ ସହ ସମୟ ଅତିବାହିତ କରିବେ। ନୂଆ ଚାକିରି ମିଳିବା ସମ୍ଭାବନା ଅଛି। ସ୍ୱାମୀ-ସ୍ତ୍ରୀଙ୍କ ମଧ୍ୟରେ ଭୁଲ୍‌ବୁଝାମଣା ଦେଖା ଦେବ। ବିଦ୍ୟାର୍ଥୀ କଠିନ ପରିଶ୍ରମ କରିବେ।

**ବିଛା:** ମାନ ସମ୍ମାନ ବୃଦ୍ଧି ପାଇବ । ଉଧାର ଟଙ୍କା ଫେରି ପାଇବେ। ଯୋଗ ଏବଂ ପ୍ରାଣାୟମ କରନ୍ତୁ। ଯେକୌଣସି ପରିସ୍ଥିତି ସହିତ ଖାପଖୁଆଇ ଚଳନ୍ତୁ। ଧାର୍ମିକ କାର୍ଯ୍ୟରେ ସାମିଲ ହୋଇପାରନ୍ତି।

**ଧନୁ:** ଚାକିରି ପାଇଁ ବିଦେଶ ଯାତ୍ରା କରିବେ। ପ୍ରିୟଜନଙ୍କ କଥା ଦୁଃଖ ଦେବ। ଛାତ୍ରଛାତ୍ରୀ କଠିନ ପରିଶ୍ରମ କରିବେ। ପେଟ ଜନିତ ସମସ୍ୟା ଦେଖା ଦେବ। କାର୍ଯ୍ୟରୁ ଆଶାଜନକ ଲାଭ ମିଳିବ ନାହିଁ।

**ମକର:** ସମୟର ସଦୁପଯୋଗ କରିବେ। ପ୍ରେମ ସମ୍ବନ୍ଧ ମଜଭୁତ ହେବ। ଠକାମିର ଶିକାର ହେବେ। ବ୍ୟବସାୟରେ ଉନ୍ନତି ପରିଲକ୍ଷିତ ହୋଇପାରେ। କଳାକାରଙ୍କ ପାଇଁ ଦିନଟି ଭଲ।

**କୁମ୍ଭ:** ତରବରିଆ ଭାବେ ନିଷ୍ପତ୍ତି ନିଅନ୍ତୁ ନାହିଁ। ସନ୍ତାନଙ୍କ କ୍ୟାରିୟର୍‌କୁ ନେଇ ଚିନ୍ତାରେ ରହିବେ। ବ୍ୟାଙ୍କ ଓ ଆଇଟି କ୍ଷେତ୍ରରେ ସଫଳତା ମିଳିବ। ଚିନ୍ତା ଓ ଅବସାଦରେ ରହିବେ।

**ମୀନ:** ଦୀର୍ଘ ଦିନରୁ ଲାଗି ରହିଥିବା ସମସ୍ୟାର ସମାଧାନ ହେବ। ନୂତନ କାର୍ଯ୍ୟ ଆରମ୍ଭ କରିପାରନ୍ତି। ଅବିବାହିତଙ୍କ ପାଇଁ ବିବାହ ପ୍ରସ୍ତାବ ଆସିପାରେ। ବୈବାହିକ ଜୀବନ ସୁଖମୟ ହେବ।

## ଆଜିର ଇତିହାସ

- ୧୮୮୨- ପଞ୍ଜାବ ବିଶ୍ୱବିଦ୍ୟାଳୟର ସ୍ଥାପନା।
- ୧୯୩୩- ଜର୍ମାନୀ ମିତ୍ରରାଷ୍ଟ୍ରରୁ ଓହରିଯିବାକୁ ନିଷ୍ପତ୍ତି ନେଲା।
- ୧୯୫୬- ଡ. ବି.ଆର୍ ଆମ୍ବେଦକର ୫ ଲକ୍ଷ ସମର୍ଥକଙ୍କ ସହ ବୌଦ୍ଧ ଧର୍ମ ଗ୍ରହଣ କଲେ।
- ୧୯୮୧- ହୋସ୍‌ନି ମୁବାରକ ମିଶରର ରାଷ୍ଟ୍ରପତି ହେଲେ।
- ୧୯୯୯- ପରମାଣୁ ପରୀକ୍ଷଣ ପ୍ରତିବନ୍ଧକ ସନ୍ଧିକୁ ଆମେରିକୀୟ ସିନେଟ୍‌ରେ ନାମଞ୍ଜୁର।
- ୨୦୧୦- ନୂଆଦିଲ୍ଲୀରେ ଚାଲୁଥିବା ୧୯ତମ ରାଷ୍ଟ୍ରମଣ୍ଡଳ ଖେଳର ସମାପନ।

# ଚିଲି ମ୍ୟାନ୍ : ଥରକେ ଖାଆନ୍ତି ୧୦ କେଜି ଶୁଖିଲା ଲଙ୍କା



ଅନେକ ଲୋକ ସେମାନଙ୍କ ଅଜବ ଖାଦ୍ୟରୁଚି ପାଇଁ ଚର୍ଚ୍ଚାରେ ଥାଆନ୍ତି। ଏହି କ୍ରମରେ ମେଘାଳୟର ବାଟାବ ଗାଁର କୃଷକ ରାମ ପିରତୁହ ତାଙ୍କର ଅଜବ ଖାଦ୍ୟାଭ୍ୟାସ ପାଇଁ ସମସ୍ତଙ୍କ ଦୃଷ୍ଟି ଆକର୍ଷଣ କରିଛନ୍ତି। ସେ ବେଶ୍ ସହଜରେ ଥରକରେ ୧୦ କେଜି ଶୁଖିଲା ଲଙ୍କା ଖାଇପାରନ୍ତି। ୨୦୨୧ ମସିହାରେ ତାଙ୍କର ଏକ ଭିଡିଓ ସାମାଜିକ ଗଣମାଧ୍ୟମରେ ଭାଇରାଲ ହେବାପରେ ସେ ଏବେ ଚର୍ଚ୍ଚାରେ। ଭିଡିଓରେ ସେ ୧୦ କେଜି ଶୁଖିଲା ଲଙ୍କା ଖାଇଥିଲେ। ଏତେ ଲଙ୍କା ଖାଇବା ସତ୍ତ୍ୱେ ତାଙ୍କ ଆଖିରେ ଲୁହ ଆସି ନ ଥିଲା କି ତାଙ୍କୁ ରାଗ ଲାଗି ନ ଥିଲା। ଏହାପରେ ଲୋକେ ତାଙ୍କୁ ଚିଲି ମ୍ୟାନ୍ ନାମ ଦେଇଥିଲେ। ୫୦ ବର୍ଷିୟ ରାମଙ୍କ କହିବାନୁଯାୟୀ, 'ଲଙ୍କା ମୋ ଜୀବନର ଏକ ଅଂଶ। ମୁଁ ପିଲାଦିନରୁ ଲଙ୍କା ଖାଇ ଆସୁଛି। ମୋତେ ଲଙ୍କା ରାଗ ଲାଗେନି।' ସେହିପରି ରାମଙ୍କ ଗାଁ ଲୋକଙ୍କ କହିବାନୁସାରେ, ତାଙ୍କର ପ୍ରତ୍ୟେକ ଖାଦ୍ୟରେ ଲଙ୍କା ଥାଏ। ତାଙ୍କର ଏହି ନିଆରା ପ୍ରତିଭା ବିଷୟରେ ଜଣାପଡ଼ିବା ପରେ ଲୋକେ ତାଙ୍କୁ ପରୀକ୍ଷା ମଧ୍ୟ କରିଥିଲେ। ଏପରିକି ଗୋଟେ ଶୋ'ରେ ତାଙ୍କ ଦେହରେ ଲଙ୍କା ପେଷ୍ଟ ଲଗାଇ ଗାଧୋଇ ଦିଆଯାଇଥିଲା। ଏଥିସହ ତାଙ୍କ ଶରୀରରେ ଲଙ୍କା ଘଷା ଯାଇଥିଲା। ଏହାସତ୍ତ୍ୱେ ସେ ଶରୀରରେ କୌଣସି ଜଳାପୋଡ଼ା ଅନୁଭବ କରି ନ ଥିଲେ। ସେହିପରି ସେ ଆହୁରି ମଧ୍ୟ କହିଛନ୍ତି, ସକାଳୁ ସେ ଲଙ୍କା ଚା, ଦ୍ୱିପ୍ରହରରେ ଲଙ୍କା ମଟନ ତରକାରୀ ଖାଆନ୍ତି। ସନ୍ଧ୍ୟାରେ ସେ କଞ୍ଚାଲଙ୍କା ଚୋବାଇଥାନ୍ତି। ଲଙ୍କା ତାଙ୍କର ଔଷଧ ବୋଲି ସେ କହିଛନ୍ତି। ଏଥିପାଇଁ ତାଙ୍କୁ କୌଣସି ରୋଗ ମଧ୍ୟ ହୋଇନି। ଅବଶ୍ୟ ମେଘାଳୟରେ ଲଙ୍କାଚାଷ ସାଧାରଣ କଥା। ହେଲେ ରାମଙ୍କ ଭଳି ଲଙ୍କାପ୍ରେମୀ ନାହାନ୍ତି।

# 'କାନ୍ତାରା ଚାପ୍ଟର ୧' ସଫଳତାର ରାଜ୍ ଖୋଲିଲେ ରିଷବ



ରିଷବ ସେଟ୍ଟୀଙ୍କ ବହୁ ପ୍ରତୀକ୍ଷିତ ଫିଲ୍ମ 'କାନ୍ତାରା ଚାପ୍ଟର ୧' ବକ୍ସ ଅଫିସ୍‌ରେ ସୁନାମି ଆଣିଛି। ସମୟ ବଢ଼ିବା ସହ ଏହାର ଆୟ ମଧ୍ୟ ଦିନକୁ ଦିନ ବଢ଼ି ଚାଲିଛି। ସବୁଠୁ ବଡ଼ କଥା ହେଉଛି, ଏହାର କାହାଣୀ ଦର୍ଶକଙ୍କୁ ଛୁଇଁଛି। ମୂଳ କନ୍ନଡ଼ ଭାଷାର ଏହି ସିନେମାରେ ରିଷଭ ପୁଣି ଥରେ ନିଜ ଅନ୍ଦାଜରେ ପରଦାକୁ ଓହ୍ଲାଇଛନ୍ତି। 'କାନ୍ତାରା ଚାପ୍ଟର ୧' ୨୦୨୨ରେ ରିଲିଜ୍ ହୋଇଥିବା 'କାନ୍ତାରା'ର ପୂର୍ବ କାହାଣୀ ଅଟେ । ପ୍ରାୟ ଫିଲ୍ମରେ ସିକ୍ୱେଲ୍ ରିଲିଜ୍ ହେଉଥିଲାବେଳେ ରିଷବ କିନ୍ତୁ ଏହାର ପ୍ରିକ୍ୱେଲ୍ ଆଣିଥିଲେ। ଫିଲ୍ମର କାହାଣୀ, ଚରିତ୍ର ଓ ବିଏଫ୍‌ଏକ୍ସକୁ ବହୁତ ଭଲ ଭାବେ ବଡ଼ ପରଦାରେ ପ୍ରଦର୍ଶନ କରାଯାଇଛି। ଖାସ୍ ଏହି କାରଣରୁ ଫିଲ୍ମଟି ବକ୍ସ ଅଫିସ୍‌ରେ ଧମାଲ କରିଛି। ନିକଟରେ ଏକ ଇଭେଣ୍ଟରେ ଯୋଗ ଦେଇ ଖୋଦ୍ ରିଷବ ଏହାର ସଫଳତାର ରାଜ୍ ଖୋଲିଛନ୍ତି। ରିଷବ କହିଛନ୍ତି, 'ଏହି ଫିଲ୍ମ ଓ ଏହାର ଚରିତ୍ରଗୁଡ଼ିକ ମୋର ସ୍ୱପ୍ନ ଥିଲା, ଯାହାକୁ ମୋ ଟିମ୍ ଆପଣେଇ ନେଇଥିଲା। ଆମେ ଯେତେ ଆମର ଆଞ୍ଚଳିକ କାହାଣୀକୁ ଦେଖାଇବା ଏହା ସେତେମାତ୍ରାରେ ବିଶ୍ୱସ୍ତରରେ ଆଦୃତ ହେବ।' ରିଷବ ଏଥିରେ ଅଭିନୟ କରିବା ସହ ଏହାର ନିର୍ଦ୍ଦେଶକ ଓ ଲେଖକ ମଧ୍ୟ।

# ଭାରତର ମିନି ଇସ୍ରାଏଲ

ଭାରତକୁ ବିବିଧତାର ଦେଶ କୁହାଯାଏ। ଏହାର ସୌନ୍ଦର୍ଯ୍ୟ ଓ ସଂସ୍କୃତି ସାରା ବିଶ୍ୱ ପରିଚିତ। ଏଥିପାଇଁ ଏଠାକୁ ବହୁ ବିଦେଶୀ ପର୍ଯ୍ୟଟକ ଆସିଥାନ୍ତି। ଏହି କ୍ରମରେ ହିମାଚଳ ପ୍ରଦେଶରେ ଏକ ଗାଁ ରହିଛି, ଏଠାକୁ ଭ୍ରମଣ ପାଇଁ ବହୁ ସଂଖ୍ୟାରେ ଇସ୍ରାଏଲ ପର୍ଯ୍ୟଟକ ଆସିଥାନ୍ତି। ଏପରିକି ଘରଭଡ଼ା ନେଇ ଏଠାରେ ଦୀର୍ଘ ଦିନ ଧରି ରହିଥାନ୍ତି। ଗାଁଟିର ନାଁ ଧର୍ମକୋଟ। ଏହା ଧର୍ମଶାଳାଠାରୁ ୨ କିଲୋମିଟର ଦୂରରେ ଅବସ୍ଥିତ। ଧର୍ମକୋଟକୁ ଭାରତର ମିନି ଇସ୍ରାଏଲ ବୋଲି କୁହାଯାଏ। ୧୯୯୦ ମସିହାରୁ ଏଠାକୁ ଇସ୍ରାଏଲ ପର୍ଯ୍ୟଟକମାନେ ଆସି ରହିବା ଆରମ୍ଭ କରିଥିଲେ। ସେବେଠାରୁ ଏଠାରେ ଇସ୍ରାଏଲ ସଂସ୍କୃତି ଓ ପରମ୍ପରାର ଛାପ ଦେଖିବାକୁ ମିଳୁଛି। ଧର୍ମକୋଟର ରେସ୍ତୋରାଁଗୁଡ଼ିକରେ ଭାରତୀୟ ଓ ଇଟାଲୀୟ ଖାଦ୍ୟ ସହ ଇସ୍ରାଏଲ ଖାଦ୍ୟ ମିଳିଥାଏ। ଏଠାରେ ହିବ୍ରୁ ଭାଷାରେ ଲେଖାଯାଇଥିବା ସାଇନ୍‌ବୋର୍ଡ ମଧ୍ୟ ଦେଖିବାକୁ ମିଳେ। ଇସ୍ରାଏଲର ସୈନିକମାନେ ଚାକିରିରୁ ଅବସର ନେବା ପରେ ଏହି ଗାଁରେ ଆସି କିଛି ଦିନ ରହି ଯାଇଥାନ୍ତି। ବିଶେଷକରି ଅକ୍ଟୋବର ମାସରେ ରୋଷ ହାସନା ନାମକ ପର୍ବ ପାଳିବାକୁ ଏଠାକୁ ବହୁ ସଂଖ୍ୟକ ଇସ୍ରାଏଲ ନାଗରିକ ଆସିଥାନ୍ତି। ଏହି ଗାଁର ଚତୁଃପାର୍ଶ୍ୱରେ ଘନ ଦେବଦାରୁ ଜଙ୍ଗଲ ଘେରି ହୋଇ ରହିଛି। ତେଣୁ ଏଠାରେ ଭୀଷଣ ଗରମରେ ମଧ୍ୟ ଥଣ୍ଡା ଅନୁଭୂତ ହୋଇଥାଏ। ଫଟୋପ୍ରେମୀ ତଥା ପ୍ରକୃତିପ୍ରେମୀଙ୍କୁ ଏହି ଗାଁ ବେଶ୍ ଆକର୍ଷିତ କରିଥାଏ। ଏଠାରେ ଭାରତୀୟଙ୍କଠାରୁ ଅଧିକ ବିଦେଶୀ ପର୍ଯ୍ୟଟକ ଦେଖାଯାଉଥିବାରୁ ଏହା ସ୍ଥାନୀୟ ଅଞ୍ଚଳରେ 'ବିଦେଶୀଙ୍କ ଗାଁ' ଭାବେ ମଧ୍ୟ ପରିଚିତ। ଧର୍ମକୋଟରେ ବିଦେଶୀ ପର୍ଯ୍ୟଟକମାନେ ଗଳିକନ୍ଦିରେ ସଙ୍ଗୀତ ଗାନ କରିବା ସହ ଧ୍ୟାନ ଯୋଗ ଆଦି କରୁଥିବାର ଦେଖାଯାଏ। ଏଠାରେ ଇସ୍ରାଏଲର ପତାକା ମଧ୍ୟ ଦେଖିବାକୁ ମିଳେ। ଇନ୍‌ଷ୍ଟାଗ୍ରାମ୍ ଟ୍ରାଭେଲର୍ ମହମ୍ମଦ ଅମାନ୍ ଧର୍ମକୋଟ୍‌ର ଭିଡିଓ ସେୟାର୍ କରିବା ପରେ ଏହା ସମସ୍ତଙ୍କ ଦୃଷ୍ଟି ଆକର୍ଷଣ କରିଛି।



## ସୁବର୍ଣ୍ଣା

# ଫସଲ ଅମଳ ଯନ୍ତ୍ରପାତି




ଫସଲର ଅମଳପରବର୍ତ୍ତୀ ସମୟଟି ବହୁତ ଗୁରୁତ୍ୱପୂର୍ଣ୍ଣ ହୋଇଥାଏ। ଏହି ସମୟରେ ଫସଲ କାଟିବାରେ ଅଧିକ ଶ୍ରମ ଦରକାର ପଡ଼େ। ଏଥିପାଇଁ ଖର୍ଚ୍ଚ ବଢ଼େ। ଅଧିକ ସମୟ ଲାଗେ । ପରିଶ୍ରମ ମଧ୍ୟ ଅଧିକ ହୁଏ। ତେବେ ପାଗ ଖରାପ ଥିଲେ, ଫସଲ ଅମଳ କାର୍ଯ୍ୟ କରିହୁଏ ନାହିଁ। ତେଣୁ ଏହି ସମସ୍ୟାର ସମାଧାନ ପାଇଁ ବିଭିନ୍ନ ଯନ୍ତ୍ର ବ୍ୟବହାର କରି ପାରିବେ।

ଅମଳ ଯନ୍ତ୍ର ମଧ୍ୟରେ ପାୱାର ଟିଲର ଚାଳିତ ଧାନ କଟା ଯନ୍ତ୍ର, ଟ୍ରାକ୍ଟର ଚାଳିତ ଧାନ କଟା ଯନ୍ତ୍ର ଆଦି ରହିଛି। ପାୱାର ଟିଲର ଚାଳିତ ଧାନ କଟା ଯନ୍ତ୍ରରେ ଗୋଟିଏ ଦିନର (୮ଘଣ୍ଟା)ରେ ଏକ ହେକ୍ଟର ଜମିରୁ ଅମଳ ହୋଇପାରୁଥିବାବେଳେ ଟ୍ରାକ୍ଟର ଚାଳିତ ଧାନ କଟା ଯନ୍ତ୍ରରେ ଏକ ଘଣ୍ଟାରେ ଏକ ହେକ୍ଟର ଜମିରୁ ଧାନ କଟା ହୋଇପାରିବ। ପାୱାର ଟିଲର ଚାଳିତ ଧାନ କଟା ଯନ୍ତ୍ରରେ ଗୋଟିଏ ଏକର ଧାନ କଟା ପାଇଁ ମାତ୍ର ୩୦୦ରୁ ୪୦୦ଟଙ୍କା ଖର୍ଚ୍ଚ ହେଉଥିବାବେଳେ ହାତରେ କାଟିଲେ ଏକ ଏକରରେ ୧୨ଜଣ ଲୋକ ଦରକାର ପଡ଼େ।

ସେହିପରି କମ୍ବାଇନ୍ ହାର୍ବେଷ୍ଟର ଏକ ଆଧୁନିକ କୃଷି ଯନ୍ତ୍ର। ଏହା ଧାନ, ମାଣ୍ଡିଆ, ଗହମ ଆଦି ଫସଲ କାଟିଥାଏ। କାଟିବା ସହ ଏକାସାଥିରେ ଗଛରୁ ଶସ୍ୟକୁ ଅଲଗା କରି ସଫା କରିପାରିବ। ବଜାରରେ ବିଭିନ୍ନ ପ୍ରକାର କମ୍ବାଇନ୍ ହାର୍ବେଷ୍ଟର ଉପଲବ୍ଧ ଅଛି। ଏଥିରେ ୨ରୁ ୬ ମିଟର ଓସାର ଯାଏଁ ଫସଲ କାଟିବାକୁ ଆରି, ଦାନାକୁ ଅଲଗା କରି ସଫା କରିବାକୁ ସ୍ୱତନ୍ତ୍ର ବ୍ୟବସ୍ଥା ରହିଛି। ଏହା ଧାନ ଫସଲରେ ପାଖାପାଖି ୦.୬ ହେକ୍ଟର ପ୍ରତି ଘଣ୍ଟା କାମ କରିଥାଏ । ସେହିପରି ବଜାରରେ ଟ୍ରାକ୍ଟର ଚାଳିତ କନଭେୟର ରିପର (ଟ୍ରାକ୍ଟର ଚାଳିତ ଅମଳ ଯନ୍ତ୍ର) ଉପଲବ୍ଧ ରହିଛି।

## ଓଲକୋବି ଚାଷ

ଅକ୍ଟୋବର ମାସରେ ରବିଋତୁ ଚାଷ କାମ କରାଯାଏ। ଏହି ସମୟରେ କମ୍ ତାପମାତ୍ରା ଯୋଗୁଁ ଚାଷୀମାନେ ବିଭିନ୍ନ ଫୁଲ, ପନି ପରିବା ବିହନ ଲଗାଇ ଲାଭ ପାଇଥା'ନ୍ତି। ଗାଜର, ସିମଳା ଲଙ୍କା, ଲଙ୍କା, ମୂଳା, ବାଇଗଣ, ଟମାଟୋ ଆଦି ଚାଷ କରାଯାଉଥିଲେ ହେଁ, ଓଲ କବି ଚାଷରୁ ଅଧିକ ଲାଭ ମିଳେ।



ଓଲକୋବି ଚାଷ ପାଇଁ ଅକ୍ଟୋବରରୁ ନଭେମ୍ବର ମାସ ଉପଯୁକ୍ତ ସମୟ। ଚାଷ ପାଇଁ ନିଗିଡ଼ା, ଦୋରସା ମାଟି ଅନୁକୂଳ। ଏକର ପାଇଁ ୫୦୦ ଗ୍ରାମ୍ ବିହନ ଦରକାର। ତେବେ ମାଟିକୁ ଗୁଣ୍ଡ କରି ସେଥିରେ ଶୁଖିଲା ଖତ ପ୍ରୟୋଗ କରାଯାଏ। ମାଟିକୁ ସମତଳ କରି ପଟାଳି କରି ସେଥିରେ ବିହନ ବୁଣାଯାଏ। ଚାଷ ପୂର୍ବରୁ ମୃତ୍ତିକା ଓ ବିହନ ବିଶୋଧନ କରିବା ନିହାତି ଆବଶ୍ୟକ। ମୁଖ୍ୟ ଜମିରେ ଓଲକୋବି ଲଗାଇବା ସମୟରେ ଧାଡ଼ିକୁ ଧାଡ଼ି ୩୦ରୁ ୪୦ ସେ.ମି ଏବଂ ଗଛକୁ ଗଛ ଦୂରତ୍ୱ ୨୫ ସେ.ମିରେ ଲଗାଯାଏ। ଆରମ୍ଭରୁ ହାଲୁକା ଜଳ ସେଚନ କରି ୧୦ରୁ ୧୨ ଦିନ ଅନ୍ତରରେ ସିଞ୍ଚନ କରିପାରିବେ। ଜୈବିକ ପ୍ରଣାଳୀରେ ଚାଷ କରିବାକୁ ଚାହୁଁଥିଲେ, ନିମ୍ବ ଅର୍କ ପ୍ରୟୋଗ କରି ପାରିବେ। ଜୈବିକ ଖତ କିମ୍ବା ଶୁଖିଲା ଗୋବର ଖତ ସହିତ ନିମ୍ବପିଡ଼ିଆ ମିଶାଇ ଗଛମୂଳରେ ଦେବା ଦ୍ୱାରା ଅଧିକ ଅମଳ ହୁଏ। ଗଛ ଲଗାଇବାର ୫୫ରୁ ୬୦ ଦିନ ପରେ ଓଲକୋବି ଅମଳ କରିପାରିବେ।

# ଚାଷୀ ମୁହଁରେ ହସ ଭରିଛି କଳିଙ୍ଗରାଜ




ଦୃଢ଼ ଇଚ୍ଛାଶକ୍ତି ହିଁ ମଣିଷକୁ ସଫଳତା ଦେଇଥାଏ। ଏହାକୁ ପ୍ରମାଣିତ କରିଛନ୍ତି ଝାରସୁଗୁଡ଼ା ଜିଲ୍ଲା, ଲଖନପୁର ବ୍ଲକ୍ ଅନ୍ତର୍ଗତ ବଞ୍ଜାରୀ ଗ୍ରାମର ଜୟଦେବ ବିଶ୍ୱାଳ। ଚାଷ କେବଳ ଜୀବିକା ନୁହେଁ, ଏହା ଏକ ସ୍ୱାବଲମ୍ବୀ ଓ ସମୃଦ୍ଧିମୟ ଜୀବନ ପାଇଁ ସାଧନ ହୋଇପାରେ । ଏହାକୁ ବ୍ରତ କରି ସେ ଜଣେ ସଫଳ ଚାଷୀ ଭାବେ ସ୍ଥାନୀୟ ଅଞ୍ଚଳର ଅନେକ ଚାଷୀଙ୍କ ପାଇଁ ପ୍ରେରଣା ସାଜିଛନ୍ତି।

ଜୟଦେବ ନିଜର ୧୬ ଏକର ଜମିରେ ମକା, ପୋଟଳ, ବାଇଗଣ, ବିଭିନ୍ନ ପ୍ରକାର ପନିପରିବା, ଫଳ (କଦଳୀ, ଆମ୍ବ) ଆଦି ଚାଷ କରୁଛନ୍ତି। ଏହା ସହିତ ସେ ଅଧିକାଂଶ ଜମିରେ ଧାନ ଚାଷ ମଧ୍ୟ କରୁଛନ୍ତି। ଅଧିକ ଉତ୍ପାଦନକ୍ଷମ ହେବା ପାଇଁ ସେ କୃଷି ବିଜ୍ଞାନ କେନ୍ଦ୍ର, ଝାରସୁଗୁଡ଼ା ଦ୍ୱାରା ଆୟୋଜିତ ଏକ ପ୍ରଶିକ୍ଷଣ କାର୍ଯ୍ୟକ୍ରମରେ ଯୋଗ ଦେଇଥିଲେ। ସେହି ତାଲିମ କେନ୍ଦ୍ରରେ ଉନ୍ନତ ମାନର ମକା ଚାଷ ପ୍ରଣାଳୀକୁ ନେଇ ଆଲୋଚନା ସମୟରେ ଜୟଦେବ ମକା ଚାଷ ପ୍ରତି ଆଗ୍ରହ ଦେଖାଇଥିଲେ। ତାଙ୍କ ଆଗ୍ରହକୁ ଅଗ୍ରାଧିକାର ଦେବା ସ୍ୱରୂପ ବୈଜ୍ଞାନିକମାନେ 'କଳିଙ୍ଗରାଜ' ଚାଷ ପଦ୍ଧତି ସମ୍ବନ୍ଧୀୟ ଆବଶ୍ୟକୀୟ ମାର୍ଗଦର୍ଶନ ପ୍ରଦାନ କରିଥିଲେ।

କେବଳ ସେତିକି ନୁହେଁ, କୃଷି ଓ ବୈଷୟିକ ବିଶ୍ୱବିଦ୍ୟାଳୟ ଦ୍ୱାରା ବିକଶିତ ଓ ପ୍ରଚାରିତ ଏହି କିସମର ବିହନ ପ୍ରଦାନ କରିଥିଲେ। ବୈଜ୍ଞାନିକମାନଙ୍କ ଉପଯୁକ୍ତ ମାର୍ଗଦର୍ଶନ ଓ ସମର୍ଥନ ପାଇ ଜୟଦେବ ପ୍ରାୟ ଦୁଇ ଏକର ଜମିରେ 'କଳିଙ୍ଗରାଜ' ମକା ଚାଷ କରି ଏହି ଉତ୍ପାଦନର ଲାଭ ଉଠାଇଛନ୍ତି। ପୂର୍ବରୁ ସ୍ଥାନୀୟ ବଜାରରୁ କିଣିଥିବା ମକା ତଥା ସ୍ୱୟଂ ସଂରକ୍ଷିତ ବିହନ ଚାଷ କରି ଉତ୍ପାଦନ ଓ ଆୟ କମ ପାଉଥିଲେ। କିନ୍ତୁ କୃଷି ବିଜ୍ଞାନ କେନ୍ଦ୍ର ଝାରସୁଗୁଡ଼ା ପକ୍ଷରୁ ସାହାଯ୍ୟ, ସହଯୋଗ ଓ ତାଲିମ ପାଇ 'କଳିଙ୍ଗରାଜ' ମକା ଚାଷରୁ ସେ ବର୍ଷକୁ ମୋଟ ୨ ଲକ୍ଷ ୩୦ ହଜାର ଟଙ୍କା ପାଉଥିବାବେଳେ ୧ ଲକ୍ଷ ୧୨ ହଜାର ଟଙ୍କା ଲାଭ କରୁଛନ୍ତି। ଉନ୍ନତ ଚାଷପ୍ରଣାଳୀ ଓ ଅଭ୍ୟାସଗୁଡ଼ିକୁ ଗ୍ରହଣ କରିବା ଯୋଗୁଁ ତାଙ୍କ ଆୟ ମଧ୍ୟ ବୃଦ୍ଧି ପାଇଛି। ବର୍ତ୍ତମାନ ସେ ୪ଟି ଗ୍ରାମର ଚାଷୀମାନଙ୍କୁ ମକା ଚାଷ ସମ୍ବନ୍ଧୀୟ ନିଜ ଅଭିଜ୍ଞତା ବାଣ୍ଟୁଛନ୍ତି। ଏହା ସହ ଆୟ କିଭଳି ଦ୍ୱିଗୁଣିତ ହୋଇପାରିବ ସେ ନେଇ ମଧ୍ୟ ସମ୍ୟକ୍ ଜ୍ଞାନ ପ୍ରଦାନ କରୁଛନ୍ତି।

ଉନ୍ନତ ପ୍ୟାକେଜ୍, ଚାଷପ୍ରଣାଳୀ, ନୂତନ ପ୍ରଯୁକ୍ତିବିଦ୍ୟା ଓ ଜ୍ଞାନ କୌଶଳ ବିଷୟରେ ଅଧିକ ଜାଣିବା ପାଇଁ କୃଷି ବିଜ୍ଞାନ କେନ୍ଦ୍ର ସହିତ ଯୋଗାଯୋଗ କରିବାକୁ ମଧ୍ୟ ଜୟଦେବ ଚାଷୀଙ୍କୁ ପ୍ରେରିତ କରୁଛନ୍ତି। ସେ ବିଭିନ୍ନ ଫସଲ ଓ ବଗିଚା ପରିଚାଳନା ପାଇଁ ପ୍ରତିଦିନ ଜଣଙ୍କୁ ନିୟୋଜିତ କରୁଛନ୍ତି। ଫସଲ ଉତ୍ପାଦନ ବିଶେଷକରି ଧାନ ଓ ମକା ଚାଷ ସମୟରେ ପ୍ରତିବର୍ଷ ଶ୍ରମ ଦିବସରେ ୨୩୦ ରୁ ୨୪୦ ଜଣଙ୍କୁ ନିୟୋଜିତ କରୁଛନ୍ତି। ଯାହାଦ୍ୱାରା ସେ କେବଳ ନିଜ ପାଇଁ ନୁହେଁ ବରଂ ସ୍ଥାନୀୟ ଅଞ୍ଚଳର ଆର୍ଥିକ ପ୍ରଗତିରେ ମଧ୍ୟ ଗୁରୁତ୍ୱପୂର୍ଣ୍ଣ ଭୂମିକା ତୁଲାଉଛନ୍ତି ।

## କୃଷି ପରାମର୍ଶ

ଏ ସପ୍ତାହ ପାଇଁ କୃଷକଙ୍କ ପରାମର୍ଶ

- ଅଣଧାନ ଫସଲ ଓ ପନିପରିବା ତଳିଘରାରୁ ଅତ୍ୟଧିକ ଜଳ ନିଷ୍କାସନର ବ୍ୟବସ୍ଥା କରନ୍ତୁ। ରୋଗ ଓ ପୋକର ନିୟନ୍ତ୍ରଣ ପାଇଁ ଜମିକୁ ଘାସମୁକ୍ତ ରଖନ୍ତୁ।
- କୋବି ଜାତୀୟ ପନିପରିବା ତଳି ପଟାଳିରେ ତଳିଘରା-କଟା ରୋଗ ଦେଖା ଦେଇଥାଏ। ଶୁଖିଲା ପାଗ ଦେଖି ଏହି ରୋଗର ପରିଚାଳନା ପାଇଁ ବିହନ ବୁଣିବା ପୂର୍ବରୁ ଏକ କିଗ୍ରା ମଞ୍ଜିରେ ୨ ଗ୍ରାମ୍ କାର୍ବେଣ୍ଡାଜିମ୍ କିମ୍ବା କାର୍ବୋକ୍ସିନ ଏବଂ ଥିରାମ ମିଶ୍ରିତ ଫିମ୍ପିନାଶକ ବିହନରେ ମିଶାଇ ବିଶୋଧନ କରନ୍ତୁ।
- ଭେଣ୍ଡିରେ ସାହେବୀ ରୋଗ ଧଳାମାଛି ଦ୍ୱାରା ବ୍ୟାପିଥାଏ। ଏହାକୁ ପ୍ରତିରୋଧ କରିବାକୁ ପ୍ରତି କେଜି ବିହନକୁ ୪ ଗ୍ରାମ ଇମିଡାକ୍ଲୋପ୍ରିଡ ୭୫% ଡବ୍ଲ୍ୟୁଜି ସହ ମିଶାଇ ବିହନ ବିଶୋଧନ କରନ୍ତୁ।
- ଖରାଟିଆ ପାଗରେ ଅମୃତଭଣ୍ଡା ଗଛରେ ଦହିଆଚୂର୍ଣ୍ଣ ପୃଷ୍ଠ ପୋକ ପରିଚାଳନା ପାଇଁ ପ୍ରତି ୧୦ଲିଟର ପାଣିରେ ୩୦ ମିଲି ନିମ୍ବ ଆଧାରିତ କୀଟନାଶକ ମିଶାଇ ସିଞ୍ଚନ କରନ୍ତୁ।

ସକାଳ
THE SAKALA
www.sakalaepaper.com

## ଘାନାର ଫିଫା ବିଶ୍ୱକପ୍ ଯୋଗ୍ୟତା

ଆକରା, ୧୩।୧୦ (ଏଜେନ୍ସି): ଆଫ୍ରିକା ମହାଦେଶର ୫ମ ଦେଶ ଭାବେ ଘାନା ଆସନ୍ତାବର୍ଷ ଖେଳାଯିବାକୁ ଥିବା ଫିଫା ବିଶ୍ୱକପ୍‌କୁ ଯୋଗ୍ୟତା ଅର୍ଜନ କରିଛି। ଗତକାଲି ରାତିରେ ଖେଳାଯାଇଥିବା ଯୋଗ୍ୟତା ପର୍ଯ୍ୟାୟର ଏକ ମ୍ୟାଚରେ ଘରୋଇ ଘାନା ଦଳ ୧-୦ ଗୋଲରେ କମରୋସକୁ ପରାସ୍ତ କରିଥିଲା। ମ୍ୟାଚର ୪୭ତମ ମିନିଟ୍‌ରେ ମହମ୍ମଦ କୁଡୁସ ଏହି ବିଜୟସୂଚକ ଗୋଲ୍‌ଟି ଦେଇଥିଲେ। ଫଳରେ ଯୋଗ୍ୟତା ପର୍ଯ୍ୟାୟରେ ଘାନା ସମସ୍ତ ୧୦ ମ୍ୟାଚ୍ ଖେଳି ୮ ବିଜୟ ଏବଂ ଗୋଟିଏ ଲେଖାଏ ପରାଜୟ ଓ ଡ୍ର ସହ ସର୍ବାଧିକ ୨୫ ପଏଣ୍ଟ ପାଇ ଗ୍ରୁପ୍-୧ ଟେବଲ ତାଲିକାର ଶୀର୍ଷରେ ରହି ବିଶ୍ୱକପ୍ ଟିକଟ୍ ହାସଲ କରିଛି। ପୂର୍ବରୁ ଆଫ୍ରିକା ମହାଦେଶରୁ ଇଜିପ୍ଟ, ମରକ୍କୋ, ଟ୍ୟୁନିସିଆ ଓ ଆଲ୍‌ଜେରିଆ ୨୦୨୬ ଫିଫା ବିଶ୍ୱକପ୍‌କୁ ଯୋଗ୍ୟତା ଅର୍ଜନ କରିସାରିଛନ୍ତି।

## ପାକିସ୍ତାନ କ୍ରିକେଟର୍ ୱାଜିରଙ୍କ ପରଲୋକ

ବର୍ମିଂହାମ, ୧୩।୧୦ (ଏଜେନ୍ସି): ପାକିସ୍ତାନର ପୂର୍ବତନ କ୍ରିକେଟର୍ ୱାଜିର ମହମ୍ମଦଙ୍କ ପରଲୋକ ଘଟିଛି। ଇଂଲଣ୍ଡର ବର୍ମିଂହାମସ୍ଥିତ ବାସଭବନରେ ୯୫ ବର୍ଷ ବୟସରେ ୱାଜିର ଶେଷ ନିଶ୍ୱାସ ତ୍ୟାଗ କରିଥିଲେ। ସେ ପାକିସ୍ତାନର ଜୀବିତ ଥିବା ସବୁଠୁ ବୟୋଜ୍ୟେଷ୍ଠ କ୍ରିକେଟର୍ ଭାବେ ବିବେଚିତ ହେଉଥିଲେ। ୱାଜିର ୧୯୫୨ରେ ଭାରତ ବିପକ୍ଷରେ ଖେଳି ଟେଷ୍ଟ ପଦାର୍ପଣ କରିଥିଲେ। ଏହି ମ୍ୟାଚ୍‌ଟି ଭାରତ ଓ ପାକିସ୍ତାନ ମଧ୍ୟରେ ସର୍ବପ୍ରଥମ ଟେଷ୍ଟ ମୁକାବିଲା ଥିଲା। କ୍ୟାରିୟରରେ ୨୦ଟି ଟେଷ୍ଟ ଖେଳିଥିବା ୱାଜିର ୮୦୧ ରନ କରିଥିଲେ। ପାକିସ୍ତାନ ପାଇଁ ଖେଳିଥିବା ଚର୍ଚ୍ଚିତ ମହମ୍ମଦ ଭ୍ରାତାଙ୍କ ମଧ୍ୟରୁ ୱାଜିର ହେଉଛନ୍ତି ସବୁଠୁ ବଡ଼। ତାଙ୍କ ସାନ ଭାଇ ହନିଫ ପାକିସ୍ତାନର ଜଣେ ମହାନ ବ୍ୟାଟର୍ ଥିଲେ। ପାଞ୍ଚଭାଇଙ୍କ ମଧ୍ୟରୁ ୪ଜଣ ପାକିସ୍ତାନ ପକ୍ଷରୁ ଟେଷ୍ଟ ଖେଳିଥିଲେ।


## କଳିଙ୍ଗରେ ରାଜ୍ୟ ପାରା ସନ୍ତରଣ ୨୫ରୁ

ଭୁବନେଶ୍ୱର,୧୩।୧୦(ସମିସ): ପାରା ସ୍ପୋର୍ଟ୍ସ ଆସୋସିଏସନ ଅଫ୍ ଓଡ଼ିଶା ଏବଂ ରାଜ୍ୟ କ୍ରୀଡ଼ା ଓ ଯୁବସେବା ନିର୍ଦ୍ଦେଶାଳୟର ମିଳିତ ସହଯୋଗରେ ଆସନ୍ତା ୨୫ ଓ ୨୬ ତାରିଖ ଦୁଇଦିନ କଳିଙ୍ଗ ଷ୍ଟାଡିୟମ୍‌ରେ ଅନୁଷ୍ଠିତ ହେବ। ଏଥିରେ ଉଭୟ ପୁରୁଷ ମହିଳା ବିଭାଗ ସିନିଅର ଓ ଜୁନିଅର କାଟାଗୋରୀରେ ପ୍ରତିଦ୍ୱନ୍ଦ୍ୱିତା ହେବ। ଏହି ପ୍ରତିଯୋଗିତାରେ କୃତୀ ପ୍ରତିଯୋଗୀମାନଙ୍କୁ ୨୫ତମ ଜାତୀୟ ପାରା ସନ୍ତରଣ ଲାଗି ମନୋନୀତ କରାଯିବ। ଯେଉଁମାନେ ଯୋଗ୍ୟତା ଅର୍ଜନ କରିଥିବେ, କେବଳ ସେମାନଙ୍କୁ ଜାତୀୟ ପ୍ରତିଯୋଗିତା ଲାଗି ଚୟନ କରାଯିବ। ଏହି ପ୍ରତିଯୋଗିତା ହାଇଦ୍ରାବାଦ୍‌ରେ ନଭେମ୍ବର ୧୫ରୁ ଅନୁଷ୍ଠିତ ହେବ। ଶାରିରୀକ, ଦୃଷ୍ଟିବାଧିତ ଓ ମାନସିକ ଭିନ୍ନକ୍ଷମ ପ୍ରତିଯୋଗୀମାନେ ଦିବ୍ୟାଙ୍ଗ ଓ ଜନ୍ମଗତ ପ୍ରମାଣପତ୍ର ସହ ୨୩ ତାରିଖ ସୁଦ୍ଧା ଏମ୍‌ଡିଏଫ୍ ଫର୍ମରେ ଆବେଦନ କରିବାକୁ କୁହାଯାଇଛି। ପ୍ରତିଯୋଗୀମାନେ ଜନ୍ମ, ଦିବ୍ୟାଙ୍ଗ ଓ ଡାକ୍ତର ନିଦାନ ଫର୍ମ ଆଣିବାକୁ ଅନୁରୋଧ କରାଯାଇଛି। ଅଧିକ ସୂଚନା ଲାଗି ପାରା ଆସୋସିଏସନ ଅଫ୍ ଓଡ଼ିଶା ସମ୍ପାଦକ ସୁନୀଲ ପ୍ରଧାନଙ୍କୁ ଟେଲିଫୋନ୍ ନଂ- ୯୮୬୨୦୦୯୩୯୬ ରେ ଯୋଗାଯୋଗ କରିବାକୁ କୁହାଯାଇଛି।

### କ୍ୟାମ୍ପବେଲଙ୍କ ପ୍ରଥମ, ୮ ବର୍ଷ ପରେ ହୋପ୍‌ଙ୍କ ଟେଷ୍ଟ ଶତକ

# ବିଜୟଠାରୁ ୫୮ ରନ୍ ଦୂରରେ ଭାରତ

ନୂଆଦିଲ୍ଲୀ,୧୩।୧୦(ଏଜେନ୍ସି)



ଏଠାରେ ଚାଲିଥିବା ୱେଷ୍ଟଇଣ୍ଡିଜ୍ ବିପକ୍ଷ ଦ୍ୱିତୀୟ ଟେଷ୍ଟରେ ଘରୋଇ ଭାରତ ବିଜୟର ଦ୍ୱାରଦେଶରେ ପହଞ୍ଚିଛି। ଏହି ଟେଷ୍ଟର ଜନ୍ କ୍ୟାମ୍ପବେଲ (୧୧୫) ଓ ସାଇ ହୋପ (୧୦୩)ଙ୍କ ଶତକ ବଳରେ ଫଲୋଅନ ପରେ ୱେଷ୍ଟଇଣ୍ଡିଜ୍‌ର ଦ୍ୱିତୀୟ ଇନିଂସ ୩୯୦ ରନ୍‌ରେ ଶେଷ ହୋଇଥିଲା। ଏହା ଫଳରେ ଭ୍ରମଣକାରୀ ୱେଷ୍ଟଇଣ୍ଡିଜ୍ ଭାରତଠାରୁ ୧୨୦ ରନ୍‌ର ଅଗ୍ରଣୀ ନେଇଥିଲା। ଇଣ୍ଡିଜ୍ ପ୍ରଦତ୍ତ ୧୨୧ ରନ୍‌ର ବିଜୟ ଲକ୍ଷ୍ୟକୁ ପିଛା କରି ଚତୁର୍ଥ ଦିନ ଖେଳ ଶେଷ ସୁଦ୍ଧା ଭାରତ ଦ୍ୱିତୀୟ ଇନିଂସରେ ଯଶସ୍ୱୀ ଜୟସ୍ୱାଲ (୮)ଙ୍କ ୱିକେଟ ହରାଇ ୬୩ ରନ୍ ସଂଗ୍ରହ କରିନେଇଛି। ଏହି ସମୟରେ ଲୋକେଶ ରାହୁଲ ୨୫ ଓ ସାଇ ସୁଦର୍ଶନ ୩୦ ରନ୍‌ରେ ବ୍ୟାଟିଂ କରୁଥିଲେ। ଆସନ୍ତାକାଲି ୫ମ ତଥା ଶେଷ ଦିନରେ ଭାରତକୁ ମ୍ୟାଚ୍ ଜିତିବା ଲାଗି ବାକିଥିବା ୯ଟି ଦ୍ୱିତୀୟ ଇନିଂସ ୱିକେଟ ବଳରେ ଆଉ ମାତ୍ର ୫୮ ରନ୍ ଆବଶ୍ୟକ କରୁଛି। ପୂର୍ବରୁ ୫ ୱିକେଟରେ ୫୧୮ ରନ୍ କରିଥିବା ଭାରତ ଅହମ୍ମଦାବାଦରେ ଅନୁଷ୍ଠିତ ପ୍ରଥମ ଟେଷ୍ଟରେ ବିଜୟ ହାସଲ କରି ୨ ମ୍ୟାଚ୍ ବିଶିଷ୍ଟ ଟେଷ୍ଟ ସିରିଜ୍‌ରେ ୧-୦ରେ ଆଗୁଆ ରହିଛି।

### ଦ୍ୱିତୀୟ ଇନିଂସରେ ଲଢ଼ିଲା ଇଣ୍ଡିଜ୍

ଏହି ସିରିଜ୍‌ରେ ଖେଳାଯାଇଥିବା ୨ଟି ଟେଷ୍ଟରେ ବ୍ୟାଟିଂ କରିଥିବା ପ୍ରଥମ ୩ଟି ଇନିଂସ ଭାରତୀୟ ବୋଲରଙ୍କ ନିୟନ୍ତ୍ରଣରେ ରହିଥିଲା। କିନ୍ତୁ ଏଠାରେ ଫଲୋଅନ୍ ହେବା ପରେ ୱେଷ୍ଟଇଣ୍ଡିଜ୍ ଦଳ ଲଢ଼ୁଆ ବ୍ୟାଟିଂ କରିଥିଲେ। ବିଶେଷକରି ତୃତୀୟ ଦିନ ଖେଳ ଶେଷରେ ବ୍ୟାଟିଂ କରିଥିବା ଜନ୍ କ୍ୟାମ୍ପବେଲ ଓ ସାଇ ହୋପ୍ ଚତୁର୍ଥ ଦିନ ସକାଳେ ମଧ୍ୟ ଭାରତୀୟ ସ୍ପିନ୍ ଓ ପେସ୍ ବୋଲରଙ୍କୁ ସମାନ ଶୈଳୀରେ ମୁକାବିଲା କରିଥିଲେ। ଯାହା ଫଳରେ ଭାରତର ବୋଲରଙ୍କୁ ସଫଳତା ମିଳି ନ ଥିଲା। ଟେଷ୍ଟ ଜୀବନର ପ୍ରଥମ ଶତକ ହାସଲ କରିବା ପରେ ଜନ୍ କ୍ୟାମ୍ପବେଲ ରିଭର୍ସ ସୁଇପ୍ କରିବାକୁ ଯାଇ ରବୀନ୍ଦ୍ର ଜାଡେଜାଙ୍କ ଦ୍ୱାରା ଏଲ୍‌ବିଡବ୍ଲ୍ୟୁ ହୋଇଥିଲେ। ସେ ୧୯୯ ବଲ୍ ଖେଳି ୧୨ ଚୌକା ଓ ୩ ଛକା ସହ ୧୧୫ ରନ୍‌ରେ ଆଉଟ ହୋଇଥିଲେ। ତାଙ୍କ ଆଉଟ ପରେ ହୋପ୍‌ଙ୍କୁ ରୋଷ୍ଟୋନ ଚେଜ୍‌ଙ୍କ ରୂପରେ ଜଣେ ଭଲ ପାର୍ଟନର ମିଳିଥିଲା। ଏମାନେ ଚତୁର୍ଥ ୱିକେଟରୁ ୫୯ ରନ୍ ଉଠାଇଥିଲେ। ଏହି ସମୟରେ ଭାରତ ନୂଆ ବଲ୍ ନେଇଥିଲା। ମହମ୍ମଦ୍ ସିରାଜ ନୂଆ ବଲ୍‌ରେ ହୋପଙ୍କୁ ଆଉଟ କରି ତାଙ୍କ ପ୍ରତିରୋଧ ଶେଷ କରିଦେଇଥିଲେ। ୨୧୪ ବଲ୍‌ର ଧୈର୍ଯ୍ୟପୂର୍ଣ୍ଣ ଇନିଂସ ଖେଳି ୧୨ ଚୌକା ଓ ୨ ଛକା ସହ ୧୦୩ ରନ୍‌ରେ ଆଉଟ ହୋଇଥିଲେ ହୋପ୍। ତାଙ୍କ ଆଉଟ ସହ ୱେଷ୍ଟଇଣ୍ଡିଜ୍‌ର ସାମୟିକ ବିପର୍ଯ୍ୟୟ ଘଟିଥିଲା। ଏକଦା ଦଳ ୩ ୱିକେଟରେ ୨୭୧ ରନ୍ କରିଥିଲାବେଳେ ହୋପ୍‌ଙ୍କ ଆଉଟ ପରେ ସ୍କୋର ୯ ୱିକେଟରେ ୩୧୧ ରନ୍‌ରେ ପହଞ୍ଚିଥିଲା। କିନ୍ତୁ ଶେଷ ୱିକେଟରେ ଜଷ୍ଟିନ ଗ୍ରିଭ୍‌ସ ଓ ଜେଡେନ ସିଲ୍ସ ଲଢ଼ୁଆ ବ୍ୟାଟିଂ କରି ଭାରତୀୟ ବୋଲରଙ୍କୁ ପୁଣିଥରେ ନିରାଶ କରିଥିଲେ। ଏମାନେ ୨୨ ଓଭର ବ୍ୟାଟିଂ କରି ୭୯ ରନ୍ ଉଠାଇବା ପରେ ଯୋଡି ଭାଙ୍ଗିଥିଲା। ଶେଷ ୩ଟି ୱିକେଟ ନେଇଥିବା ଫାଷ୍ଟ ବୋଲର ଯଶପ୍ରୀତ୍ ବୁମ୍‌ରା ସିଲ୍ସଙ୍କୁ ୩୨ ରନ୍‌ରେ ଆଉଟ କରି ୱେଷ୍ଟଇଣ୍ଡିଜ୍‌ର ଦ୍ୱିତୀୟ ଇନିଂସଙ୍କ ୩୯୦ ରନ୍‌ରେ ଶେଷ କରିଥିଲେ। ନିମ୍ନ ଭାଗରେ କୁଳଦୀପ ଯାଦବ ୩ଟି ୱିକେଟ ନେଇ ବିପର୍ଯ୍ୟୟ ଘଟାଇଥିଲେ। କିନ୍ତୁ ମହମ୍ମଦ୍ ସିରାଜ ୨ଜଣ ଗୁରୁତ୍ୱପୂର୍ଣ୍ଣ ବ୍ୟାଟରଙ୍କୁ ଆଉଟ କରିଥିଲେ।

କିନ୍ତୁ ସବୁଠାରୁ ଗୁରୁତ୍ୱପୂର୍ଣ୍ଣ ଘଟଣା ହେଲା କ୍ୟାମ୍ପବେଲ ହୋପ୍ ତୃତୀୟ ୱିକେଟରେ ୨୯୫ ବଲ୍ ଖେଳି ୧୭୭ ରନ୍ କରିବା ଫଳରେ ୱେଷ୍ଟଇଣ୍ଡିଜ୍‌ର ଆତ୍ମବିଶ୍ୱାସ ବୃଦ୍ଧି ପାଇଛି। ଟେଷ୍ଟ କ୍ରିକେଟରେ କ୍ୟାମ୍ପବେଲ ପ୍ରଥମ ଶତକ ହାସଲ କରିଛନ୍ତି। ସେହିପରି ରେଡ୍‌ବଲ୍ କ୍ରିକେଟରେ ହୋପ୍ ଦୀର୍ଘ ୮ ବର୍ଷ ପରେ ହୋପ୍ ୩ ଅଙ୍କରେ ପହଞ୍ଚିଛନ୍ତି। ଏହା ତାଙ୍କ ଟେଷ୍ଟ କ୍ୟାରିୟରରେ ତୃତୀୟ ଶତକ। ଶେଷଯାଏ ଆଉଟ ହୋଇ ନ ଥିବା ଜଷ୍ଟିନ ଗ୍ରିଭ୍‌ସ ମଧ୍ୟ ୫୦ ରନ୍ କରିଥିଲେ।

**ସଂକ୍ଷିପ୍ତ ସ୍କୋର**

**ଭାରତ ପ୍ରଥମ ଇନିଂସ: ୫୧୮/୫, ଘୋଷଣା** (ଜୟସ୍ୱାଲ-୧୭୫, ଗିଲ ଅପରାଜିତ-୧୨୯, ସାଇ ସୁଦର୍ଶନ-୮୭, ୱାରିକାନ୍- ୩/୯୮)।

**ୱେଷ୍ଟଇଣ୍ଡିଜ୍ ପ୍ରଥମ ଇନିଂସ: ୨୪୮, ୮୧.୫ ଓଭର** (ଆଥାନାଜେ-୪୧, ହୋପ୍-୩୬, କୁଲଦୀପ-୫/୪୦, ଜାଡେଜା-୩/୪୬)। (ଫଲୋଅନ୍)

**ୱେଷ୍ଟଇଣ୍ଡିଜ୍ ଦ୍ୱିତୀୟ ଇନିଂସ: ୩୯୦/୧୦, ୧୧୮.୫ ଓଭର** (କ୍ୟାମ୍ପବେଲ-୧୧୫, ହୋପ୍-୧୦୩, ବୁମ୍‌ରା-୩/୪୪, କୁଲଦୀପ-୩/୧୦୪, ସିରାଜ୍-୨/୪୩)।

**ଭାରତ ଦ୍ୱିତୀୟ ଇନିଂସ: ୬୩/୧,୧୮ ଓଭର** (ଜୟସ୍ୱାଲ-୮, ରାହୁଲ-ବ୍ୟାଟିଂ-୨୫, ସାଇ ସୁଦର୍ଶନ-ବ୍ୟାଟିଂ-୩୦, ୱାରିକାନ୍-୧/୧୫)।

### ଓଡ଼ିଶା ରଗ୍‌ବୀ ଫୁଟବଲ ସଂଘ ନିର୍ବାଚନ

## ସୁଶାନ୍ତ ସାହୁ ନୂଆ ସମ୍ପାଦକ



ଭୁବନେଶ୍ୱର,୧୩।୧୦(ସମିସ): ଓଡ଼ିଶା ରଗ୍‌ବୀ ଫୁଟବଲ ସଂଘ (ଓର୍‌ଫା)ର ଆସନ୍ତା ୪ ବର୍ଷ ଲାଗି ନୂଆ କର୍ମକର୍ତ୍ତା ନିର୍ବାଚିତ ହୋଇଛନ୍ତି। ଏଥିରେ ପ୍ରତ୍ୟେକ ପଦ ଲାଗି ଜଣେ ଲେଖାଏଁ ପ୍ରାର୍ଥୀ ରହିଥିବାରୁ ସମସ୍ତ କର୍ମକର୍ତ୍ତା ନିର୍ଦ୍ୱନ୍ଦ୍ୱରେ ନିର୍ବାଚିତ ହୋଇଛନ୍ତି। ପୂର୍ବତନ ବିଧାୟକ ପ୍ରିୟଦର୍ଶୀ ମିଶ୍ର କ୍ରମାଗତ ତୃତୀୟଥର ଲାଗି ସଭାପତି ଦାୟିତ୍ୱ ସମ୍ଭାଳିବେ। ସେହିପରି ପୂର୍ବତନ ଖେଳାଳି ଭୁବନେଶ୍ୱରର ସୁଶାନ୍ତ କୁମାର ସାହୁ ନୂଆ ସମ୍ପାଦକ ହୋଇଛନ୍ତି। ଏହି ପଦରେ ଥିବା ଉପେନ୍ଦ୍ର ମହାନ୍ତି ଉପସଭାପତି ହୋଇଛନ୍ତି। ଶକ୍ତିରଞ୍ଜନ ମହାନ୍ତି କୋଷାଧ୍ୟକ୍ଷ ପଦ ବଜାୟ ରଖିଥିଲାବେଳେ ଦଶରଥପୁର, ଯାଜପୁରର ଭରତ କୁମାର ସାହୁ ନୂଆ ଯୁଗ୍ମ ସମ୍ପାଦକ ହୋଇଛନ୍ତି। ଅବସରପ୍ରାପ୍ତ ବିଚାରପତି ତଥା ନିର୍ବାଚନ ଅଧିକାରୀ ରତିକାନ୍ତ ମହାପାତ୍ର ନିର୍ବାଚିତ କର୍ମକର୍ତ୍ତାଙ୍କ ନାମ ଘୋଷଣା କରିଥିଲେ। ଭାରତୀୟ ରଗ୍‌ବୀ ଫୁଟବଲ ୟୁନିଅନର ସିଇଓ ଅଙ୍କୁଶ ଅରୋରା ଓ ଓଡ଼ିଶା ଅଲିମ୍ପିକ୍ ସଂଘର ଅଜୟ ବେହେରା ଭିଡିଓ କନ୍‌ଫରେନ୍ସିଂ ଜରିଆରେ ଯୋଗଦେଇଥିଲେ। କ୍ରୀଡ଼ାବିଭାଗର ଓଏସ୍‌ଡି ସନାତନ ସାହୁ ପର୍ଯ୍ୟବେକ୍ଷକ ଓ ଭୁବନେଶ୍ୱର ଦୌଡ଼କୁଦ ସଂଘର ସମ୍ପାଦକ ଏସ୍‌ଆର୍ ପରିଜା ସ୍ୱତନ୍ତ୍ର ନିମନ୍ତ୍ରିତ ଅତିଥି ଭାବେ ଉପସ୍ଥିତ ଥିଲେ। ଓର୍‌ଫାର ଆଜୀବନ ସଦସ୍ୟ ଅଶୋକ ମହାନ୍ତି ସ୍ୱାଗତ ଭାଷଣ ଓ ଭରତ ସାହୁ ଧନ୍ୟବାଦ ଅର୍ପଣ କରିଥିଲେ।

## ମହିଳା ବିଶ୍ୱକପ୍: ଦ.ଆଫ୍ରିକାର ହ୍ୟାଟ୍ରିକ ବିଜୟ

ବିଶାଖାପାଟନମ, ୧୩।୧୦ (ଏଜେନ୍ସି): ଚଳିତ ଆଇସିସି ମହିଳା ଦିନିକିଆ ବିଶ୍ୱକପ୍‌ରେ ଦକ୍ଷିଣ ଆଫ୍ରିକା ହ୍ୟାଟ୍ରିକ ବିଜୟ ହାସଲ କରିଛି। ସୋମବାର ଅନୁଷ୍ଠିତ ଏକ ମ୍ୟାଚରେ ଦକ୍ଷିଣ ଆଫ୍ରିକା ୩ ୱିକେଟ୍‌ରେ ବାଂଲାଦେଶକୁ ପରାସ୍ତ କରିଛି। ଏହି ମ୍ୟାଚରେ ଟସ୍ ଜିତି ବ୍ୟାଟିଂ କରିଥିବା ବାଂଲାଦେଶ ୫୦ ଓଭରରେ ୬ ୱିକେଟ୍ ହରାଇ ୨୩୨ ରନ କରିଥିଲା। ଦଳ ପକ୍ଷରୁ ଶରମିନ ଅଖତର (୫୦) ଓ ଶୋରନା ଅଖତର (୫୧) ଅର୍ଦ୍ଧଶତକୀୟ ପାଳି ଖେଳିଥିଲେ। ପ୍ରତିପକ୍ଷ ବୋଲର ଏନ୍. ମାଲବାଙ୍କୁ ୨ଟି ୱିକେଟ୍ ମିଳିଥିଲା। ଜବାବରେ ୨୩୩ ରନର ଲକ୍ଷ୍ୟକୁ ପିଛା କରିଥିବା ଦକ୍ଷିଣ ଆଫ୍ରିକା ୭୮ ରନ ମଧ୍ୟରେ ୫ ୱିକେଟ ହରାଇ ବିପର୍ଯ୍ୟୟର ସମ୍ମୁଖୀନ ହୋଇଥିଲା। କିନ୍ତୁ ମଧ୍ୟକ୍ରମରେ ମାରିଜନେ କାପ୍ପ (୫୬ ରନ) ଓ କ୍ଲୋଏ ଟ୍ରିୟନ (୬୨ ରନ)ଙ୍କ ଅର୍ଦ୍ଧଶତକ ବଳରେ ଦଳ ୩ଟି ବଲ୍ ବଳକା ଥାଇ ୭ ୱିକେଟ୍ ହରାଇ ବିଜୟୀ ହୋଇଥିଲା। ନାଦିନେ ଡି କ୍ଲେର୍କ ୨୯ ବଲରେ ଅପରାଜିତ ୩୭ ରନ କରି ଦଳକୁ ବିଜୟୀ କରାଇଥିଲେ। ପୂର୍ବରୁ ପ୍ରଥମ ମ୍ୟାଚରେ ଇଂଲଣ୍ଡଠୁ ହାରିଥିବା ଦକ୍ଷିଣ ଆଫ୍ରିକା କ୍ରମାଗତ ୩ଟି ବିଜୟ ହାସଲ କରି ୬ ପଏଣ୍ଟ ସହ ତୃତୀୟ ସ୍ଥାନକୁ ଉଠିଛି।

**ଆଜିର ମ୍ୟାଚ୍**
ଶ୍ରୀଲଙ୍କା- ନ୍ୟୁଜିଲାଣ୍ଡ
ଆରମ୍ଭ: ଅପରାହ୍ଣ ୩ଟା
ସ୍ଥାନ: କଲମ୍ବୋ

### ଏସୀୟ ଟିଟି ଟିମ୍ ଚାମ୍ପିଅନସିପ୍

## କ୍ୱାର୍ଟର ଫାଇନାଲ୍‌ରୁ ଭାରତର ବିଦାୟ



ଭୁବନେଶ୍ୱର,୧୩।୧୦(ସମିସ): ଆୟୋଜକ ଭାରତର ଉଭୟ ପୁରୁଷ ଓ ମହିଳା ଦଳ ସ୍ଥାନୀୟ କଳିଙ୍ଗ ଷ୍ଟାଡିୟମ୍‌ରେ ଚାଲିଥିବା ଏସୀୟ ଟିଟି ଟିମ୍ ଚାମ୍ପିଅନସିପ୍‌ର କ୍ୱାର୍ଟର ଫାଇନାଲରୁ ବିଦାୟ ନେଇଛି। ପ୍ରଥମେ ପୁରୁଷ ଦଳ ଗତକାଲି ୩-୦ରେ ହଂକଂଠାରୁ ହାରିବା ପରେ ଆଜି ଖେଳାଯାଇଥିବା କ୍ୱାର୍ଟର ଫାଇନାଲରେ ମହିଳା ଦଳ ଲଢ଼େଇ କରିଥିଲେ ମଧ୍ୟ ୨-୩ ବ୍ୟବଧାନରେ ସିଙ୍ଗାପୁର ନିକଟରୁ ହାରିଯାଇଥିଲା। ଏହା ଫଳରେ ଗତ ଦୁଇଟି ସଂସ୍କରଣରେ ପଦକ ଜିତିଥିବା ଭାରତ ଏଠାରେ ଖାଲି ହାତରେ ରହିଛି। ଏହି ମୁକାବିଲା ପରେ ସେମିଫାଇନାଲ ଲାଇନ୍ ଅପ୍ ଚୂଡାନ୍ତ ହୋଇଯାଇଛି। ମହିଳା ବିଭାଗ ଫାଇନାଲରେ ଚୀନ୍ ସହ ଦକ୍ଷିଣ କୋରିଆ ଏବଂ ଜାପାନ ସହ ସିଙ୍ଗାପୁରର ମୁକାବିଲା ହେବ। ସେହିପରି ପୁରୁଷ ବିଭାଗରେ ଚୀନ୍ ସହ ଜାପାନ, ଚାଇନିଜ୍ ତାଇପେଇ ସହ ହଂକଂ ଚାଇନା ସେମିଫାଇନାଲରେ ପରସ୍ପର ସହ ମୁକାବିଲା କରିବେ। ମହିଳା ବିଭାଗରେ ଆଜି ଭାରତ ପକ୍ଷରୁ କେବଳ ମନିକା ବତ୍ରା ଓ ଯଶସ୍ୱୀନି ଘୋରପଡ଼େ ଗୋଟିଏ ଲେଖାଏଁ ମ୍ୟାଚ୍ ଜିତିଥିଲେ। ମନିକା ଗୋଟିଏ ଓ ଦିୟା ଚିତାଲେ ୨ଟି ଯାକ ମୁକାବିଲାରେ ପରାଜିତ ହୋଇଥିଲେ। ଦିୟା ୨ଥର ବିଜୟ ହାତଛଡ଼ା କରିଥିଲେ।

## ସୂର୍ଯ୍ୟବଂଶୀ ଉପ-ଅଧିନାୟକ

ପାଟନା, ୧୩।୧୦ (ଏଜେନ୍ସି): ଆଉ ଦିନକ ପରେ ଭାରତୀୟ ଘରୋଇ କ୍ରିକେଟ୍‌ର ସବୁଠୁ ସମ୍ମାନଜନକ ପ୍ରତିଯୋଗିତା ରଣଜୀ ଟ୍ରଫି ଆରମ୍ଭ ହେବ। ଏଥିଲାଗି ଶାକିବୁଲ୍ ଘାନିଙ୍କ ନେତୃତ୍ୱରେ ୧୫ ଜଣିଆ ବିହାର ଦଳ ଘୋଷଣା କରାଯାଇଛି। ସେହିଭଳି ୧୪ ବର୍ଷୀୟ ଯୁବ ବ୍ୟାଟିଂ ତାରକା ବୈଭବ ସୂର୍ଯ୍ୟବଂଶୀଙ୍କୁ ଦଳର ଉପ-ଅଧିନାୟକ ନିଯୁକ୍ତ କରାଯାଇଛି। ପ୍ଲେଟ୍ ଡିଭିଜନରେ ସ୍ଥାନ ପାଇଥିବା ବିହାର ଅକ୍ଟୋବର ୧୫ରେ ଅରୁଣାଚଳ ପ୍ରଦେଶ ବିପକ୍ଷରେ ଖେଳି ଅଭିଯାନ ଆରମ୍ଭ କରିବ।

### ● ବିନୁ ମଙ୍କଡ଼ ଟ୍ରଫି

## ବିଦର୍ଭକୁ ହରାଇଲା ଓଡ଼ିଶା



କଟକ,୧୩।୧୦(ସମିସ): ବିନୁ ମଙ୍କଡ଼ ଟ୍ରଫିର ପ୍ରଥମ ମୁକାବିଲାରେ ପରାସ୍ତ ପରେ ଲଗାତର ଦୁଇଟି ମ୍ୟାଚ୍ ଜିତି ଓଡ଼ିଶା ଏଲିଟ ଗ୍ରୁପ-ଏ ପଏଣ୍ଟ ଟେବଲର ଦ୍ୱିତୀୟ ସ୍ଥାନକୁ ଉନ୍ନୀତ ହୋଇଛି। ସୋମବାର ଓଡ଼ିଶା ୭୪ ରନରେ ବିଦର୍ଭକୁ ହରାଇଛି। ହରିୟାଣାର ଗୁରୁଗ୍ରାମ କ୍ରିକେଟ ଷ୍ଟାଡିୟମରେ ଅନୁଷ୍ଠିତ ମ୍ୟାଚ୍‌ରେ ବିଦର୍ଭ ଟସ୍ ଜିତି ଓଡ଼ିଶାକୁ ବ୍ୟାଟିଂ ସୁଯୋଗ ଦେଇଥିଲା। ଦଳ ସମସ୍ତ ୱିକେଟ ହରାଇ ୨୧୮ ରନ କରିଥିଲା। ଓଡ଼ିଶା ପକ୍ଷରୁ ରୁଦ୍ର ପ୍ରସାଦ ମଲ୍ଲିକ ସର୍ବାଧିକ ୩୯, ବିଶ୍ୱଜିତ ପ୍ରଧାନ ୩୧ ରନ କରିଥିଲେ। ବିଦର୍ଭର ହିମାଂଶୁ କୱାଲେ ଏବଂ ଓମ୍ ଧୋତ୍ରେ ୩ଟି ଲେଖାଏ ୱିକେଟ ଅକ୍ତିଆର କରିଥିଲେ। ଜବାବରେ ୨୧୯ ରନର ବିଜୟ ଲକ୍ଷ୍ୟକୁ ପିଛା କରି ବିଦର୍ଭର ଇନିଂସ୍ ୧୪୪ ରନରେ ସୀମିତ ରହିଥିଲା। ସୟଦ ଟି ଅହମ୍ମଦ ଏବଂ ପିୟୂଷ ରଞ୍ଜନ ମନ୍ତ୍ରୀ ଯଥାକ୍ରମେ ୪ଟି ଓ ୩ଟି ୱିକେଟ ଅକ୍ତିଆର କରିଥିଲେ। ଆସନ୍ତା ୧୫ ତାରିଖରେ ଓଡ଼ିଶା ୪ର୍ଥ ଲିଗ୍‌ରେ ଗୋଆକୁ ଭେଟିବ।

### ■ ସିନିଅର ମହିଳା ଟି-୨୦

## ଓଡ଼ିଶାର କ୍ରମାଗତ ୪ର୍ଥ ପରାଜୟ

କଟକ,୧୩।୧୦(ସମିସ): ବିସିସିଆଇ ଆନୁକୂଲ୍ୟରେ ଅନୁଷ୍ଠିତ ଜାତୀୟ ସିନିଅର ମହିଳା ଟି-୨୦ ଟ୍ରଫିରେ ଓଡ଼ିଶା ଲଗାତର ୪ର୍ଥ ପରାଜୟର ସମ୍ମୁଖୀନ ହୋଇଛି। ଏ ପର୍ଯ୍ୟନ୍ତ ବିଜୟ ସ୍ୱାଦ ଚାଖି ପାରି ନ ଥିବା ଓଡ଼ିଶା ଗ୍ରୁପ-ସି ପଏଣ୍ଟ ଟେବଲର ୮ମ ସ୍ଥାନରେ ରହିଥିବାବେଳେ କ୍ୱାର୍ଟର ଆଶା କ୍ଷୀଣ ହେବାରେ ଲାଗିଛି। ଆଜି ଗ୍ୱାଲିୟରରେ ଆନ୍ଧ୍ରପ୍ରଦେଶ ବିପକ୍ଷ ମ୍ୟାଚ୍‌ରେ ଓଡ଼ିଶା ଅଧିନାୟିକା ସୁଶ୍ରୀ ଦିବ୍ୟଦର୍ଶିନୀ ଟସ୍ ଜିତି ପ୍ରଥମେ ବ୍ୟାଟିଂ ନିଷ୍ପତ୍ତି ନେଇଥିଲେ। ତନ୍ମୟୀ ବେହେରାଙ୍କ ୪୪, ମାଧୁରୀ ମେହେଟାଙ୍କ ୨୬ ରନ ସହାୟତାରେ ଦଳ ୮ ୱିକେଟ ହରାଇ ୧୨୭ ରନ ସଂଗ୍ରହ କରିଥିଲା। ଜବାବରେ ୬ ୱିକେଟ ହରାଇ ଅନ୍ତିମ ବଲରେ ଆନ୍ଧ୍ର ବିଜୟୀ ହୋଇଥିଲା। ଅଧିନାୟିକା ମେଘନା ୫୬ ଓ ଅନୁଷା ୨୧ ରନର ଅପରାଜିତ ମ୍ୟାଚ୍ ବିଜୟୀ ପାଳି ଖେଳିଥିଲେ। ଓଡ଼ିଶା ପକ୍ଷରୁ ଜ୍ୟୋତି କେ ପ୍ରସାଦ ୨ଟି ୱିକେଟ ହାସଲ କରିଥିଲେ।

### ଜାତୀୟ ଜୁନିଅର ଆଥ୍‌ଲେଟିକ୍ସ

## ସ୍ୱର୍ଣ୍ଣ ସହ ପ୍ରତୀକଙ୍କୁ ବିଶ୍ୱ ଯୋଗ୍ୟତା

ଭୁବନେଶ୍ୱର, ୧୩।୧୦ (ସମିସ)



ଘରୋଇ ଓଡ଼ିଶାର ଯୁବ ଧାବକ ପ୍ରତୀକ ମହାରଣା ସ୍ଥାନୀୟ କଳିଙ୍ଗ ଷ୍ଟାଡିୟମରେ ଚାଲିଥିବା ୪୦ତମ ଜାତୀୟ ଜୁନିଅର ଆଥ୍‌ଲେଟିକ୍ସ ଚାମ୍ପିଅନସିପ୍‌ରେ ସ୍ୱର୍ଣ୍ଣିମ ସଫଳତା ପାଇଛନ୍ତି। ପ୍ରତିଯୋଗିତାର ୪ର୍ଥ ଦିବସରେ ସୋମବାର ପ୍ରତୀକ ୨୦ ବର୍ଷରୁ କମ୍ ପୁରୁଷ ୨୦୦ ମିଟର ରେସରେ ଏହି ସଫଳତା ପାଇଥିଲେ। ପ୍ରତୀକ ଏହି ଦୂରତାକୁ ୨୧.୨୪ ସେକେଣ୍ଡରେ ଫିନିଶ କରି ପୋଡିୟମର ଶୀର୍ଷରେ ରହିବା ସହ ଆଗାମୀ ବିଶ୍ୱ ଆଥ୍‌ଲେଟିକ୍ସ ଚାମ୍ପିଅନସିପ୍ (୨୦ ବର୍ଷରୁ କମ୍)କୁ ମଧ୍ୟ ଯୋଗ୍ୟତା ଅର୍ଜନ କରିଛନ୍ତି। ଏହା ମଧ୍ୟ ନୂଆ ମିଟ୍ ରେକର୍ଡ ହୋଇଛି। ସେହିଭଳି ଏହି ରେସରେ ପଞ୍ଜାବର ଯଶଜିତ୍ ସିଂହ ଢିଲନ (୨୧.୨୬ ସେକେଣ୍ଡ) ଓ ମହାରାଷ୍ଟ୍ରର ଅର୍ନବ ତକଲକର (୨୧.୬୫ ସେକେଣ୍ଡ) ଯଥାକ୍ରମେ ରୌପ୍ୟ ଓ କାଂସ୍ୟ ପଦକ ବିଜୟୀ ହୋଇଥିଲେ। ପ୍ରତିଯୋଗିତାରେ ପ୍ରତୀକଙ୍କ ଏହା ୨ୟ ପଦକ। ପୂର୍ବରୁ ସେ ୧୦୦ ମିଟରରେ ରୌପ୍ୟ ପଦକ ଜିତିଥିଲେ।

### ସଟ୍‌ପୁଟ୍‌ରେ ଓମକାରଙ୍କୁ କାଂସ୍ୟ



ସେହିଭଳି ଆଉ ଜଣେ ଓଡ଼ିଆ ଆଥ୍‌ଲେଟ୍ ମଧ୍ୟ ସୋମବାର ପଦକ ସଫଳତା ପାଇଛନ୍ତି। ସେ ହେଲେ ଓମ୍‌କାର ପ୍ରସାଦ ନନ୍ଦ। ୨୦ ବର୍ଷରୁ କମ୍ ପୁରୁଷ ସଟ୍‌ପୁଟ୍‌ରେ ଓମ୍‌କାର ୧୮.୨୪ ମିଟର ଫିଙ୍ଗି ୩ୟ ସ୍ଥାନରେ ରହିଥିଲେ। ଏଥିରେ ତେଲଙ୍ଗାନାର ସାଇକ୍ରିଷ୍ଣା (୧୮.୪୨ମି) ଓ ଉତ୍ତରପ୍ରଦେଶର ଅନୁଜ କୁମାର (୧୮.୩୧ମି) ଯଥାକ୍ରମେ ପୋଡିୟମର ପ୍ରଥମ ଓ ୨ୟ ସ୍ଥାନରେ ରହିଥିଲେ। ମଙ୍ଗଳବାର ଏହି ଚାମ୍ପିଅନସିପ୍ ଉଦ୍‌ଯାପିତ ହେବ। ବର୍ତ୍ତମାନ ସୁଦ୍ଧା ଓଡ଼ିଶା ଗୋଟିଏ ସ୍ୱର୍ଣ୍ଣ ଏବଂ ଦୁଇଟି ଲେଖାଏ ରୌପ୍ୟ ଓ କାଂସ୍ୟ ପଦକ ଜିତିସାରିଛି।

## ଓଡ଼ିଶା ସିନିଅର ଗେଟ୍‌ବଲ ଚାମ୍ପିଅନ




ଭୁବନେଶ୍ୱର,୧୩।୧୦(ସମିସ): ଓଡ଼ିଶା ୧୮ତମ ଜାତୀୟ ସିନିଅର ଗେଟ୍‌ବଲ ଚାମ୍ପିଅନ ଆଖ୍ୟା ଅର୍ଜନ କରିଛି। ମଧ୍ୟପ୍ରଦେଶ ରୌପ୍ୟ ଓ ବିହାରକୁ କାଂସ୍ୟ ପଦକ ମିଳିଛି। ଡବଲ ଇଭେଣ୍ଟରେ ଶିବରାମ ସ୍ୱାଇଁ ଓ ମହମ୍ମଦ୍ ଅମନ ବିଜୟୀ ହୋଇଛନ୍ତି। ମହିଳା ବିଭାଗରେ ଡବଲ୍ସ ଇଭେଣ୍ଟ ଖେଳାଯାଇଥିଲା। ଏଥିରେ ମହାରାଷ୍ଟ୍ର ଯୋଡିକୁ ସ୍ୱର୍ଣ୍ଣ ଏବଂ ଓଡ଼ିଶାର ନମ୍ରତା କର୍ଣ୍ଣାଲ ଓ ତମନ୍ନା ରାୟ ରୌପ୍ୟ ପଦକ ବିଜୟୀ ହୋଇଛନ୍ତି। ପୂର୍ବତନ ବିଧାୟକ ପ୍ରିୟଦର୍ଶୀ ମିଶ୍ର, ଅଲିମ୍ପିଆନ ଅନୁରାଧା ବିଶ୍ୱାଳ, ଗେଟ୍‌ବଲ ଫେଡେରେସନର ସମ୍ପାଦକ ପରଭିନ ମାମେଣ୍ଟକର ପ୍ରମୁଖ ଅତିଥିଭାବେ ଯୋଗ ଦେଇ ପୁରସ୍କାର ପ୍ରଦାନ କରିଥିଲେ। ଟୁର୍ଣ୍ଣାମେଣ୍ଟର ସଫଳତା ଲାଗି ଓଡ଼ିଶା ଗେଟ୍‌ବଲ ସଂଘ ସମ୍ପାଦକ ମହମ୍ମଦ୍ ଆଜମ ସମସ୍ତଙ୍କୁ ଧନ୍ୟବାଦ ଦେଇଥିଲେ।

PRINTED & PUBLISHED BY AMIT KUMAR MALLICK FOR 'THE SAKALA' A UNIT OF NANDIGHOSHA NETWORK PRIVATE LIMITED IN ITS PRESS AT IDCO PLOT NO.90 & 91, BHAGABANPUR INDUSTRIAL ESTATE, BHUBANESWAR-751019, DIST: KHORDHA, ODISHA

କାର୍ଯ୍ୟନିର୍ବାହୀ ସମ୍ପାଦକ: ସମରେନ୍ଦୁ ଦାସ
EXECUTIVE EDITOR: SAMARENDU DAS